

প্রত্যাবর্ত্তনরে সেরেনা নিরাশ

▶ପୃଷ୍ଠା ୧୨ ଦେଖନ୍ତୁ...


- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 44 ♦ISSUE-08 ♦THURSDAY ♦02 JULY 2026 ♦PAGE-12 ♦₹ 7.00

SAMBALPUR

♦ବର୍ଷ-୪୪ ♦ସଂଖ୍ୟା-୦୮ ♦ଗୁରୁବାର ♦୦୨ ଜୁଲାଇ ୨୦୨୬ ♦ପୃଷ୍ଠା-୧୨ ♦ଟ.୭.୦୦


# ଲାଗୁହେଲା 'ଜି-ରାମ୍-ଜି'

## ସର୍ବନିମ୍ନ ମଜୁରି ୩୦୦ ଟଙ୍କା

■ ନୂଆଦିଲ୍ଲୀ, ୧।୭ (ଏଜେନ୍ସି): ଗ୍ରାମାଞ୍ଚଳର ଗରିବ ଶ୍ରମିକମାନଙ୍କ ଆର୍ଥିକ ସ୍ଥିତିକୁ ସୁଦୃଢ଼ କରିବା ପାଇଁ କେନ୍ଦ୍ର ସରକାର ମନରେଗା ବଦଳରେ ବିକଶିତ ଭାରତ - ରୋଜଗାର ଏବଂ ଆଜୀବିକା ସୁରକ୍ଷା ଅଭିଯାନ ଗ୍ରାମୀଣ ଆଇନ, ୨୦୨୫ (ଭିବି-ଜିରାମ୍‌ଜି) ଆଜିଠାରୁ ସାରା ଦେଶରେ କାର୍ଯ୍ୟକାରୀ କରିଛନ୍ତି କେନ୍ଦ୍ର ସରକାର। ସଂଶୋଧିତ ମଜୁରି ସହିତ ଏହାକୁ ଲାଗୁ କରାଯାଇଛି। ଏଣିକି ଦେଶର କୌଣସି ବି ରାଜ୍ୟରେ ଶ୍ରମିକଙ୍କ ଦୈନିକ ମଜୁରୀ ୩୨୭ ଟଙ୍କାରୁ କମ୍ ରହିବ ନାହିଁ। ସରକାରଙ୍କ ପକ୍ଷରୁ ଜାରି ବିଜ୍ଞପ୍ତି ଅନୁଯାୟୀ, ଦେଶର ସମସ୍ତ ୩୪ଟି



ରାଜ୍ୟ ଓ କେନ୍ଦ୍ରଶାସିତ ଅଞ୍ଚଳରେ ମଜୁରି ହାରରେ ବୃଦ୍ଧି କରାଯାଇଛି। ପୂର୍ବରୁ ଜାତୀୟ ସ୍ତରରେ ହାରାହାରି ଦୈନିକ ମଜୁରି ପ୍ରାୟ ୨୯୮ ଟଙ୍କା ୮୦ ପଇସା ଥିବା ବେଳେ, ଏବେ

### ଇତିହାସ ପାଲଟିଲା ମନରେଗା

ଏହା ବୃଦ୍ଧି ପାଇ ପ୍ରାୟ ୩୨୭ ଟଙ୍କା ୪୦ ପଇସା ହୋଇଛି। ମଜୁରିରେ ହାରାହାରି ପ୍ରାୟ ୨୮ ଟଙ୍କା ୬୦ ପଇସାର ବୃଦ୍ଧି ଘଟିଛି, ଯାହାକି ଶତକଡ଼ା ହିସାବରେ ୧୦ ପ୍ରତିଶତରୁ ଅଧିକ। ଏହି ନୂତନ ନିୟମ ଯୋଗୁଁ ସେହିସବୁ ରାଜ୍ୟଗୁଡ଼ିକ ସବୁଠାରୁ ଅଧିକ ଲାଭବାନ ହେବେ, ଯେଉଁଠାରେ ପୂର୍ବରୁ ବହୁତ କମ୍ ମଜୁରି ମିଳୁଥିଲା। ଉତ୍ତର ପ୍ରଦେଶ, ବିହାର, ଝାଡ଼ଖଣ୍ଡ, ପଶ୍ଚିମବଙ୍ଗ, ଓଡ଼ିଶା, ଆସାମ, ଅରୁଣାଚଳ ପ୍ରଦେଶ ଏବଂ ହିମାଚଳ ପ୍ରଦେଶ ଭଳି ରାଜ୍ୟଗୁଡ଼ିକରେ ମଜୁରି ହାର ପ୍ରାୟ ୧୫ରୁ ୨୫ ପ୍ରତିଶତ ପର୍ଯ୍ୟନ୍ତ ବୃଦ୍ଧି ପାଇଛି। ଅପରପକ୍ଷରେ କେରଳ, ହରିୟାଣା, ପଞ୍ଜାବ ଓ କର୍ଣ୍ଣାଟକ ଭଳି ଧନୀ ରାଜ୍ୟଗୁଡ଼ିକରେ ମଜୁରି ହାର ୩୬୦ ଟଙ୍କାରୁ ଆରମ୍ଭ କରି ୪୦୯ ଟଙ୍କା ପର୍ଯ୍ୟନ୍ତ ରହିଛି। ଏହି ଆଇନ ମାଧ୍ୟମରେ ବର୍ଷକୁ ଗ୍ୟାରେଣ୍ଟି ସହ ମିଳୁଥିବା କାମର ଅବଧିକୁ ମଧ୍ୟ ୧୨୫ ଦିନକୁ ବୃଦ୍ଧି କରାଯାଇଛି।

# ୧୨ ପ୍ରସ୍ତାବକୁ କ୍ୟାବିନେଟ୍ ମୋହର

## ଚଳିତ ବର୍ଷରୁ ରାଜ୍ୟରେ ମାଗଣା ଶିକ୍ଷା

■ ଭୁବନେଶ୍ୱର, ୧।୭ (ସମିସ): ଏଣିକି ରାଜ୍ୟରେ କେଜିରୁ ପିଜି ପର୍ଯ୍ୟନ୍ତ ଓଡ଼ିଶାର ସମସ୍ତ ଛାତ୍ରଛାତ୍ରୀମାନ ମାଗଣା ଶିକ୍ଷା ପାଇପାରିବେ। ଆଉ ରାଜ୍ୟର ଜଣେ ବି ପିଲା ଆର୍ଥିକ ଅଭାବ କାରଣରୁ ଶିକ୍ଷାରୁ ବଞ୍ଚିତ ହେବେ ନାହିଁ କିମ୍ବା ପାଠପଢ଼ା ମଝିରୁ ପାଠ ଛାଡିବେ ନାହିଁ। ରାଜ୍ୟର ଛାତ୍ରଛାତ୍ରୀମାନଙ୍କ ପାଇଁ ଗୁଣାତ୍ମକ ଶିକ୍ଷାକୁ ଅଧିକ ସହଜଲଭ୍ୟ, ସମାନତା ଭିତ୍ତିକ ଏବଂ ସୁଲଭ କରିବା ପାଇଁ ଏହି ଐତିହାସିକ ପଦକ୍ଷେପ ନିଆଯାଇଛି ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି। ବୁଧବାର ରାଜ୍ୟ କ୍ୟାବିନେଟ ବୈଠକରେ 'ଜ୍ଞାନୋଦୟ-ଶିକ୍ଷାରୁ ସମୃଦ୍ଧି' ଯୋଜନା ଉପରେ ମୋହର ବାଜିଥିବା ବେଳେ ଏହି ଯୋଜନା ଅଧୀନରେ, ବିଦ୍ୟାଳୟ ଓ ଗଣଶିକ୍ଷା, ଉଚ୍ଚଶିକ୍ଷା ବିଭାଗ ଅଧିନସ୍ଥ



### 'ଜ୍ଞାନୋଦୟ-ଶିକ୍ଷାରୁ ସମୃଦ୍ଧି' ଉପରେ ମୋହର

### ୫ ବର୍ଷରେ ଖର୍ଚ୍ଚହେବ ୫,୪୬୭.୫୫ କୋଟି ଟଙ୍କା

### ଅର୍ଥ ପାଇଁ କେହି ଶିକ୍ଷାରୁ ବଞ୍ଚିତ ହେବେନାହିଁ: ମୁଖ୍ୟମନ୍ତ୍ରୀ

ସରକାରୀ ଏବଂ ସରକାରୀ ଅନୁଦାନପ୍ରାପ୍ତ ଅନୁଷ୍ଠାନଗୁଡ଼ିକରେ ନିୟମିତ ପାଠ୍ୟକ୍ରମରେ ନାମ ଲେଖାଇଥିବା ଯୋଗ୍ୟ ଛାତ୍ରଛାତ୍ରୀମାନଙ୍କୁ ▶ପୃଷ୍ଠା-୧୦

## ୮ ଲେନ୍ ହେବ ଜୟଦେବ ବିହାର-ନନ୍ଦନକାନନ ରାସ୍ତା

■ ଭୁବନେଶ୍ୱର, ୧।୭ (ସମିସ): ବୁଧବାର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କ୍ୟାବିନେଟ୍ ବୈଠକରେ ୮ ଟି ବିଭାଗର ୧୨ ଟି ପ୍ରସ୍ତାବ ଉପରେ ମୋହର ବାଜିଛି। ଏଥିରେ ଅନ୍ୟ ଏକ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ଭାବେ ରାଜଧାନୀ ଭୁବନେଶ୍ୱରର ଟ୍ରାଫିକ୍ ସମସ୍ୟାର ସ୍ଥାୟୀ ସମାଧାନ ପାଇଁ କଳିଙ୍ଗ ଷ୍ଟାଡିୟମ (ଗେଟ୍ ନଂ-୪) ଠାରୁ ରଘୁନାଥପୁର ସେତୁ ପର୍ଯ୍ୟନ୍ତ ଜୟଦେବ ବିହାର-ନନ୍ଦନକାନନ ରାସ୍ତାକୁ ୮ ଲେନ୍‌କୁ ସମ୍ପ୍ରସାରଣ କରାଯିବା ପ୍ରସ୍ତାବକୁ କ୍ୟାବିନେଟ୍ ଅନୁମୋଦନ କରିଛି।

### ୫୭୯ କୋଟି ବ୍ୟୟ ଅଟକଳକୁ ଅନୁମୋଦନ

### ଆସନ୍ତା ୨ ବର୍ଷ ମଧ୍ୟରେ ଶେଷ ହେବ ନିର୍ମାଣ କାର୍ଯ୍ୟ

### ଗଭୀର ସମୁଦ୍ର ମତ୍ସ୍ୟ ମିଶନ ୨୦୨୬-୨୦୩୬କୁ ମଞ୍ଜୁରି

ଏହି ପ୍ରକଳ୍ପରେ ବିଭିନ୍ନ ପ୍ରମୁଖ ଛକରେ ଫ୍ଲାଏଓଭର, ଅଣ୍ଡରପାସ ଓ ଭୂତଳ ପାର୍କିଂ ନିର୍ମାଣ କରାଯିବ। ଏହି ପ୍ରକଳ୍ପ ପାଇଁ ମେସର୍ସ ଦୀନେଶଚନ୍ଦ୍ର ଆର୍ ଅଗ୍ରୱାଲ ଇନଫ୍ରାକନ୍ ପ୍ରାଇଭେଟ୍ ଲିମିଟେଡର ୫୭୯ କୋଟି ଟଙ୍କା ପ୍ରସ୍ତାବକୁ କ୍ୟାବିନେଟ୍ ମଞ୍ଜୁରୀ ଦେଇଛନ୍ତି। ଆଗାମୀ ୨୪ମାସ ମଧ୍ୟରେ ଏହି କାର୍ଯ୍ୟ ଶେଷ ପାଇଁ ଲକ୍ଷ୍ୟ ରଖାଯାଇଛି। ସେହିପରି ପୂର୍ତ୍ତ ବିଭାଗ ଅଧିନରେ ଅନ୍ୟ ଏକ ଗୁରୁତ୍ୱପୂର୍ଣ୍ଣ ▶ପୃଷ୍ଠା-୧୦

## ରାମ ମନ୍ଦିର ଚାନ୍ଦା ଚୋରି

# ପଶିବ ଇଡି, ଆୟକର ବିଭାଗ



### ଷଡ଼ଯନ୍ତ୍ର ଉପରୁ ପରଦା ଉଠୁଛି

### ଟ୍ରଷ୍ଟ ଓ ବ୍ୟାଙ୍କ କର୍ମଚାରୀ ସାମିଲ

### ଅଭିଯୁକ୍ତ ଘରୁ ମିଳିଲା ଦାନବାକ୍ସ

### କୁମ୍ଭମେଳାରେ କୋଟି କୋଟି ଚୋରି

### ବାଥ୍‌ରୁମ୍‌ରେ ଲୁଚାଇଥିଲା ଟଙ୍କା

■ ନୂଆଦିଲ୍ଲୀ/ଅଯୋଧ୍ୟା, ୧।୭ (ଏଜେନ୍ସି): ଅଯୋଧ୍ୟା ରାମ ମନ୍ଦିରର ଦାନ ବାକ୍ସରୁ ହୋଇଥିବା ଚାନ୍ଦା ଚୋରି ମାମଲାକୁ ନେଇ ଦିନକୁ ଦିନ ନୂଆ ତଥ୍ୟ ଆସିବାରେ ଲାଗିଛି। ଏହାକୁ ଲୁଟିବା ଲାଗି ବଡ଼ ଧରଣର ଷଡ଼ଯନ୍ତ୍ର ହୋଇଥିଲା ଏବଂ ଏଥିରେ ଟ୍ରଷ୍ଟ କର୍ମଚାରୀଙ୍କ ସହିତ ବ୍ୟାଙ୍କ କର୍ମଚାରୀ ମଧ୍ୟ ସାମିଲ ଥିଲେ। ମନ୍ଦିର ଟ୍ରଷ୍ଟର ଅନେକ ବରିଷ୍ଠ କର୍ମକର୍ତ୍ତା ଏହା ଜାଣିଥିବା ଅଭିଯୁକ୍ତମାନେ ପୁଲିସ ପଚରାଉଚରା ବେଳେ ସ୍ୱୀକାର କରିଛନ୍ତି। କୁମ୍ଭମେଳା ସମୟରେ ସବୁଠାରୁ ବେଶି ଚୋରି ହୋଇଛି। ଏହି ସମୟରେ କୋଟି କୋଟି ଟଙ୍କା ଲୁଟ୍ କରାଯାଇ ଜମି ସହିତ ଅନ୍ୟ କାରବାରରେ ଲଗାଇଛନ୍ତି ଅଭିଯୁକ୍ତ। ଅଭିଯୁକ୍ତଙ୍କର ଏଭଳି ଖୁଲାସା ପରେ ଅର୍ଥ କାରବାର ଅନୁସନ୍ଧାନ ନେଇ ଅସହାୟ ହୋଇପଡ଼ିଛି ପୁଲିସ। ତେଣୁ ଏଥିରେ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟର (ଇଡି) ସହାୟତା ଲୋଡ଼ାଯାଇଛି। ଏହି ଘୋଟାଲାରେ କିଛି ପ୍ରଭାବଶାଳୀ କର୍ମକର୍ତ୍ତା ସାମିଲ ଥିବାରୁ ଇଡିର ସହାୟତା ନିଆଯାଇଥିବା କୁହାଯାଉଛି।

ଏହି ମାମଲାରେ ପୁଲିସ ୮ ଜଣ ଅଭିଯୁକ୍ତଙ୍କୁ ଗିରଫ କରି ଖୋଳତାଡ଼ ଚଳାଇଛି। ପଚରାଉଚରା ବେଳେ ଅଭିଯୁକ୍ତ ମାନେ ସ୍ୱୀକାର କରିଛନ୍ତି ଯେ ୨୦୨୫ ମସିହା ପ୍ରାରମ୍ଭରେ ଅନୁଷ୍ଠିତ କୁମ୍ଭମେଳା ସମୟରେ ହିଁ ରାମ ▶ପୃଷ୍ଠା-୧୦

## ଗଣଶିକ୍ଷା ବିଭାଗର ଆଡ଼ବାୟା ନୀତି

# ମନ୍ତ୍ରୀଙ୍କ ମନ୍ତବ୍ୟକୁ କାଟିଲେ ସଚିବ

### ପିଲାଙ୍କୁ ମିଳିବ ତ୍ରୁଟିଶୂନ୍ୟ ନୂଆ ବହି

■ ଭୁବନେଶ୍ୱର, ୧।୭ (ସମିସ): ସ୍କୁଲ ପିଲାଙ୍କ ପାଠ୍ୟପୁସ୍ତକରେ ହଜାର ହଜାର ତ୍ରୁଟି ପ୍ରସଙ୍ଗ ଦିନକୁ ଦିନ ଅଧିକ ଜଟିଳ ହେଉଛି। ଗତ ସୋମବାର ଦିନ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ଗଣମାଧ୍ୟକୁ ପ୍ରତିକ୍ରିୟା ଦେଇ ପାଠ୍ୟପୁସ୍ତକ ଫେରସ୍ତ ହେବ ନାହିଁ ଓ ସେହି ବହିକୁ ସଂଶୋଧିତ କରି ଶିକ୍ଷାଦାନ କରାଯିବ ବୋଲି କହିଥିଲେ। ମାତ୍ର ଦିନକ ପରେ ଅର୍ଥାତ୍ ଆଜି ବିଭାଗୀୟ ସଚିବ ଏନ୍ ଥିରୁମାଳା ନାଏକ ଏକ ସାମ୍ବାଦିକ ସମ୍ମିଳନୀରେ ମନ୍ତ୍ରୀଙ୍କ ମନ୍ତବ୍ୟକୁ ଭୁଲ୍ ପ୍ରମାଣିତ କରିଛନ୍ତି। ଛାତ୍ରଛାତ୍ରୀଙ୍କୁ ସମ୍ପୂର୍ଣ୍ଣ ନୂତନ ଭାବେ ତ୍ରୁଟିଶୂନ୍ୟ ପୁସ୍ତକ ଯୋଗାଇ ଦିଆଯିବ ବୋଲି ସଚିବ ବୁଧବାର ଘୋଷଣା କରିଛନ୍ତି। ମନ୍ତ୍ରୀ ଓ ସଚିବଙ୍କ କଥାରେ ତାଳମେଳ ରହୁ ନଥିବାବେଳେ ପିଲାଙ୍କୁ କେବେ ସୁଦ୍ଧା ନୂତନ ବହି ମିଳିବ ତାହା ସ୍ପଷ୍ଟ ହୋଇନାହିଁ। ଯାହାକୁ ନେଇ ଛାତ୍ରଛାତ୍ରୀଙ୍କ ସମେତ ଶିକ୍ଷକ ଓ ଅଭିଭାବକମାନେ ଚିନ୍ତାରେ ପଡ଼ିଛନ୍ତି। ପୁସ୍ତକ ଯୋଗାଣ ସମ୍ପର୍କରେ ସଚିବ କହିଛନ୍ତି ଯେ, ଖୁବଶୀଘ୍ର ପିଲାଙ୍କୁ ▶ପୃଷ୍ଠା-୧୦

**ସୋମବାର ପୁରୁଣା ବହି ଫେରସ୍ତକୁ ମନା କରିଥିଲେ ମନ୍ତ୍ରୀ**

**ନୂଆ ମିଳିବା ଯାଏ ତାଲିପକା ବହିରେ ଚାଲିବ ପାଠପଢ଼ା**

**କଟା ଘା'ରେ ଚୂନ**

### ଯେତିକି କୁହାଯାଉଛି, ସେତିକି ଭୁଲ୍ ହୋଇନାହିଁ: ସଚିବ

■ ଭୁବନେଶ୍ୱର, ୧।୭ (ସମିସ): ସ୍କୁଲ ପିଲାଙ୍କ ପଢ଼ା ବହିରେ ତ୍ରୁଟିକୁ ନେଇ ସାରା ରାଜ୍ୟ ହୁଲସ୍ଥୁଲ। ଏହି ପ୍ରସଙ୍ଗ ଜାତୀୟସ୍ତରରେ ଓଡ଼ିଶାକୁ ନିନ୍ଦିତ କରିଛି। ବିରୋଧୀଦଳଗୁଡ଼ିକ ସରକାରଙ୍କୁ ତୀବ୍ର ସମାଲୋଚନା କରୁଛନ୍ତି। ନିଜେ ମୁଖ୍ୟମନ୍ତ୍ରୀ ଏହି ଭୁଲ ପଛରେ ଷଡ଼ଯନ୍ତ୍ର ହୋଇଥିବା ସନ୍ଦେହ କରିଛନ୍ତି। ବିଭାଗୀୟ ସଚିବ ଭୁଲ ଥିବା ସ୍ୱୀକାର କରି ପିଲାଙ୍କୁ ତ୍ରୁଟିଶୂନ୍ୟ ନୂଆ ବହି ଯୋଗାଇବାକୁ ଘୋଷଣା କରିଛନ୍ତି। ମାତ୍ର ବହିରେ ଥିବା ଗୁରୁଚଣ୍ଡାଳ ଦୋଷଗୁଡ଼ିକକୁ ଘୋଡ଼ାଇବା ସହ ଏହା ସହ ଜଡ଼ିତ ବ୍ୟକ୍ତିବିଶେଷଙ୍କୁ ଘୋଡ଼ାଇବାକୁ ଉଦ୍ୟମ କରିଛନ୍ତି। ଯାହାକି ଛାତ୍ରଛାତ୍ରୀ, ଅଭିଭାବକ ଓ ଶିକ୍ଷାବିତ୍‌ଙ୍କ କଟା ଘା'ରେ ଚୂନ ମାରିବା ପରି ହୋଇଛି। ବହିରେ ଯେତିକି ଭୁଲ ଥିବା କୁହାଯାଉଛି, ବାସ୍ତବରେ ସେତିକି ଭୁଲ ନାହିଁ ବୋଲି ସଚିବଙ୍କ ଟିପ୍ପଣୀ ଏବେ ବିଭିନ୍ନ ମହଲରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ନିର୍ଦ୍ଦିଷ୍ଟ ଅଧିକାରୀମାନଙ୍କୁ ଘଣ୍ଟ ଘୋଡ଼ାଇବାକୁ ସଚିବ ଏପରି ମନ୍ତବ୍ୟ ଦେଇଛନ୍ତି ବୋଲି ଅନେକ ଅଭିଯୋଗ କରିଛନ୍ତି।

ଗଣଶିକ୍ଷା ବିଭାଗ ଅଧୀନରେ ଥିବା ଓସେପା ପକ୍ଷରୁ ବହିରେ ୧୬୭୮ ଟି ତ୍ରୁଟି ଥିବା ସ୍ୱୀକାର କରାଯିବା ▶ପୃଷ୍ଠା-୧୦

## କୋଚିଂ ସେଣ୍ଟରରେ ନାବାଳିକାକୁ ଦୁଷ୍କର୍ମ

# ଅଭିଯୁକ୍ତ ଏଚ୍‌ଆଇଭି ପଜିଟିଭ୍

■ ଭୁବନେଶ୍ୱର ୧।୭ (ସମିସ): ରାଜଧାନୀର ଏକ କୋଚିଂ ସେଣ୍ଟରରେ ନାବାଳିକାକୁ ଦୁଷ୍କର୍ମ ଘଟଣାରେ ଚାଞ୍ଚଲ୍ୟକର ତଥ୍ୟ ପଦାକୁ ଆସିଛି। ଦୁଷ୍କର୍ମ ଅଭିଯୋଗରେ ଗିରଫ ହୋଇଥିବା ଅଭିଯୁକ୍ତ ଶିକ୍ଷକ ଏଚ୍‌ଆଇଭି ପଜିଟିଭ୍ ବୋଲି ଡାକ୍ତରୀ ପରୀକ୍ଷା ପରେ ଜଣାପଡ଼ିଛି। ଏହା ପଦାକୁ ଆସିବା ପରେ ଝାରପଡ଼ା ଜେଲ୍ କର୍ତ୍ତୃପକ୍ଷ ସତର୍କ ହୋଇଛନ୍ତି। ଅଭିଯୁକ୍ତର ଚିକିତ୍ସା ପାଇଁ ଆବଶ୍ୟକୀୟ ପଦକ୍ଷେପ ନେବା ସହ ଭୁବନେଶ୍ୱର ସ୍ୱତନ୍ତ୍ର ପୋକ୍ସୋ କୋର୍ଟ ଓ ଡିସିପିଙ୍କୁ ଚିଠି ଲେଖି ଅବଗତ କରାଇଛନ୍ତି ଝାରପଡ଼ା ଜେଲ୍ କର୍ତ୍ତୃପକ୍ଷ।

**କୋର୍ଟ ଓ ପୁଲିସକୁ ଚିଠି ଲେଖିଲେ ଜେଲ୍ କର୍ତ୍ତୃପକ୍ଷ**

ସୂଚନା ଅନୁସାରେ ଜଣେ ୧୭ ବର୍ଷୀୟା ନାବାଳିକା ରାଜଧାନୀର ଏକ କୋଚିଂ ସେଣ୍ଟରରେ ପଢୁଥିବା ବେଳେ ଅଭିଯୁକ୍ତ ଜଣକ ସେଠାରେ ଶିକ୍ଷକତା କରୁଥିଲେ। ପାଠ ପଢ଼ିବା ସମୟରେ ନାବାଳିକାକୁ ମିଥ୍ୟା ପ୍ରଲୋଭନ ଦେଖାଇ ପ୍ରେମ ନିବେଦନ କରିଥିଲ ଅଭିଯୁକ୍ତ। ପରବର୍ତ୍ତୀ ସମୟରେ ନାବାଳିକାକୁ ପ୍ରେମ ଜାଲରେ ଫସାଇ ବିଭିନ୍ନ ସ୍ଥାନକୁ ନେଇଥିଲେ। ସେଠାରେ ନାବାଳିକାକୁ ବଳପୂର୍ବକ ଦୁଷ୍କର୍ମ କରିଥିଲେ। ପରବର୍ତ୍ତୀ ସମୟରେ ବ୍ଲାକମେଲିଂ କରି ସମ୍ପୃକ୍ତ ନାବାଳିକା ସହ ସେ ବାରମ୍ବାର ଶାରିରିକ ସମ୍ପର୍କ ରଖିଥିଲେ ଓ ମାନସିକ ନିର୍ଯାତନା ଦେଇଥିଲେ। ▶ପୃଷ୍ଠା-୧୦

# ବିଜୟ ସରକାର ଭାଙ୍ଗିବା ପାଇଁ ଷଡ଼ଯନ୍ତ୍ର!



### ବିଧାୟକଙ୍କୁ ୩୫ କୋଟିର ପ୍ରଲୋଭନ

■ ଚେନ୍ନଇ, ୧।୭ (ଏଜେନ୍ସି): ତାମିଲନାଡୁରେ ସୁପରଷ୍ଟାର୍ ବିଜୟଙ୍କ ନେତୃତ୍ୱାଧୀନ 'ଟିଭିକେ' (ତାମିଲିଗା ଭେଟ୍ରି କାଜାଗାମ) ସରକାର ଗଠନ ହେବାର ମାତ୍ର ଦୁଇ ମାସ ମଧ୍ୟରେ ଏହାକୁ ଭାଙ୍ଗିବା ପାଇଁ ଷଡ଼ଯନ୍ତ୍ର। ବିଧାନସଭାରୁ ଇସ୍ତଫା ଦେବାଲାଗି ଟିଭିକେ ବିଧାୟକଙ୍କୁ ଯଚାଯାଇଥିଲା ୩୫ କୋଟି ଟଙ୍କା। ଏହି ଷଡ଼ଯନ୍ତ୍ରର ପର୍ଦ୍ଦାଫାସ ହେବାପରେ ତାମିଲନାଡୁ ରାଜନୀତିରେ ହଟଚମଟ ସୃଷ୍ଟି ହୋଇଛି। ଏହି ଘଟଣାରେ ତିନି ଜଣଙ୍କୁ ଗିରଫ କରାଯିବା ପରେ ଷଡ଼ଯନ୍ତ୍ରରେ ଡିଏମକେ ସାମିଲ ଥିବା ନେଇ ଅଭିଯୋଗ ହୋଇଛି।

ରାଜ୍ୟ ଗୋଇନ୍ଦା ବିଭାଗ ଏହି ଯୋଜନାକୁ ପଣ୍ଡ କରିଥିବା ଦାବି କରିଛି। ମିଳିଥିବା ସୂଚନା ଅନୁଯାୟୀ, ସରକାରର ପତନ ପାଇଁ ଏକାସଙ୍ଗେ ୧୫ ଜଣ ଟିଭିକେ ବିଧାୟକଙ୍କୁ ଇସ୍ତଫା ଦେବା ପାଇଁ ପ୍ରଲୋଭିତ କରାଯାଉଥିଲା। ଏକ ସମୟରେ ଏତେ ବିଧାୟକ ଇସ୍ତଫା ଦେଇଥିଲେ ବିଜୟ ସରକାର ବିରୋଧରେ ଅନାସ୍ଥା ପ୍ରସ୍ତାବ ଆଣିବାକୁ ଯୋଜନା ହୋଇଥିଲା। ବିରୋଧୀ ଦଳ ▶ପୃଷ୍ଠା-୧୦


SIKSHA 'O' ANUSANDHAN

Empowering students for a brighter future

B.TECH PROGRAMMES IN ELECTRONICS DESIGN
- Electrical and Electronics Engineering
- Electronics and Communication Engineering

APPROVAL & RECOGNITIONS
- Approved by UGC and AICTE
- Re-accredited by NAAC with A++ Grade
- Granted with Category-1 Graded Autonomy by UGC
- NBA Accredited Programmes

NIRF INDIA RANKINGS 2025
- 15th Best in University Category
- 22nd Best in Engineering Category

INTERNATIONAL RANKINGS 2026
- Ranked in QS World Rankings 2026
- Ranked in Times World Rankings 2026

To apply for admission through JEE-Main, Please visit: www.soa.ac.in


# ଅକ୍ଟୋବରରେ ଶିମିଳିପାଳକୁ ଆସିବେ ମହାବଳ

## ଆଉ ଦୁଇଟି ବାଘୁଣୀ ଓ ଗୋଟିଏ ମହାବଳ ଆଣିବା ନେଇ ଯୋଜନା

■ ବାରିପଦା, ୧।୭ (ସମିସ): ମହାରାଷ୍ଟ୍ରର ବାଘୁଣୀ "ଜୀନତ୍' ମା' ହେବା ପରେ ଶିମିଳିପାଳ ବ୍ୟାଘ୍ର ଅଭୟାରଣ୍ୟରେ ମହାବଳ ବଂଶ ବୃଦ୍ଧି ପାଇଛି। ପ୍ରତି ମାସରେ ବାଘୁଣୀ ସହ ଶାବକଙ୍କ ଗୋଟିଏ ପରେ ଗୋଟିଏ ଚିତ୍ର ସାମ୍ନାକୁ ଆସୁଥିବାରୁ ଦ୍ୱିତୀୟ ପର୍ଯ୍ୟାୟ ମହାବଳ ବାଘ ସ୍ଥାନାନ୍ତର ଦିଗରେ ବନ ବିଭାଗ ଅଣ୍ଟା ଭିଡ଼ିଛି। ଦ୍ୱିତୀୟ ପର୍ଯ୍ୟାୟରେ ଦୁଇଟି ବାଘୁଣୀ ଓ ଗୋଟିଏ ମହାବଳ ଅଣାଯାଇ ଶିମିଳିପାଳରେ ଛାଡ଼ିବାକୁ ଯୋଜନା ହୋଇଛି। ତେବେ ସେମାନଙ୍କୁ କେଉଁ ଅଞ୍ଚଳରେ ଛଡ଼ାଯିବ ସେନେଇ ଏପର୍ଯ୍ୟନ୍ତ ଚୂଡ଼ାନ୍ତ ହୋଇନାହିଁ।



ବର୍ତ୍ତମାନ ସମୟରେ ମୌସୁମୀ ବାୟୁ ସାରା ଦେଶରେ ଅଗ୍ରସର ହେବା ସହ ବର୍ଷା ଲାଗିରହିଥିବାରୁ ଜଙ୍ଗଲରେ ମହାବଳ ଚିହ୍ନଟ ଓ ସ୍ଥାନାନ୍ତର ପ୍ରକ୍ରିୟା ସମ୍ଭବପର ହେବ ନାହିଁ। ତେଣୁ ବର୍ଷା ଛାଡ଼ିବା ପରେ ହିଁ ଏହି ପ୍ରକ୍ରିୟା ଆଗେଇବ। ମହାରାଷ୍ଟ୍ରର ଯେଉଁ ଜଙ୍ଗଲରୁ ମହାବଳ ଆସିବ ସେନେଇ ସେଠାକାର ରାଜ୍ୟ ସରକାରଙ୍କ ସହ ଆଲୋଚନା ଶେଷ ହୋଇଥିବା ଜଣାପଡ଼ିଛି। ବନ ବିଭାଗର ଜଣେ ଅଧିକାରୀ କହିଛନ୍ତି ଯେ ଦ୍ୱିତୀୟ ପର୍ଯ୍ୟାୟ ବାଘ ସ୍ଥାନାନ୍ତର ପୂର୍ବରୁ ଅନେକ ଔପଚାରିକ କାର୍ଯ୍ୟ ଶେଷ କରିବାକୁ ପଡ଼ିବ। ସାତକୋଶିଆ ବ୍ୟାଘ୍ର ଅଭୟାରଣ୍ୟରେ ଯେଉଁଭଳି ପରିସ୍ଥିତି ଉପୁଜିଥିଲା ତାହାକୁ ଏଡ଼ାଇବାକୁ ସମସ୍ତ ପ୍ରକାର ପ୍ରସ୍ତୁତି ହେଉଛି। ଶିମିଳିପାଳ ଅଭୟାରଣ୍ୟକୁ ମହାବଳ ଆଣିବାକୁ ରାଜ୍ୟ ସରକାର ବହୁତ ସକାରାତ୍ମକ ରହିଛନ୍ତି। ତେବେ ବାସସ୍ଥାନ ଓ ବାଘ ଚୟନ ସବୁଠାରୁ ଅଧିକ ଗୁରୁତ୍ୱପୂର୍ଣ୍ଣ। "ଜୀନତ୍' କ୍ଷେତ୍ରରେ ବାସସ୍ଥାନ ଖାପଖୁଆଇବା ନେଇ ଯେଉଁଭଳି ସମସ୍ୟା ହୋଇଥିଲା ତ'ର ▶ପୃଷ୍ଠା-୧୦

## ବୈଦେଶିକ ସଚିବ ବିକ୍ରମ ମିଶ୍ରିଙ୍କ କାର୍ଯ୍ୟକାଳ ୧ ବର୍ଷ ପାଇଁ ବୃଦ୍ଧି

ନୂଆଦିଲ୍ଲୀ, ୧୭(ଏଜେନ୍ସି): କେନ୍ଦ୍ର ସରକାର ବୈଦେଶିକ ସଚିବ ବିକ୍ରମ ମିଶ୍ରିଙ୍କ କାର୍ଯ୍ୟକାଳକୁ ଆଉ ଏକ ବର୍ଷ ପାଇଁ ବୃଦ୍ଧି କରିଛନ୍ତି । କ୍ୟାବିନେଟର ନିଯୁକ୍ତି କମିଟି (ଏସିସି) ର ଅନୁମୋଦନ ଅନୁଯାୟୀ, ଶ୍ରୀ ମିଶ୍ରି ଏବେ ୨୦୨୭ ଜୁଲାଇ ୧୪ ପର୍ଯ୍ୟନ୍ତ ଏହି ଗୁରୁତ୍ୱପୂର୍ଣ୍ଣ ପଦବୀରେ କାର୍ଯ୍ୟ ଜାରି ରଖିବେ । ମିଶ୍ରି ୨୦୨୪



ଜୁଲାଇରେ ବୈଦେଶିକ ସଚିବ ଭାବେ ଦାୟିତ୍ୱ ଗ୍ରହଣ କରିଥିଲେ । ବର୍ତ୍ତମାନର ଜଟିଳ ବିଶ୍ୱରାଜନୈତିକ ପରିସ୍ଥିତିରେ ଭାରତର ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ କୂଟନୈତିକ କାର୍ଯ୍ୟକ୍ରମ ଯଥା ଜି୨୦ ସମ୍ପର୍କିତ କାର୍ଯ୍ୟକ୍ରମ, କ୍ୱାଡ୍ ପାଇଁ ପଦକ୍ଷେପ ଏବଂ ଆମେରିକା, ଚୀନ୍ ଓ ୟୁରୋପୀୟ ସଂଘ ସହିତ ଦ୍ୱିପାକ୍ଷିକ ଆଲୋଚନା ଆଦିର ସଫଳତା ଲକ୍ଷ୍ୟ ରହିଛି । ଏଥିପାଇଁ ବୈଦେଶିକ ମନ୍ତ୍ରଣାଳୟରେ ନିରନ୍ତରତା ଅତ୍ୟନ୍ତ ଆବଶ୍ୟକ ଥିବାରୁ ଏହି ବୃଦ୍ଧି ଆବଶ୍ୟକ ବୋଲି କୁହାଯାଇଛି । ୧୯୮୯ ବ୍ୟାଚର ଭାରତୀୟ ବୈଦେଶିକ ସେବା (ଆଇଏଫ୍ଏସ୍) ଅଧିକାରୀ ବିକ୍ରମ ମିଶ୍ରିଙ୍କର ଦୀର୍ଘକାଳୀନ ଅଭିଜ୍ଞତା ରହିଛି । ସେ ପୂର୍ବତନ ପ୍ରଧାନମନ୍ତ୍ରୀ ଇନ୍ଦ୍ର କୁମାର ଗୁଜରାଲ, ମନମୋହନ ସିଂ ଏବଂ ବର୍ତ୍ତମାନର ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ବ୍ୟକ୍ତିଗତ ସଚିବ ଭାବେ ଦାୟିତ୍ୱ ତୁଲାଇଛନ୍ତି । ସେ ଚୀନ୍, ମ୍ୟାନମ୍ୟାର ଏବଂ ସ୍ପେନରେ ଭାରତର ରାଷ୍ଟ୍ରଦୂତ ଭାବେ କାର୍ଯ୍ୟ କରିବା ସହ ବ୍ରୁସେଲ୍ସ ଏବଂ ଟ୍ୟୁନିସରେ ମଧ୍ୟ କାର୍ଯ୍ୟ କରିଛନ୍ତି । ବୈଦେଶିକ ସଚିବ ପୂର୍ବରୁ ସେ ଉପ-ରାଷ୍ଟ୍ରୀୟ ସୁରକ୍ଷା ପରାମର୍ଶଦାତା ଦାୟିତ୍ୱ ତୁଲାଇଛନ୍ତି । ୨୦୨୦ରେ ପୂର୍ବ ଲଦାଖ ଏବଂ ଗଲୱାନ୍ ଘାଟି ସଂଘର୍ଷ ପରେ ଚୀନ୍ ସହ କୂଟନୈତିକ ସମ୍ପର୍କ ପରିଚାଳନାରେ ମିଶ୍ରି ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଥିଲେ ।

## ଖାମନେଇଙ୍କ ଅନ୍ତ୍ୟେଷ୍ଟିକ୍ରିୟାକୁ ଜୈନ ମୁନିଙ୍କୁ ନିମନ୍ତ୍ରଣ

ତେହେରାନ, ୧୭(ଏଜେନ୍ସି): ଇରାନର ପୂର୍ବତନ ସର୍ବୋଚ୍ଚ ଧାର୍ମିକ ନେତା ଆୟାତୋଲ୍ଲା ସେୟଦ ଅଲୀ ଖାମେନେଇଙ୍କ ଆଗାମୀ ରାଷ୍ଟ୍ରୀୟ ଅନ୍ତ୍ୟେଷ୍ଟିକ୍ରିୟା ପାଇଁ ଭାରତର ଜୈନ ମୁନି ଆଚାର୍ଯ୍ୟ ଲୋକେଶଙ୍କୁ ବିଶେଷ ଭାବେ ନିମନ୍ତ୍ରଣ କରାଯାଇଛି । ବିଶ୍ୱ ଶାନ୍ତି କେନ୍ଦ୍ରର ପ୍ରତିଷ୍ଠାତା ତଥା ସର୍ବଧର୍ମ ସମନ୍ୱୟର ପ୍ରବକ୍ତା ଆଚାର୍ଯ୍ୟ ଲୋକେଶଙ୍କୁ ମିଳିଥିବା ଏହି ନିମନ୍ତ୍ରଣ ଏବେ ଅନ୍ତର୍ଜାତୀୟ କୂଟନୀତି କ୍ଷେତ୍ରରେ ଏକ ବିରଳ ମୁହୂର୍ତ୍ତ ସୃଷ୍ଟି କରିଛି । ଜୁଲାଇ ୪ରୁ ୯ ତାରିଖ ପର୍ଯ୍ୟନ୍ତ ଇରାନର ବିଭିନ୍ନ ପବିତ୍ର ସହରରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ । ଆଚାର୍ଯ୍ୟ ଲୋକେଶ ଗତ ତିନି ଦଶନ୍ଧିରୁ ଅଧିକ ସମୟ ଧରି ଜାତିସଂଘ ଏବଂ ବିଶ୍ୱର ବିଭିନ୍ନ ପ୍ରମୁଖ ମଞ୍ଚରେ ଜୈନ ଦର୍ଶନ, ଅହିଂସା ଓ ବିଶ୍ୱ ଶାନ୍ତିର ବାର୍ତ୍ତା ପ୍ରଚାର କରିଆସୁଛନ୍ତି । ରାଜନୈତିକ ଏବଂ ଆଦର୍ଶଗତ ମତଭେଦକୁ ଦୂର କରି ଧାର୍ମିକ ସଦ୍ଭାବନା ରକ୍ଷା କରିବାରେ ତାଙ୍କର ପ୍ରଚେଷ୍ଟା ପାଇଁ ଇରାନ ସରକାର ତାଙ୍କୁ ଏହି ସମ୍ମାନଜନକ କାର୍ଯ୍ୟକ୍ରମକୁ ଆମନ୍ତ୍ରଣ କରିଛନ୍ତି । ଏହି କାର୍ଯ୍ୟକ୍ରମରେ ଭାରତ ସରକାରଙ୍କ ପକ୍ଷରୁ ସରକାରୀ ପ୍ରତିନିଧି ଭାବେ କେନ୍ଦ୍ର ବୈଦେଶିକ ବ୍ୟାପାର ରାଷ୍ଟ୍ରମନ୍ତ୍ରୀ ପବିତ୍ର ମାର୍ଗାରେଟା ଏବଂ ବିହାରର ରାଜ୍ୟପାଳ ଲେଫ୍ଟନାଣ୍ଟ ଜେନେରାଲ ସେୟଦ ଅତା ହସନେନ ଯୋଗଦେବେ । ଏହାସହିତ ବିଜେପି ସଭାପତି ନିତିନ ନବୀନ ଏବଂ କଂଗ୍ରେସ ସଭାପତି ଖଡ଼ଗେଙ୍କୁ ମଧ୍ୟ ଇରାନ ନିମନ୍ତ୍ରଣ କରିଛି ।

## ମହୁଆ ମୈତ୍ରଙ୍କ ସଭାରେ ଅଣ୍ଡା ମାଡ଼

ନଦିଆ, ୧୭(ଏଜେନ୍ସି): ପଶ୍ଚିମବଙ୍ଗର ନଦିଆ ଜିଲ୍ଲାର କାଲିଗଞ୍ଜଠାରେ ତୃଣମୂଳ କଂଗ୍ରେସ (ଟିଏମସି) ସାଂସଦ ମହୁଆ ମୈତ୍ରଙ୍କ ଏକ ଦଳୀୟ ବୈଠକ ଚାଲିଥିବା ସମୟରେ ତାଙ୍କୁ ଲକ୍ଷ୍ୟ କରି ଅଣ୍ଡା ମାଡ଼ ହୋଇଥିବା ଅଭିଯୋଗ ହୋଇଛି । ବିରୋଧୀ



ବିଜେପି ସମର୍ଥକମାନେ ବୈଠକ ସ୍ଥଳକୁ ଚାରିପଟୁ ଘେରିଯିବା ସହ ସେମାନଙ୍କୁ ସେଠାରୁ ବାହାରକୁ ଯିବାକୁ ଦେଇନଥିଲେ ବୋଲି ସାଂସଦ ଅଭିଯୋଗ କରିଛନ୍ତି । ସାମାଜିକ ଗଣମାଧ୍ୟମରେ କିଛି ଭିଡିଓ ସେୟାର କରି ମହୁଆ ମୈତ୍ର ଅଭିଯୋଗ କରିଛନ୍ତି ଯେ, କଳା ପତାକା ଧରିଥିବା ବିଜେପି କର୍ମୀମାନେ ରାସ୍ତା ଅବରୋଧ କରିବା ସହ ଝରକା ବାଟେ ଭିତରକୁ ଅଣ୍ଡା ଓ ଅନ୍ୟାନ୍ୟ ସାମଗ୍ରୀ ଫିଙ୍ଗିଥିଲେ, ଯାହା ମଧ୍ୟରୁ ଗୋଟିଏ ଅଣ୍ଡା ତାଙ୍କ ଦେହରେ ବାଜିଥିଲା । ଏହି ସମୟରେ ସେଠାରେ ଉପସ୍ଥିତ ପୋଲିସ କୌଣସି ପଦକ୍ଷେପ ନେଇନଥିବା ସେ ଅଭିଯୋଗ କରିଛନ୍ତି । ଅପରପକ୍ଷରେ, ଟିଏମସି ଏହାକୁ ଏକ ସୁଚିନ୍ତିତ ରାଜନୈତିକ ଆକ୍ରୋଶ ବୋଲି ଦର୍ଶାଇଥିବା ବେଳେ ଏହି ଘଟଣାକୁ ନେଇ ସ୍ଥାନୀୟ ଅଞ୍ଚଳରେ ରାଜନୈତିକ ଉତ୍ତେଜନା ପ୍ରକାଶ ପାଇଛି । ଏହି ଘଟଣାରେ ପୁଲିସ ଭୂମିକାକୁ ପାର୍ଟି ସମାଲୋଚନା କରିଛି ।

## ୨୧ ଘଣ୍ଟାର ଅପରେସନ ବିଫଳ ବୋରୱେଲରୁ ଶିଶୁର ମୃତଦେହ ଉଦ୍ଧାର

ଚଣ୍ଡିଗଡ଼, ୧୭(ଏଜେନ୍ସି): ହରିୟାଣାର ଅମ୍ବାଲା ଜିଲ୍ଲାରେ ୨୨୦ ଫୁଟ ଗଭୀର ଏକ ଖୋଲା ବୋରୱେଲରେ ପଡ଼ିଯାଇଥିବା ୪ ବର୍ଷର ଶିଶୁ ନିର୍ଭୟକୁ ଦୀର୍ଘ ୨୧ ଘଣ୍ଟାର କଠିନ ପରିଶ୍ରମ ପରେ ଉଦ୍ଧାର କରାଯାଇଛି । ହେଲେ ତା' ଜୀବନରକ୍ଷା ହୋଇପାରି ନାହିଁ । ଗତକାଲି ସକାଳେ ନିର୍ଭୟ ନିଜ ପିତା ମନଜିତଙ୍କ ସହ ବିଲକୁ ଯାଇଥିଲା । ଖେଳୁ ଖେଳୁ ସେଠାରେ ଥିବା ଏକ ୯ ଇଞ୍ଚ ଓସାରର ଖୋଲା ବୋରୱେଲ ଭିତରକୁ ଖସି ପଡ଼ିଥିଲା । ଶିଶୁଟିକୁ ବଞ୍ଚାଇବା ପାଇଁ ପ୍ରଶାସନ ପକ୍ଷରୁ ବଡ଼ ଧରଣର ଅପରେସନ ଆରମ୍ଭ କରାଯାଇଥିଲା । ଦୀର୍ଘ ୨୧ ଘଣ୍ଟାର ସଂଘର୍ଷ ପରେ ବୁଧବାର ଭୋର ପ୍ରାୟ ୩.୩୦ ମିନିଟରେ ତାକୁ ବୋରୱେଲରୁ ବାହାର କରାଯାଇଥିଲା । ହେଲେ ସେତେବେଳକୁ ତାର ଶରୀର ଶିଥିଳ ପଡ଼ିଯାଇଥିଲା । ଅମ୍ବାଲା ସିଭିଲ୍ ହସ୍ପିଟାଲରେ ପହଞ୍ଚିବା ବେଳକୁ ତାଙ୍କର ମୃତ୍ୟୁ ହୋଇସାରିଥିବା ଡାକ୍ତର କହିଛନ୍ତି । ଅମ୍ବାଲା ଡେପୁଟି କମିଶନର ଅଜୟ ସିଂହ ତୋମାର ଏହି ଘଟଣା ପାଇଁ ବୋରୱେଲ ମାଲିକଙ୍କ ଅବହେଳାକୁ ଦାୟୀ କରିଛନ୍ତି । ଦୋଷୀଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ସେ ସ୍ପଷ୍ଟ କରିଛନ୍ତି । ଏଥିସହ ସମସ୍ତ ଚାଷୀଙ୍କୁ ନିଜ କ୍ଷେତରେ ଥିବା ବୋରୱେଲଗୁଡ଼ିକୁ ଘୋଡ଼ାଇ ରଖିବାକୁ ସେ ନିବେଦନ କରିଛନ୍ତି ।

## ଡାକ୍ତରଖାନାରେ ଅମାନୁଷିକତା



**ରୋଗୀଙ୍କୁ ୩୫ ସେକେଣ୍ଡରେ ୧୦ରୁ ଅଧିକ ଗୋଇଠା**

ରାୟବରେଲି, ୧୭(ଏଜେନ୍ସି): ଉତ୍ତର ପ୍ରଦେଶର ରାୟବରେଲି ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରୁ ଏକ ଅତି ନିନ୍ଦନୀୟ ଓ ଅମାନୁଷିକ ଘଟଣା ସାମ୍ନାକୁ ଆସିଛି । ଡାକ୍ତରଖାନାର ଜଣେ ମହିଳା ସଫେଇ କର୍ମଚାରୀ ଜଣେ ଅସହାୟ ରୋଗୀଙ୍କୁ ଅତି ଅମାନୁଷିକ ଭାବେ ମାତ୍ର ୩୫ ସେକେଣ୍ଡ ଭିତରେ ୧୦ ରୁ ଅଧିକ ଥର ଗୋଇଠା ମାରିବା ସହ ଗାଳିଗୁଲଜ କରୁଥିବାର ଏକ ଭିଡିଓ ସାମାଜିକ ଗଣମାଧ୍ୟମରେ ଭାଇରାଲ୍ ହୋଇଛି । ଏହି ଘଟଣାକୁ ନେଇ ସାରା ଦେଶରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇବା ପରେ ପ୍ରଶାସନ ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛି । ରାଜ୍ୟ ଉପ-ମୁଖ୍ୟମନ୍ତ୍ରୀ ବ୍ରଜେଶ ପାଠକଙ୍କ ନିର୍ଦ୍ଦେଶ କ୍ରମେ, ଚିକିତ୍ସାଳୟ କର୍ତ୍ତୃପକ୍ଷ ସମ୍ପୃକ୍ତ ମହିଳା କର୍ମଚାରୀଙ୍କୁ ତୁରନ୍ତ ଚାକିରିରୁ ନିଲମ୍ବିତ କରିଛନ୍ତି । ଡାକ୍ତରଖାନାର ମୁଖ୍ୟ ଚିକିତ୍ସା ଅଧୀକ୍ଷକଙ୍କ ସୂଚନା ଅନୁଯାୟୀ, ନିଲମ୍ବିତ କର୍ମଚାରୀଙ୍କ ନାମ ପିଙ୍କି ଏବଂ ସେ ସେଠାରେ ସଫେଇ କର୍ମଚାରୀ ଭାବେ କାର୍ଯ୍ୟ କରୁଥିଲେ । ସରକାରୀ କର୍ମଚାରୀ ଆଚରଣ ବିଧି ଉଲ୍ଲଙ୍ଘନ ଅଭିଯୋଗରେ ତାଙ୍କ ବିରୋଧରେ ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ଆରମ୍ଭ କରାଯାଇଛି । ଘଟଣାର ସଠିକ୍ ଅନୁସନ୍ଧାନ ପାଇଁ ତିନି ଜଣିଆ ଡାକ୍ତରୀ କମିଟି ଗଠନ କରାଯାଇଛି, ଯେଉଁମାନେ ଏକ ନିର୍ଦ୍ଦିଷ୍ଟ ସମୟସୀମା ମଧ୍ୟରେ ରିପୋର୍ଟ ପ୍ରଦାନ କରିବେ । ଏହି ଘଟଣା ପରେ ରାଜ୍ୟ ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ସମସ୍ତ ଜିଲ୍ଲା ଚିକିତ୍ସା ଅଧିକାରୀଙ୍କୁ କଡ଼ା ନିର୍ଦ୍ଦେଶ ଦିଆଯାଇଛି ଯେ, ରୋଗୀଙ୍କ ସହ କୌଣସି ପ୍ରକାରର ଦୁର୍ବ୍ୟବହାର କିମ୍ବା ଅମାନୁଷିକ ଆଚରଣକୁ ଆଦୌ ବରଦାସ୍ତ କରାଯିବ ନାହିଁ ।



## ମୃତଦେହରୁ ଗାଏବ ମସ୍ତିଷ୍କ, ହୃତ୍ପିଣ୍ଡ ଓ ଫୁସଫୁସ

ନୂଆଦିଲ୍ଲୀ, ୧୭(ଏଜେନ୍ସି): ଭେନେଜୁଏଲାରେ ରହସ୍ୟଜନକ ଭାବେ ପ୍ରାଣ ହରାଇଥିବା ଜଣେ ଭାରତୀୟ ନାବିକଙ୍କ ମୃତଦେହ ସ୍ୱଦେଶ ଫେରିବା ପରେ ଏକ ଚାଞ୍ଚଲ୍ୟକର ତଥ୍ୟ ସାମ୍ନାକୁ ଆସିଛି । ଉତ୍ତର ପ୍ରଦେଶର ଦେଓରିଆ ଜିଲ୍ଲାର ବାସିନ୍ଦା ୩୩ ବର୍ଷୀୟ ରାକେଶ ଚୌହାନଙ୍କ ମୃତଦେହରୁ ମସ୍ତିଷ୍କ, ହୃତପିଣ୍ଡ, ଫୁସଫୁସ, ଯକୃତ ଓ କିଡନୀ ଭଳି ସମସ୍ତ ଗୁରୁତ୍ୱପୂର୍ଣ୍ଣ ଆଭ୍ୟନ୍ତରୀଣ ଅଙ୍ଗ ଗାଏବ ଥିବା ଜଣାପଡ଼ିଛି । ଏହି ଘଟଣା ପରେ ଭାରତୀୟ ନାବିକ ସଂଘ (ଏଫଏସୟୁଆଇ) ଏବଂ ମୃତକଙ୍କ ପରିବାର ଲୋକେ ଏହାର ଉଚ୍ଚସ୍ତରୀୟ ତଦନ୍ତ ଦାବି କରିଛନ୍ତି । ରାକେଶ ଗତ ୨୦୨୫ ନଭେମ୍ବରରେ ଏକ ବାଣିଜ୍ୟକ ଜାହାଜରେ କାର୍ଯ୍ୟ କରିବାକୁ ଭେନେଜୁଏଲା ଯାଇଥିଲେ । ଚଳିତ ବର୍ଷ ମେ ମାସରେ ଜାହାଜରେ ପଡ଼ିଯିବା ଯୋଗୁଁ ତାଙ୍କର ମୃତ୍ୟୁ ହୋଇଥିବା ସମ୍ପୃକ୍ତ କମ୍ପାନୀ ପରିବାର ଲୋକଙ୍କୁ ଜଣାଇଥିଲା । ଗତ ଜୁନ୍ ୪ ତାରିଖରେ ମୃତଦେହ ଗାଁରେ ପହଞ୍ଚିବା ପରେ, ସନ୍ଦେହ ହେବାରୁ ଜିଲ୍ଲା ମାଜିଷ୍ଟ୍ରେଟ୍ଙ୍କ ନିର୍ଦ୍ଦେଶରେ ଭାରତରେ ଦ୍ୱିତୀୟ ଥର ପାଇଁ ଶବ ବ୍ୟବଚ୍ଛେଦ କରାଯାଇଥିଲା । ଡାକ୍ତରୀ ଦଳଙ୍କ ରିପୋର୍ଟ ଅନୁଯାୟୀ, ମୃତଦେହରେ ଗୋଟିଏ ହେଲେ ବି ଅଙ୍ଗ ନଥିଲା ଏବଂ ଶରୀରରେ ବ୍ୟାପକ ସିଲେଇ ଚିହ୍ନ ରହିଥିଲା । ଶରୀରରେ କୌଣସି ଅଙ୍ଗ ନଥିବାରୁ ମୃତ୍ୟୁର ପ୍ରକୃତ କାରଣ ଜଣାପଡ଼ିନାହିଁ । ଭେନେଜୁଏଲା ପ୍ରଶାସନ କିମ୍ବା ସମ୍ପୃକ୍ତ କମ୍ପାନୀ ପକ୍ଷରୁ କୌଣସି ଶବ ବ୍ୟବଚ୍ଛେଦ ରିପୋର୍ଟ କିମ୍ବା ସ୍ପଷ୍ଟୀକରଣ ଦିଆଯାଇ ନଥିବାରୁ ପରିବାର ଲୋକେ ସମ୍ପୂର୍ଣ୍ଣ ଅନ୍ଧାରରେ ରହିଛନ୍ତି । ସାଧାରଣତଃ ଅନୁସନ୍ଧାନ ପାଇଁ ପ୍ରଥମ ଶବ ବ୍ୟବଚ୍ଛେଦ ସମୟରେ କିଛି ଅଙ୍ଗ ବାହାର କରାଯାଉଥିଲେ ବି, ଏଭଳି ସମସ୍ତ ଅଙ୍ଗ ଗାଏବ ହେବା ଅଙ୍ଗ ଚୋରା ଚାଲାଣର ସନ୍ଦେହ ବଢ଼ାଉଛି । ଏହି ମାମଲାରେ ଭାରତୀୟ ଦୂତାବାସ ତୁରନ୍ତ ହସ୍ତକ୍ଷେପ କରି ନ୍ୟାୟ ଓ କ୍ଷତିପୂରଣ ପ୍ରଦାନ କରିବାକୁ ଦାବି ହୋଇଛି ।

# ପାଣି ପାଇଁ ଆଣ୍ଠେଇଲାଣି ପାକିସ୍ତାନ

ଇସଲାମାବାଦ, ୧୭(ଏଜେନ୍ସି): ଭୀଷଣ ଗ୍ରୀଷ୍ମ ପ୍ରବାହ ଏବଂ ଜଳ ସଙ୍କଟ ମଧ୍ୟରେ ଗତି କରୁଥିବା ପାକିସ୍ତାନ ଏବେ ସିନ୍ଧୁ ନଦୀ ଜଳ ଚୁକ୍ତିକୁ ନେଇ ସମ୍ପୂର୍ଣ୍ଣ ଭୟଭୀତ ହୋଇପଡ଼ିଛି । ଯଦି ଭାରତ ଓ ପାକିସ୍ତାନ ମଧ୍ୟରେ ହୋଇଥିବା ସିନ୍ଧୁ ନଦୀ ଜଳ ଚୁକ୍ତି ରଦ୍ଦ ହୁଏ, ତେବେ କାଗଜପତ୍ରରେ ଥିବା ସମଗ୍ର ବିଶ୍ୱ ବ୍ୟବସ୍ଥା ଭୁଶୁଡ଼ି ପଡ଼ିବ ବୋଲି ପାକିସ୍ତାନ ଚେତାବନୀ ଦେଇଛି । ୨୦୨୫ ମସିହା ଅପ୍ରେଲ ମାସରେ ପହଲଗାମଠାରେ ହୋଇଥିବା ଆତଙ୍କବାଦୀ ଆକ୍ରମଣରେ ୨୬ ଜଣ ସାଧାରଣ ନାଗରିକ ପ୍ରାଣ ହରାଇବା ପରେ ଭାରତ ଏହି ଜଳ ଚୁକ୍ତିକୁ ସ୍ଥଗିତ ରଖିଛି । ଏହା ପରେ ପାକିସ୍ତାନରେ ଜଳ ସଙ୍କଟ ଦେଖାଦେବାର ଆଶଙ୍କା ତୀବ୍ର ହୋଇଛି । ଏହି ସଙ୍କଟକୁ ନେଇ ପାକିସ୍ତାନର ରାଜଧାନୀ ଇସଲାମାବାଦଠାରେ ଏକ ସମ୍ମିଳନୀର ଆୟୋଜନ କରାଯାଇଥିଲା । ଏଥିରେ ପାକିସ୍ତାନର ଉପ-ପ୍ରଧାନମନ୍ତ୍ରୀ ଇଶାକ ଦାର୍ କହିଛନ୍ତି ଯେ, ଭାରତ ପକ୍ଷରୁ ସିନ୍ଧୁ ନଦୀ ଜଳ ଚୁକ୍ତିକୁ ସ୍ଥଗିତ ରଖିବା ସମ୍ପୂର୍ଣ୍ଣ ବେଆଇନ ଏବଂ ଜଳକୁ କେବେ ବି ରାଜନୈତିକ ଅସ୍ତ୍ର ଭାବେ ବ୍ୟବହାର କରାଯିବା ଉଚିତ ନୁହେଁ । ଏହା ସହ ସେ ଧମକପୂର୍ଣ୍ଣ ସ୍ୱରରେ କହିଛନ୍ତି ଯେ, ପାକିସ୍ତାନର ଜଳରାଶିକୁ ରୋକିବା କିମ୍ବା ବଦଳାଇବା ଚେଷ୍ଟାକୁ ଏକ 'ଯୁଦ୍ଧର ଆହ୍ୱାନ' ଭାବେ ଗ୍ରହଣ କରାଯିବ । ଅପରପକ୍ଷରେ, ପାକିସ୍ତାନ ପିପୁଲ୍ସ ପାର୍ଟି (ପିପିପି)ର ମୁଖ୍ୟ ବିଲାୱାଲ ଭୁଟ୍ଟୋ ଜରଦାରୀ କହିଛନ୍ତି ଯେ ସିନ୍ଧୁ ନଦୀ ପାକିସ୍ତାନର ଜୀବନରେଖା ଏବଂ ଏହାକୁ ନେଇ କୌଣସି ବୁଝାମଣା କରାଯିବ ନାହିଁ । ପାକିସ୍ତାନର ଅନ୍ୟ ଜଣେ ମନ୍ତ୍ରୀ ମୁସାଦିକ୍ ମଲିକ କହିଛନ୍ତି, ଦ୍ୱିତୀୟ ବିଶ୍ୱଯୁଦ୍ଧ ପରେ

**■ ସିନ୍ଧୁ ନଦୀ ଜଳ ଚୁକ୍ତି ବାତିଲକୁ ନେଇ ଚିନ୍ତା**
**■ ଚୁକ୍ତି ଭାଙ୍ଗିଲେ 'ଭୁଶୁଡ଼ି ପଡ଼ିବ ବିଶ୍ୱ ବ୍ୟବସ୍ଥା'**

ଗଠିତ ହୋଇଥିବା କୌଣସି ବିଶ୍ୱ ନିୟମ ସୁରକ୍ଷିତ ରହିବ ନାହିଁ ଯଦି ଏହି ଚୁକ୍ତି ଭାଙ୍ଗିଯାଏ । ଏହି ସମ୍ପର୍କରେ ନୂଆଦିଲ୍ଲୀ ପକ୍ଷରୁ ତୁରନ୍ତ କୌଣସି ପ୍ରତିକ୍ରିୟା ପ୍ରକାଶ ପାଇନଥିଲେ ମଧ୍ୟ ମିଳିତ ଜାତିସଂଘର ଏକ କାର୍ଯ୍ୟକ୍ରମରେ ଭାରତର ସ୍ଥାୟୀ ପ୍ରତିନିଧି ହରୀଶ ପର୍ବଥାନେନୀ ସ୍ପଷ୍ଟ କରିଛନ୍ତି ଯେ, ବାରମ୍ବାର ଉତ୍ତେଜନାମୂଳକ କାର୍ଯ୍ୟ ଏବଂ ଦ୍ୱିପାକ୍ଷିକ ଆଲୋଚନା ବିଫଳ ହେବା ପରେ ଭାରତ ଏହି ପଦକ୍ଷେପ ନେବାକୁ ବାଧ୍ୟ ହୋଇଛି । ଯେପର୍ଯ୍ୟନ୍ତ ପାକିସ୍ତାନ ଆତଙ୍କବାଦ ବିରୋଧରେ ଦୃଢ଼ ଏବଂ ସ୍ଥାୟୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ ନକରିଛି, ସେପର୍ଯ୍ୟନ୍ତ ଏହି ସିନ୍ଧୁ ନଦୀ ଜଳ ଚୁକ୍ତି ସ୍ଥଗିତ ରହିବ । ବିଶ୍ୱ ବ୍ୟାଙ୍କର ମଧ୍ୟସ୍ଥତାରେ ୧୯୬୦ ମସିହାରେ ଭାରତ ଏବଂ ପାକିସ୍ତାନ ମଧ୍ୟରେ ଏହି ସିନ୍ଧୁ ନଦୀ ଜଳ ଚୁକ୍ତି ସ୍ୱାକ୍ଷରିତ ହୋଇଥିଲା । ଏହି ନିୟମ ଅନୁଯାୟୀ, ପୂର୍ବ ନଦୀଗୁଡ଼ିକ (ରାବି, ସୁତଲେଜ



ଓ ବ୍ୟାସ)ର ଜଳ ଭାରତ ନିୟନ୍ତ୍ରଣ କରୁଥିବାବେଳେ ପଶ୍ଚିମ ନଦୀଗୁଡ଼ିକ (ସିନ୍ଧୁ, ଝେଲମ ଓ ଚେନାବ) ର ଜଳ ପାକିସ୍ତାନକୁ ମିଳିଥାଏ । ୧୯୬୫, ୧୯୭୧ ଏବଂ କାର୍ଗିଲ ଯୁଦ୍ଧ ସମୟରେ ମଧ୍ୟ ଏହି ଚୁକ୍ତି ବଳବତ୍ତର ରହିଥିଲା, ମାତ୍ର ୨୦୨୫ ମସିହାର ଆତଙ୍କବାଦୀ ଆକ୍ରମଣ ପରେ ଦୁଇ ଦେଶ ମଧ୍ୟରେ ସମ୍ପର୍କ ସମ୍ପୂର୍ଣ୍ଣ ବିଗିଡ଼ି ଯାଇଛି । ସୀମାପାର ଆତଙ୍କବାଦକୁ ପ୍ରଶ୍ରୟ ଦେଇ ଆସୁଥିବା ପାକିସ୍ତାନ ଏବେ ନିଜର ଦୁର୍ଦ୍ଦଶା ପାଇଁ ବିଶ୍ୱ ସମୁଦାୟ ଆଗରେ ଗୁହାରି କରୁଛି । ମାତ୍ର ଭାରତ ନିଜର ଆଭିମୁଖ୍ୟ ସ୍ପଷ୍ଟ କରିସାରିଛି ଯେ, ଆତଙ୍କବାଦ ଏବଂ ଆଲୋଚନା ଏକାଠି ଚାଲିପାରିବ ନାହିଁ ।

## ଅଶାନ୍ତ ହେଉଛି ପିଓକେ

ଇସଲାମାବାଦ, ୧୭(ଏଜେନ୍ସି): ପାକିସ୍ତାନ ଅଧିକୃତ କାଶ୍ମୀର (ପିଓକେ)ର ରାୱାଲାକୋଟ୍ଠାରେ ପାକିସ୍ତାନ ସରକାର ବିରୋଧରେ ଗଣ-ବିଦ୍ରୋହ ତୀବ୍ର ରୂପ ଧାରଣ କରିଛି । 'ଜାମ୍ମୁ ଆଣ୍ଡ କାଶ୍ମୀର ଆୱାମୀ ଆକ୍ସନ କମିଟି' (ଜେଏଏସି) ନେତୃତ୍ୱରେ ହଜାର ହଜାର ପ୍ରତିବାଦକାରୀ ଏକାଠି ହୋଇ 'ଆମେ ପାକିସ୍ତାନର ଅଂଶ ନୋହୁଁ' ବୋଲି ଖୋଲାଖୋଲି ଘୋଷଣା କରିଛନ୍ତି । ସରକାର ବିରୋଧୀ ଆନ୍ଦୋଳନକୁ ଦବାଇବା ପାଇଁ ପ୍ରଶାସନ ପକ୍ଷରୁ ଏପର୍ଯ୍ୟନ୍ତ ପ୍ରାୟ ୬୦୦ରୁ ଅଧିକ ସଂଗଠନକାରୀଙ୍କୁ ଗିରଫ କରାଯାଇଛି । ଏପରିକି ସରକାରଙ୍କ ଦ୍ୱାରା ୧ କୋଟି ଟଙ୍କାର ପୁରସ୍କାର ଘୋଷଣା ହୋଇଥିବା ମୁଖ୍ୟ ନେତା ଶୌକତ ନୱାଜ ମୀରଙ୍କୁ ମଧ୍ୟ ପୋଲିସ ଗିରଫ କରିଛି । ପୂର୍ବରୁ କେବଳ ମହଙ୍ଗା ମାଡ଼, ଖାଦ୍ୟ ସଙ୍କଟ ଓ ପ୍ରଶାସନିକ ଅବହେଳାକୁ ନେଇ ଆରମ୍ଭ ହୋଇଥିବା ଏହି ଆନ୍ଦୋଳନ ଏବେ ଏକ ବଡ଼ ରାଜନୈତିକ ବିଦ୍ରୋହର ରୂପ ନେଇଛି । ଆନ୍ଦୋଳନକାରୀଙ୍କ ଅଭିଯୋଗ ଅନୁଯାୟୀ, ଗତ ଦୁଇ ସପ୍ତାହ ମଧ୍ୟରେ ସୁରକ୍ଷାବଳ ଓ ଜନସାଧାରଣଙ୍କ ମଧ୍ୟରେ ହୋଇଥିବା ସଂଘର୍ଷରେ ପ୍ରାୟ ୨୨ ଜଣଙ୍କର ମୃତ୍ୟୁ ଘଟିଛି । ସ୍ଥିତିକୁ ନିୟନ୍ତ୍ରଣ କରିବା ପାଇଁ ପ୍ରଶାସନ ଅଞ୍ଚଳରେ ଇଣ୍ଟରନେଟ୍ ସେବା ବନ୍ଦ କରିଦେଇଛି । ଆସନ୍ତା ଜୁଲାଇ ୨୭ ତାରିଖରେ ଏହି ଅଞ୍ଚଳରେ ବିଧାନସଭା ନିର୍ବାଚନ ହେବାକୁ ଥିବାବେଳେ ଏଭଳି ହିଂସାତ୍ମକ ପରିସ୍ଥିତି ପାକିସ୍ତାନ ସରକାରଙ୍କ ପାଇଁ ବଡ଼ ଚିନ୍ତାର କାରଣ ପାଲଟିଛି ।

## ହତ୍ୟା ପରେ କେତନଙ୍କ ଫୋନ୍ ନେଇଯାଇଥିଲେ ସିୟା

ପୁଣେ, ୧୭(ଏଜେନ୍ସି): ପୁଣେର ଜଣାଶୁଣା ଜମିବାଡ଼ି ବ୍ୟବସାୟୀ କେତନ ଅଗ୍ରୱାଲଙ୍କ ରହସ୍ୟଜନକ ହତ୍ୟା ମାମଲାରେ ପୋଲିସ ଏକ ନୂଆ ତଥ୍ୟ ସାମ୍ନାକୁ ଆଣିଛି । ପୋଲିସର ସୂଚନା ଅନୁଯାୟୀ, ହତ୍ୟାକାଣ୍ଡ ପରେ କେତନଙ୍କ ମୋବାଇଲ୍ ଫୋନ୍ କିଛି ସମୟ ପାଇଁ ତାଙ୍କ ଭାବି ପତ୍ନୀ ସିୟା ଗୋୟଲଙ୍କ ପାଖରେ ଥିଲା, ଯାହାକୁ ସେ ପରବର୍ତ୍ତୀ ସମୟରେ କେତନଙ୍କ ପରିବାର ଲୋକଙ୍କୁ ହସ୍ତାନ୍ତର କରିଥିଲେ । ସେହି ସମୟ ମଧ୍ୟରେ ସିୟା ଫୋନ୍ରୁ କୌଣସି ଗୁରୁତ୍ୱପୂର୍ଣ୍ଣ ପ୍ରମାଣ କିମ୍ବା ବାର୍ତ୍ତା କାଟି ଦେଇଛନ୍ତି କିମ୍ବା ବଦଳାଇ ଦେଇଛନ୍ତି କି ନାହିଁ, ସେ ନେଇ ପୋଲିସ ବର୍ତ୍ତମାନ ଯାଞ୍ଚ କରୁଛି । ଗତ ଜୁନ୍ ୧୮ ତାରିଖରେ ପୁଣେ ଜିଲ୍ଲାର ଐତିହାସିକ ଲୋହଗଡ଼ ଦୁର୍ଗର ଏକ ପାହାଡ଼ ଉପରୁ ଠେଲି ଦେଇ କେତନଙ୍କୁ ହତ୍ୟା କରାଯାଇଥିବା ଅଭିଯୋଗ ହୋଇଛି । ଏହି ଅଭିଯୋଗରେ ୨୦ ବର୍ଷୀୟା ସିୟା ଗୋୟଲ ଏବଂ ତାଙ୍କ ପ୍ରେମିକ ଚେତନ ଚୌଧୁରୀଙ୍କୁ ପୋଲିସ ଗିରଫ କରିଛି । ଆସନ୍ତା ନଭେମ୍ବର ମାସରେ କେତନ ଏବଂ ସିୟାଙ୍କର ବିବାହ ହେବାର ଥିଲା । ବୁଧବାର ଦିନ ପୁଣେ ଗ୍ରାମୀଣ ପୋଲିସ ଅଭିଯୁକ୍ତ ଚେତନଙ୍କୁ ଘଟଣାସ୍ଥଳକୁ ନେଇ

**ପ୍ରମାଣ ନଷ୍ଟ କରିବାକୁ ଉଦ୍ୟମ**

ସମ୍ପୂର୍ଣ୍ଣ ହତ୍ୟାକାଣ୍ଡର ପୁନଃ ପ୍ରଦର୍ଶନ ବା ରୂପାୟନ କରିଛି ।



ଏହାପୂର୍ବରୁ ରବିବାର ଦିନ ସିୟାଙ୍କ ଉପସ୍ଥିତିରେ ଏକ ପୁତଳାକୁ ପାହାଡ଼ରୁ ତଳକୁ ଫିଙ୍ଗି ପୋଲିସ ଘଟଣାର ଯାଞ୍ଚ କରିଥିଲା । କେତନଙ୍କ ପିତା ବିଶାଳ ଅଗ୍ରୱାଲ ପୋଲିସ ନିକଟରେ ଅଭିଯୋଗ କରିଛନ୍ତି ଯେ, କେତନ ପ୍ରାୟତଃ ସିୟା ଏବଂ ଚେତନଙ୍କ ଅତି ନିବିଡ଼ ସମ୍ପର୍କକୁ ନେଇ ଚିନ୍ତିତ ରହୁଥିଲେ ।

# ଆସାମରେ ବନ୍ୟା ପରିସ୍ଥିତି ସଂଗିନ

ଗୌହାଟୀ, ୧୭(ଏଜେନ୍ସି): ଆସାମରେ ବନ୍ୟା ପରିସ୍ଥିତି ଅତ୍ୟନ୍ତ ଗମ୍ଭୀର ରୂପ ଧାରଣ କରିଛି । ଲଗାତାର ବର୍ଷା ଯୋଗୁଁ ବ୍ରହ୍ମପୁତ୍ର ସମେତ ଅନ୍ୟାନ୍ୟ ପ୍ରମୁଖ ନଦୀଗୁଡ଼ିକ ବିପଦ ସଙ୍କେତ ଉପରେ ପ୍ରବାହିତ ହେଉଛନ୍ତି । ଏହାଦ୍ୱାରା ରାଜ୍ୟର ୬ଟି ଜିଲ୍ଲାର ପ୍ରାୟ ୪୬, ୦୦୦ରୁ ଅଧିକ ଲୋକ ଜଳବନ୍ଦୀ ଅବସ୍ଥାରେ ରହିଛନ୍ତି । ଚଳିତ ବନ୍ୟା ଋତୁରେ ଧେମାଜୀ ଜିଲ୍ଲାରେ ଜଣେ ମହିଳାଙ୍କର ପ୍ରାଣହାନି ଘଟିଛି, ଯାହା ଚଳିତ ବର୍ଷର ପ୍ରଥମ

**■ ବିପଦ ସଙ୍କେତ ଉପରେ ବ୍ରହ୍ମପୁତ୍ର**
**■ ୬ଟି ଜିଲ୍ଲାର ୪୬ ହଜାର ପ୍ରଭାବିତ**

ବନ୍ୟାଜନିତ ମୃତ୍ୟୁ ବୋଲି ପ୍ରଶାସନ ପକ୍ଷରୁ ସୂଚନା ଦିଆଯାଇଛି । ଆସାମ ସରକାରଙ୍କ ବିପର୍ଯ୍ୟୟ ପରିଚାଳନା କର୍ତ୍ତୃପକ୍ଷଙ୍କ ସୂଚନା ଅନୁଯାୟୀ, ରାଜ୍ୟର ଧେମାଜୀ, ନଳବାଡ଼ି, ଡିବ୍ରୁଗଡ଼, ଚିରାଙ୍ଗ, ଲଖିମପୁର ଏବଂ ବିଶ୍ୱନାଥ ଜିଲ୍ଲାର ପ୍ରାୟ ୨୨୧ଟି ଗ୍ରାମ ବନ୍ୟା ଜଳରେ ବୁଡ଼ି ରହିଛି । ଏହା ମଧ୍ୟରୁ ଧେମାଜୀ ଜିଲ୍ଲା ସବୁଠାରୁ ଅଧିକ କ୍ଷତିଗ୍ରସ୍ତ ହୋଇଛି, ଯେଉଁଠାରେ ପ୍ରାୟ ୪୫, ୦୦୦ରୁ ଅଧିକ ଲୋକ ପ୍ରଭାବିତ ହୋଇଛନ୍ତି । ବନ୍ୟା ଯୋଗୁଁ ୩, ୮୦୯ ହେକ୍ଟରରୁ ଅଧିକ ଚାଷଜମି ପାଣିରେ ବୁଡ଼ି ରହିବା ସହ ବହୁଳ ପରିମାଣରେ ଫସଲ ନଷ୍ଟ ହୋଇଛି । ସରକାରଙ୍କ ପକ୍ଷରୁ ପ୍ରଭାବିତ ଅଞ୍ଚଳରେ ରିଲିଫ୍ ଓ ଉଦ୍ଧାର କାର୍ଯ୍ୟ ଜୋରଦାର କରାଯାଇଛି । ବାସହୀନ ହୋଇପଡ଼ିଥିବା ଲୋକମାନଙ୍କ ପାଇଁ ବିଭିନ୍ନ ସ୍ଥାନରେ ଆଶ୍ରୟ ସ୍ଥଳୀ ଏବଂ ସାମଗ୍ରୀ ବଣ୍ଟନ କେନ୍ଦ୍ର ଖୋଲାଯାଇଛି । ମଣିଷଙ୍କ ସହ



ପ୍ରାୟ ୮୮, ୦୦୦ରୁ ଅଧିକ ଗୃହପାଳିତ ପଶୁ ମଧ୍ୟ ଏହି ବନ୍ୟାରେ ପ୍ରଭାବିତ ହୋଇଥିବା ଜଣାପଡ଼ିଛି । ବନ୍ୟା ପ୍ରପୀଡ଼ିତ ଅଞ୍ଚଳରେ ଭିତ୍ତିଭୂମିର ବ୍ୟାପକ କ୍ଷତି ଘଟିଥିବା ବେଳେ ପ୍ରଶାସନ ପରିସ୍ଥିତି ଉପରେ ତୀକ୍ଷ୍ଣ ନଜର ରଖିଛି ।

## ୩୦ ଦିନ ପର୍ଯ୍ୟନ୍ତ ଜେଲ୍ରେ ରହିଲେ ମନ୍ତ୍ରୀପଦ ଯିବ

ନୂଆଦିଲ୍ଲୀ, ୧୭: ୩୦ ଦିନ ପର୍ଯ୍ୟନ୍ତ ଜେଲରେ ରହିଲେ ମନ୍ତ୍ରୀ ପଦ ଯିବ । ସଂସଦର ଆଗାମୀ ମୌସୁମୀ ଅଧିବେଶନରେ ସରକାର ଏସଂପର୍କରେ ଏକ ସମ୍ବିଧାନ ସଂଶୋଧନ ବିଲ୍ ଆଣିବାକୁ ଯାଉଛନ୍ତି । ଯଦି ଜଣେ ମନ୍ତ୍ରୀଙ୍କୁ ଏଭଳି ଏକ ଅଭିଯୋଗରେ ଗିରଫ କରାଯାଇଛି, ଯେଉଁଥିରେ ୫ ବର୍ଷ କିମ୍ବା ତାଠାରୁ ଅଧିକ ସମୟ ପାଇଁ ଜେଲଦଣ୍ଡର ବ୍ୟବସ୍ଥା ଥିବ, ସେମାନଙ୍କ ପ୍ରତି ଏହି ନିୟମ ଲାଗୁ ହେବ । ସେମାନେ ୩୦ ଦିନ ପର୍ଯ୍ୟନ୍ତ ଜେଲରେ

**ସଂସଦରେ ଆସିବ ନୂଆ ବିଲ୍**

ରହିଲେ ୩୧ତମ ଦିନରେ ଆପେ ଆପେ ମନ୍ତ୍ରୀ ପଦ ହରାଇବେ । ଏହି ନିୟମ ପ୍ରଧାନମନ୍ତ୍ରୀ ଏବଂ ମୁଖ୍ୟମନ୍ତ୍ରୀଙ୍କ କ୍ଷେତ୍ରରେ ମଧ୍ୟ ଲାଗୁହେବ । ରାଷ୍ଟ୍ରପତି ଏବଂ ରାଜ୍ୟପାଳ ମଧ୍ୟ ସେମାନଙ୍କୁ ବରଖାସ୍ତ କରାପାରିବେ । ତେବେ ବିରୋଧୀ ଦଳ ଏହାକୁ ବିରୋଧ କରିଛନ୍ତି । ସେମାନେ ଅଭିଯୋଗ କରିଛନ୍ତି ବିରୋଧୀ ଦଳ ଶାସିତ ସରକାରଙ୍କୁ ଅସ୍ଥିର କରିବା ଲାଗି ସରକାର ଏହାର ରାଜନୈତିକ ଦୁରୁପଯୋଗ କରିବାର ଯଥେଷ୍ଟ ସମ୍ଭାବନା ରହିଛି । ଏହା ଉଭୟ କେଜ୍ରିୱାଲ ଏବଂ ହେମନ୍ତ ସୋରେନଙ୍କ କ୍ଷେତ୍ରରେ ଦେଖାଦେଇଛି ।

## ଭାରତ-ପାକ୍ ସମ୍ପର୍କ ସୁଧାରିବା ପାଇଁ ମୋଦୀ ଓ ସରିଫ୍ଙ୍କୁ ୧୧୭ ବିଶିଷ୍ଟ ନାଗରିକଙ୍କ ଚିଠି

ନୂଆଦିଲ୍ଲୀ, ୧୭(ଏଜେନ୍ସି): ଭାରତ ଏବଂ ପାକିସ୍ତାନ ମଧ୍ୟରେ ଚାଲିଥିବା ତିକ୍ତତା ଦୂର କରି ଶାନ୍ତି ପ୍ରତିଷ୍ଠା ଓ ଦ୍ୱିପାକ୍ଷିକ ଆଲୋଚନା ପୁନର୍ବାର ଆରମ୍ଭ କରିବା ପାଇଁ ଦୁଇ ଦେଶର ୧୧୭ ଜଣ ବିଶିଷ୍ଟ ବ୍ୟକ୍ତି ମିଳିତ ଭାବେ ଅପିଲ୍ କରିଛନ୍ତି । ଏହି ପରିପ୍ରେକ୍ଷୀରେ ସେମାନେ ଭାରତର ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏବଂ ପାକିସ୍ତାନର ପ୍ରଧାନମନ୍ତ୍ରୀ ଶେହବାଜ ସରିଫ୍ଙ୍କୁ ଏକ ସ୍ପଷ୍ଟ ପତ୍ର ଲେଖିଛନ୍ତି । ଏହି ପତ୍ରରେ ଭାରତର ୬୧ ଜଣ ଏବଂ ପାକିସ୍ତାନର ୫୬ ଜଣ ପ୍ରମୁଖ ରାଜନେତା, ପୂର୍ବତନ କୂଟନୀତିଜ୍ଞ ଏବଂ ବୁଦ୍ଧିଜୀବୀ ସ୍ୱାକ୍ଷର କରିଛନ୍ତି । ଏହି ନାଗରିକମାନେ ଦୁଇ ଦେଶର ସରକାରଙ୍କୁ ଦୀର୍ଘଦିନର ଶତ୍ରୁତା ଶେଷ କରି ପୂର୍ଣ୍ଣ କୂଟନୈତିକ ସମ୍ପର୍କ ସ୍ଥାପନ କରିବାକୁ ଅନୁରୋଧ କରିଛନ୍ତି । ଏହା ସହିତ ଉଭୟ ଦେଶରେ ଉଚ୍ଚାୟୁକ୍ତ ନିଯୁକ୍ତି, ସାଧାରଣ ଭିସା ସେବା ପୁନଃ ପ୍ରଚଳନ, ବାଣିଜ୍ୟିକ ବିମାନ ଚଳାଚଳ ପାଇଁ ଆକାଶମାର୍ଗ ଖୋଲିବା ଏବଂ ଅଟ୍ଟାରୀ-ୱାଘା ସୀମା ଦେଇ ବାଣିଜ୍ୟ କାରବାର ଆରମ୍ଭ କରିବାକୁ ଚିଠିରେ ପ୍ରସ୍ତାବ ଦିଆଯାଇଛି । ଏହା ସହ ଶ୍ରୀନଗର-ମୁଜାଫରାବାଦ ବସ୍ ସେବା ଏବଂ କାର୍ତ୍ତାରପୁର କରିଡର ଭଳି ସାଂସ୍କୃତିକ ତଥା ଧାର୍ମିକ ସ୍ଥଳଗୁଡ଼ିକୁ ଯାତାୟାତ ସହଜ କରିବାକୁ ସେମାନେ ନିବେଦନ କରିଛନ୍ତି । ଚିଠିରେ ଉଲ୍ଲେଖ କରାଯାଇଛି ଯେ, ଭାରତ ଏବଂ ପାକିସ୍ତାନ ମିଶି ସମଗ୍ର ବିଶ୍ୱ ଜନସଂଖ୍ୟାର ପ୍ରାୟ ପଞ୍ଚମାଂଶ । ଏହି ଦୁଇ ଦେଶର ଯୁବପିଢ଼ିଙ୍କ ଭବିଷ୍ୟତ, ପ୍ରଗତି ଏବଂ ଆଞ୍ଚଳିକ ସ୍ଥିରତା ପାଇଁ ପରସ୍ପର ମଧ୍ୟରେ ଶାନ୍ତିପୂର୍ଣ୍ଣ ଆଲୋଚନା ହିଁ ଏକମାତ୍ର ମାଧ୍ୟମ ।

## କେବଳ ପ୍ରମାଣପତ୍ର ଥିଲେ ହିନ୍ଦୁ ବିବାହ ବୈଧ ନୁହେଁ

### ପରମ୍ପରା ଓ ରୀତିନୀତି ମଧ୍ୟ ଜରୁରୀ: ଗୁଜରାଟ ହାଇକୋର୍ଟ

ଅହମଦାବାଦ, ୧୭(ଏଜେନ୍ସି): କେବଳ ମ୍ୟାରେଜ୍ ସାର୍ଟିଫିକେଟ୍ (ବିବାହ ପ୍ରମାଣପତ୍ର) କିମ୍ବା ପଞ୍ଜୀକରଣ (ରେଜିଷ୍ଟ୍ରେସନ) ଆଧାରରେ ଏକ ହିନ୍ଦୁ ବିବାହକୁ ଆଇନଗତ ଭାବେ ବୈଧ କୁହାଯାଇପାରିବ ନାହିଁ ବୋଲି ଗୁଜରାଟ ହାଇକୋର୍ଟ ଏକ ଗୁରୁତ୍ୱପୂର୍ଣ୍ଣ ସୂଚନା ଦେଇଛନ୍ତି । କୋର୍ଟ କହିଛନ୍ତି ଯେ, ହିନ୍ଦୁ ବିବାହ ଆଇନ (ହିନ୍ଦୁ ମ୍ୟାରେଜ ଆକ୍ଟ) ଅନୁଯାୟୀ ନିର୍ଦ୍ଧାରିତ ସମସ୍ତ ରୀତିନୀତି ଏବଂ ପରମ୍ପରା ପାଳନ କରାଯାଇଥିଲେ ହିଁ ବିବାହକୁ ସ୍ୱୀକୃତି ମିଳିବ । ଯେଉଁ ସମୁଦାୟରେ ସପ୍ତପଦୀ (ଅଗ୍ନି ଚାରିପଟେ ସାତ ଫେରା) ର ନିୟମ ରହିଛି, ସେଠାରେ ଏହି ରୀତି ସମ୍ପନ୍ନ ନହେବା ପର୍ଯ୍ୟନ୍ତ ବିବାହ ଅସମ୍ପୂର୍ଣ୍ଣ ରହିବ । ଜଷ୍ଟିସ ଇଲେଶ ଜେ. ଭୋରା ଏବଂ ଜଷ୍ଟିସ ଆରଟି ବାଚ୍ଛାନୀଙ୍କୁ ନେଇ ଗଠିତ ଏକ ଖଣ୍ଡପୀଠ ଏହି ମାମଲାର ଶୁଣାଣି କରି ସ୍ପଷ୍ଟ କରିଛନ୍ତି ଯେ, ମ୍ୟାରେଜ୍ ସାର୍ଟିଫିକେଟ୍ କେବଳ ପୂର୍ବରୁ ସମ୍ପନ୍ନ ହୋଇଥିବା ଏକ ବିବାହର ଦଲିଲ ପ୍ରମାଣ ମାତ୍ର । ଏହା ନିଜେ କୌଣସି ବିବାହ ସୃଷ୍ଟି କରେନାହିଁ । ବିବାହ କେବଳ 'ଗୀତ-ନାଚ' କିମ୍ବା 'ଖିଆପିଆ'ର ଉତ୍ସବ ନୁହେଁ, ଏହା ଏକ ପବିତ୍ର ସଂସ୍କାର । ବ୍ରିଟେନରେ ରହୁଥିବା ଜଣେ ପ୍ରବାସୀ ଭାରତୀୟ ଯୁବକ ଅଭିଯୋଗ କରିଥିଲେ ଯେ, ଚାକିରି କରାଇଦେବା ବାହାନାରେ ଅହମଦାବାଦର ଜଣେ ଯୁବତୀ କାଗଜପତ୍ରରେ ତାଙ୍କ ସ୍ୱାକ୍ଷର ନେଇ ଜାଲ୍ ମ୍ୟାରେଜ୍ ସାର୍ଟିଫିକେଟ୍ ପ୍ରସ୍ତୁତ



କରିଛନ୍ତି । ସେମାନଙ୍କ ମଧ୍ୟରେ କୌଣସି ବିବାହ ରୀତିନୀତି ହୋଇନଥିଲା । ପରିବାର ଅଦାଲତ (ଫ୍ୟାମିଲି କୋର୍ଟ) ପୂର୍ବରୁ ଯୁବକଙ୍କ ଆବେଦନକୁ ଖାରଜ କରିଦେଇଥିଲେ । ମାତ୍ର ହାଇକୋର୍ଟରେ ଶୁଣାଣି ବେଳେ ଯୁବତୀ ଜଣକ ନିଜେ ସ୍ୱୀକାର କରିଥିଲେ ଯେ କୌଣସି ବୈଦିକ ରୀତିନୀତି ହୋଇନାହିଁ କି ସେମାନେ ସ୍ୱାମୀ-ସ୍ତ୍ରୀ ଭାବେ ରହିନାହାନ୍ତି । ଏହି ଆଧାରରେ ଗୁଜରାଟ ହାଇକୋର୍ଟ ପରିବାର ଅଦାଲତଙ୍କ ନିଷ୍ପତ୍ତିକୁ ରଦ୍ଦ କରିବା ସହ ଉକ୍ତ ବିବାହକୁ ଅବୈଧ ଘୋଷଣା କରିଛନ୍ତି ।




## ରାଜ୍ୟବ୍ୟାପୀ ଓମ୍‌ସାର କାର୍ଯ୍ୟବନ୍ଦ ଆନ୍ଦୋଳନ

# ସରକାରୀ ହସ୍ପିଟାଲ୍‌ରେ ସ୍ୱାସ୍ଥ୍ୟ ସେବା ପ୍ରଭାବିତ

ଭୁବନେଶ୍ୱର,୧।୭(ସମିସ): ଜାତୀୟ ଡାକ୍ତର ଦିବସଠାରୁ ଓଡିଶା ମେଡିକାଲ୍ ସର୍ଭିସେସ୍ ଆସୋସିଏସନ୍ (ଓମସା) ପକ୍ଷରୁ ରାଜ୍ୟବ୍ୟାପୀ କାର୍ଯ୍ୟବନ୍ଦ ଆନ୍ଦୋଳନ ଆରମ୍ଭ ହୋଇଛି। ସରକାରଙ୍କ ପକ୍ଷରୁ ଦୀର୍ଘ ଦିନ ଧରି ୧୦-ଦଫା ଦାବି ପୂରଣ ନ ହେବାରୁ ଡାକ୍ତରମାନେ ଏହି ଆନ୍ଦୋଳନ ଆରମ୍ଭ କରିଛନ୍ତି। ଡାକ୍ତରମାନେ କଳା ବ୍ୟାଜ୍ ପିନ୍ଧି ପ୍ରତିବାଦ କରିବା ସହ କାର୍ଯ୍ୟବନ୍ଦ କରିଥିବାରୁ ସରକାରୀ ହସ୍ପିଟାଲଗୁଡ଼ିକରେ ରୋଗୀ ସେବା ଗୁରୁତର ପ୍ରଭାବିତ ହୋଇଛି।

ରାଜ୍ୟର ସମସ୍ତ ସରକାରୀ ଚିକିତ୍ସାଳୟରେ ଓପିଡି ଏବଂ ଇନ୍‌ଡୋର ସେବା ଗୁରୁତର ଭାବେ ପ୍ରଭାବିତ ହୋଇଥିବାରୁ ରୋଗୀମାନେ ବହୁ ଦୂରଦୁରାନ୍ତରୁ ଆସି ହସ୍ପିଟାଲରୁ ନିରାସ ହୋଇ ଫେରୁଛନ୍ତି। ସେମାନଙ୍କ ଦାବିଗୁଡ଼ିକ ମଧ୍ୟରେ କେନ୍ଦ୍ରୀୟ ବେତନ କ୍ରମ ଲାଗୁ, ଡାଇନାମିକ୍ ଆସ୍ୟୁର୍ଡ଼୍ କ୍ୟାରିୟର୍ ପ୍ରୋଗ୍ରେସନ୍ ବିନା ସର୍ତ୍ତରେ କାର୍ଯ୍ୟକାରୀ, ଡାକ୍ତରଙ୍କ ସୁରକ୍ଷା ଓ ୱର୍କପ୍ଲେସ୍ ସୁରକ୍ଷା, ଖାଲି ପଦବୀ ପୂରଣ, ଅନ୍ୟାନ୍ୟ ଭତ୍ତା, ଟ୍ରାନ୍ସଫର୍ ନୀତି ଓ ସେବା ସୁନିଶ୍ଚିତତା କରିବା ପାଇଁ ଦାବି ହୋଇ ଆସୁଛି।

ଓମସା ପକ୍ଷରୁ କୁହାଯାଇଛି ଯେ, ଗତ କିଛି ମାସ ଧରି ସରକାରଙ୍କୁ ସମୟ ଦିଆଯାଇଥିଲା, କିନ୍ତୁ କୌଣସି ପଦକ୍ଷେପ ନିଆଯାଇ ନାହିଁ। ଯଦି ଦାବି ପୂରଣ ନ ହୁଏ ତେବେ ଆନ୍ଦୋଳନ ଆହୁରି ତୀବ୍ର ହେବ। ଏହି ଆନ୍ଦୋଳନ ଯୋଗୁଁ ରାଜ୍ୟର ବିଭିନ୍ନ ଜିଲ୍ଲା ଭୁବନେଶ୍ୱର, କଟକ, ବ୍ରହ୍ମପୁର, ସମ୍ବଲପୁର, କଳାହାଣ୍ଡି ଆଦି ସରକାରୀ ହସ୍ପିଟାଲ୍‌ରେ ରୋଗୀ ସେବା ବ୍ୟାପକ ଭାବେ ପ୍ରଭାବିତ ହୋଇଛି। ସରକାର ଏହି ଆନ୍ଦୋଳନ ପ୍ରଶମିତ କରିବା ପାଇଁ ପଦକ୍ଷେପ ନ ନେଲେ ଜରୁରୀ ସେବା ଉପରେ ମଧ୍ୟ ପ୍ରଭାବ ପଡ଼ିବାର ଆଶଙ୍କା ସୃଷ୍ଟି ହୋଇଛି। ସରକାରଙ୍କ ପକ୍ଷରୁ ଏ ବିଷୟରେ ଏ ପର୍ଯ୍ୟନ୍ତ କୌଣସି ଆନୁଷ୍ଠାନିକ ପ୍ରତିକ୍ରିୟା ସାମ୍ନାକୁ ଆସିନାହିଁ। ସ୍ୱାସ୍ଥ୍ୟ ବିଭାଗରେ ଉଭୟ ପକ୍ଷ ମଧ୍ୟରେ ଆଲୋଚନା ଜାରି ରହିଥିବା ଜଣାପଡ଼ିଛି। ଓମ୍‌ସା ଡାକ୍ତରମାନଙ୍କ ସମସ୍ୟାର ଶୀଘ୍ର ସମାଧାନ ଦାବି କରିଛି ଏବଂ ରୋଗୀ ସେବା ପ୍ରତି ତାଙ୍କର ଦାୟିତ୍ୱ ସ୍ୱୀକାର କରି ଆନ୍ଦୋଳନକୁ ଶାନ୍ତିପୂର୍ଣ୍ଣ ରଖିବାର ପ୍ରତିଶ୍ରୁତି ଦେଇଛି।

## ‘ନିଶାମୁକ୍ତ ଓଡ଼ିଶା’ ଅଭିଯାନ

# ଗଠନ ହେବ ଆଣ୍ଟି ନାର୍କୋଟିକ୍ସ ଟାସ୍କ ଫୋର୍ସ

ଭୁବନେଶ୍ୱର ୧।୭ (ସମିସ): ନିଶାମୁକ୍ତ ଓଡ଼ିଶା ଗଠନ ଦିଗରେ ଓଡ଼ିଶା ପୁଲିସ ମାଇଲଖୁଣ୍ଟ ସ୍ଥାପନ କରିଛି। ବେଆଇନ ନିଶା କାରବାର, ଗଞ୍ଜେଇ ଚାଷ, ମାଦକଦ୍ରବ୍ୟ ଚୋରାଚାଲାଣ ଓ ଆନ୍ତଃରାଜ୍ୟ ଡ୍ରଗ୍ ନେଟ୍‌ୱର୍କ ବିରୋଧରେ ‘ଶୂନ୍ୟ ସହନଶୀଳତା’ ନୀତି ଆଧାରରେ ଚାଲିଥିବା ଅଭିଯାନ ରାଜ୍ୟକୁ ଜାତୀୟ ସ୍ତରରେ ସ୍ୱତନ୍ତ୍ର ପରିଚୟ ପ୍ରଦାନ କରିଛି। ଏହି ପରିପ୍ରେକ୍ଷୀରେ ଆଜି ଭୁବନେଶ୍ୱରସ୍ଥିତ ପୁଲିସ ଭବନରେ ଜାତୀୟ ସ୍ତରୀୟ ପ୍ରାକ୍-ବିଚାରାଧୀନ ଜବତ ମାଦକଦ୍ରବ୍ୟ ବିନଷ୍ଟୀକରଣ ସ୍ୱତନ୍ତ୍ର ଅଭିଯାନ ସମ୍ପର୍କିତ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଭାରତ ସରକାରଙ୍କ ନାର୍କୋଟିକ୍ସ କଣ୍ଟ୍ରୋଲ ବ୍ୟୁରୋ (ଏନସିବି)ର ନିର୍ଦ୍ଦେଶ ଅନୁଯାୟୀ ଜୁନ୍ ୨୬ ତାରିଖରୁ ଜୁଲାଇ ୧୦ ତାରିଖ ପର୍ଯ୍ୟନ୍ତ ଜାତୀୟ ସ୍ତରୀୟ ପ୍ରାକ୍-ପରୀକ୍ଷା ନିଶା ନିବାରଣ ସ୍ୱତନ୍ତ୍ର ଅଭିଯାନ ସାରା ଦେଶରେ କାର୍ଯ୍ୟକାରୀ କରାଯାଉଛି। ‘ନିଶାମୁକ୍ତ, ସୁରକ୍ଷିତ ଓ ସଶକ୍ତ ଓଡ଼ିଶା ଗଠନ ହେଉଛି ଓଡ଼ିଶା ପୁଲିସର ସର୍ବୋଚ୍ଚ ପ୍ରାଥମିକତା। ନିଶା କାରବାର ଓ ଚୋରାଚାଲାଣ ବିରୋଧରେ ଆଗାମୀ ଦିନରେ ଅଭିଯାନକୁ ଆହୁରି ବ୍ୟାପକ କରାଯିବ’ ବୋଲି ମୁଖ୍ୟ ଅତିଥି ଭାବେ ଯୋଗଦେଇ ପୁଲିସ ମହାନିର୍ଦ୍ଦେଶକ ଯୋଗେଶ ବାହାଦୁର ଖୁରାନିଆ କହିଥିଲେ।




- ୩ ଜିଲ୍ଲାରେ ପ୍ରତିଷ୍ଠା ହେବ ସ୍ୱତନ୍ତ୍ର ଏନଡିପିଏସ୍ କୋର୍ଟ
- ୨୧ ମାସରେ ୧୯୧୧ କୋଟିର ଗଞ୍ଜେଇ ଚାଷ ନଷ୍ଟ
- ୨୧୦୬ କୋଟିର ଗଞ୍ଜେଇ ଓ ୨୨୫ କୋଟିର ଗଞ୍ଜେଇ ତେଲ ଜବତ

ଜନସଚେତନତାକୁ ଗୁରୁତ୍ୱ ଦେଇ ରାଜ୍ୟର ସମସ୍ତ ୩୫ଟି ପୁଲିସ ଜିଲ୍ଲାର ୫୫୦ରୁ ଅଧିକ ଥାନାରେ ନିଶା ବିରୋଧୀ ଶପଥ ପାଠ କାର୍ଯ୍ୟକ୍ରମ ଆୟୋଜିତ ହୋଇଛି। ଏଥିରେ ୨୫ ହଜାରରୁ ଅଧିକ ନାଗରିକ, ୪୮୮୨ ଜଣ ଛାତ୍ରଛାତ୍ରୀ ଓ ୩୩୭ ଜଣ ଶିକ୍ଷକ ସକ୍ରିୟ ଭାବେ ସାମିଲ ହୋଇ ନିଶାମୁକ୍ତ ସମାଜ ଗଠନର ସଂକଳ୍ପ ନେଇଛନ୍ତି।

ନିଶା କାରବାର ସମ୍ପର୍କିତ ମାମଲାର ତ୍ୱରିତ ବିଚାର ପ୍ରକ୍ରିୟାକୁ ସୁନିଶ୍ଚିତ କରିବା ପାଇଁ ଭୁବନେଶ୍ୱର, ଖୋର୍ଦ୍ଧା, ଅନୁଗୁଳ ଓ ସମ୍ବଲପୁରରେ ୪ଟି ସ୍ୱତନ୍ତ୍ର ଏନଡିପିଏସ୍ କୋର୍ଟ ସ୍ଥାପନ କରିବାକୁ ରାଜ୍ୟ ସରକାର ଅନୁମୋଦନ କରିଛନ୍ତି ବୋଲି ସେ କହିଥିଲେ। ସେହିପରି ଡିଜିପି କହିଛନ୍ତି ଯେ ଜଣେ ଏଡିଜି ପାହ୍ୟାର ବରିଷ୍ଠ ଅଧିକାରୀଙ୍କ ନେତୃତ୍ୱରେ ଏକ ସ୍ୱତନ୍ତ୍ର ଆଣ୍ଟି ନାର୍କୋଟିକ୍ସ ଟାସ୍କ ଫୋର୍ସ (ଏଏନଟିଏଫ୍) ଗଠନ କରାଯିବ। ଏହା ଅଧୀନରେ ରାଜ୍ୟର ବିଭିନ୍ନ ସ୍ଥାନରେ ୧୦ଟି ୟୁନିଟ୍ ଓ ୧୯ଟି ସ୍ୱତନ୍ତ୍ର ଇଣ୍ଟେଲିଜେନ୍ସ ୟୁନିଟ୍ କାର୍ଯ୍ୟ କରିବ। ପ୍ରତିବର୍ଷ ଅତିକମରେ ୧୦୦ ଜଣ ପ୍ରମୁଖ ଡ୍ରଗ୍ ମାଫିଆଙ୍କ ବିରୋଧରେ ଏନଡିପିଏସ୍ ଆଇନ ଅନୁଯାୟୀ କଠୋର ପଦକ୍ଷେପ ଗ୍ରହଣ କରିଯିବା ସେ ସୂଚନା ଦେଇଥିଲେ।

ଉଲ୍ଲେଖଯୋଗ୍ୟ ଯେ, ଜୁଲାଇ ୨୦୨୪ରୁ ମାର୍ଚ୍ଚ ୨୦୨୬ ଅର୍ଥାତ୍ ୨୧ ମାସ ମଧ୍ୟରେ ରାଜ୍ୟବ୍ୟାପୀ ଅଭିଯାନରେ ୬୩ ହଜାର ୭୨୦ ଏକରରୁ ଅଧିକ ବେଆଇନ ଗଞ୍ଜେଇ ଚାଷ ନଷ୍ଟ କରାଯାଇଛି। ଏହାର ଆନୁମାନିକ ମୂଲ୍ୟ ୧୯୧୧ କୋଟି ଟଙ୍କା ହେବ ବୋଲି ଆକଳନ କରାଯାଉଛି। ସେହି ସମୟ ମଧ୍ୟରେ ୨୪୪୫ଟି ଏନଡିପିଏସ୍ ମାମଲା ରୁଜୁ କରାଯାଇ ୪୨୧ ଟନ୍ ଗଞ୍ଜେଇ ଜବତ କରାଯାଇ ୩୫୦୨ ଜଣ ଅଭିଯୁକ୍ତଙ୍କୁ ଗିରଫ କରାଯାଇଛି। ଜବତ ଗଞ୍ଜେଇର ଆନୁମାନିକ ମୂଲ୍ୟ ୨,୧୦୬ କୋଟି ଟଙ୍କା ହେବ। ରାଜ୍ୟର ଖୋର୍ଦ୍ଧା, ଅନୁଗୋଳ, ବାଲେଶ୍ୱର, ଗଞ୍ଜାମ, ବଲାଙ୍ଗିର, କୋରାପୁଟ ଓ ସୁନ୍ଦରଗଡ଼ ସ୍ଥିତ ୭ଟି ଅନୁମୋଦିତ ଇନ୍ସିନେରେଟର କେନ୍ଦ୍ରରେ ପ୍ରାୟ ୮୦ ଟନ୍ ଗଞ୍ଜେଇ, ୧୧.୪ କିଲୋଗ୍ରାମ ବ୍ରାଉନସୁଗର ଓ ୩୬୩୮ ବୋତଲ କଫ୍ ସିରପ ନଷ୍ଟ କରିବାର ଲକ୍ଷ୍ୟ ରଖାଯାଇଛି। ଅଭିଯାନ ଆରମ୍ଭ ହେବା ପରଠାରୁ ୩୬ ଟନ୍ ଗଞ୍ଜେଇ ସଫଳତାର ସହ ନଷ୍ଟ କରାଯାଇଥିବା ବେଳେ ଅବଶିଷ୍ଟ ଜବତ ମାଦକଦ୍ରବ୍ୟକୁ ଆଇନଗତ ପ୍ରକ୍ରିୟାରେ ପର୍ଯ୍ୟାୟକ୍ରମେ ଧ୍ୱଂସ କରାଯିବ। କାର୍ଯ୍ୟକ୍ରମରେ କ୍ରାଇମବ୍ରାଞ୍ଚ ଡିଜି ବିନୟ ତୋଷ ମିଶ୍ର, କ୍ରାଇମବ୍ରାଞ୍ଚ ଆଇଜି ସାର୍ଥକ ଷଡ଼ଙ୍ଗୀ, ଏସ୍‌ଟିଏଫ୍ ଡିଆଇଜି କନ୍‌ୱର ବିଶାଳ ସିଂଙ୍କ ସମେତ ପୁଲିସ ବିଭାଗର ଅନ୍ୟ ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ।

# ଜେଲ୍ ଗଲେ କୋଟିପତି ଅଫିସ୍ ଅଧୀକ୍ଷକ ଓ ଷ୍ଟିୱାର୍ଡ

ସମ୍ବଲପୁର, ୧।୭ (ସମିସ) : ଆୟ ବହିର୍ଭୂତ ସମ୍ପତ୍ତି ଠୁଳ ଅଭିଯୋଗରେ ମଙ୍ଗଳବାର ବୁର୍ଲାସ୍ଥିତ ଭିମ୍‌ସାରର ଏଷ୍ଟାବ୍ଲିସ୍‌ମେଣ୍ଟ ଅଧିକାରୀ ତଥା ଅଫିସ୍ ସୁପରିଣ୍ଟେଣ୍ଡେଣ୍ଟ ଧନୁର୍ଦ୍ଧର ବିଶ୍ୱାଳଙ୍କ ୪ଟି ସ୍ଥାନରେ ଏବଂ ଭିମ୍‌ସାରର ଷ୍ଟିୱାର୍ଡ



ଅଶ୍ୱିନୀ ମେହେରଙ୍କ ୫ଟି ସ୍ଥାନରେ ଓଡ଼ିଶା ଭିଜିଲାନ୍ସ ପକ୍ଷରୁ ଏକକାଳୀନ ଚଢ଼ଉ କରାଯାଇଥିଲା। ତଦନ୍ତ ଜାରି ରହିଥିବାବେଳେ ଏପର୍ଯ୍ୟନ୍ତ ଶ୍ରୀ ବିଶ୍ୱାଳଙ୍କ ଜ୍ଞାତ ଆୟର ୨୩୪% ପରିମାଣର ଆୟ ବହିର୍ଭୂତ ସମ୍ପତ୍ତି ମିଳିଥିବାବେଳେ ଶ୍ରୀ ମେହେରଙ୍କ ଜ୍ଞାତ ଆୟର ୧୦୪% ଆୟ ବହିର୍ଭୂତ ସମ୍ପତ୍ତି ଠାବ କରାଯାଇଥିବା ଭିଜିଲାନ୍ସ ଏସ୍‌ପି ପ୍ରଦ୍ୟୁମ୍ନ ଦ୍ୱିବେଦୀ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି। ଉଭୟଙ୍କୁ ଭିଜିଲାନ୍ସ ଦ୍ୱାରା ଗିରଫ କରାଯାଇ କୋର୍ଟଚାଲାଣ କରାଯାଇଥିବା ସେ କହିଛନ୍ତି। ଭିଜିଲାନ୍ସ ସ୍ୱତନ୍ତ୍ର ଅଦାଲତରେ ଜାମିନ ନାମଞ୍ଜୁର ହେବାପରେ ସେମାନଙ୍କୁ ଜେଲକୁ ପଠାଇ ଦିଆଯାଇଥିବା ସୂଚନା ମିଳିଛି।

ଓଡ଼ିଶା ଭିଜିଲାନ୍ସ ପକ୍ଷରୁ ଆୟ ବହିର୍ଭୂତ ସମ୍ପତ୍ତି ମାମଲାରେ ମଙ୍ଗଳବାର ଭିମ୍‌ସାରର ଏଷ୍ଟାବ୍ଲିସ୍‌ମେଣ୍ଟ ଅଧିକାରୀ ତଥା ଅଫିସ୍ ସୁପରିଣ୍ଟେଣ୍ଡାଣ୍ଟ ଧନୁର୍ଦ୍ଧର ବିଶ୍ୱାଳଙ୍କ ବିଭିନ୍ନ ସ୍ଥାନରେ ଚଢ଼ଉ କରାଯାଇଥିବାବେଳେ ଆୟଠାରୁ ୨୩୪% ଅଧିକ ସମ୍ପତ୍ତି ଠାବ କରାଯାଇଛି। ସମ୍ବଲପୁର ଭିଜିଲାନ୍ସରେ ଏକ ମାମଲା ରୁଜୁ କରି ଶ୍ରୀ ବିଶ୍ୱାଳଙ୍କୁ ଗିରଫ କରାଯାଇଛି। ଘର ତଲାସୀ ସମୟରେ, ଶ୍ରୀ ବିଶ୍ୱାଳ ଏବଂ ତାଙ୍କ ପରିବାର ସଦସ୍ୟଙ୍କ ନାମରେ କୋଟି କୋଟି



ଟଙ୍କାର ସ୍ଥାବର ଏବଂ ଅସ୍ଥାବର ସମ୍ପତ୍ତି ଠାବ କରାଯାଇଥିଲା। ତନ୍ମଧ୍ୟରେ, ସମ୍ବଲପୁରର ଧନକଉଡ଼ାରେ ଅବସ୍ଥିତ ପ୍ରାୟ ୧୭୦୦ ବର୍ଗଫୁଟ କ୍ଷେତ୍ରଫଳ ସହିତ ଆବାସିକ ଦୁଇ ମହଲା କୋଠା, ସମ୍ବଲପୁରର ଗୁଡେସିଙ୍ଗାରେ ଅବସ୍ଥିତ ଗୋଟିଏ କୋଠା, ସମ୍ବଲପୁର ସହର ଉପକଣ୍ଠରେ ୩୨ଟି ମୂଲ୍ୟବାନ ପ୍ଲଟ୍ ଠାବ କରାଯାଇଛି। ଏହାସହ ନଗଦ ୧୯,୮୦,୨୯୦ ଟଙ୍କା, ସୁନା ଅଳଙ୍କାର ୮୩.୦୫ ଗ୍ରାମ ଏବଂ ଜମା ୪୮,୦୯,୩୯୫ ଟଙ୍କା ମିଳିଛି। ତାହାସହ ୨ଟି ମହିନ୍ଦ୍ରା ହାଇୱା ଟ୍ରକ୍, ୨ଟି ମହିନ୍ଦ୍ରା ଟ୍ରାକ୍ଟର, ଗୋଟିଏ ଟ୍ରଲର, ଗୋଟିଏ ଚାରି ଚକିଆ ଗାଡ଼ି (ରେନଲ୍ଟ କାଇଗର) ଏବଂ ୪ଟି ଦୁଇ ଚକିଆ ଗାଡ଼ି ରହିଛି। ପ୍ରାୟ ୧୩.୨୦ ଲକ୍ଷ ଟଙ୍କା ମୂଲ୍ୟର ସୁନା ଏବଂ ଘରୋଇ ସାମଗ୍ରୀ ରହିଛି। ସମ୍ପୂର୍ଣ୍ଣ ଯାଞ୍ଚ, ଇନଭେଣ୍ଟରୀ ଏବଂ ଅଧିକ ତଦନ୍ତ ପରେ, ଶ୍ରୀ ବିଶ୍ୱାଳଙ୍କ ଆୟ, ବ୍ୟୟ ଏବଂ ସମ୍ପତ୍ତି ଗଣନା କରାଯାଇଥିଲା। ଯାହା ତାଙ୍କ ଜ୍ଞାତ ଆୟ ଉତ୍ସଠାରୁ ୨୩୪% ଅଧିକ ରହିଛି। ଏହି ମାମଲାର ଅଧିକ ତଦନ୍ତ ଜାରି ରହିଥିବା ଭିଜିଲାନ୍ସ ପକ୍ଷରୁ କୁହାଯାଇଛି।

ସେହିପରି ଭିମ୍‌ସାରର ଅଧୀକ୍ଷକଙ୍କ କାର୍ଯ୍ୟାଳୟରେ କାର୍ଯ୍ୟରତ ଷ୍ଟିୱାର୍ଡ ଅଶ୍ୱିନୀ ମେହେର ଓଡ଼ିଶା ଭିଜିଲାନ୍ସ ଦ୍ୱାରା ଗିରଫ ହୋଇଛନ୍ତି। ସମ୍ବଲପୁରର ଭିଜିଲାନ୍ସ କୋର୍ଟ ସ୍ୱତନ୍ତ୍ର ବିଚାରପତିଙ୍କ ନିକଟରେ ତାଙ୍କୁ ଉପସ୍ଥାପନ କରାଯାଇଥିଲା। ଶ୍ରୀ ମେହେର ତାଙ୍କ ଜ୍ଞାତ ଆୟର ୧୦୪% ପରିମାଣର ଅନୁପାତିକ ସମ୍ପତ୍ତିକୁ ନେଇ କୌଣସି ସନ୍ତୋଷଜନକ ଭାବରେ ହିସାବ ଦେଇପାରିଲେ ନାହିଁ। ଏହି ସମ୍ପର୍କରେ, ସମ୍ବଲପୁର ଭିଜିଲାନ୍ସ କେସ୍ ନଂ. ୮

## ବିପୁଳ ଆୟ ବହିର୍ଭୂତ ସମ୍ପତ୍ତି ଠାବ

/୨୦୨୬ ରୁଜୁ କରିଛି। ଘର ତଲାସ ସମୟରେ, ଶ୍ରୀ ମେହେର ଏବଂ ତାଙ୍କ ପରିବାରର ସଦସ୍ୟଙ୍କ ନାମରେ କୋଟି କୋଟି ଟଙ୍କାର ସ୍ଥାବର ଏବଂ ଅସ୍ଥାବର ସମ୍ପତ୍ତି ଠାବ କରାଯାଇଥିଲା। ତନ୍ମଧ୍ୟରେ, ସମ୍ବଲପୁରର ସୌରଭ ବିହାର, ବୁର୍ଲାରେ ପ୍ରାୟ ୮୧୪୫ ବର୍ଗଫୁଟ କ୍ଷେତ୍ରଫଳ ସହିତ ଗୋଟିଏ ଚାରିମହଲା କୋଠା (ନିର୍ମାଣାଧୀନ), ବୁର୍ଲା ସହର କେନ୍ଦ୍ରୀୟ ବିଦ୍ୟାଳୟ-୨ ନିକଟରେ ଗୋଟିଏ କୋଠା, ବରଗଡ଼ ଜିଲ୍ଲା ଗୋବିନ୍ଦପାଲିରେ ଅନ୍ୟ ଏକ କୋଠା, ସମ୍ବଲପୁରର ବୁର୍ଲା ସହରରେ ଗୋଟିଏ ଷ୍ଟୋର ରୁମ୍, ବୁର୍ଲା ସହରରେ ୬ଟି, ସମ୍ବଲପୁରରେ ୨ଟି ଏବଂ ବରଗଡ଼ ସହରରେ ୨ଟି ସମେତ ମୋଟ ୧୦ଟି ମୂଲ୍ୟବାନ ପ୍ଲଟ୍ ଠାବ କରାଯାଇଛି। ଏହାସହ ସୁନା ଅଳଙ୍କାର ୮୩ ଗ୍ରାମ, ୨ଟି ଦୁଇ ଚକିଆ ଯାନ ମିଳିଛି। ପ୍ରାୟ ୧୬.୫୬ ଲକ୍ଷ ଟଙ୍କା ମୂଲ୍ୟର ସୁନା ଏବଂ ଘରୋଇ ସାମଗ୍ରୀ ରହିଛି। ସମ୍ପୂର୍ଣ୍ଣ ଯାଞ୍ଚ, ଇନଭେଣ୍ଟରୀ ଏବଂ ଅଧିକ ତଦନ୍ତ ପରେ, ଷ୍ଟିୱାର୍ଡ ଶ୍ରୀ ମେହେରଙ୍କ ଆୟ, ବ୍ୟୟ ଏବଂ ସମ୍ପତ୍ତି ଗଣନା କରାଯାଇଥିଲା। ତାଙ୍କ ପାଖରେ ଜ୍ଞାତ ଆୟ ଉତ୍ସଠାରୁ ୧୦୪% ଅଧିକ ସମ୍ପତ୍ତି ରହିଥିବା ଜଣାପଡ଼ିଛି। ଏହି ମାମଲାରେ ଭିଜିଲାନ୍ସ ଅଧିକ ତଦନ୍ତ ଜାରି ରଖିଛି।

# ୫ରେ ପ୍ରକାଶ ପାଇବ ଚିଠା ଭୋଟର ତାଲିକା

## ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ ଅଧ୍ୟକ୍ଷତାରେ ସର୍ବଦଳୀୟ ବୈଠକ



ଭୁବନେଶ୍ୱର,୧।୭(ସମିସ): ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ ଆର୍‌ଏସ୍ ଗୋପାଳନ ଆଜି ରାଜ୍ୟର ସ୍ୱୀକୃତିପ୍ରାପ୍ତ ରାଜନୈତିକ ଦଳଗୁଡ଼ିକର ପ୍ରତିନିଧିମାନଙ୍କ ସହ ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ କରିଛନ୍ତି। ଏହି ବୈଠକରେ ସ୍ୱତନ୍ତ୍ର ସଘନ ସଂଶୋଧନ-୨୦୨୬ (ଏସ୍‌ଆଇଆର)ର ପରିଗଣନା ଫର୍ମ ବଣ୍ଟନ ଓ ସଂଗ୍ରହ କାର୍ଯ୍ୟର ସଫଳ ସମାପ୍ତି, ଡିଜିଟାଇଜେସନର ପ୍ରଗତି ଏବଂ ଚିଠା ଭୋଟର ତାଲିକା ପ୍ରକାଶନ ପାଇଁ ପ୍ରସ୍ତୁତିର ସମୀକ୍ଷା କରାଯାଇଛି। କୌଣସି ବି ଯୋଗ୍ୟ ଭୋଟର ଯେପରି ବାଦ୍ ନପଡ଼ନ୍ତି ଏବଂ ଭୋଟର ତାଲିକା ଯେପରି ସଠିକ୍, ସମାବେଶୀ ଓ ତ୍ରୁଟିଶୂନ୍ୟ ରହେ, ତାହା ନିଶ୍ଚିତ କରିବାରେ ସାହାଯ୍ୟ କରିବା ପାଇଁ ଚିଠା ଭୋଟର ତାଲିକାର ଯାଞ୍ଚ ଏବଂ ଦାବି ଓ ଆପତ୍ତି ପ୍ରକ୍ରିୟାରେ ସକ୍ରିୟ ଭାବେ ଅଂଶଗ୍ରହଣ କରିବାକୁ ମୁଖ୍ୟ ନିର୍ବାଚନ ଅଧିକାରୀ ସମସ୍ତ ସ୍ୱୀକୃତିପ୍ରାପ୍ତ ରାଜନୈତିକ ଦଳଗୁଡ଼ିକୁ ଅନୁରୋଧ କରିଛନ୍ତି।

ଚିଠା ଭୋଟର ତାଲିକା ପ୍ରକାଶ ପାଇଲା ପରେ କୌଣସି ପ୍ରକାରର ଆପତ୍ତି କିମ୍ବା ଅଭିଯୋଗ ଥିଲେ, ୫ ଜୁଲାଇରୁ ୪ ଅଗଷ୍ଟ ୨୦୨୬ ମଧ୍ୟରେ ଆପତ୍ତି ଦାଖଲ କରାଯାଇପାରିବ। ୫ ଜୁଲାଇ ପରେ ଯଦି ଚିଠା ଭୋଟର ତାଲିକାରେ କୌଣସି ତ୍ରୁଟି ପରିଲକ୍ଷିତ ହୁଏ, ଫର୍ମ-୬ ମାଧ୍ୟମରେ ନୂତନ ନାମ ଯୋଡ଼ାଯାଇପାରିବ। ଫର୍ମ-୭ ଦେଇ ଭୋଟର ତାଲିକାରୁ ନାମ ବାଦ୍ ଓ ଫର୍ମ-୮ ମାଧ୍ୟମରେ ଯେକୌଣସି ପ୍ରକାରର ସଂଶୋଧନ କରାଯାଇପାରିବ। ଏହି ବୈଠକରେ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ ସମେତ ଅତିରିକ୍ତ ସିଇଓ ସୁଶାନ୍ତ କୁମାର ମିଶ୍ର, ଡେପୁଟି ସିଇଓ ଡଃ ଲକ୍ଷ୍ମୀପ୍ରସାଦ ସାହୁ, ଅନାମିକା ସିଂଙ୍କ ସମେତ ରାଜନୈତିକ ଦଳ ବିଜୁ ଜନତା ଦଳ ପକ୍ଷରୁ ଦେବୀ ପ୍ରସାଦ ମିଶ୍ର ଓ ବିଜୟ କୁମାର ନାୟକ, ବହୁଜନ ସମାଜ ପାର୍ଟି ପକ୍ଷରୁ ମଧୁସୂଦନ ଯାଦବ, ସିପିଆଇ(ଏମ୍) ପକ୍ଷରୁ ସୁରେଶ ଚନ୍ଦ୍ର ପାଣିଗ୍ରାହୀ, ଭାରତୀୟ ଜାତୀୟ କଂଗ୍ରେସ ପକ୍ଷରୁ ପ୍ରକାଶ ମିଶ୍ର, ଆମ୍ ଆଦମୀ ପାର୍ଟି ପକ୍ଷରୁ ସନ୍ଦିପ୍ତ ଦାସ ପ୍ରମୁଖ ଉପସ୍ଥିତ ଥିଲେ।

# ସୁଲେଇପାଟ ଲୁହାପଥର ଖଣି ଲିଜ୍ ଅବଧି ବୃଦ୍ଧି ଆବେଦନ ଖାରଜ

ବାରିପଦା,୧।୭(ସମିସ): ମୟୂରଭଞ୍ଜ ଜିଲ୍ଲା ବାଦାମପାହାଡ଼ ତହସିଲ୍ ଅନ୍ତର୍ଗତ ସୁଲେଇପାଟ୍ ଲୁହାପଥର ଖଣିର ଲିଜ୍ ଅବଧି ବୃଦ୍ଧି ଆବେଦନକୁ ଓଡ଼ିଶା ହାଇକୋର୍ଟ ଖାରଜ କରିଦେଇଛନ୍ତି। ଖଣି ପଟ୍ଟାଧାରୀ ବିରାଟ ଚନ୍ଦ୍ର ଡଗରାଙ୍କ ଦ୍ୱାରା ଦାୟର ହୋଇଥିବା ରିଟ୍ ପିଟିସନର ଚୂଡ଼ାନ୍ତ ଶୁଣାଣି କରି ମୁଖ୍ୟ ବିଚାରପତି ହରିଶ ଟଣ୍ଡନ ଏବଂ ବିଚାରପତି ମୁରାହରି ଶ୍ରୀ ରମଣଙ୍କୁ ନେଇ ଗଠିତ ଖଣ୍ଡପୀଠ ଏହି ଆଦେଶ ଦେଇଛନ୍ତି। ଏହି ଖଣି ଲିଜ୍ ୧୯୭୫ ଅକ୍ଟୋବର ୨୫ରୁ ୩୦ ବର୍ଷ ପାଇଁ ବଜରଙ୍ଗଲାଲ ପାଡ଼ିଆଙ୍କ ନାମରେ ହୋଇଥିଲା। ପରବର୍ତ୍ତୀ ସମୟରେ ୧୯୮୪ ଅକ୍ଟୋବର ୧୦ ତାରିଖରେ ବିରାଟ ଚନ୍ଦ୍ର ଡଗରାଙ୍କ ନାମକୁ ହସ୍ତାନ୍ତର କରାଯାଇଥିଲା। ୨୦୧୫ରେ ଏମ୍‌ଏମ୍‌ଡିଆର୍ ଆକ୍ଟ ସଂଶୋଧନ ପରେ ସମସ୍ତ ପୁରୁଣା ଲିଜ୍ ଅବଧିକୁ ୫୦ ବର୍ଷକୁ ବୃଦ୍ଧି କରାଯାଇଥିଲା। ଯଦ୍ୱାରା ରାଜ୍ୟ ସରକାର ଏକ ପରିପୂରକ ଚୁକ୍ତିନାମା ବା ସପ୍ଲିମେଣ୍ଟାରୀ ଲିଜ୍ ଡିଡ୍ ଜରିଆରେ ଏହି ଅବଧିକୁ ୨୦୨୫ ଅକ୍ଟୋବର ୨୪ ତାରିଖ ପର୍ଯ୍ୟନ୍ତ ବଢ଼ାଇଥିଲେ। ଆବେଦନକାରୀଙ୍କ ପକ୍ଷରୁ ଯୁକ୍ତି ରଖାଯାଇଥିଲା ଯେ, ଖଣି ଲିଜ୍ ଚୁକ୍ତିନାମାର ପଞ୍ଜୀକରଣ ୧୯୭୬ ମେ’ ୨୪ରେ ହୋଇଥିବାରୁ, ୫୦ ବର୍ଷର ଅବଧିକୁ ୨୦୨୬ ମେ’ ୨୩ ପର୍ଯ୍ୟନ୍ତ ଗଣନା କରାଯାଉ। ସରକାରୀ ବିଭାଗର ଅପାରଗତା ଓ ବିଭିନ୍ନ ବିବାଦ କାରଣରୁ ସେ ଦୀର୍ଘ ଦିନ ଧରି ଖଣି କାର୍ଯ୍ୟ କରିପାରି ନ ଥିଲେ। ତେଣୁ ସେହି ନଷ୍ଟ ହୋଇଥିବା ସମୟ ବାବଦକୁ ଆଉ ଅତିରିକ୍ତ ୨୦ ମାସର ସମୟ ଅର୍ଥାତ୍ ୨୦୨୭ ଜୁନ୍ ୨୪ ପର୍ଯ୍ୟନ୍ତ ତାଙ୍କୁ ଅନୁମତି ପ୍ରଦାନ କରାଯାଉ। ରାଜ୍ୟ ସରକାରଙ୍କ ପକ୍ଷରୁ ଆଡ୍‌ଭୋକେଟ ଜେନେରାଲ ପୀତାମ୍ବର ଆଚାର୍ଯ୍ୟ ଏହି ଦାବିକୁ ଦୃଢ଼ ବିରୋଧ କରିଥିଲେ। ସେ ଦର୍ଶାଇଥିଲେ ଯେ ଆବେଦନକାରୀ ନିଜେ ୨୦୧୯ ମସିହାରେ ସମ୍ପୂର୍ଣ୍ଣ ସଜାଗ ରହି “ସପ୍ଲିମେଣ୍ଟାରୀ ଲିଜ୍ ଡିଡ୍‘ ସ୍ୱାକ୍ଷର କରିଥିଲେ। ଯେଉଁଥିରେ ଲିଜ୍ ଅବଧିର ଶେଷ ତାରିଖ ୨୦୨୫ ଅକ୍ଟୋବର ୨୪ ବୋଲି ସ୍ପଷ୍ଟ ଉଲ୍ଲେଖ ରହିଛି ଏବଂ ସେ ଏହାକୁ ଗ୍ରହଣ କରିସାରିଛନ୍ତି। ସପ୍ଲିମେଣ୍ଟାରୀ ଚୁକ୍ତିନାମାରେ ଧାର୍ଯ୍ୟ ହୋଇଥିବା ତାରିଖକୁ ବଦଳାଯାଇ ପାରିବନାହିଁ ବୋଲି ଅଦାଲତ ସ୍ପଷ୍ଟ କରିଛନ୍ତି। ରାଜ୍ୟ ସରକାରଙ୍କ ପକ୍ଷରୁ ଏଜିଏ ଶାଶ୍ୱତ ଦାସ ଓ ଦେବାଶିଷ ତ୍ରିପାଠୀ ଏବଂ ଏଏସ୍‌ସି ଐଶ୍ୱର୍ଯ୍ୟା ଦାଶ ମାମଲା ପରିଚାଳନା କରୁଥିଲେ।

## ଏକ୍ସପ୍ରେସ ଟ୍ରେନ୍ ରହଣି ଦାବିରେ ନର୍ଲା ରୋଡ୍‌ରେ ଆନ୍ଦୋଳନ

# ୨ ଘଣ୍ଟା ଅଟକି ରହିଲା ସମ୍ବଲପୁର ଇଣ୍ଟରସିଟି ଏକ୍ସପ୍ରେସ୍

ଭବାନୀପାଟଣା,୧।୭(ସମିସ): ନର୍ଲାରୋଡ୍ ରେଳ ଷ୍ଟେସନରେ ସ୍ୱାଭିମାନ ମଞ୍ଚ ନର୍ଲା ନେତୃତ୍ୱରେ ବୁଧବାର ରେଳରୋକ ଆନ୍ଦୋଳନ ହୋଇଥିଲା। ଏହାର ବରିଷ୍ଠ କର୍ମକର୍ତ୍ତା ଦୁର୍ଯ୍ୟୋଧନ କୁମାର, ପ୍ରଦୀପ ନାଏକ, ଦୀପୁ ପାତ୍ର, ଚୁଲମଣି ଗୌଡ଼ିଆ, କୁମୁଦ ନାଏକ, ହେମେସ୍ ଜୈନ, ନିକୁଞ୍ଜ ଦତ୍ତା, ନନ୍ଦକିଶୋର ଜେନା, ମୀନ କେତନ ବିଶ୍ୱାଳ ପ୍ରମୁଖଙ୍କ ନେତୃତ୍ୱରେ

## ଡିସିଏମ୍‌ଙ୍କ ପ୍ରତିଶ୍ରୁତି ପରେ ଓହରିଲେ ଆନ୍ଦୋଳନକାରୀ

ଆନ୍ଦୋଳନକାରୀ ରେଳ ଧାରଣାରେ ବସି ସମ୍ବଲପୁର-ରାୟଗଡା ଇଣ୍ଟରସିଟି ଏକ୍ସପ୍ରେସ ଟ୍ରେନ୍‌କୁ ୨ ଘଣ୍ଟା ଧରି ଅଟକ ରଖିଥିଲେ। ନର୍ଲା ସରପଞ୍ଚ ସଂଘ, ମହିଳା ସ୍ୱୟଂ ସହାୟିକା ଗୋଷ୍ଠୀର ମହିଳା, ଶହଶହ ଯୁବକ ଏବଂ ସେବାକାରୀ କିନ୍ନର ସଂଘ ସାମିଲ ହୋଇଥିଲେ। ସକାଳ ୮.୩୦ରୁ ଏହି ଆନ୍ଦୋଳନ ଆରମ୍ଭ ହୋଇଥିଲା। ପ୍ରଥମେ ଆର୍‌ପିଏଫ୍ ଓ ସ୍ଥାନୀୟ ପୁଲିସ ରେଳଷ୍ଟେସନର ମୁଖ୍ୟ ଦ୍ୱାରରେ ଆନ୍ଦୋଳନକାରୀଙ୍କୁ ଅଟକାଇ ଥିଲେ। ତେବେ ଅନେକ ଯୁବ ନେତା ଓ ମହିଳା ସଦସ୍ୟା



ବାଡ଼ଡେଇଁ ଧସେଇ ପଶି ରେଳ ଧାରଣା ଉପରକୁ ଚାଲି ଆସିଥିଲେ। ଏହାପରେ ଶତାଧିକ ସଂଖ୍ୟାରେ ଲୋକେ ଆସି ଧାରଣା ଉପରେ ବସି ସମ୍ବଲପୁର-ରାୟଗଡ଼ା ଇଣ୍ଟରସିଟି ଏକ୍ସପ୍ରେସ ଟ୍ରେନ୍‌କୁ ଅଟକ ରଖିବାରେ ସଫଳ ହୋଇଥିଲେ। ଆନ୍ଦୋଳନ ଚାଲିଥିବା ଜାଣି ସମତା ସୁପର ଫାଷ୍ଟ ଏକ୍ସପ୍ରେସ ଟ୍ରେନ କାଣ୍ଟେଲରୋଡ ଷ୍ଟେସନରେ ରହିଯାଇଥିଲା। ଏଠାରେ ଆର୍‌ପିଏଫ୍, ସ୍ଥାନୀୟ ପୁଲିସ ଶୃଙ୍ଖଳା ବ୍ୟବସ୍ଥା ବୁଝୁଥିବାବେଳେ ରେଳ ବିଭାଗ ଚିଫ୍ କମର୍ସିଆଲ ଅଫିସର ଶୁଭ୍ରାଂଶୁ ପରିଡ଼ା, କେସିଙ୍ଗା ଏସ୍‌ଡିପିଓ ସନ୍ଦୀପ ମାଝୀ, ଆରପିଏଫ ଏଏସସିଏମ୍ କିସ୍କୁ, ନର୍ଲା ଆଇଆଇସି, ମ.ରାମପୁର ଆଇଆଇସି, ଅତିରିକ୍ତ ତହସିଲଦାର ମନୋରଞ୍ଜନ ନାୟକ ପ୍ରମୁଖ ଆନ୍ଦୋଳନକାରୀଙ୍କୁ ବୁଝାସୁଝା କରିଥିଲେ। ହେଲେ ଦାବି କରାଯାଇଥିବା ଟ୍ରେନ୍ ଗୁଡ଼ିକର ରହଣୀ ପ୍ରତିଶ୍ରୁତି ନ ଦେଲେ ଆନ୍ଦୋଳନରୁ ଓହରିବେ ନାହିଁ ବୋଲି ଆନ୍ଦୋଳକାରୀମାନେ ଜିଦ୍‌ରେ ଅଟଳ ରହିଥିଲେ। ପରେ ସମ୍ବଲପୁର ଡିଭିଜନର ଡିସିଏମ୍ ଅଙ୍କିତ ମିଶ୍ର ଆସି ଦାବି କରାଯାଇଥିବା ଟ୍ରେନ୍ ଗୁଡ଼ିକ ରହଣୀକୁ ନିଶ୍ଚିତ ଘୋଷଣା କରିବାରୁ ଲୋକେ ଆନ୍ଦୋଳନରୁ ଓହରିଥିଲେ। ଏଠାରେ ଉଲ୍ଲେଖ ଯୋଗ୍ୟ ଯେ କୋଭିଡ୍ ପୂର୍ବରୁ ଏହି ଷ୍ଟେସନରେ ରହୁଥିବା ସମସ୍ତ ଟ୍ରେନର ରହଣିକୁ ପୁନଃ କାର୍ଯ୍ୟକାରୀ କରାଯାଉ, ରହଣୀ ପାଇଁ ଦାବି ରହିଥିବା ଟ୍ରେନ ଗୁଡ଼ିକ ୧୨୮୦୭/୧୨୮୦୮ ସମତା ଏକ୍ସପ୍ରେସ, ୧୨୮୭୧/୧୨୮୭୨ ଇସ୍ପାତ ଏକ୍ସପ୍ରେସ, ୧୭୪୮୧/୧୭୪୮୨ ବିଲାସପୁର-ତିରୁପତି ଏକ୍ସପ୍ରେସ, ୧୮୧୮୯/୧୮୧୯୦ ଟାଟାନଗର-ଏର୍ଣ୍ଣାକୁଲମ ଏକ୍ସପ୍ରେସ, ୧୮୪୦୭/୧୮୪୦୮ ପୁରୀ-କୋରାପୁଟ ଏକ୍ସପ୍ରେସ, ଟାଟା-ଯଶବନ୍ତପୁର ଏକ୍ସପ୍ରେସ, ୨୦୮୦୯/୨୦୮୧୦ ନାଗାବଳୀ ଏକ୍ସପ୍ରେସ, ଏହାସହ ଲୋକଙ୍କ ପାଇଁ ଅତ୍ୟନ୍ତ ଜରୁରୀ ହୋପଡ଼ିଥିବା ଜାତୀୟ ରାଜପଥ-୨୬ ନର୍ଲାର ରେଳଫାଟକ ନିକଟରେ ରେଳ ଓଭରବ୍ରିଜ୍ ନିର୍ମାଣ କରାଯାଉ, ସମସ୍ତ ପ୍ଲାଟଫର୍ମରେ ଲିଫ୍ଟ ସ୍ଥାପନ। ଯାତ୍ରୀ ସୁବିଧାର ଉନ୍ନତି ଏବଂ ସମସ୍ତ ଅନୁମୋଦିତ କାର୍ଯ୍ୟ ପାଇଁ ଲିଖିତ ସମୟସୀମା ଘୋଷଣା କରାଯାଉ ବୋଲି ଏକ ଦାବିପତ୍ର ସ୍ୱାଭିମାନ ମଞ୍ଚ ଡିସିଏମ୍‌ଙ୍କୁ ପ୍ରଦାନ କରିଥିଲା।

# କେନ୍ଦ୍ର ଗୃହମନ୍ତ୍ରୀଙ୍କ ଗସ୍ତ ସୂଚୀ


**ସମ୍ବଲପୁର, ୧।୭ (ସମିସ) :** କେନ୍ଦ୍ର ଗୃହ ମନ୍ତ୍ରୀ ଅମିତ ଶାହଙ୍କ ଓଡ଼ିଶା ଗସ୍ତ କାର୍ଯ୍ୟକ୍ରମ ଆସିସାରିଛି। ମନ୍ତ୍ରୀ ଶ୍ରୀ ଶାହ ଆସନ୍ତା ୩ ତାରିଖ ସନ୍ଧ୍ୟା ୬ଟା ୨୫ ମିନିଟରେ ନୂଆଦିଲ୍ଲୀର ଆଇଏଏଫ୍ ବିମାନ ଯୋଗେ ବାହାରି ୮ଟା ୪୦ ମିନିଟରେ ଝାରସୁଗୁଡ଼ା ବୀର ସୁରେନ୍ଦ୍ର ସାଏ ବିମାନ ବନ୍ଦରରେ ପହଞ୍ଚିବେ। ଝାରସୁଗୁଡ଼ାର ଗୋଁ ଫେୟାର ହୋଟେଲରେ ରାତ୍ରିଯାପନ କରିବେ। ୪ ତାରିଖ ସକାଳେ ଶ୍ରୀ ଶାହ ଝାରସୁଗୁଡ଼ା ବିମାନ ବନ୍ଦରରୁ ହେଲିକେପ୍ଟର ଯୋଗେ ବରଗଡ଼ ଯାଇ ୧୧ଟା ୧୦ ମିନିଟରେ ପହଞ୍ଚିବେ। ସେଠାରେ ବଡଲସିଂହାଠାରେ ଇଥାନଲ୍ ପ୍ଲାଣ୍ଟ ପରିଦର୍ଶନ କରିବେ। ସେଠାରୁ ସଡ଼କ ପଥରେ ଯାଇ ୧୧ଟା ୫୦ ମିନିଟରେ ଜନସଭା ସ୍ଥଳକୁ ପହଞ୍ଚିବେ। ପୁଣି ହେଲିକେପ୍ଟର ଯୋଗେ ଅପରାହ୍ଣ ୧ଟା ୦୫ରେ ବାହାରି ଏମ୍‌ସିଏଲ୍ ବୁର୍ଲା ହେଲିପ୍ୟାଡ୍‌ରେ ୧ଟା ୨୫ ମିନିଟରେ ପହଞ୍ଚିବେ। ଏମ୍‌ସିଏଲ୍ ରେଷ୍ଟ ହାଉସ୍‌ରେ ଅବସ୍ଥାନ ପରେ ଅପରାହ୍ଣ ୨ଟା ସମୟରେ ବାହାରି ୨ଟା ୧୦ ମିନିଟ୍ ସମୟରେ ମାଁ ସମଲେଶ୍ୱରୀ ମନ୍ଦିରରେ ପହଞ୍ଚି ପୂଜାର୍ଚ୍ଚନା କରିବେ। ଏହାପରେ ଅପରାହ୍ଣ ୨ଟା ୩୦ ମିନିଟରେ ବାହାରି ଗେଞ୍ଜେଇ ପଡ଼ିଆରେ ୨ଟା ୪୦ ମିନିଟରେ ପହଞ୍ଚି ବିଭିନ୍ନ ଶିଳାନ୍ୟାସ ଓ ଉଦ୍‌ଘାଟନ ଉତ୍ସବରେ ଯୋଗଦେବେ। ଏହାପରେ ୪ଟା ୨୦ରେ ଏମ୍‌ସିଏଲ ହେଲିପ୍ୟାଡ୍‌ରୁ ବାହାରି ୪ଟା ୪୦ ମିନିଟ୍ ସମୟରେ ଝାରସୁଗୁଡ଼ା ବିମାନ ବନ୍ଦରରେ ପହଞ୍ଚିବେ। ସେଠାରୁ ଆଇଏଏଫ୍ ବିମାନ ଯୋଗେ ଯାତ୍ରା କରି ୫ଟା ୩୫ ମିନିଟ୍ ସମୟରେ ଭୁବନେଶ୍ୱର ବିମାନ ବନ୍ଦରରେ ପହଞ୍ଚିବେ। ଭୁବନେଶ୍ୱରରେ ମେ'ଫେୟାରରେ ଗୃହ ମନ୍ତ୍ରୀ ଅବସ୍ଥାନ କରିବେ। ଏହାପରେ ୫ ତାରିଖ ଭୁବନେଶ୍ୱର ଓ କଟକରେ ବିଭିନ୍ନ କାର୍ଯ୍ୟକ୍ରମ ରହିଥିବା ଜଣାପଡ଼ିଛି। ସେହିଦିନ ସନ୍ଧ୍ୟାରେ ଗୃହମନ୍ତ୍ରୀ ଶ୍ରୀ ଶାହ ନୂଆଦିଲ୍ଲୀ ଫେରିଯିବେ ବୋଲି ଗସ୍ତସୂଚୀରୁ ଜଣାପଡ଼ିଛି।

## ଋଣ ୨ ଲକ୍ଷକୁ ସୁଧ ସାଢ଼େ ୮ ଲକ୍ଷ

# ଘର ସିଲ୍ କଲା ବ୍ୟାଙ୍କ, ଜିଲ୍ଲାପାଳଙ୍କ ଦ୍ୱାରସ୍ଥ ପରିବାର

**ସମ୍ବଲପୁର, ୧।୭ (ସମିସ)**





ସମ୍ବଲପୁର ଜିଲ୍ଲାରେ ପୁଣି ଆସିଲା ଏକ ବ୍ୟାଙ୍କର ଅମାନବୀୟ କାର୍ଯ୍ୟ। ୨୦୦୬ରେ ଋଣ କରିଥିଲେ ୨ ଲକ୍ଷ ଟଙ୍କା। ଏବେ କେବଳ ସୁଧ ହେଉଛି ୮ ଲକ୍ଷ ୫୦ ହଜାର ଟଙ୍କା। ଋଣ ପରିଶୋଧ କରି ନ ଥିବାରୁ ବ୍ୟାଙ୍କ କର୍ତ୍ତୃପକ୍ଷ ଘର ନିଲାମ ପାଇଁ ନୋଟିସ ଜାରି କରିବାସହ ସିଲ୍ କରିଛନ୍ତି। ଏପର୍ଯ୍ୟନ୍ତ ୧ ଲକ୍ଷ ୮୬ ହଜାର ଟଙ୍କା ପରିଶୋଧ କରିଛନ୍ତି। ଆଉ ୫ ଲକ୍ଷ ଟଙ୍କା ଧାର ଆଣି ଦେବାକୁ ପରିବାର ରାଜି ଥିବାବେଳେ ବ୍ୟାଙ୍କ କିନ୍ତୁ ସମଗ୍ର ରାଶି ପାଇଁ ଅଡ଼ି ବସିଛି। ବ୍ୟାଙ୍କକୁ ଦୌଡ଼ି ଦୌଡ଼ି ସୁଧ ପରିମାଣ କମ୍ କରିବାକୁ ବାରମ୍ବାର କହିବାପରେ ଜିଲ୍ଲାପାଳଙ୍କ ଦ୍ୱାରସ୍ଥ ହୋଇଛନ୍ତି ପରିବାର। ବ୍ୟାଙ୍କ ଘରକୁ ସିଲ୍ କରିଦେଇଥିବାରୁ ଏବେ ପଡ଼ିଶା ଘରେ ରହୁଛନ୍ତି ପରିବାର। ଗରିବ ଚାଷୀ ପରିବାର ଏବେ ଯିବ କୁଆଡ଼େ। ବ୍ୟାଙ୍କ ବ୍ୟବସ୍ଥାର ଚକ୍ର ଭିତରେ ପେଶି ହୋଇଯାଉଛି ସାଧାରଣ ଜୀବନ। ସୂଚନା ଅନୁଯାୟୀ, ସମ୍ବଲପୁର ଜିଲ୍ଲା ସାହାସପୁର ପଞ୍ଚାୟତ ବାଉଁଶେନମୁରା ଗାଁର ତ୍ରିନାଥ ରୋହିଦାସ ୨୦୦୬ ମସିହାରେ ଓଡ଼ିଶା ଗ୍ରାମୀଣ ବ୍ୟାଙ୍କରୁ ୨ ଲକ୍ଷ ଟଙ୍କା ଋଣ ନେଇଥିଲେ। ୨୦୧୮ ପର୍ଯ୍ୟନ୍ତ ସାମର୍ଥ୍ୟ ଅନୁଯାୟୀ ୧ ଲକ୍ଷ ୩୬ ହଜାର ଟଙ୍କା ପରିଶୋଧ କରିଥିଲେ। ଏହାପରେ ବ୍ୟାଙ୍କ କର୍ତ୍ତୃପକ୍ଷ ନିଲାମ ଅର୍ଡର ଦେଲେ, ଏହାପରେ ଆଉ ୫୦ ହଜାର ଟଙ୍କା ଜମା କରିଥିଲେ। ଏହାସହ ସାଢ଼େ ୪ ଲକ୍ଷ ଟଙ୍କା ଦେବେ ବୋଲି ଲିଖିତ ଭାବେ ଦେଲେ ଶ୍ରୀ ରୋହିଦାସ। ବ୍ୟାଙ୍କ କର୍ତ୍ତୃପକ୍ଷ ସାଢ଼େ ୪ ଲକ୍ଷ ଟଙ୍କା ରଖିବେନି ବୋଲି ଫେରାଇ ଦେଇଥିଲେ। ମାର୍ଚ୍ଚ ୨୫ରେ ନିଲାମ ନୋଟିସ କରିବାପରେ ଜୁନ୍ ୧୦ ତାରିଖରେ ଘରକୁ ସିଲ୍ କରି ଦିଆଯାଇଥିବା କହିଛନ୍ତି ଶ୍ରୀ ରୋହିଦାସ। ଏବେ ସେମାନେ ପଡ଼ିଶାରେ ସମ୍ପର୍କୀୟ ମାନଙ୍କ ଘରେ ରହୁଛନ୍ତି। ପୁଅ କହିଛନ୍ତି, ସାଢ଼େ ୪ ଲକ୍ଷ ଟଙ୍କା ଓଟିଏସ୍ ଦେବାକୁ ପ୍ରସ୍ତାବ ଦେଇଥିଲେ। ତେବେ, ବ୍ୟାଙ୍କ କର୍ତ୍ତୃପକ୍ଷ ପ୍ରସ୍ତାବ ଗ୍ରହଣ ନ କରି ଘର ସିଲ୍ କରିଦେଇଥିବା ସେ ପ୍ରକାଶ କରିଛନ୍ତି। ଏବେ ୮ ରୁ ୧୦ ଜଣିଆ ପରିବାର କୁଆଡ଼େ ଯିବେ ବୋଲି ସେ ପ୍ରଶ୍ନ କରିଛନ୍ତି। ଗୋଟିଏ ଗରିବ, ଖଟିଖିଆ ପରିବାର ସାଢ଼େ ୮ ଲକ୍ଷ ଟଙ୍କା ଦେବା ସମ୍ଭବପର ନ ଥିବାବେଳେ ବ୍ୟାଙ୍କ କର୍ତ୍ତୃପକ୍ଷ ମଧ୍ୟ ଶୁଣୁନାହାନ୍ତି। ଏନେଇ ଆଜି ପରିବାର ପୁଣି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟକୁ ଆସି ଗୁହାରି କରିଥିଲେ। ବିଭିନ୍ନ ସମୟରେ ଜନସାଧାରଣଙ୍କ ବ୍ୟାଙ୍କରୁ ଲକ୍ଷ ଲକ୍ଷ ଟଙ୍କା ଋଣକୁ ଓଟିଏସ୍ ବା କିସ୍ତିରେ ଦେବାକୁ ବୁଝାମଣା ହେଉଥିବାବେଳେ, ଗରିବ ରୋହିଦାସ ପରିବାର ସକାଶେ ବ୍ୟାଙ୍କ ନ ଶୁଣିବା ଦୁଃଖର ବିଷୟ। ଏନେଇ ଜିଲ୍ଲାପାଳ ପଦକ୍ଷେପ ନେବେ ବୋଲି ପରିବାର ପକ୍ଷରୁ ଆଶା ପ୍ରକାଶ କରାଯାଇଛି।

# ଆନ୍ତଃରାଜ୍ୟ କଫ୍‌ସିରପ୍ ଚାଲାଣ ରାକେଟ୍ ପର୍ଦ୍ଦାଫାସ

## ୬ ଗିରଫ, ୧୨୦୦ ବୋତଲ ଜବତ



**ସମ୍ବଲପୁର, ୧।୭ (ସମିସ):** ସମ୍ବଲପୁର ଅଇଁଠାପାଲି ଥାନା ଅଧୀନ ଅଞ୍ଚଳରେ ଚାଲିଥିବା ଏକ ଆନ୍ତଃରାଜ୍ୟ କଫ୍ ସିରପ୍ ଚୋରାଚାଲାଣ ରାକେଟ୍‌ର ପର୍ଦ୍ଦାଫାସ କରିଛି ପୁଲିସ। ଏହି ମାମଲାରେ ପୁଲିସ ୬ ଅଭିଯୁକ୍ତଙ୍କୁ ଗିରଫ କରିବା ସହ ବିପୁଳ ପରିମାଣର କଫ୍‌ସିରପ୍ ଓ ଗାଡ଼ି ଜବତ କରିଛି। ଗିରଫ ହୋଇଥିବା ସମସ୍ତ ଅଭିଯୁକ୍ତ ସମ୍ବଲପୁର ଜିଲ୍ଲାର ବୋଲି ଜଣାପଡ଼ିଛି। ସେମାନେ ହେଲେ ଜମନକିରା ଥାନା କୁମୁକାପାଲିର ଚନ୍ଦନ ବେହେରା (୨୫), ବୁର୍ଲା ଥାନା ବୈଜାମୁଣ୍ଡାର ଦୀପକ ଥେଥୁଆର(୨୮) ଓ କାହ୍ନା ବେହେରା (୨୮), ଜମନକିରା ଥାନା କୁମୁକାପାଲିର ସୁରଜ ମୁଣ୍ଡା (୨୮), ସମାପଡାର ପିଣ୍ଟୁ ମୁଣ୍ଡା (୩୪), ଶାସନ ଖୁଲିଆର ମାନସ ବେସନ (୨୬)। ସିଂହପାଲି ନିକଟରେ ବେଆଇନ କଫ୍ ସିରପ୍ ଚୋରା ଚାଲାଣ ହେଉଥିବା ନେଇ ଏକ ପୁଲିସ ଖବର ପାଇଥିଲା। ପରେ ଟିମ୍ ଚଢ଼ଉ କରିଥିଲା। ଏହି ସମୟରେ ଏକ କାର୍ ଏବଂ ଏକ ବିନା ନମ୍ବର ବିଶିଷ୍ଟ ଇଲେକ୍ଟ୍ରିକ୍ ସ୍କୁଟିରେ ବେଆଇନ ସାମଗ୍ରୀ ପରିବହନ କରୁଥିବା ଅବସ୍ଥାରେ ୬ ଜଣ ଅଭିଯୁକ୍ତଙ୍କୁ କାବୁ କରାଯାଇଥିଲା। ସେମାନଙ୍କ ନିକଟରୁ ୧, ୨୦୦ ବୋତଲ କଫ୍‌ସିରପ, ୭ଟି ମୋବାଇଲ୍ ଫୋନ୍, ନଗଦ ୫, ୫୪୦ ଟଙ୍କା ଜବତ ହୋଇଛି।

## ଅଙ୍ଗନବାଡ଼ି ପାଚିକାଙ୍କୁ ଜାତିଆଣ ଆକ୍ଷେପ ଅଭିଯୋଗ

# ମୁଖ୍ୟମନ୍ତ୍ରୀଙ୍କ ହସ୍ତକ୍ଷେପ ଲୋଡ଼ିଲା ଲକ୍ଷେଘର ପାଣ ସମାଜ

**କୁଚିଣ୍ଡା, ୧।୭(ସମିସ) :** ବଲାଙ୍ଗିର ଜିଲ୍ଲାର ମୁରିବାହଲ ବ୍ଲକ ଅଧୀନ ଗୁଡିଘାଟ ପଞ୍ଚାୟତର ଘୁଷୁରାମୁଣ୍ଡା ଗ୍ରାମ ଅଙ୍ଗନବାଡ଼ି କେନ୍ଦ୍ରରେ ନବନିଯୁକ୍ତ ପାଚିକାଙ୍କୁ ଜାତିଆଣ ମନୋଭାବ ପ୍ରଦର୍ଶନ କରାଯାଇଥିବା ଅଭିଯୋଗକୁ ନେଇ ଲକ୍ଷେଘର ପାଣ ସମାଜ କଲ୍ୟାଣ କମିଟି ପକ୍ଷରୁ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ କୁଚିଣ୍ଡା ଉପଜିଲ୍ଲାପାଳଙ୍କ ଜରିଆରେ ଏକ ଦାବି ପତ୍ର ପ୍ରଦାନ କରାଯାଇଛି। ଦାବି ପତ୍ରରେ ଦର୍ଶାଯାଇଛି ଯେ, ଘୁଷୁରାମୁଣ୍ଡା ଗ୍ରାମର ଅଙ୍ଗନବାଡ଼ି କେନ୍ଦ୍ରରେ ନିଯୁକ୍ତ ହୋଇଥିବା ପୁଣ୍ୟ ହରିପାଳ ଜଣେ ଦଳିତ (ଗଣ୍ଡା) ସମ୍ପ୍ରଦାୟର ମହିଳା। ତାଙ୍କ ନିଯୁକ୍ତିକୁ ବିରୋଧ କରି କିଛି ସ୍ଥାନୀୟ ଲୋକ ଜାତିଆଣ ଆକ୍ଷେପ କରିବା ସହ ଅଙ୍ଗନବାଡ଼ି କେନ୍ଦ୍ରରେ ରୋଷେଇ କରିବାକୁ ବାଧା ସୃଷ୍ଟି କରିଥିବା ଏବଂ କେନ୍ଦ୍ରରେ ତାଲା ପକାଇଥିବା ଅଭିଯୋଗ କରାଯାଇଛି। ଏହା ଦ୍ୱାରା ସମ୍ପୃକ୍ତ ମହିଳାଙ୍କ ମାନସିକ ସ୍ଥିତି ଉପରେ ଗଭୀର ପ୍ରଭାବ ପଡ଼ିଥିବାରୁ ସରକାର ତୁରନ୍ତ ହସ୍ତକ୍ଷେପ କରି ତାଙ୍କୁ ନ୍ୟାୟ ପ୍ରଦାନ କରିବା ସହ ଦୋଷୀଙ୍କ ବିରୋଧରେ ଉଚିତ ପଦକ୍ଷେପ ନେବାକୁ ଦାବି କରାଯାଇଛି। ଦାବିପତ୍ର ପ୍ରଦାନ ସମୟରେ କମିଟିର ସଭାପତି ସମ୍ବାରୁ ବୁଡ଼ା, ସମ୍ପାଦକ ଲିଙ୍ଗରାଜ ବାଘ, ଉପଦେଷ୍ଟା ପ୍ରମୋଦ କୁମାର ଛୁରିଆ, ତ୍ରିନାଥ ଲୁହା, ମନ୍ଦାକିନୀ ଦୂତିଆ ଚାନ୍ଦ, ଜନତା ମନୋହରୀ, ତରଣୀ କାନ୍ତ ବାଘ, ଟଙ୍କଧର ବାଘ, ସନାତନ କୁସୁମ, ଗୋକୁଳ ଚନ୍ଦ୍ର ଦେହୁରୀ, ବିପିନ କରାଳୀ, ଗୟାନନ୍ଦ ଭଞ୍ଜ ଓ ସମସ୍ତ କମିଟି ସଭ୍ୟ ଉପସ୍ଥିତ ଥିଲେ।

# ଠକ ମୋନାଲି ହଜାରିକ ସମ୍ବଲପୁରରୁ ଗିରଫ

**ସମ୍ବଲପୁର, ୧।୭(ସମିସ):** ସମ୍ବଲପୁର ଅଇଁଠାପାଲି ପୁଲିସ ଆସାମର ମୋନାଲି ହଜାରିକକୁ ଗିରଫ କରିଛି। ଅଇଁଠାପାଲି ସ୍ଥିତ ଏକ ହୋଟେଲରେ ଗତ ୨୩ ତାରିଖରୁ ରହୁଥିଲେ। କାର୍ ମାଧ୍ୟମରେ ସମ୍ବଲପୁର ଜିଲ୍ଲାର ବହୁତ ସ୍ଥାନକୁ ବୁଲି ଯାଇଥିଲେ। ପରେ ୨୮ ତାରିଖ ବିଲ ନ ଦେଇ ହୋଟେଲରୁ ଫେରାର ହୋଇ ଯାଇଥିଲେ। ଥାନାରେ ଅଭିଯୋଗ ପରେ ପୁଲିସ ଆଜି ଉକ୍ତ ମହିଳାଙ୍କୁ ଗିରଫ କରିଛି। ପୂର୍ବରୁ ମହିଳା ଜଣକ ଏଭଳି ଠକେଇ ଅନେକ ଥର କରିଛନ୍ତି। ଚେକ ବାଉନ୍ସ ଭଳି ମାମଲା ମଧ୍ୟ ରହିଛି।

**ହୋଟେଲରେ ରହି ବିଲ ନ ଦେବା ଭଳି ଅଭିଯୋଗ**

**ପୂର୍ବରୁ ମଧ୍ୟ ଅନେକ ଠକେଇ ଅଭିଯୋଗ ରହିଛି**

# ଏମ୍‌ସିଏଲ୍‌ର ନିର୍ଦ୍ଦେଶକ (ଅର୍ଥ) ହେଲେ ମହମ୍ମଦ ଅନଜର୍ ଆଲମ୍

**ସମ୍ବଲପୁର, ୧।୭ (ସମିସ) :** ମହମ୍ମଦ ଅନଜର୍ ଆଲମ୍ ମହାନଦୀ କୋଲ୍‌ଫିଲ୍ଡସ୍ ଲିମିଟେଡ୍ (ଏମ୍‌ସିଏଲ) ର ନିର୍ଦ୍ଦେଶକ (ଅର୍ଥ) ଭାବେ ଅତିରିକ୍ତ ଦାୟିତ୍ୱ ଗ୍ରହଣ କରିଛନ୍ତି। ସେ ବର୍ତ୍ତମାନ ଇଷ୍ଟର୍ଣ୍ଣ କୋଲ୍‌ଫିଲ୍ଡସ୍ ଲିମିଟେଡ୍ (ଇସିଏଲ୍) ରେ ନିର୍ଦ୍ଦେଶକ (ଅର୍ଥ) ଭାବେ କାର୍ଯ୍ୟରତ



ଅଛନ୍ତି ଏବଂ ତାଙ୍କ ପାଖରେ ୩୧ ବର୍ଷରୁ ଅଧିକ ସମୟର ସମୃଦ୍ଧ ଆର୍ଥିକ ପାରଦର୍ଶିତା ରହିଛି। ସେ ଆରଆଇଏନଏଲ୍‌ରେ ଅର୍ଥ, ଆଭ୍ୟନ୍ତରୀଣ ଅଡିଟ୍, ଆଇଟି ଏବଂ ପରିଚାଳନା କ୍ଷେତ୍ରରେ ପ୍ରମୁଖ ଭୂମିକା ଗ୍ରହଣ କରିଛନ୍ତି। ବିଆଇଟି ସିନ୍ଦ୍ରି, ପଣ୍ଡିଚେରୀ ବିଶ୍ୱବିଦ୍ୟାଳୟ ଏବଂ ଆଇଆଇଏମ କୋଲକାତାର ପ୍ରାକ୍ତନ ଛାତ୍ର ଶ୍ରୀ ଆଲମ୍ ବିଶ୍ୱସ୍ତରୀୟ ସମ୍ପଦ ହାସଲ, ଆନ୍ତର୍ଜାତୀୟ ଖଣି ପ୍ରକଳ୍ପଗୁଡ଼ିକର ଆର୍ଥିକ ମୂଲ୍ୟାଙ୍କନ ଏବଂ ଇଣ୍ଟରନ୍ୟାସନାଲ୍ କୋଲ୍ ଭେଞ୍ଚର୍ସ (ଆଇସିଭିଏଲ୍) ଗଠନ ସହିତ ଅନେକ ରଣନୀତିକ ପଦକ୍ଷେପରେ ଗୁରୁତ୍ୱପୂର୍ଣ୍ଣ ଅବଦାନ ଦେଇଛନ୍ତି।

# ବାତିଲ ରହିବ ଝାରସୁଗୁଡ଼ା-ସମ୍ବଲପୁର-ଝାରସୁଗୁଡ଼ା ଟ୍ରେନ୍

**ସମ୍ବଲପୁର, ୧।୭ (ସମିସ) :** ରେଳବାଇ ପକ୍ଷରୁ ଜାରି କରାଯାଇଥିବା ସୂଚନା ଅନୁଯାୟୀ, ଲପଙ୍ଗା-ବୃନ୍ଦାମାଲ ସେକ୍ସନ ଏବଂ ସମ୍ବଲପୁର ଡିଭିଜନର ଝାରସୁଗୁଡା ରୋଡ୍ ଷ୍ଟେସନ ମଧ୍ୟରେ ସୁରକ୍ଷା ସମ୍ବନ୍ଧୀୟ ଆଧୁନିକୀକରଣ କାର୍ଯ୍ୟ ଯୋଗୁଁ ଟ୍ରେନ ସେବାଗୁଡ଼ିକ ସୂଚିତ ତାରିଖରେ ବାତିଲ କରାଯିବ। ଟ୍ରେନ ନମ୍ବର ୬୮୦୩୩ /୬୮୦୩୪ ଝାରସୁଗୁଡା-ସମ୍ବଲପୁର-ଝାରସୁଗୁଡା ପାସେଞ୍ଜର ଜୁଲାଇ ୩, ୬, ୧୦, ୧୩, ୧୭ ଏବଂ ୨୦ ତାରିଖରେ ଉଭୟ ଦିଗରୁ ବାତିଲ ରହିବ। ଯାତ୍ରୀମାନଙ୍କୁ ସଂଶୋଧିତ ପ୍ରସ୍ଥାନ ସମୟ ଉପରେ ଧ୍ୟାନ ଦେବାକୁ ଏବଂ ସେହି ଅନୁସାରେ ସେମାନଙ୍କର ଯାତ୍ରା ଯୋଜନା କରିବାକୁ ପରାମର୍ଶ ଦିଆଯାଇଛି। ଅପଡେଟ୍ ହୋଇଥିବା ଟ୍ରେନ ସୂଚନା ପାଇଁ, ଯାତ୍ରୀମାନେ ଯାତ୍ରା ଆରମ୍ଭ କରିବା ପୂର୍ବରୁ ଜାତୀୟ ଟ୍ରେନ୍ ତଦନ୍ତ ପ୍ରଣାଳୀ (ଏନ୍‌ଟିଇଏସ୍) ପରିଦର୍ଶନ କରିପାରିବେ।

# ଏମ୍‌ସିଏଲର ମାନବସମ୍ବଳ ନିର୍ଦ୍ଦେଶକ ହେଲେ ବିରଞ୍ଚି ଦାସ

**ସମ୍ବଲପୁର, ୧।୭ (ସମିସ) :** ମହାନଦୀ କୋଲ୍‌ଫିଲ୍ଡସ୍ ଲିମିଟେଡର ନିର୍ଦ୍ଦେଶକ (ମାନବ ସମ୍ବଳ) ଭାବେ ୧ ଜୁଲାଇରୁ ଅତିରିକ୍ତ ଦାୟିତ୍ୱ ଗ୍ରହଣ କରିଛନ୍ତି ବିରଞ୍ଚି ଦାସ। ସେ ମାର୍ଚ୍ଚ ୨୦୨୪ ରୁ ସାଉଥ୍ ଇଷ୍ଟର୍ଣ୍ଣ କୋଲ୍‌ଫିଲ୍ଡସ୍ ଲିମିଟେଡ୍ (ଏସଇସିଏଲ) ରେ ନିର୍ଦ୍ଦେଶକ (ମାନବ ସମ୍ବଳ) ଭାବେ କାର୍ଯ୍ୟରତ ଅଛନ୍ତି ଏବଂ ମାନବ ସମ୍ବଳ ପରିଚାଳନା, ଶିଳ୍ପ ସମ୍ପର୍କ (ଇଣ୍ଡଷ୍ଟ୍ରିଆଲ୍ ରିଲେସନ୍ସ) ଓ କର୍ମଚାରୀ କଲ୍ୟାଣ କ୍ଷେତ୍ରରେ ତାଙ୍କର ପ୍ରାୟ ତିନି ଦଶନ୍ଧିରୁ



ଊର୍ଦ୍ଧ୍ୱ ଅଭିଜ୍ଞତା ରହିଛି। ଓଡ଼ିଶାର ଉତ୍କଳ ବିଶ୍ୱବିଦ୍ୟାଳୟର ପ୍ରାକ୍ତନ ଛାତ୍ର ଶ୍ରୀ ଦାସ ବ୍ୟକ୍ତିଗତ ପରିଚାଳନା ଏବଂ ଶ୍ରମିକ-ନିଯୋଜକ ସମ୍ପର୍କ (ପିଏମ୍‌ଆଇଆର୍)ରେ ସ୍ନାତକୋତ୍ତର (ପିଜି) ଡିଗ୍ରୀ ହାସଲ କରିଛନ୍ତି। ସେ ୧୯୯୪ ମସିହାରେ ଏମସିଏଲ୍‌ରୁ ହିଁ ନିଜର ଚାକିରି ଜୀବନ ଆରମ୍ଭ କରିଥିଲେ। ଏମସିଏଲ୍‌ରେ ନିଜର ପୂର୍ବ କାର୍ଯ୍ୟକାଳ ମଧ୍ୟରେ ସେ ଶିଳ୍ପ ସମ୍ପର୍କ ଏବଂ ମାନବ ସମ୍ବଳ ନୀତି ପ୍ରଣୟନରେ ଗୁରୁତ୍ୱପୂର୍ଣ୍ଣ ଅବଦାନ ରଖିଛନ୍ତି ଏବଂ ବର୍ତ୍ତମାନ ସେ ସିଆଇଆର୍‌ଏଲ୍ ଓ ସିଇଡବ୍ଲୁଆର୍‌ଏଲ୍‌ର ବୋର୍ଡ ସଦସ୍ୟ ଭାବେ ମଧ୍ୟ କାର୍ଯ୍ୟରତ ଅଛନ୍ତି। ଏସଇସିଏଲ୍‌ରେ କାର୍ଯ୍ୟ କରିବା ସମୟରେ ଶ୍ରୀ ଦାସ ଅନେକ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟକ୍ରମର ନେତୃତ୍ୱ ନେଇଛନ୍ତି, ଯେଉଁଥିରେ ସିଏସଆର କାର୍ଯ୍ୟକ୍ରମ 'ଏସଇସିଏଲ୍ କି ଧଡ଼କନ୍' ସାମିଲ ରହିଛି। ଏହି ଯୋଜନା ମାଧ୍ୟମରେ ଅସହାୟ ଶିଶୁମାନଙ୍କ ପାଇଁ ୩୬୦ଟି ଜୀବନରକ୍ଷାକାରୀ ହୃଦ୍ ଅସ୍ତ୍ରୋପଚାର କରାଯାଇପାରିଛି।

# ନିମ୍ନମାନର ରାସ୍ତା ନିର୍ମାଣ ଅଭିଯୋଗ; ଜିଲ୍ଲାପାଳଙ୍କୁ ଦାବିପତ୍ର

**ରେଢ଼ାଖୋଲ, ୧।୭ (ସମିସ) :** ସମ୍ବଲପୁର ଜିଲ୍ଲା ରେଢାଖୋଲ ବ୍ଲକ ଅଧୀନ ଲୁହାପଙ୍କ ପଞ୍ଚାୟତ ମୁଖ୍ୟ ରାସ୍ତା ଠାରୁ ଗାଡୁମୁଣ୍ଡା ପର୍ଯ୍ୟନ୍ତ ଦୀର୍ଘ ୫ କିମି ନିର୍ମାଣାଧୀନ ଆର୍‌ଡି ରାସ୍ତାଟି ଅତି ନିମ୍ନମାନର ନିର୍ମାଣ ହୋଇଥିବା ଅଭିଯୋଗ କରି ଗ୍ରାମବାସୀ ରେଢାଖୋଲ ଉପଜିଲ୍ଲାପାଳଙ୍କ ଜରିଆରେ ଜିଲ୍ଲାପାଳଙ୍କୁ ଦାବିପତ୍ର ପ୍ରଦାନ କରିଛନ୍ତି। ଗ୍ରାମାଞ୍ଚଳର ଜନସାଧାରଣଙ୍କ ପାଇଁ ଯାତାୟତ ଓ ଉନ୍ନତି ସକାଶେ ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡ଼କ ଯୋଜନାରେ ସରକାର ଗାଁ ଗୁଡ଼ିକୁ ସହର ସହିତ ଯୋଡିବା ପାଇଁ ପ୍ରତ୍ୟେକ ଗାଁ ରାସ୍ତାଗୁଡ଼ିକୁ ରାଜରାସ୍ତାକୁ ସଂଯୋଗ ନିମନ୍ତେ ରାସ୍ତା ନିର୍ମାଣ ପାଇଁ କୋଟି କୋଟି ଟଙ୍କାର ଅର୍ଥ ମଞ୍ଜୁର କରୁଛନ୍ତି। କିନ୍ତୁ ଅତି ନିମ୍ନମାନର ନିର୍ମାଣ କାର୍ଯ୍ୟ ପାଇଁ କିଛି ଦିନ ମଧ୍ୟରେ ଫାଟ ସୃଷ୍ଟି ହୋଇଥିବା ଦେଖିବାକୁ ମିଳୁଛି। ସେହିପରି ଏହି ଦାବିପତ୍ରରେ ଉଲ୍ଲେଖ କରିଛନ୍ତି ଯେ ରାସ୍ତା ନିର୍ମାଣ କାର୍ଯ୍ୟ ଅତି ନିମ୍ନମାନର ହୋଇଥିବାରୁ ମାତ୍ର ଏକମାସ ମଧ୍ୟରେ ରାସ୍ତାରେ ଫାଟ ସୃଷ୍ଟି ହେଲାଣି, ଯାହା ଫଳରେ ଆଗକୁ ବର୍ଷା ଦିନରେ ରାସ୍ତା ଉପରେ ଖାଲ ସୃଷ୍ଟି ହେବା ନେଇ ଆଶଙ୍କା ସୃଷ୍ଟି ହୋଇଛି। ଅନ୍ୟପଟେ ରାସ୍ତାର ଉଭୟ ପାର୍ଶ୍ୱ ସାଇଡ୍‌ୱାଲ ଗୁଡ଼ିକ ଅତି ନିମ୍ନମାନର ହୋଇଥିବାରୁ ତାହା ଭାଙ୍ଗି ଗଲାଣି,



ପିଚୁରାସ୍ତା ପାଇଁ ମେଟାଲିଂ ୭ ଇଞ୍ଚ ହେବା ବଦଳରେ ସେଥିରୁ କମ୍ ମାତ୍ରାରେ କାମ ହୋଇଥିବା ନେଇ ଗ୍ରାମବାସୀ ଅଭିଯୋଗ କରିଛନ୍ତି। ଏହି ରାସ୍ତାର ପ୍ରଶସ୍ତୀକରଣ ନିମନ୍ତେ ସଂସ୍ଥା ତାର ନିଜ ଇଚ୍ଛା ମୁତାବକ ମନମୁଖୀ କାର୍ଯ୍ୟ କରୁଥିବା ବେଳେ ଏହି ରାସ୍ତା କାମଟି ରାଜସ୍ୱ ନୀରିକ୍ଷକଙ୍କ ବିନା ତଦାରଖରେ କାର୍ଯ୍ୟ ଚାଲୁଥିବା ଅଭିଯୋଗ କରିଛନ୍ତି। ଅନ୍ୟପଟେ ରାସ୍ତା ପ୍ରଶସ୍ତୀତକରଣ ବେଳେ ରାସ୍ତାରେ ଥିବା ବିଦ୍ୟୁତ ଖୁଣ୍ଟ ହଟାଇବାର ପ୍ରାବଧାନ ଥିବା ସତ୍ତ୍ୱେ ସେଗୁଡିକ କାର୍ଯ୍ୟ ନକରି ନିର୍ମାଣ କାର୍ଯ୍ୟ ଚାଲୁ ରଖୁଛି ଠିକା ସଂସ୍ଥା। ଆଗରୁ ମଧ୍ୟ ଅଭିଯୋଗ ହୋଇଥିବା ବେଳେ ବର୍ତ୍ତମାନ ଏହାର ସ୍ଥାୟୀ ସମାଧାନ ସହ ତଦନ୍ତ କରି ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଗ୍ରାମବାସୀଙ୍କ ପକ୍ଷରୁ ଦାବି ହୋଉଛି।

# ଛେଳି ଚରାଳିକୁ ଦଳିଦେଲା ହାତୀ

**ଜମନକିରା, ୧।୭(ସମିସ):** ବାମରା ଡିଭିଜନ ବଡ଼ରମା ରେଞ୍ଜ ଉଷାକୋଠି ସଂରକ୍ଷିତ ଭୂତେଲ ସେକସନ ଜଙ୍ଗଲରେ ଜଣେ ଛେଳି ଚରାଳିକୁ ହାତୀ ଦଳି ଦେଇଛି। ସଙ୍ଗଲବାର ସଡୋ ପଞ୍ଚାୟତ ବେଲୁଆମ୍ବ ଗ୍ରାମର କୁଞ୍ଜବନ ତିର୍କୀ ଛେଳି ଚରାଇବାକୁ ଯାଇଥିଲେ। କିନ୍ତୁ ସନ୍ଧ୍ୟା ପର୍ଯ୍ୟନ୍ତ ଘରକୁ ଫେରି ନ ଥିଲେ। କେବଳ ଛେଳି ଓ ସାଙ୍ଗରେ ଯାଇଥିବା କୁକୁର ଘରକୁ ଫେରି ଥିଲେ। ଆଜି ସକାଳୁ ପରିବାରଲୋକେ ବହୁତ ଖୋଜା ଖୋଜି କରିବା ପରେ ମୃତ ଶରୀର ଠାବ କରି ବନ ବିଭାଗ ଓ ପୁଲିସକୁ ଜଣାଇ ଥିଲେ।

# ଶୋ'ରୁମ୍ କୁ ୫୦ ହଜାର ଜରିମାନା କଲା ଖାଉଟି ଅଦାଲତ

**ସମ୍ବଲପୁର, ୧।୭ (ସମିସ) :** ସମ୍ବଲପୁର ଜିଲ୍ଲା ଉପଭୋକ୍ତା ବିବାଦ ସମାଧାନ କମିଶନ (ଖାଉଟି ଅଦାଲତ) ସେବାରେ ତ୍ରୁଟି ଏବଂ ଅସାଧୁ ବ୍ୟବସାୟିକ କାର୍ଯ୍ୟ ପାଇଁ ସମ୍ବଲପୁରର ଗୋପାଳପାଲି ଛକସ୍ଥିତ ହୁଣ୍ଡାଇ ଗାଡ଼ିର ପ୍ରତିଷ୍ଠିତ ଶୋ'ରୁମ୍ ଆକାଶ ଦୀପ ମୋଟର୍ସ ପ୍ରାଇଭେଟ୍ ଲିମିଟେଡ୍ ଉପରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛନ୍ତି। କମିଶନ ସଭାପତି ଡ. ରମାକାନ୍ତ ଶତପଥୀ ଏବଂ ସଦସ୍ୟ ସଦାନନ୍ଦ ତ୍ରିପାଠୀଙ୍କୁ ନେଇ ଗଠିତ ଖଣ୍ଡପୀଠ ଏହି ମାମଲାର ଶୁଣାଣି କରି ଶୋ'ରୁମ୍ କର୍ତ୍ତୃପକ୍ଷଙ୍କୁ ଅଭିଯୋଗକାରୀଙ୍କୁ ୫୦ ହଜାର ଟଙ୍କା କ୍ଷତିପୂରଣ ଏବଂ ୧୦ ହଜାର ଟଙ୍କା ଅଦାଲତ ପରିଚାଳନା ଖର୍ଚ୍ଚ ବାବଦକୁ ଦେବା ପାଇଁ ନିର୍ଦ୍ଦେଶ ଦେଇଛନ୍ତି। ଏହି ସମସ୍ତ ଅର୍ଥ ରାଶି ୩୦ ଦିନ ମଧ୍ୟରେ ପଇଠ ନ କଲେ ବାର୍ଷିକ ୯ ପ୍ରତିଶତ ସୁଧରେ ଅସୁଲ କରାଯିବ ବୋଲି ଉଲ୍ଲେଖ ରହିଛି। ମାମଲାର ବିବରଣୀ ଅନୁଯାୟୀ, ହୀରାକୁଦ ଗୌରପଡ଼ାର ମହେଶ୍ୱର ଷଣ୍ଢ ନିଜ ହୁଣ୍ଡାଇ ଗାଡ଼ିର ଥ୍ରୀ-ଡି ହ୍ୱିଲ୍ ଆଲାଇନମେଣ୍ଟ ଏବଂ ବାଲାନ୍ସିଂ ପାଇଁ ଆକାଶ ଦୀପ ମୋଟର୍ସ ଶୋ'ରୁମକୁ ଯାଇଥିଲେ। ଶୋ'ରୁମର ଆଲାଇନମେଣ୍ଟ ମେସିନ୍ ଖରାପ ଥିବା ସତ୍ତ୍ୱେ କର୍ତ୍ତୃପକ୍ଷ ଗ୍ରାହକଙ୍କୁ କିଛି ନ ଜଣାଇ କାମ ହୋଇଯାଇଥିବା କହି ମୋଟା ଅଙ୍କର ବିଲ୍ ଆଦାୟ କରିଥିଲେ। ପରେ ଗ୍ରାହକ ଗାଡ଼ି ଚଳାଇବା ସମୟରେ ସମସ୍ୟା ସେମିତି ଥିବା ଦେଖି ଅଭିଯୋଗ କରିଥିଲେ। ଗ୍ରାହକଙ୍କ ପ୍ରତିବାଦ ଆଗରେ ବାଧ ହୋଇ ଶୋ'ରୁମ୍ କର୍ତ୍ତୃପକ୍ଷ ଆଲାଇନମେଣ୍ଟ ବାବଦକୁ ନେଇଥିବା ଟଙ୍କା ଫେରସ୍ତ କରିଥିଲେ ମଧ୍ୟ ଗ୍ରାହକ ଜଣକ ଅନ୍ୟ ଏକ ଦୋକାନରୁ ଗାଡ଼ି ମରାମତି କରିବା ସହ ଖାଉଟି ଅଦାଲତର ଦ୍ୱାରସ୍ଥ ହୋଇଥିଲେ। ଗ୍ରାହକଙ୍କୁ ହଇରାଣ କରିବା ଏବଂ ମେସିନ୍ ଖରାପ ଥାଇ ମଧ୍ୟ ବିଲ୍ କରିବା ଅପରାଧକୁ ଗୁରୁତ୍ୱର ସହ ନେଇ ସମ୍ବଲପୁର ଉପଭୋକ୍ତା ଅଦାଲତ ଏହି ଦଣ୍ଡାଦେଶ ଶୁଣାଇଛନ୍ତି।

# ପ୍ରମିଳା ସାହୁଙ୍କ ପରଲୋକ

**ସମ୍ବଲପୁର, ୧।୭(ସମିସ):** ବିଜେପି ଧନୁପାଲି ମଣ୍ଡଳ କାର୍ଯ୍ୟକାରୀ ସଭାପତି ପ୍ରକାଶ ସାହୁଙ୍କ ମାତା ପ୍ରମିଳା ସାହୁଙ୍କର (୭୫) ଆଜି ପରଲୋକ ଘଟିଛି। ସେ କିଛି ଦିନ ହେବ ସ୍ୱାସ୍ଥ୍ୟଗତ ସମସ୍ୟାରେ ପୀଡ଼ିତ ଥିଲେ। ଆଜି ଏକ ଘରୋଇ ଚିକିତ୍ସାଳୟରେ ଚିକିତ୍ସିତ ହେଉଥିବା ବେଳେ ସେଠାରେ ତାଙ୍କର ମୃତ୍ୟୁ



ଘଟିଥିଲା। ମୃତ୍ୟୁଶଯ୍ୟା ନିକଟରେ ତାଙ୍କର ପରିବାର ବର୍ଗ ଓ ଆତ୍ମୀୟସ୍ୱଜନ ଉପସ୍ଥିତ ଥିଲେ। ମାନେଶ୍ୱର ରାଜଘାଟଠାରେ ତାଙ୍କର ଶେଷକୃତ୍ୟ ସମ୍ପନ୍ନ ହୋଇଥିବା ବେଳେ ବଡ଼ପୁଅ ପ୍ରକାଶ ସାହୁ ମୁଖାଗ୍ନି ଦେଇଥିଲେ। ବିଜେପି ନେତା ଦେବେନ୍ଦ୍ର ମହାପାତ୍ର, ଯୁଯୁମୁରା ସମିତି ସଭ୍ୟ ଜୟନ୍ତ ପ୍ରଧାନ, ମୋହନ ଦାସ, ସୁଜାତା ଗୁରୁ ପହଞ୍ଚିଥିଲେ। ତାଙ୍କର ପରଲୋକରେ ସମଗ୍ର ମାନେଶ୍ୱର ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି।

# ଡାକ୍ତର ଦିବସରେ ଧାରଣାରେ ବସିଲେ ଡାକ୍ତର

**ସମ୍ବଲପୁର, ୧।୭ (ସମିସ)**



ଡାକ୍ତର ଦିବସରେ ଡାକ୍ତର ମାନଙ୍କ ୧୦ ଦଫା ଦାବି ନେଇ ଓଡ଼ିଶା ଡାକ୍ତରୀ ସେବା ସଂଘ (ଓମ୍‌ସା) ଆହ୍ୱାନରେ ଦିଆଯାଇଥିବା ପ୍ରତିବାଦ ଆନ୍ଦୋଳନରେ ଯୋଗ ଦେଇଛନ୍ତି ଡାକ୍ତର। ସମ୍ବଲପୁର ମୁଖ୍ୟ ଚିକିତ୍ସାଳୟ ସମେତ ସାରା ଜିଲ୍ଲାରେ ସ୍ୱାସ୍ଥ୍ୟ ସେବା ପ୍ରଭାବିତ ହୋଇଛି। ଜରୁରୀକାଳୀନ ସେବାକୁ ବାଦ୍‌ଦେଇ ଡାକ୍ତରମାନେ ଡାକ୍ତରଖାନା ସମ୍ମୁଖରେ ଧାରଣାରେ ବସିଛନ୍ତି। ଗତ ୧୦ ବର୍ଷ ହେବ ଡାକ୍ତରମାନଙ୍କ ନ୍ୟାର୍ଯ୍ୟ ଦାବିକୁ ସରକାର କର୍ଣ୍ଣପାତ କରୁ ନ ଥିବା ଡାକ୍ତରମାନେ ଅଭିଯୋଗ କରିବାସହ କ୍ଷୋଭ ପ୍ରକାଶ କରିଛନ୍ତି। ଡାକ୍ତରମାନଙ୍କ ଦାବିଗୁଡ଼ିକ ମଧ୍ୟରେ - ଓଏମଏଚ୍‌ଏସରେ ସଂଶୋଧନ ସହିତ ଯୋଗ୍ୟତା ତାରିଖରୁ ଡିଏସିପି କାର୍ଯ୍ୟକାରୀ କରିବା ଏବଂ ଲେଭେଲ-୧୫ ପୂର୍ବସର୍ତ୍ତାବଳୀ ଉଚ୍ଛେଦ, ସମସ୍ତ ଗ୍ରେଡ୍ ପାଇଁ ପର୍ଯ୍ୟାପ୍ତ ପଦୋନ୍ନତି ସୁଯୋଗ ସୁନିଶ୍ଚିତ କରିବା ପାଇଁ କ୍ୟାଡର ପୁନର୍ଗଠନ, ବିଶେଷଜ୍ଞ, ସୁପର-ସ୍ପେଶାଲିଷ୍ଟ, ଡିପ୍ଲୋମା ଧାରକ, ପ୍ରଶାସକ ଏବଂ ପୋଷ୍ଟମର୍ଟମ ଡ୍ୟୁଟି ପାଇଁ ବର୍ଦ୍ଧିତ ପ୍ରୋତ୍ସାହନ, ଓଏମ୍‌ଏଚ୍‌ଏସ୍ ଏବଂ ଓଏମ୍‌ଇଏସ୍ କ୍ୟାଡରଙ୍କ ପାଇଁ ସମାନ ସୁବିଧା ସହିତ, ସ୍ୱଚ୍ଛ ଏବଂ ସମୟ ସୀମାବଦ୍ଧ ସ୍ଥାନାନ୍ତର ନୀତି, ଡିଏସିପିର ସମ୍ପ୍ରସାରଣ, କ୍ୟାଡର ପୁନର୍ଗଠନ ଏବଂ ଡେଣ୍ଟାଲ୍ କ୍ୟାଡରଙ୍କ ପାଇଁ ପ୍ରୋତ୍ସାହନ, ନିୟମିତ ଓପିଏସ୍‌ସି ନିଯୁକ୍ତି ଏବଂ ସମୟାନୁସାରେ ବିଭାଗୀୟ ପଦୋନ୍ନତି କମିଟି (ଡିପିସି) ବୈଠକ, ସ୍ୱାସ୍ଥ୍ୟସେବା ପ୍ରତିଷ୍ଠାନରେ ଦୃଢ଼ ଆଇନଗତ ସୁରକ୍ଷା ଏବଂ ବର୍ଦ୍ଧିତ ସୁରକ୍ଷା ବ୍ୟବସ୍ଥା ମାଧ୍ୟମରେ ଡାକ୍ତରଙ୍କ ପାଇଁ ଉନ୍ନତ ସୁରକ୍ଷା, ଆଡହକ୍ ଡାକ୍ତରଙ୍କୁ ନିୟମିତ କରିବା ଏବଂ ସମସ୍ତ ଡାକ୍ତର ଓ ସ୍ୱାସ୍ଥ୍ୟସେବା କର୍ମଚାରୀଙ୍କ ପାଇଁ ସ୍ୱାସ୍ଥ୍ୟ ବୀମା କଭରେଜ୍ ବ୍ୟବସ୍ଥା ଆଦି ରହିଛି। ଯଦି ଦାବି ପୂରଣ ନ ହୁଏ ତେବେ ଭିମସାର ଜୁନିଅର ଡାକ୍ତର ସଂଘ ଏକତା ପ୍ରକାଶ କରି ଓମ୍‌ସା ସହିତ ଆନ୍ଦୋଳନରେ ଯୋଗଦେବ ବୋଲି ଉଲ୍ଲେଖ କରାଯାଇଛି। ଓମ୍‌ସାର ପ୍ରତିବାଦ ଆନ୍ଦୋଳନକୁ ଭିମସାର୍‌ର ଜୁନିୟର ଡାକ୍ତର ଆସୋସିଏସନ୍ (ଜେଡିଏ) ସମର୍ଥନ ଜଣାଇଛି। ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଡାକ୍ତରମାନଙ୍କ ନ୍ୟାର୍ଯ୍ୟ ଦାବି ପୂରଣ କରା ନ ଗଲେ ଜେଡିଏ ମଧ୍ୟ ଏହି ଆନ୍ଦୋଳନରେ ସାମିଲ ହେବ ବୋଲି ଚେତାବନୀ ଦିଆଯାଇଛି। ଆଜି ଆନ୍ଦୋଳନ ଯୋଗୁଁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ରୋଗୀସେବା ସମ୍ପୂର୍ଣ୍ଣ ବ୍ୟାହତ ହୋଇଛି। ବିଶେଷଜ୍ଞ ଡାକ୍ତରଙ୍କ ବଦଳରେ କନିଷ୍ଠ ଡାକ୍ତରମାନେ ୱାର୍ଡ ତଥା ଜରୁରୀକାଳୀନ, ଚର୍ମ, ଭେଷଜ ଆଦି ସେବା ଯୋଗାଇ ଦେଉଛନ୍ତି। ଜରୁରୀକାଳୀନ ସେବା ଜାରି ରହିଛି। ଏହାବ୍ୟତୀତ ଉଭୟ କୁଚିଣ୍ଡା ଓ ରେଢ଼ାଖୋଲ ଉପଖଣ୍ଡ ଡାକ୍ତରଖାନାରେ ରୋଗୀସେବା ପ୍ରଭାବିତ ହୋଇଥିବାବେଳେ ଗୋଷ୍ଠୀ ଓ ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର ଗୁଡ଼ିକରେ ରୋଗୀ ହନ୍ତସନ୍ତ ହୋଇଥିଲେ। ବୁର୍ଲା ଭିମସାର ଡାକ୍ତରଖାନାରେ ମଧ୍ୟ ଜରୁରୀକାଳୀନ ସେବା ଏବଂ ଆଇସିୟୁ ସେବା ଦିଆଯାଉଥିଲା। ତେବେ, ସବୁଠାରେ ସାଧାରଣ ରୋଗୀ ସେବା ବ୍ୟାପକ ଭାବେ ପ୍ରଭାବିତ ହୋଇଥିବା ସୂଚନା ମିଳିଛି।

# ରୋଟାରୀ ଗ୍ରେଟ୍‌ର ପକ୍ଷରୁ ବିଶ୍ୱ ଡାକ୍ତର ଓ ସିଏ ଦିବସ

**ସମ୍ବଲପୁର, ୧।୭(ସମିସ):** ଆଜି ରୋଟାରୀ କ୍ଲବ ଅଫ୍ ସମ୍ବଲପୁର ଗ୍ରେଟର ପକ୍ଷରୁ ବିଶ୍ୱ ଡାକ୍ତର ଦିବସ ଏବଂ ସିଏ (ଚାର୍ଟାର୍ଡ ଆକାଉଣ୍ଟାଣ୍ଟ) ଦିବସ ପାଳନ କରାଯାଇଥିଲା। ଏହି ଅବସରରେ କ୍ଲବର ସଦସ୍ୟ ଥିବା ବିଭିନ୍ନ ବିଶିଷ୍ଟ ଡାକ୍ତରମାନଙ୍କୁ ସମ୍ମାନ ଜଣାଇ ଶୁଭେଚ୍ଛା ପ୍ରଦାନ



କରାଯାଇଥିଲା। ରୋଟାରିଆନ୍ ଡା. ଦୀପକ କୁମାର ପାଣିଗ୍ରାହୀ, ଡା. ଶୀତଳ କୌର, ରୋଟାରିଆନ୍ ଡା. ବୁବୁନ ପଟେଲ, ରୋଟାରିଆନ୍ ଡା. କଳ୍ପେଶ କକ୍କଡ, ଡା. ପ୍ରଣବ କୁମାର ମିଶ୍ର, ଡା. ସୁଶ୍ରୀ ସୁଭସ୍ମିତା ମିଶ୍ର, ଡା. ଅଲେଖ ମହାପାତ୍ର, ରୋଟାରିଆନ୍ ଡା. ମନୋରଞ୍ଜନ ସାହୁ, ଡା. ରବିନାରାୟଣ ଗୁରୁ, ଡା. ସୁଧାଂଶୁ ଶେଖର ପଣ୍ଡା, ଡା. ଗଙ୍ଗାଧର ପଣ୍ଡା, ଡା. ସି.ଆର୍. ମହାପାତ୍ର, ଡା. ଅଭିନାଶ ମିଶ୍ର ଏବଂ ଡା. ସୋନାଲି ମିଶ୍ର ପ୍ରମୁଖ ରହିଥିଲେ। ସେହିପରି ସିଏ ଦିବସ ଅବସରରେ ରୋଟାରିଆନ୍ ସିଏ ପ୍ରଦୀପ ଲାଠ ଏବଂ ରୋଟାରିଆନ୍ ସିଏ ଚନ୍ଦ୍ରଶେଖର ଶାହଙ୍କୁ ମଧ୍ୟ ଶୁଭେଚ୍ଛା ଓ ଅଭିନନ୍ଦନ ଜଣାଯାଇଥିଲା। ଆଜିଠାରୁ ରୋଟାରୀ ଇଣ୍ଟରନ୍ୟାସନାଲର ୨୦୨୬-୨୭ ବର୍ଷର ନୂତନ କାର୍ଯ୍ୟକାଳ ଆରମ୍ଭ ହୋଇଥିବା ବେଳେ ରୋଟାରିଆନ୍ ଜିଜି ଜୋସେଫ କ୍ଲବର ସଭାପତି ଏବଂ ରୋଟାରିଆନ୍ ଲକ୍ଷ୍ମୀକାନ୍ତ ମହାପାତ୍ର ସମ୍ପାଦକ ଭାବେ ଦାୟିତ୍ୱ ଗ୍ରହଣ କରିଛନ୍ତି। ୫ ତାରିଖରେ ଡିଏଚଏଚରେ ରକ୍ତଦାନ ଶିବିର ଆୟୋଜନ କରାଯିବ। ଶିବିରରେ ୧୫୦ ୟୁନିଟ୍ ରକ୍ତ ସଂଗ୍ରହ କରିବା ଲକ୍ଷ୍ୟ ରଖାଯାଇଛି। ଆଜିର କାର୍ଯ୍ୟକ୍ରମକୁ ତତ୍କାଳୀନ ସଭାପତି ରୋଟାରିଆନ୍ ରାଜୀବ ଜୈନ ଅଧ୍ୟକ୍ଷତା କରିଥିବା ବେଳେ କ୍ଲବ ସର୍ଭିସ ଡାଇରେକ୍ଟର ଅମିତାଭ ପରିଡ଼ା, ପିପି ରୋଟାରିଆନ୍ ମହମ୍ମଦ ପରୱେଜ ଅଲି ଖାନ, ପିପି ପ୍ରଶାନ୍ତ ରଥ, ପିପି ରୋଟାରିଆନ୍ ଘନଶ୍ୟାମ ମେହେର, ପିପି ରୋଟାରିଆନ୍ ବିଲାଲ ମଲ୍ଲିକ, ରୋଟାରିଆନ୍ ସୁମିତ ନାୟକ, ରୋଟାରିଆନ୍ ଲକ୍ଷ୍ମୀକାନ୍ତ ମହାପାତ୍ର, ରୋଟାରିଆନ୍ ରାଜକିଶୋର ଅଗ୍ରୱାଲ ଏବଂ ରୋଟାରିଆନ୍ ନିଶାନ୍ତ ବୋହିଦାର ପ୍ରମୁଖ ଉପସ୍ଥିତ ଥିଲେ।

# ବଣାଇ ଉପଖଣ୍ଡ ଡାକ୍ତରଖାନାରେ ଚିକିତ୍ସା ସେବା ଠପ୍

## ଧାରଣାରେ ବସିଲେ ଡାକ୍ତର, ହନ୍ତସନ୍ତ ରୋଗୀ



**ବଣାଇ, ୧୭(ସମିସ):** ଓଡ଼ିଶା ମେଡିକାଲ ସର୍ଭିସେସ୍ ଆସୋସିଏସନ (ଓମସା) ଆକ୍ସନ କମିଟିର ଆହ୍ୱାନ କ୍ରମେ ଆଜିଠାରୁ ସାରା ରାଜ୍ୟରେ ଅନିର୍ଦ୍ଦିଷ୍ଟକାଳ ପର୍ଯ୍ୟନ୍ତ ଆରମ୍ଭ ହୋଇଛି। ଏହାକୁ ସମର୍ଥନ ଜଣାଇ ବଣାଇ ଉପଖଣ୍ଡ ଡାକ୍ତରଖାନାର ଡାକ୍ତରମାନେ ଧାରଣାରେ ବସିଥିବାରୁ ରୋଗୀସେବା ପ୍ରଭାବିତ ହୋଇଛି। ହସ୍ପିଟାଲକୁ ଆସୁଥିବା ଶହ ଶହ ରୋଗୀ ଓ ସେମାନଙ୍କ ସମ୍ପର୍କୀୟ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଡାକ୍ତରମାନଙ୍କ ଆନ୍ଦୋଳନ ଯୋଗୁଁ ବହିର୍ବିଭାଗ (ଓପିଡି) ରେ କେବଳ ଜଣେ ଠିକା ଡାକ୍ତର ଓ ଜଣେ ଆୟୁଷ ଡାକ୍ତର ରୋଗୀଙ୍କୁ ସେବା ପ୍ରଦାନ କରୁଛନ୍ତି। ଫଳସ୍ୱରୂପ ସକାଳୁ ହିଁ ରୋଗୀଙ୍କ ଲମ୍ବା ଧାଡ଼ି ଦେଖିବାକୁ ମିଳିଥିଲା। ଦୀର୍ଘ ସମୟ ଅପେକ୍ଷା ସତ୍ତ୍ୱେ ଅନେକ ରୋଗୀ ଠିକ୍ ସମୟରେ ଚିକିତ୍ସା ସେବା ପାଇପାରି ନଥିଲେ।

ସବୁଠାରୁ ଅଧିକ ସମସ୍ୟାରେ ପଡ଼ିଛନ୍ତି ଗର୍ଭବତୀ ମହିଳା, ସ୍ତ୍ରୀ ରୋଗୀ ଏବଂ ଶିଶୁ ରୋଗୀ। ସେମାନଙ୍କ ପାଇଁ ବିଶେଷଜ୍ଞ ଚିକିତ୍ସା ସେବା ବ୍ୟାହତ ହୋଇଥିବାରୁ ରୋଗୀ ଓ ପରିବାରବର୍ଗ ଚିନ୍ତାରେ ପଡ଼ିଛନ୍ତି। ଅନେକ ରୋଗୀ ବାଧ୍ୟ ହୋଇ ଘରୋଇ କିମ୍ବା ବେସରକାରୀ ଚିକିତ୍ସାଳୟକୁ ମୁହାଁଇଥିବା ଜଣାପଡ଼ିଛି। ରୋଗୀମାନେ କହିଛନ୍ତି, ସରକାର ଓ ଡାକ୍ତର ସଂଗଠନ ମଧ୍ୟରେ ଶୀଘ୍ର ଆଲୋଚନା ମାଧ୍ୟମରେ ସମସ୍ୟାର ସମାଧାନ କରାଯାଇ ସାଧାରଣ ଲୋକଙ୍କ ସ୍ୱାର୍ଥରେ ସ୍ୱାସ୍ଥ୍ୟ ସେବାକୁ ସ୍ୱାଭାବିକ କରାଯିବା ଆବଶ୍ୟକ।

# ଡାକ୍ତରଙ୍କ ଆନ୍ଦୋଳନ; ଆର୍‌ଜିଏଚ୍‌ରେ ଓପିଡି ସେବା ଠପ୍

**ରାଉରକେଲା, ୧୭ (ସମିସ):** ଦୀର୍ଘଦିନ ଧରି ପଡ଼ିରହିଥିବା ୧୦ ଦଫା ଦାବି ପୂରଣ ଦାବିରେ ବୁଧବାର ରାଜ୍ୟବ୍ୟାପୀ ସରକାରୀ ଡାକ୍ତରମାନେ ଆନ୍ଦୋଳନ ଆରମ୍ଭ କରିଛନ୍ତି। ଏହାର ପ୍ରଭାବ ରାଉରକେଲା ସରକାରୀ ହସ୍ପିଟାଲ (ଆର୍‌ଜିଏଚ୍) ସମେତ ରାଜ୍ୟର ବିଭିନ୍ନ ସରକାରୀ ସ୍ୱାସ୍ଥ୍ୟ ଅନୁଷ୍ଠାନରେ ସ୍ପଷ୍ଟ ଭାବେ ପରିଲକ୍ଷିତ ହୋଇଛି। ଆନ୍ଦୋଳନ ଯୋଗୁଁ ବହିର୍ବିଭାଗ (ଓପିଡି) ସେବା ଗୁରୁତର ଭାବେ ବ୍ୟାହତ ହୋଇଥିବାବେଳେ ଜରୁରୀକାଳୀନ ସେବା ସ୍ୱାଭାବିକ ଭାବେ ଚାଲିଥିଲା।




ଡାକ୍ତରମାନଙ୍କ ଆନ୍ଦୋଳନ ଫଳରେ ମେଡିସିନ୍, ଚର୍ମରୋଗ ବିଭାଗ ସମେତ ଏକାଧିକ ବିଶେଷଜ୍ଞ ବିଭାଗ ଏବଂ ପାଥୋଲୋଜି ସେବା ବନ୍ଦ ରହିଥିଲା। ହସ୍ପିଟାଲର ବିଭିନ୍ନ ବିଭାଗରେ ଡାକ୍ତରମାନଙ୍କ ପ୍ରକୋଷ୍ଠରେ ତାଲା ଝୁଲୁଥିବା ଦେଖିବାକୁ ମିଳିଥିଲା। ଫଳରେ ଦୂରଦୂରାନ୍ତରୁ ଆସିଥିବା ବହୁ ରୋଗୀ ଓ ସମ୍ପର୍କୀୟ ନିରାଶ ହୋଇଥିଲେ।

ବିଶେଷକରି, ଆନ୍ଦୋଳନ ସମ୍ପର୍କରେ ପୂର୍ବରୁ ଅବଗତ ନଥିବା ରୋଗୀମାନେ ସର୍ବାଧିକ ଅସୁବିଧାର ସମ୍ମୁଖୀନ ହୋଇଥିଲେ। ତେବେ ଡାକ୍ତରଙ୍କ ଆନ୍ଦୋଳନ ସତ୍ତ୍ୱେ ଜରୁରୀକାଳୀନ ଚିକିତ୍ସା, ହସ୍ପିଟାଲରେ ଭର୍ତ୍ତି ଥିବା ରୋଗୀଙ୍କ ସେବା ଓ ଅନ୍ୟାନ୍ୟ ଅତ୍ୟାବଶ୍ୟକ ସ୍ୱାସ୍ଥ୍ୟସେବା ନିରବଚ୍ଛିନ୍ନ ଭାବେ ଜାରି ରହିଥିଲା।

ଏନେଇ ଆର୍‌ଜିଏଚ୍ ଅଧୀକ୍ଷକ କହିଛନ୍ତି ଯେ, ଡାକ୍ତରମାନଙ୍କ ଆନ୍ଦୋଳନକୁ ଦୃଷ୍ଟିରେ ରଖି ହସ୍ପିଟାଲ ପ୍ରଶାସନ ପକ୍ଷରୁ ବିକଳ୍ପ ବ୍ୟବସ୍ଥା କରାଯାଇଛି। ଜରୁରୀକାଳୀନ ସେବା ସମ୍ପୂର୍ଣ୍ଣ ସ୍ୱାଭାବିକ ରହିଛି ଏବଂ ଗୁରୁତର ରୋଗୀଙ୍କ ଚିକିତ୍ସାରେ କୌଣସି ପ୍ରକାର ବାଧା ସୃଷ୍ଟି ହେବାକୁ ଦିଆଯିବ ନାହିଁ। ରୋଗୀ ସେବାକୁ ଯଥାସମ୍ଭବ ସ୍ୱାଭାବିକ ରଖିବା ପାଇଁ ହସ୍ପିଟାଲ ପ୍ରଶାସନ ସମସ୍ତ ପ୍ରୟାସ ଜାରି ରଖିଥିବା ସେ କହିଛନ୍ତି।

# ବିରୋଧ ସତ୍ତ୍ୱେ ତୁମକେଲାରେ ବାୟୋ ପ୍ଲାଣ୍ଟ କାମ ଆରମ୍ଭ

ରାଉରକେଲା, ୧୭ (ସମିସ)

ସ୍ଥାନୀୟ ଲୋକଙ୍କ ଲଗାତର ବିରୋଧ ସତ୍ତ୍ୱେ ରାଉରକେଲା ନିକଟସ୍ଥ ତୁମକେଲା ଠାରେ ପ୍ରସ୍ତାବିତ ଅଏଲ୍ ଇଣ୍ଡିଆର ବାୟୋ ପ୍ଲାଣ୍ଟ ନିର୍ମାଣ କାର୍ଯ୍ୟ ବୁଧବାର କଡ଼ା ପୁଲିସ ସୁରକ୍ଷା ବଳୟ ମଧ୍ୟରେ ଆରମ୍ଭ ହୋଇଛି। ନିର୍ମାଣ କାର୍ଯ୍ୟକୁ କେନ୍ଦ୍ର କରି ଅଞ୍ଚଳରେ ଉତ୍ତେଜନା ଲାଗି ରହିଥିବାବେଳେ ପରିସ୍ଥିତି ଶାନ୍ତିପୂର୍ଣ୍ଣ ରହିଛି।

ପ୍ରସ୍ତାବିତ ବାୟୋ ପ୍ଲାଣ୍ଟ ଯୋଗୁଁ ପରିବେଶ ପ୍ରଦୂଷଣ ବୃଦ୍ଧି ପାଇବା, କୃଷିଜମି କ୍ଷତିଗ୍ରସ୍ତ ହେବା ଏବଂ ନିକଟବର୍ତ୍ତୀ ଜନବସତି ଅଞ୍ଚଳର ଲୋକଙ୍କ ସ୍ୱାସ୍ଥ୍ୟ ପ୍ରତି ବିପଦ ସୃଷ୍ଟି ହେବାର ଆଶଙ୍କା ଦର୍ଶାଇ ଗ୍ରାମବାସୀ ଓ ବିଭିନ୍ନ ସ୍ଥାନୀୟ ସଙ୍ଗଠନ ଦୀର୍ଘଦିନ ଧରି ଏହି ପ୍ରକଳ୍ପକୁ ବିରୋଧ କରିଆସୁଛନ୍ତି।



## ୩ ପ୍ଲାଟୁନ୍ ପୁଲିସ ଫୋର୍ସ ମୁତୟନ

ଏହି ପ୍ରକଳ୍ପରେ ରାଉରକେଲା ମହାନଗର ନିଗମ (ଆରଏମ୍‌ସି) ଏବଂ ରାଉରକେଲା ଇସ୍ପାତ କାରଖାନା (ଆରଏସ୍‌ପି) ଟାଉନସିପ୍‌ରୁ ସଂଗୃହୀତ କଠିନ ବର୍ଜ୍ୟବସ୍ତୁକୁ ୱେଷ୍ଟ-ଟୁ-ଏନର୍ଜି ପ୍ରଯୁକ୍ତି ମାଧ୍ୟମରେ ପ୍ରକ୍ରିୟାକରଣ କରାଯାଇ ଶକ୍ତି ବା ଗ୍ୟାସ୍ ଉତ୍ପାଦନ କରାଯିବ। ଏଥିପାଇଁ ରାଉରକେଲା ମହାନଗର ନିଗମ, ରାଉରକେଲା ଇସ୍ପାତ କାରଖାନା ଓ ଅଏଲ୍ ଇଣ୍ଡିଆ ଲିମିଟେଡ୍ ମଧ୍ୟରେ ଏକ ତ୍ରିପାକ୍ଷିକ ଚୁକ୍ତି ସ୍ୱାକ୍ଷରିତ ହୋଇଛି। ଚୁକ୍ତି ଅନୁଯାୟୀ ପ୍ଲାଣ୍ଟ ସ୍ଥାପନ ପାଇଁ ଆରଏସ୍‌ପି ପ୍ରାୟ ୧୦ ଏକର ଜମି ଆରଏମ୍‌ସିକୁ ପ୍ରଦାନ କରିଛି।

ଅନ୍ୟପକ୍ଷରେ, ଆନ୍ଦୋଳନକାରୀମାନେ ସ୍ଥାନୀୟ ଲୋକଙ୍କ ସହ ଉଚିତ ଜନଶୁଣାଣି ଓ ପରାମର୍ଶ ପ୍ରକ୍ରିୟା ସମ୍ପୂର୍ଣ୍ଣ ନହେବା ପର୍ଯ୍ୟନ୍ତ ପ୍ରକଳ୍ପର ସମସ୍ତ ନିର୍ମାଣ କାର୍ଯ୍ୟ ବନ୍ଦ ରଖିବାକୁ ଦାବି କରିଛନ୍ତି। ପରିବେଶ ଓ ସାମାଜିକ ପ୍ରଭାବକୁ ଦୃଷ୍ଟିରେ ରଖି ପ୍ରକଳ୍ପକୁ ବାତିଲ କରିବା କିମ୍ବା ଅନ୍ୟତ୍ର ସ୍ଥାନାନ୍ତର କରିବା ପାଇଁ ମଧ୍ୟ ସେମାନେ ସରକାରଙ୍କୁ ଅନୁରୋଧ କରିଛନ୍ତି।

ନିର୍ମାଣ କାର୍ଯ୍ୟ ଆରମ୍ଭ ବେଳେ କୌଣସି ଅପ୍ରୀତିକର ପରିସ୍ଥିତିକୁ ଏଡ଼ାଇବା ପାଇଁ ଜିଲ୍ଲା ପ୍ରଶାସନ ପକ୍ଷରୁ ପ୍ରକଳ୍ପ ସ୍ଥଳରେ ୩ ପ୍ଲାଟୁନ୍ ପୁଲିସ ବଳ ମୁତୟନ କରାଯାଇଥିଲା। ପୁଲିସର କଡ଼ା ସୁରକ୍ଷା ବ୍ୟବସ୍ଥା ମଧ୍ୟରେ କାମ ଆରମ୍ଭ ହୋଇଥିବାବେଳେ ଆନ୍ଦୋଳନ ଜାରି ରହିଥିବାରୁ ଅଞ୍ଚଳରେ ଚାପା ଉତ୍ତେଜନା ଲାଗି ରହିଛି।

# ଅବସରକାଳୀନ ବିଦାୟ ସମ୍ବର୍ଦ୍ଧନା



**ରାଉରକେଲା, ୧୭(ସମିସ):** ରାଉରକେଲା ସ୍ଥିତ ବାଜିରାଉତ ଶିକ୍ଷା ନିକେତନ ଶିକ୍ଷାନୁଷ୍ଠାନରେ ଅଫିସ୍ ଆସିଷ୍ଟାଣ୍ଟ ଭାବରେ ଦୀର୍ଘ ୨୬ ବର୍ଷ କାର୍ଯ୍ୟକରି ଜୁନ୍ ୩୦ ତାରିଖରେ ଅବସର ଗ୍ରହଣ କରିଛନ୍ତି ରମେଶ ଚନ୍ଦ୍ର ଗୌଡ଼। ଜୁନ୍ ୩୦ ତାରିଖ ସଂଧ୍ୟାରେ ରମେଶ ଚନ୍ଦ୍ର ଗୌଡଙ୍କୁ ସେବା ନିବୃତ୍ତ ଅବସରରେ ସ୍ୱନ୍ଦନ କାର୍ଯ୍ୟାଳୟ ଠାରେ ସ୍ୱନ୍ଦନ ପରିବାର ତରଫରୁ ଭବ୍ୟ ସମ୍ବର୍ଦ୍ଧନା ପ୍ରଦାନ କରାଯାଇଥିଲା। ସ୍ୱନ୍ଦନ ଅନୁଷ୍ଠାନର ସାଧାରଣ ସମ୍ପାଦକ ପ୍ରଫେସର ସମର ମୁଦାଲିଙ୍କ ସଭାପତିତ୍ୱରେ ଆୟୋଜିତ ଏହି ସମ୍ବର୍ଦ୍ଧନା ସଭାରେ ସମ୍ପାଦକ ଡକ୍ଟର ସତ୍ୟ ମିଶ୍ର, ନରୋତ୍ତମ ସାମଲ, ଶିଶିର ମୁଦାଲି, ମିହିର ପରିଜା, ନିତ୍ୟାନନ୍ଦ ଜେନା, କ୍ରିଷ୍ଣା ସିଂ, ସୁଦିଶ ମିଶ୍ର, ବନ୍ଦନା ଦାସ, ରାଜେଶ ପ୍ରସାଦ, ସରଣାନ୍ଦ ବରାଳ, ଇପ୍‌ସିତା ପ୍ରସାଦ ପ୍ରମୁଖ ଉପସ୍ଥିତ ରହି ଶ୍ରୀ ଗୌଡ଼ଙ୍କୁ ସମ୍ବର୍ଦ୍ଧିତ କରିବା ସହ ତାଙ୍କର କାର୍ଯ୍ୟଦକ୍ଷତା ତଥା ସମସ୍ତଙ୍କୁ ଭଲପାଉଥିବା ଗୁଣ ବଖାଣିଥିଲେ। ଶେଷରେ ସଦସ୍ୟମାନେ ପୁଷ୍ପ ଗୁଚ୍ଛ, ଅଙ୍ଗବସ୍ତ୍ର, ଉପହାର ପ୍ରଦାନ ସହ ଶ୍ରୀ ରମେଶ ଗୌଡଙ୍କ ଦୀର୍ଘ, ନିରାମୟ ଜୀବନ କାମନା କରିଥିଲେ।

# ଆଇଜିଏଚ୍‌ରେ ଜାତୀୟ ଡାକ୍ତର ଦିବସ

**ରାଉରକେଲା, ୧୭(ସମିସ):** ଇଣ୍ଡିଆନ ମେଡିକାଲ ଆସୋସିଏସନ, ଇସ୍ପାତ ଜେନେରାଲ ହସ୍ପିଟାଲ ଶାଖା ପକ୍ଷରୁ ରାଉରକେଲା ଇସ୍ପାତ କାରଖାନା ସହଯୋଗରେ ଜୁଲାଇ ପହିଲାରେ ଇସ୍ପାତ ଜେନେରାଲ ହସ୍ପିଟାଲର (ଆଇଜିଏଚ୍) ସମ୍ମିଳନୀ କକ୍ଷରେ ଜାତୀୟ ଡାକ୍ତର ଦିବସ ପାଳିତ ହୋଇଯାଇଛି। ହସ୍ପିଟାଲର ସମସ୍ତ ବିଭାଗର ଡାକ୍ତରମାନେ ଯୋଗ ଦେଇଥିଲେ।



ଆଇ.ଏମ୍.ଏ - ଇସ୍ପାତ ଜେନେରାଲ ହସ୍ପିଟାଲ ଶାଖାର ସଭାପତି ଡକ୍ଟର ପି. କେ ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଆୟୋଜିତ କାର୍ଯ୍ୟକ୍ରମରେରେ ଆଇଜିଏଚର ଭାରପ୍ରାପ୍ତ ମୁଖ୍ୟ ଚିକିତ୍ସା ଅଧିକାରୀ ଡାକ୍ତର ଜୟନ୍ତ କୁମାର ଆଚାର୍ଯ୍ୟ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ପ୍ରଦୀପ ପ୍ରଜ୍ୱଳନ କରି କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ। ଚଳିତ ବର୍ଷର ବିଷୟବସ୍ତୁ 'ବିହାଇଣ୍ଡ ଦ ମାସ୍କ: ହୁ ହିଲ୍ସ ଦ ହିଲର୍ସ?' ଉପରେ ଡାକ୍ତର ଆଚାର୍ଯ୍ୟ ବିସ୍ତୃତ ଭାବେ ଅଭିଭାଷଣ ପ୍ରଦାନ କରିଥିଲେ। ସେ ସ୍ୱାସ୍ଥ୍ୟସେବା ସହ ଜଡ଼ିତ ବୃତ୍ତିଧାରୀମାନଙ୍କ ନିଷ୍ଠା ଓ ସେବା ମନୋଭାବକୁ ସ୍ୱୀକୃତି ଦେବା ସହିତ ସେମାନଙ୍କର ଶାରୀରିକ ଓ ମାନସିକ ସୁସ୍ଥତାକୁ ସହଯୋଗ କରିବାର ଗୁରୁତ୍ୱ ଉପରେ ଆଲୋକପାତ କରିଥିଲେ।

ଏହି ଅବସରରେ ଇସ୍ପାତ ଜେନେରାଲ ହସ୍ପିଟାଲର ଇଣ୍ଟେନସିଭ୍ କେୟାର ୟୁନିଟ୍ ର ପୂର୍ବତନ ମୁଖ୍ୟ ତଥା ବରିଷ୍ଠ ଆନେସ୍ଥେଟିଷ୍ଟ ଡାକ୍ତର ରାଜ୍ୟବର୍ଦ୍ଧନ ପଟ୍ଟନାୟକଙ୍କୁ କ୍ରିଟିକାଲ କେୟାର ମେଡିସିନ କ୍ଷେତ୍ରରେ ତାଙ୍କର ବିଶିଷ୍ଟ ସେବା ଏବଂ ଅସାଧାରଣ ଅବଦାନ ପାଇଁ ସ୍ୱତନ୍ତ୍ର ଭାବେ ସମ୍ବର୍ଦ୍ଧିତ କରାଯାଇଥିଲା।

ଆଇଜିଏଚର ଅତିରିକ୍ତ ମୁଖ୍ୟ ଚିକିତ୍ସା ଅଧିକାରୀ ଡାକ୍ତର ମେଘରାୟ ମାଝୀ ଧନ୍ୟବାଦ ଅର୍ପଣ କରିଥିଲେ। ଆଇ.ଏମ୍.ଏ - ଇସ୍ପାତ ଜେନେରାଲ ହସ୍ପିଟାଲ ଶାଖାର ସଭାପତି ଡାକ୍ତର ପି.କେ. ମହାପାତ୍ରଙ୍କ ମାର୍ଗଦର୍ଶନରେ ଏବଂ ଇସ୍ପାତ ଜେନେରାଲ ହସ୍ପିଟାଲର ଅନ୍ୟତମ ମୁଖ୍ୟ ପରାମର୍ଶଦାତା ଡାକ୍ତର ଜେ ଆର୍. ସାହୁ ଓ ଇସ୍ପାତ ଜେନେରାଲ ହସ୍ପିଟାଲର ଅତିରିକ୍ତ ମୁଖ୍ୟ ଚିକିତ୍ସା ଅଧିକାରୀ ଡାକ୍ତର ସି. କେ. କାଶୀଙ୍କ ସକ୍ରିୟ ସହଯୋଗରେ ଏହି କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ସମଗ୍ର କାର୍ଯ୍ୟକ୍ରମକୁ ଡାକ୍ତର ସ୍ନେହଲ ପରଡେ ସଂଯୋଜନା କରିଥିଲେ।

# ରାଉରକେଲା ଇସ୍ପାତ କାରଖାନାର ୧୦୮୫ କର୍ମଚାରୀଙ୍କ ପଦୋନ୍ନତି

**ରାଉରକେଲା, ୧୭(ସମିସ):** ରାଉରକେଲା ଇସ୍ପାତ କାରଖାନାର ୧୭୫ ଜଣ ଅଧିକାରୀଙ୍କ ସମେତ ସର୍ବମୋଟ ୧୦୮୫ ଜଣ କର୍ମଚାରୀଙ୍କୁ ଜୁନ୍ ୩୦ ତାରିଖରେ ପଦୋନ୍ନତି ଦିଆଯାଇଛି।

'ମନ୍ଥନ' ସମ୍ମିଳନୀ କକ୍ଷରେ ଆୟୋଜିତ ଏକ କାର୍ଯ୍ୟକ୍ରମରେ ନିର୍ବାହୀ ନିର୍ଦ୍ଦେଶକ (ମାନବ ସମ୍ବଳ) ତରୁଣ ମିଶ୍ର ଆନୁଷ୍ଠାନିକ ଭାବେ ବରିଷ୍ଠ ଅଧିକାରୀମାନଙ୍କୁ ପଦୋନ୍ନତି ପତ୍ର ପ୍ରଦାନ କରିଥିଲେ ଏବଂ ପରିଚାଳନା କର୍ତ୍ତୃପକ୍ଷଙ୍କ ପକ୍ଷରୁ ନୂତନ ଭାବେ ପଦୋନ୍ନତି ପାଇଥିବା ଅଧିକାରୀମାନଙ୍କୁ ଅଭିନନ୍ଦନ ଜଣାଇଥିଲେ। ଏହି ସମାରୋହରେ ନିର୍ବାହୀ ନିର୍ଦ୍ଦେଶକ (ୱାର୍କସ) ବିଶ୍ୱ ରଞ୍ଜନ ପଲାଇ, ନିର୍ବାହୀ ନିର୍ଦ୍ଦେଶକ (ପ୍ରୋଜେକ୍ଟସ) ଏସ୍. ପି. ଚୌଧୁରୀ, ସିଜିଏମ୍ ଇନ୍-ଚାର୍ଜ (ଫାଇନାନ୍ସ) ରାଜେଶ ଦାସଗୁପ୍ତା, ସିଏମ୍‌ଓ ଇନ୍-ଚାର୍ଜ ଡାକ୍ତର ଜୟନ୍ତ ଆଚାର୍ଯ୍ୟ ଏବଂ ସିଜିଏମ୍ (ମ୍ୟାଟେରିଆଲ୍ସ ମ୍ୟାନେଜମେଣ୍ଟ) ଶ୍ରୀ ଟି. ବିନୋଦ ମଧ୍ୟ ଉପସ୍ଥିତ ଥିଲେ।




ମହାପ୍ରବନ୍ଧକ (ଜେନେରାଲ ମ୍ୟାନେଜର) ପଦବୀକୁ ପଦୋନ୍ନତି ପାଇଥିବା ୧୬ ଜଣ ଉପ-ମହାପ୍ରବନ୍ଧକ (ଡେପୁଟି ଜେନେରାଲ ମ୍ୟାନେଜର) ଏବଂ ଉପ-ମହାପ୍ରବନ୍ଧକ ପଦବୀକୁ ପଦୋନ୍ନତି ପାଇଥିବା ୩୯ ଜଣ ସହକାରୀ ମହାପ୍ରବନ୍ଧକ (ଆସିଷ୍ଟାଣ୍ଟ ଜେନେରାଲ ମ୍ୟାନେଜର)ଙ୍କୁ ମିଶ୍ର ପଦୋନ୍ନତି ପତ୍ର ପ୍ରଦାନ କରିଥିଲେ।

କାର୍ଯ୍ୟକ୍ରମରେ ନିଜର ବକ୍ତବ୍ୟରେ ଶ୍ରୀ ମିଶ୍ର କର୍ମଚାରୀଙ୍କ ବିକାଶ ଏବଂ ସଂଗଠନର କାର୍ଯ୍ୟଦକ୍ଷତା ମଧ୍ୟରେ ଥିବା ସମ୍ପର୍କ ଉପରେ ଆଲୋକପାତ କରିଥିଲେ।

ଏହି ଅବସରରେ ଉପସ୍ଥିତ ବରିଷ୍ଠ ଅଧିକାରୀମାନେ ପଦୋନ୍ନତି ପାଇଥିବା ଅଧିକାରୀଙ୍କୁ ନିଜର ଅଭିନନ୍ଦନ ଜଣାଇବା ସହ କାର୍ଯ୍ୟଦକ୍ଷତା ବଜାୟ ରଖିବାକୁ ଆଗ୍ରହ କରି ପଦୋନ୍ନତି ପାଇଥିବା ଅଧିକାରୀମାନଙ୍କ ଉପରେ ସେଲ୍‌ଫ ମ୍ୟାନେଜମେଣ୍ଟ ରଖିଥିବା ବିଶ୍ୱାସକୁ ଦୋହରାଇଥିଲେ। ଏହାପୂର୍ବରୁ ସମ୍ପୃକ୍ତ ନିର୍ବାହୀ ନିର୍ଦ୍ଦେଶକମାନଙ୍କ ଦ୍ୱାରା ନୂତନ ଭାବେ ପଦୋନ୍ନତି ପାଇଥିବା ୭୯ ଜଣ ସହକାରୀ ମହାପ୍ରବନ୍ଧକଙ୍କୁ ପଦୋନ୍ନତି ପତ୍ର ପ୍ରଦାନ କରାଯାଇଥିଲା। ଏହାବ୍ୟତୀତ ୨୪ ଜଣ ଅଧିକାରୀ ବରିଷ୍ଠ ପ୍ରବନ୍ଧକ ପଦବୀକୁ ଏବଂ ୧୭ ଜଣ ପ୍ରବନ୍ଧକ ପଦବୀକୁ ପଦୋନ୍ନତି ପାଇଛନ୍ତି। ଏହା ସହିତ, କାରଖାନା ୱାର୍କସ ଅଞ୍ଚଳରୁ ୮୦୪ ଜଣ କର୍ମଚାରୀ ଏବଂ ଅଣ-ୱାର୍କସ ଅଞ୍ଚଳରୁ ୧୦୬ ଜଣ କର୍ମଚାରୀ ପରବର୍ତ୍ତୀ ଉଚ୍ଚ ଗ୍ରେଡ୍‌କୁ ପଦୋନ୍ନତି ପାଇଥିବା ଜଣାପଡ଼ିଛି।

# ପଞ୍ଚସଖା ଶିକ୍ଷା ସେତୁ ଆଲୁମିନି ମିଟ୍



**କୁତ୍ରା, ୧୭(ସମିସ):** ପଞ୍ଚ ସଖା ଶିକ୍ଷା ସେତୁ, ଶାନ୍ତାଦେବୀ ଉଚ୍ଚ ବିଦ୍ୟାଳୟ, କଟଙ୍ଗର ଆଲୁମିନି ମିଟ୍ ଅଧ୍ୟକ୍ଷ କୀର୍ତ୍ତିକିରଣ କୁଁୟାନୀଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମଟି ମେଣ୍ଟର ତଥା ପ୍ରଧାନଶିକ୍ଷକ ଡ଼. ନିତ୍ୟାନନ୍ଦ ବେହେରାଙ୍କ ପ୍ରୟାସ ଓ ତତ୍ତ୍ୱାବଧାନରେ ଆୟୋଜିତ ହୋଇଥିଲା। ଉଦଘାଟନୀ ଅବସରରେ କୁତ୍ରା ବ୍ଲକ ଶିକ୍ଷା ଅଧିକାରୀ ଅନନ୍ତ କୁମାର ନାୟକ ମୁଖ୍ୟ ଅତିଥି ଭାବେ ଯୋଗଦେଇ ବିଦ୍ୟାଳୟର ଉନ୍ନତି ପାଇଁ ପୁରାତନ ଛାତ୍ରଛାତ୍ରୀଙ୍କ ଭୂମିକାକୁ ପ୍ରଶଂସା କରିଥିଲେ। ଅନ୍ୟତମ ଅତିଥି ଭାବେ ଅମୂଲ୍ୟ ବିଦ୍ୟାପୀଠ, କେପଶେର ପ୍ରଧାନଶିକ୍ଷକ ସନ୍ତୋଷ କୁମାର ପଟେଲ, ପଞ୍ଚାୟତ ଉଚ୍ଚ ବିଦ୍ୟାଳୟ କାତ୍ରାର ପ୍ରଧାନଶିକ୍ଷକ ନିରଞ୍ଜନ ପଟେଲ, ବୁଢୁକୁପଡ଼ା ଉଚ୍ଚ ବିଦ୍ୟାଳୟର ପୂର୍ବତନ ପ୍ରଧାନଶିକ୍ଷକ କୃଷ୍ଣଚନ୍ଦ୍ର ମହାରଣା ଏବଂ କୁତ୍ରା ବ୍ଲକର ସମସ୍ତ ସିଆରସିସି ଉପସ୍ଥିତ ଥିଲେ। ବିଦ୍ୟାଳୟର ପୁରାତନ ଛାତ୍ରଛାତ୍ରୀମାନେ ବିଦ୍ୟାଳୟର ସାମଗ୍ରିକ ବିକାଶ ପାଇଁ ସାମୂହିକ ଭାବେ କାର୍ଯ୍ୟ କରିବାକୁ ସଂକଳ୍ପ ଗ୍ରହଣ କରିଥିଲେ। ବିଦ୍ୟାଳୟର ରୂପାନ୍ତରଣ ଓ ଉନ୍ନତ ପରିବେଶ ସୃଷ୍ଟି ପାଇଁ ପ୍ରଧାନଶିକ୍ଷକ ଓ ଶିକ୍ଷକମାନଙ୍କ ପ୍ରୟାସକୁ ପୁରାତନ ଛାତ୍ରଛାତ୍ରୀମାନେ ପ୍ରଶଂସା କରିଥିଲେ। ବିଦ୍ୟାଳୟକୁ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର, ପ୍ରକୃତି ମିତ୍ର ପୁରସ୍କାର ମିଳିଥିବା ସହ ଛାତ୍ରଛାତ୍ରୀମାନେ ଏନଆରଟିଏସ୍‌ରେ ସଫଳତା ହାସଲ କରିଥିବାରୁ ସମସ୍ତେ ଆନନ୍ଦ ପ୍ରକାଶ କରିଥିଲେ। ଶେଷରେ ବିଦ୍ୟାଳୟର ଆଗାମୀ ବିକାଶ ଓ ବିଭିନ୍ନ କାର୍ଯ୍ୟକ୍ରମ ପରିଚାଳନା ପାଇଁ ଏକ କମିଟି ଗଠନ କରାଯାଇଥିଲା। କାର୍ଯ୍ୟକ୍ରମକୁ ଆଲୁମିନି ପରାମର୍ଶଦାତା ମହେନ୍ଦ୍ର ସିଂହ ମମତା ସ୍ୱାଇଁ ଓ କୁମାରୀ ଜୟପୁରିଆଙ୍କ ସହଯୋଗରେ ସଞ୍ଚାଳନ କରିଥିଲେ।

# ବ୍ୟାଙ୍କ ଦିବସ ଅବସରରେ ସ୍ୱଚ୍ଛତା ଅଭିଯାନ

**ବଣାଇ, ୧୭(ସମିସ):** ୭୧ତମ ବ୍ୟାଙ୍କ ଦିବସ ପାଳନ ଅବସରରେ ଭାରତୀୟ ଷ୍ଟେଟ ବ୍ୟାଙ୍କ (ଏସ୍‌ବିଆଇ) ବଣାଇ ଶାଖା ପକ୍ଷରୁ ବୁଧବାର ବଣାଇ ସ୍ଥିତ ବିଜୁ ପାର୍କ ନିକଟରେ ଏକ ସ୍ୱଚ୍ଛତା ଅଭିଯାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ବଣାଇ ଶାଖାର ମୁଖ୍ୟ ପ୍ରବନ୍ଧକ ସଞ୍ଜୟ କୁମାର ମାଝୀଙ୍କ ନେତୃତ୍ୱରେ କିରଣ ବେଲହେମ ଲୁଗୁନ, ଅକ୍ଷୟ କୁମାର ବେହେରା, ରବୀନ୍ଦ୍ରନାଥ ବେହେରା, ଗଣନାଥ ଫକ୍ୱାର, କିଶୋର ଚନ୍ଦ୍ର ମାଝୀ, କାରିଆ ମାଝୀ, ଅଜିତ କୁମାର ବାସ୍କେ, ଯଦୁ ମୁର୍ମୁ ଓ ପ୍ରଶାନ୍ତ କୁମାର ସ୍ୱାଇଁ ପ୍ରମୁଖ ଉପସ୍ଥିତ ରହି ସକ୍ରିୟ ଭାବେ ସଫେଇ କାର୍ଯ୍ୟରେ ଅଂଶଗ୍ରହଣ କରିଥିଲେ। ଏହି ଅବସରରେ ବ୍ୟାଙ୍କ କର୍ମଚାରୀମାନେ ସ୍ୱଚ୍ଛ ପରିବେଶ ଗଠନରେ ସମସ୍ତଙ୍କ ସହଯୋଗର ଆବଶ୍ୟକତା ଉପରେ ମତ ପ୍ରକାଶ କରିବା ସହ ସାଧାରଣ ଲୋକଙ୍କୁ ନିଜ ଆଖପାଖ ଅଞ୍ଚଳକୁ ସ୍ୱଚ୍ଛ ରଖିବା ପାଇଁ ସଚେତନ କରିଥିଲେ।



# ପଇଡ଼ ବୋଝେଇ ପିକଅପ୍ ଦୁର୍ଘଟଣାଗ୍ରସ୍ତ; ୩ ଗୁରୁତର

**ବଣାଇଁ, ୧୭(ସମିସ):** ଟିକାୟତପାଲି ଥାନା ଅନ୍ତର୍ଗତ ୧୪୩ ନମ୍ବର ଜାତୀୟ ରାଜପଥର ବିଜାକୁଳି ବଜାର ନିକଟସ୍ଥ ପୋଲ ଉପରେ ଏକ ପଇଡ଼ ବୋଝେଇ ପିକଅପ୍ ଭ୍ୟାନ୍ ଓଲଟି ପଡ଼ିବାରୁ ଏଥିରେ ଥିବା ୩ ଜଣ ଗୁରୁତର ହୋଇଛନ୍ତି। ପିକଅପ୍‌ଟି ବାରକୋଟରୁ ରାଉରକେଲା ଅଭିମୁଖେ ପଇଡ଼ ବୋଝେଇ କରି ଯାଉଥିବା ବେଳେ ବିଜାକୁଳି ବଜାର ନିକଟରେ ଥିବା ପୋଲ ଉପରେ ହଠାତ୍ ଚାଳକ ଭାରସାମ୍ୟ ହରାଇବାରୁ ଦୁର୍ଘଟଣା ଘଟିଥିଲା। ଗାଡ଼ିରେ ଚାଳକଙ୍କ ସମେତ ମୋଟ ୩ ଜଣ ଥିଲେ। ଟିକାୟତପାଲି ପୁଲିସ ଘଟଣାସ୍ଥଳରେ ପହଞ୍ଚି ଦୁର୍ଘଟଣାର ତଦନ୍ତ ଆରମ୍ଭ କରିଥିବା ଜଣାପଡ଼ିଛି।

## ରାଉରକେଲା ପୁଲିସ ପକ୍ଷରୁ 'ନିଶା ମୁକ୍ତ ଓଡ଼ିଶା' ଅଭିଯାନ

# 'ନିଶାମୁକ୍ତ ସମାଜ ପାଇଁ ସାମୂହିକ ସହଯୋଗ ଲୋଡ଼ା'

ରାଉରକେଲା, ୧୭ (ସମିସ)

ନିଶାମୁକ୍ତ ସମାଜ ଗଠନ ଲକ୍ଷ୍ୟରେ ରାଜ୍ୟବ୍ୟାପୀ ଚାଲିଥିବା 'ନିଶା ମୁକ୍ତ ଓଡ଼ିଶା ଅଭିଯାନ' ଅବସରରେ ବୁଧବାର ରାଜ୍ୟର ବିଭିନ୍ନ ସରକାରୀ କାର୍ଯ୍ୟାଳୟ, ଶିକ୍ଷାନୁଷ୍ଠାନ, ଥାନା ଏବଂ ଅନ୍ୟାନ୍ୟ ଅନୁଷ୍ଠାନରେ ନିଶା ବିରୋଧୀ ଶପଥ ଗ୍ରହଣ କାର୍ଯ୍ୟକ୍ରମ ଓ ସଚେତନତା ସଭାର ଆୟୋଜନ କରାଯାଇଥିଲା। ଏହି ପରିପ୍ରେକ୍ଷୀରେ ରାଉରକେଲାର ପ୍ଲାଣ୍ଟ ସାଇଟ୍ ଥାନା ପରିସରରେ ଏକ ନିଶା ବିରୋଧୀ ଶପଥ ଗ୍ରହଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଥାନା ଅଧିକାରୀ ବିଭସ୍ୱ ପ୍ରଧାନ ଉପସ୍ଥିତ ସମସ୍ତଙ୍କୁ ନିଶା ବିରୋଧୀ ଶପଥ ପାଠ କରାଇଥିଲେ। କାର୍ଯ୍ୟକ୍ରମରେ ରାଉରକେଲା ଇଣ୍ଟିଗ୍ରେସନ୍ ଫୋରମ୍, ଶାନ୍ତି କମିଟିର ସଦସ୍ୟ ଏବଂ ସ୍ଥାନୀୟ ବାସିନ୍ଦାମାନେ ସକ୍ରିୟ ଭାବେ ଯୋଗ ଦେଇଥିଲେ।

ଆଇଆଇସି ବିଭସ୍ୱ ପ୍ରଧାନ କହିଥିଲେ ଯେ, ରାଜ୍ୟବ୍ୟାପୀ ଚାଲିଥିବା ଏହି ଅଭିଯାନର ମୂଳ ଉଦ୍ଦେଶ୍ୟ ହେଉଛି ଯୁବପିଢ଼ିଙ୍କୁ ନିଶାର କୁପ୍ରଭାବ ସମ୍ପର୍କରେ ସଚେତନ କରି ସେମାନଙ୍କୁ ସୁସ୍ଥ, ଦାୟିତ୍ୱବାନ ଏବଂ ନିଶାମୁକ୍ତ ଜୀବନଯାପନ ପାଇଁ ପ୍ରେରିତ କରିବା। ସମସ୍ତ ନାଗରିକ ଏଥିରେ ସକ୍ରିୟ ସହଯୋଗ କରିବାକୁ ସେ ଆହ୍ୱାନ ଜଣାଇଥିଲେ।



ସେହିପରି ଉଦିତନଗର ଥାନା ପକ୍ଷରୁ ମଧ୍ୟ ନିଶା ବିରୋଧୀ ଶପଥ ଗ୍ରହଣ କାର୍ଯ୍ୟକ୍ରମ ଓ ସଚେତନତା ସଭାର ଆୟୋଜନ କରାଯାଇଥିଲା। ଅତିରିକ୍ତ ଏସ୍‌ପି ଶ୍ରାବଣୀ ନାୟକ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ନିଶା ସେବନ କେବଳ ଜଣେ ବ୍ୟକ୍ତିଙ୍କ ସ୍ୱାସ୍ଥ୍ୟକୁ କ୍ଷତିଗ୍ରସ୍ତ କରେ ନାହିଁ, ବରଂ ପରିବାର ଓ ସମଗ୍ର ସମାଜ ଉପରେ କୁପ୍ରଭାବ ପକାଇଥାଏ। ଏକ ନିଶାମୁକ୍ତ ସମାଜ ଗଠନ ପାଇଁ ସମସ୍ତଙ୍କ ସାମୂହିକ ସହଯୋଗ ଓ ନିରନ୍ତର ଜନସଚେତନତାର ଆବଶ୍ୟକତା ରହିଛି ବୋଲି ମତ ପ୍ରକାଶ କରିଥିଲେ।

# ବଣାଇଁ ଥାନାରେ ନିଶାମୁକ୍ତ ସଚେତନତା କାର୍ଯ୍ୟକ୍ରମ

**ବଣାଇଁ, ୧୭(ସମିସ):** ନିଶାମୁକ୍ତ ଓଡ଼ିଶା ଗଠନ ଲକ୍ଷ୍ୟରେ ଓଡ଼ିଶା ପୁଲିସ ପକ୍ଷରୁ ଆରମ୍ଭ ହୋଇଥିବା 'ନିଶାମୁକ୍ତ ଓଡ଼ିଶା ଅଭିଯାନ' ଅବସରରେ ବୁଧବାର ବଣାଇଁ ଥାନା ପରିସରରେ ଏକ ସଚେତନତା ଓ ନିଶା ବିରୋଧୀ ଶପଥ ଗ୍ରହଣ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ବଣାଇଁ ଥାନା ଅଧିକାରୀ ପିଙ୍କି କୁମାରୀ ମୁର୍ମୁଙ୍କ ନେତୃତ୍ୱରେ ଏଏସଆଇ ପର୍ଶୁରାମ ମାହାନ୍ତ, ଚୂଡ଼ାମଣି ମହାପାତ୍ର, ଆଶୁମତୀ ନାୟକ ପ୍ରମୁଖ ଉପସ୍ଥିତ ରହିଥିଲେ। ରାଜା ଧରଣୀଧର ଉଚ୍ଚ ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କ ସମେତ ବଣାଇଁ ଅଞ୍ଚଳର ବହୁ ସାଧାରଣ ଜନତା ଏହି ସଚେତନତା କାର୍ଯ୍ୟକ୍ରମରେ ଯୋଗଦେଇ ନିଶା ବିରୋଧୀ ଶପଥ ଗ୍ରହଣ କରିଥିଲେ।




ଏହି ଅବସରରେ ଭିଡିଓ କନଫରେନ୍ସ ମାଧ୍ୟମରେ ଓଡ଼ିଶା ପୁଲିସର ମହାନିର୍ଦ୍ଦେଶକ ୱାଇ. ବି. ଖୁରାନିଆ ନିଶାମୁକ୍ତ ସମାଜ ଗଠନର ଆବଶ୍ୟକତା, ଯୁବପିଢ଼ିଙ୍କୁ ମାଦକ ଦ୍ରବ୍ୟର କବଳରୁ ରକ୍ଷା କରିବା ଏବଂ ସମସ୍ତଙ୍କ ସହଯୋଗରେ ନିଶା ବିରୋଧୀ ଆନ୍ଦୋଳନକୁ ସଫଳ କରିବା ଉପରେ ଆଲୋକପାତ କରିଥିଲେ।

ସକାଳ
THE SAKALA

# ଡିଜିଟାଲ ଇଣ୍ଡିଆର କଷଣ

ଆଧାର ଏକ କାର୍ଡ ନା ନମ୍ବର? ଏହା ଇଚ୍ଛାଧୀନ ନା ବାଧ୍ୟତାମୂଳକ? ଏହି ପ୍ରଶ୍ନ ଓ ପ୍ରସଙ୍ଗ ଏକାଧିକ ଥର ନ୍ୟାୟପାଳିକାର କାଠଗଡ଼ାକୁ ଯାଇଛି । ସର୍ବୋଚ୍ଚ ନ୍ୟାୟାଳୟ ଏକାଧିକ ଥର 'ଆଧାର'କୁ ବାଧ୍ୟତାମୂଳକ କରାଯାଇପାରିବ ନାହିଁ ବୋଲି ରାୟ ଦେଇଛନ୍ତି । ଶେଷଥର ପାଇଁ ସର୍ବୋଚ୍ଚ ନ୍ୟାୟାଳୟ ୨୦୧୮ ସେପ୍ଟେମ୍ବର ମାସରେ 'ଜଷ୍ଟିସ୍ କେ ଏସ୍ ପୁଟ୍ଟାସ୍ୱାମୀ ବନାମ ଭାରତ ସରକାର' ମାମଲାରେ ସ୍ପଷ୍ଟ କରିଥିଲେ ଯେ ବିଭିନ୍ନ ଜନକଲ୍ୟାଣମୂଳକ ସରକାରୀ ଯୋଜନାର ହିତାଧିକାର ପାଇଁ 'ଆଧାର' ସଂଯୋଗ ଆବଶ୍ୟକ; କିନ୍ତୁ 'ଆଧାର' ସଂଯୋଗର ଅନୁପସ୍ଥିତି ଆଳରେ କୌଣସି ହିତାଧିକାରୀଙ୍କୁ ଯୋଜନାର ଲାଭ ପାଇବାରୁ ବଞ୍ଚିତ କରାଯାଇପାରିବ ନାହିଁ । ବିଡ଼ମ୍ବନା ହେଉଛି ଓଡ଼ିଶାରେ ଗତ ଦୁଇବର୍ଷ ମଧ୍ୟରେ ସର୍ବୋଚ୍ଚ ନ୍ୟାୟାଳୟଙ୍କ ଉପରୋକ୍ତ ରାୟର ସର୍ବାଧିକ ଉଲ୍ଲଙ୍ଘନ ହେବା ସହିତ ଗରିବ ହିତାଧିକାରୀଙ୍କୁ ଇ-କେୱାଇସି ଆଳରେ ନ୍ୟାଯ୍ୟ ଅଧିକାରରୁ ମାସ ମାସ ଧରି ବଞ୍ଚିତ କରାଯାଇଛି ।

ଗତବର୍ଷ ରାସନ୍ ବା ପଡ଼ିକାର୍ଡଧାରୀଙ୍କ ପାଇଁ ଇ-କେୱାଇସି ନବୀକରଣ ବାଧ୍ୟତାମୂଳକ କରାଯିବା ପରେ ଓଡ଼ିଶାର ଲକ୍ଷ ଲକ୍ଷ ହିତାଧିକାରୀ ଖାଦ୍ୟ ସୁରକ୍ଷା ଯୋଜନାରୁ ବଞ୍ଚିତ ହୋଇଥିଲେ । ସେମାନଙ୍କ ଭିତରେ ଅଯୋଗ୍ୟ ହିତାଧିକାରୀ ବା ଜାଲ୍ ପଡ଼ିକାର୍ଡ ଧାରୀ ନଥିଲେ ବୋଲି କୁହାଯାଇପାରିବ ନାହିଁ । ତେଣୁ ଖାଦ୍ୟ ସୁରକ୍ଷା ଯୋଜନାର ହିତାଧିକାର ପ୍ରକ୍ରିୟାକୁ ସ୍ୱଚ୍ଛ ଓ ଲକ୍ଷ୍ୟଭିତ୍ତିକ କରିବା ପାଇଁ ବୈଧ ପରିଚୟ ଓ ଚିହ୍ନଟକୁ ମଧ୍ୟ କେହି ମନା କରୁନାହାନ୍ତି । କିନ୍ତୁ କିଛି ପ୍ରତିଶତ ଜାଲ୍ ହିତାଧିକାରୀଙ୍କ ପାଇଁ ଲକ୍ଷ ଲକ୍ଷ ଗରିବ ହିତାଧିକାରୀ ମାସ ମାସ ଧରି ରାସନ ଓ ଖାଦ୍ୟ ସୁରକ୍ଷା ଅଧିକାରରୁ ବଞ୍ଚିତ କରାଯିବ କେଉଁ ନ୍ୟାୟରେ? ଚଳିତ ବର୍ଷ ମଧ୍ୟ ସେଭଳି ବିଡ଼ମ୍ବନାର ପୁନରାବୃତ୍ତି ଘଟିଛି । ମାସ ମାସ ଧରି ବାର୍ଦ୍ଧକ୍ୟ ଭତ୍ତା ଦିଆଯାଇ ନ ଥିବା ବେଳେ ଏବେ ଆଧାର ଲିଙ୍କ ବାହାନା ଖୋଜାଯାଉଛି । ସରକାର ନିର୍ଦ୍ଦେଶ ଦେଇଛନ୍ତି ଯେ ଆଧାର ଲିଙ୍କ ନଥିଲେ ଆଉ ବାର୍ଦ୍ଧକ୍ୟ ଭତ୍ତା ମିଳିବ ନାହିଁ । ଯେଉଁମାନେ ବାର୍ଦ୍ଧକ୍ୟ ଭତ୍ତା ପାଉଛନ୍ତି ସେମାନଙ୍କ ମଧ୍ୟରୁ ୯୬ ପ୍ରତିଶତ ନିରକ୍ଷର ଓ ଅଳ୍ପଶିକ୍ଷିତ । ଡିଜିଟାଲ୍ ସ୍ୱାକ୍ଷରତା, ଆଧାର ଲିଙ୍କ, ଇକେୱାଇସି ଭଳି ଜଟିଳ ବ୍ୟବସ୍ଥାକୁ ସେମାନେ ନା ବୁଝିପାରିବେ ନା ସେମାନଙ୍କୁ କେହି ବୁଝାଇପାରିବେ । ଏହି ବାସ୍ତବତାକୁ ଯେ ସରକାର କିମ୍ବା ବିଭାଗୀୟ ବାବୁମାନେ ହୃଦୟଙ୍ଗମ କରି ନ ଥିବେ ତାହା ମଧ୍ୟ ବିଶ୍ୱାସଯୋଗ୍ୟ ନୁହେଁ । ତଥାପି ହିତାଧିକାରୀଙ୍କୁ ବୈଷୟିକତା ତ୍ରୁଟି ଆଳରେ ଅଧିକାରରୁ ବଞ୍ଚିତ କରିବା ସାମ୍ବିଧାନିକ ଅଧିକାରର ଉଲ୍ଲଙ୍ଘନ ନୁହେଁ କି? ଆଜି ଆମ ଦେଶ ଡିଜିଟାଲ୍ ଇଣ୍ଡିଆର ସଫଳତାର ଦଶନ୍ଧି ପୂର୍ତ୍ତି ମହୋତ୍ସବ ପାଳନ କରୁଥିବା ବେଳେ ଡିଜିଟାଲ୍ ପାହାରର କଷଣ କେତେ ଯୁକ୍ତିଯୁକ୍ତ ତାହା ମଧ୍ୟ ବିଚାର୍ଯ୍ୟ ।


ଏଭଳି ବିଡ଼ମ୍ବନା ଓ ବ୍ୟତିକ୍ରମର ମୂଳାଧାର ହେଉଛି ଡିଜିଟାଲ୍ ଇଣ୍ଡିଆର ସୂଚନା ପ୍ରଯୁକ୍ତି ବିଦ୍ୟାର ଜଟିଳ ପ୍ରକ୍ରିୟା । ଜନଜୀବନକୁ ସାବଲୀଳ, ସହଜ ଓ ସରଳ କରିବା ସହିତ ମାନବ ସଭ୍ୟତାକୁ ଉନ୍ନତ କରିବା ଲାଗି ବିଜ୍ଞାନ ସର୍ବଦା ଅଭିପ୍ରେତ । କିନ୍ତୁ ବିଜ୍ଞାନ ଯଦି ସୁଖ ବଦଳରେ ଦୁଃଖ ଦିଏ, ଜୀବନକୁ ସହଜ କରିବା ବଦଳରେ ଯଦି ଯନ୍ତ୍ରଣାସିକ୍ତ କରିଦିଏ ତେବେ ତାହା ବିଜ୍ଞାନର ଅଭିଶାପ ବୋଲି କହିବାକୁ ହେବ । ମହତ୍ ଉଦ୍ଦେଶ୍ୟରେ ଚଳିତ ଶତାବ୍ଦୀର ପ୍ରାରମ୍ଭରୁ ଭାରତରେ ଆରମ୍ଭ ହୋଇଥିବା ଡିଜିଟାଲ୍ ବିପ୍ଳବ ଏବେ ଡିଜିଟାଲ୍ ଭାରତର ରୂପ ନେଇ ସେଭଳି ଅଭିଶପ୍ତ ଘଟଣାମାନଙ୍କୁ ଜନ୍ମ ଦେଇଚାଲିଛି । ଆମ ଭିତରୁ ପ୍ରାୟ ଅଧିକାଂଶ ଭୁକ୍ତଭୋଗୀଙ୍କ ଅନୁଭବ ଓ ଅନୁଭୂତି ଏହା ଯେ - ଡିଜିଟାଲ୍ ବିପ୍ଳବ କାମକୁ ଆରାମଦାୟକ ଓ ସତ୍ୱର କରିଦେଇଛି । କିନ୍ତୁ ଏହାର ପାଦେ ପାଦେ ବିପଦ ରହିଛି । ସାକ୍ଷରତା ଓ ସଚେତନତା ବିନା ଡିଜିଟାଲ୍ ଦୁନିଆ ଅପରାଧର ଏକ ମାୟାନଗରୀ ଭାବେ ପ୍ରମାଣିତ ହୋଇଛି । ଏପରିକି ଉଚ୍ଚଶିକ୍ଷିତ ବୈଷୟିକ ଜ୍ଞାନସମ୍ପନ୍ନ ବ୍ୟକ୍ତିବିଶେଷ ମଧ୍ୟ ଡିଜିଟାଲ୍ ଦୁନିଆର ମାୟାଜାଲରେ ପଡ଼ି ଯନ୍ତ୍ରଣା ଭୋଗୁଛନ୍ତି ।

ଡିଜିଟାଲ୍ ଦୁନିଆକୁ ଏଡ଼ାଇ ଯିବା ଆଜିର ସମୟରେ ଅସମ୍ଭବ । ବ୍ୟବସ୍ଥା ଓ ପ୍ରକ୍ରିୟାକୁ ଡିଜିଟାଲାଇଜେସନ୍ କରିବାରେ କେହି ଆପତ୍ତି କରୁନାହାନ୍ତି । କିନ୍ତୁ ସମ୍ପୂର୍ଣ୍ଣ ପ୍ରସ୍ତୁତି ବିନା ଏହାର ପ୍ରୟୋଗ କିଭଳି ବିପତ୍ତି ଓ ବିଭ୍ରାଟମାନ ସୃଷ୍ଟି କରିପାରେ ତାହା ବାହାନଗା ମର୍ମନ୍ତୁଦ ରେଳ ଦୁର୍ଘଟଣା ସମେତ ଓଡ଼ିଶାରେ ରାସନ୍ ଓ ଭତ୍ତା ବଣ୍ଟନ ବ୍ୟତିକ୍ରମକୁ ଉଦାହରଣ ରୂପେ ନିଆଯାଇପାରେ । ଗତ ପାଞ୍ଚବର୍ଷ ଭିତରେ ଯେଉଁ କେତେକ ରେଳ ଦୁର୍ଘଟଣା ଘଟିଛି ସେଥିମଧ୍ୟରୁ ପ୍ରାୟ ୯୯ ପ୍ରତିଶତ ପଛରେ ଡିଜିଟାଲ୍ ବ୍ୟବସ୍ଥାକୁ ଦାୟୀ କରାଯାଇପାରେ । ଡିଜିଟାଲ୍ ସିଗନାଲ୍ ବା ଭିଡ଼ ନିୟନ୍ତ୍ରଣକୁ ଅତ୍ୟାଧୁନିକ ଜ୍ଞାନକୌଶଳ ବଳରେ ସୁସଂଯତ ଓ ତ୍ରୁଟିଶୂନ୍ୟ କରିବା ପାଇଁ ଡିଜିଟାଲ ଜ୍ଞାନକୌଶଳର ଭରପୂର ପ୍ରୟୋଗ କରାଯାଉଥିବା ବେଳେ ତାହାର ସାମାନ୍ୟ ତମ ଅପ୍ରସ୍ତୁତି ଯୋଗୁଁ ଯେଉଁ ଦୁର୍ଘଟଣାମାନ ଘଟୁଛି ସେଥିମଧ୍ୟରୁ ୨୦୨୩ର ବାହାନଗା ରେଳଦୁର୍ଘଟଣା ଇତିହାସରେ ଅପାସୋରା ହୋଇ ରହିଯିବ ।

ଡିଜିଟାଲ୍ ଇଣ୍ଡିଆର ଆଉ ଏକ ନକାରାତ୍ମକ ଦିଗ ଏବେ ସାମ୍ନାକୁ ଆସିଛି । ପଶ୍ଚିମବଙ୍ଗରେ ଏସ୍ଆଇଆର ପ୍ରକ୍ରିୟାରେ ଭୋଟର ତାଲିକାରୁ ବାଦ୍ ପଡ଼ିଥିବା ବ୍ୟକ୍ତି ଓ ପରିବାର ବିଭିନ୍ନ ଜନକଲ୍ୟାଣକାରୀ ସରକାରୀ ଯୋଜନାରୁ ବଞ୍ଚିତ ହେବେ ବୋଲି ପଶ୍ଚିମବଙ୍ଗର ନବନିର୍ବାଚିତ ସରକାର ଘୋଷଣା କରିଛନ୍ତି । ଭୋଟର ତାଲିକାରୁ ବାଦ୍ ପଡ଼ିଥିବା କାରଣରୁ ପାସ୍‌ପୋର୍ଟ ମଧ୍ୟ ନବୀକରଣ ହୋଇପାରୁ ନ ଥିବା ଜଣାପଡ଼ିଛି । ଏହା କହିବା ବାହୁଲ୍ୟ ଯେ ଏସ୍ଆଇଆରରେ 'ତାର୍କିକ ବିସଙ୍ଗତି'(ଲଜିକାଲ୍ ଡିସ୍କ୍ରିପାନ୍ସି) ଭଳି ଯେଉଁ ଅସ୍ତ୍ରଟିକୁ ଉପଯୋଗ କରାଗଲା ସେଥିରେ ଅନ୍ୟାୟଭାବେ ଅନେକ ଯୋଗ୍ୟ ଭୋଟର ତାଲିକାରୁ ବାଦ୍ ପଡ଼ିଲେ । ଆଲ୍‌ଗୋରିଦିମ୍(ଡିଜିଟାଲ) ଦ୍ୱାରା ନିୟନ୍ତ୍ରିତ ଏହି ପ୍ରକ୍ରିୟାରେ ବାଦ୍ ପଡ଼ିଥିବା ଭାରତୀୟମାନେ ଏବେ ସେମାନଙ୍କ ନାଗରିକତ୍ୱ ହରାଇବା ପରି ସ୍ଥିତି ସୃଷ୍ଟି ହୋଇଛି ଏବଂ ସର୍ବୋଚ୍ଚ ନ୍ୟାୟାଳୟରେ ମାମଲା ବୋଝ ବଢ଼ିଚାଲିଛି । ସ୍ୱଂୟକ୍ଷମ ପୂର୍ଣ୍ଣପ୍ରସ୍ତୁତିର ଅନୁପସ୍ଥିତିରେ 'ଡିଜିଟାଲ୍ ଇଣ୍ଡିଆ'ରେ ଯେଉଁଭଳି ଭାବେ ସାଇବର ଅପରାଧ, ଡିଜିଟାଲ୍ ଆରେଷ୍ଟ, ହ୍ୟାକିଂ ଅପରାଧମାନ ବଢ଼ିଚାଲିଛି ତାହା ମଧ୍ୟ କାହାକୁ ଅଛପା ନାହିଁ । ବିଦ୍ୟାଳୟମାନଙ୍କରେ 'ଆଧାର' ଓ 'ଅପାର' ସଂଯୋଗର ବାଧ୍ୟବାଧକତା ଜନ୍ମ ଦେଇଥିବା ଜଟିଳତା, ସମସ୍ୟା ଓ ଯନ୍ତ୍ରଣା ଅଭିଭାବକଙ୍କ ଛଡ଼ା ଆଉ କେହି ହୃଦୟଙ୍ଗମ କରିପାରିବେ ନାହିଁ ।

ତେଣୁ ଶ୍ରୁତିମଧୁର ଡିଜିଟାଲ୍ ଇଣ୍ଡିଆକୁ ତିକ୍ତ-ଅନୁଭବମୁକ୍ତ କରିବାକୁ ହେଲେ ନୀତିନିର୍ଦ୍ଧାରଣ ସ୍ତରରେ ଆହୁରି ପରିପକ୍ୱତା ଆବଶ୍ୟକ । ପ୍ରଚାରସର୍ବସ୍ୱ ମାନସିକତାକୁ ତ୍ୟାଗ କରି ପ୍ରଭାବସର୍ବସ୍ୱ ନୀତି ନିର୍ଦ୍ଧାରଣ ନ ହେବା ଯାଏଁ ଡିଜିଟାଲ ଇଣ୍ଡିଆର ଏଭଳି ଅଦେଖା ଓ ଅକୁହା କଷଣ ଓ ଉଦାହରଣମାନ ବଢ଼ିଚାଲିଥିବ ।

# ସମ୍ପାଦକୀୟ



ଇତିହାସର ପୁନରାବୃତ୍ତି ହୁଏ, ପ୍ରଥମେ ଏକ ଦୁଃଖଦ ଘଟଣା ଭାବେ ଏବଂ ଦ୍ୱିତୀୟରେ ଏକ ପ୍ରହସନ ଭାବେ ।
-କାର୍ଲ ମାର୍କସ୍

## ନିର୍ବାଚନ ପୂର୍ବରୁ ଓ ପରେ

**ଅକ୍ଷୟ କୁମାର ମିଶ୍ର**

ଜନସାଧାରଣ ସବୁବେଳେ ଆଶା କରନ୍ତି ତାଙ୍କର ଯିଏ ନେତା ହେବେ ସେ ଜଣେ ଭଲ ସେବକ ହୁଅନ୍ତୁ । ତାଙ୍କର ଭାବମୂର୍ତ୍ତି ନିର୍ମଳ ହେଉ । ସେ ନିଃସ୍ୱାର୍ଥପର, ନିରାଡ଼ମ୍ବର, ନିଷ୍କଳଙ୍କ ଓ ନିରପେକ୍ଷ ହୁଅନ୍ତୁ । ଦୟା, କ୍ଷମା, ଉଦାରତା, ସହନଶୀଳତା ଆଦି ମାନବୀୟ ଗୁଣର ସେ ଅଧିକାରୀ ହୁଅନ୍ତୁ । ସର୍ବୋପରି ଜଣେ ଜ୍ଞାନୀ ମଣିଷ ହୁଅନ୍ତୁ । ଲୋକଙ୍କର ଏହି ଭାବନାକୁ ଆମ ଦେଶର ତଥାକଥିତ ନେତାମାନେ ବେଶ୍ ଭଲଭାବରେ ଜାଣିଛନ୍ତି । ସେଇଥିପାଇଁ ବୋଧହୁଏ ନିର୍ବାଚନ ପୂର୍ବରୁ ସେମାନଙ୍କର ଗୋଟିଏ ରୂପ ନିର୍ବାଚନ ପରେ ଆଉ ଏକ ରୂପ ।

ନିର୍ବାଚନ ପୂର୍ବରୁ ସବୁ ନେତା ଭଦ୍ର, ସରଳ, ମିଷ୍ଟଭାଷୀ । ଏମିତି ଆଚରଣ ପ୍ରଦର୍ଶନ କରନ୍ତି ସତେଯେମିତି ସାମାନ୍ୟତମ ଲୋଭ ବା ମୋହର ବଶବର୍ତ୍ତୀ ନୁହନ୍ତି ସେମାନେ । ସାଧାରଣ ବେଶଭୂଷା, ସରଳ ଜୀବନଯାପନ ଲୋକଙ୍କୁ ଆକୃଷ୍ଟ କଲା ଭଳି । ଆହାରେ ଭଲ-ମନ୍ଦ ନାହିଁ । ଜାତି-ଅଜାତି ଆଉ ସ୍ଥାନ-କାଳ-ପାତ୍ରର ବାଛବିଚାର ନାହିଁ । ଯେଉଁଠି ଯେମିତି ମିଳେ ତାହା ଆଗ୍ରହର ସହିତ ଖାଇ ନିଅନ୍ତି । କାହା ପିଣ୍ଡାର ଛିଣ୍ଡା ମଶିଣାରେ, ମନ୍ଦିର ଅଗଣାରେ, ମେଳଣ ପଡ଼ିଆରେ, ଘାସ ଉପରେ ବସି ଲୋକଙ୍କ ଅନ୍ତରଙ୍ଗ ହେବାକୁ ଉଦ୍ୟମ କରନ୍ତି । କାହାର ବିପଦ ଆପଦରେ ଅଯାଚିତ ଭାବେ ଆସି ପହଞ୍ଚି ଯାଆନ୍ତି । ବେଳେ ବେଳେ ଶବ ଶୋଭାଯାତ୍ରାରେ କୋକେଇରେ କାନ୍ଧ ଦେଇ ମଶାଣି ପର୍ଯ୍ୟନ୍ତ ଯାଆନ୍ତି । ବଦମାସ, ଚୋର, ଡକାୟତ ବି ସାଧୁ ପାଲଟି ଯାଆନ୍ତି ନିର୍ବାଚନ ସମୟରେ । ଦାନୀ ହରିଶ୍ଚନ୍ଦ୍ର ଭଳି ଦାନ ଦକ୍ଷିଣା ଦେବାରେ ମଧ୍ୟ କାର୍ପଣ୍ୟ ପ୍ରକାଶ କରନ୍ତି ନାହିଁ । ଲୋକେ କୁହାବୋଲା କରନ୍ତି 'ମଣିଷ ଭଳି ମଣିଷଟିଏ । ନେତା ହେବ ତ ଏମିତି ।'

ଲୋକଙ୍କର କଳନା ଭୁଲ ପ୍ରମାଣିତ ହୁଏ ନିର୍ବାଚନ ପରେ । ସମସ୍ତ ପ୍ରଶଂସା ତିରସ୍କାରର ରୂପ ନିଏ । ବାରମ୍ବାର ନିଜକୁ ପ୍ରଶ୍ନ ପଚାରିବାକୁ ଇଚ୍ଛା ହୁଏ, ଏତେ ଶୀଘ୍ର ସେମାନେ ବଦଳି ଯାଉଛନ୍ତି କେମିତି? ନିର୍ବାଚନ ଜିଣିବାର ମାସେ ଦୁଇ ମାସ ଭିତରେ ସବୁକିଛି ବଦଳି ଯାଉଛି । ପଖାଳ ଖାଇବା ତ ଦୂରର କଥା ଦେଖା ଦର୍ଶନ ମିଳୁ ନାହିଁ । କୌଣସି ଜରୁରୀ କାମରେ ସାକ୍ଷାତ କରିବାକୁ ଗଲେ ସହଜେ ସମ୍ଭବ ହେଉ ନାହିଁ । 'ସାର୍ ଶୋଇଛନ୍ତି', 'ସାର୍ ଆଜି ଦେଖା ହୋଇ ପାରିବେ ନାହିଁ', 'ବହୁ ନାମୀଦାମୀ ଲୋକଙ୍କ ପାଇଁ ସମୟ ସ୍ଥିର ହୋଇଛି', 'କେଉଁଠୁ ଆସିଛ, କାମ କ'ଣ...?' ଏମିତି କେତେ ଶୁଣେଇ ଦେବ ଦରୱାନ୍ । ଅତି କାକୁସ୍ଥ ହେଲେ ଉତ୍ତର ଆସିବ, 'ଠିକ୍ ଅଛି ଗୋଟିଏ କାଗଜରେ ନାମ ଠିକଣା ଲେଖିଦିଅ । ପ୍ରାଇଭେଟ୍ ଆସିଷ୍ଟାଣ୍ଟଙ୍କୁ ଦେବି ।' ଅଳ୍ପ କେତୋଟି ଦିନ ଭିତରେ ରାଜଧାନୀରେ ଦାମୀ ବଙ୍ଗଳା ତିଆରି ହେଉଛି । ଘରର ଯେତେ ସଦସ୍ୟ ସମସ୍ତଙ୍କ ପାଇଁ ନିଜ ପସନ୍ଦର ଗାଡ଼ି କିଣା ହେଉଛି । ପୁଅ ଝିଅମାନେ ଆଉ ସରକାରୀ ଶିକ୍ଷାନୁଷ୍ଠାନରେ ପଢୁ ନାହାନ୍ତି । ଏମିତିକି ଏକଦା ଦେଶଭକ୍ତିର ଡିଣ୍ଡିମ ପିଟୁଥିବା ବାବୁ ତାଙ୍କ ପୁଅଝିଅଙ୍କୁ ବିଦେଶରେ ପାଠ ପଢ଼ାଉଛନ୍ତି । ଅଳ୍ପ କେତେଜଣଙ୍କୁ ଛାଡ଼ିଦେଲେ ନିର୍ବାଚନ ପରେ ନବେ ପ୍ରତିଶତ ନେତାଙ୍କ ନିକଟରେ ନୀତି, ଆଦର୍ଶ କେବଳ ମୁଖନିଃସୃତ ବାଣୀ । ଅସଲରେ ଦୁର୍ନୀତିର ପାହାଡ଼ ଆରୋହଣ କରିବାରେ ପ୍ରତିଦ୍ୱନ୍ଦ୍ୱିତା ଚାଲିଛି ନେତାଙ୍କ ଭିତରେ ।

ଗଣତନ୍ତ୍ରର ପୃଷ୍ଠଭୂମିରେ ଛିଡ଼ା ହୋଇ ଆମେ ଯଦି ନିରୀକ୍ଷଣ କରିବା ତେବେ ଅତି ସହଜରେ ଜାଣି ପାରିବା କେବଳ ଜନପ୍ରତିନିଧିଙ୍କଠାରେ ପରିବର୍ତ୍ତନ ଘଟୁନାହିଁ । ରାଜନୈତିକ ଦଳଗୁଡ଼ିକ ମଧ୍ୟ ଅନେକମାତ୍ରାରେ ନିଜର ନୀତି ଓ କାର୍ଯ୍ୟଧାରାରେ ପରିବର୍ତ୍ତନ ଘଟାଉଛନ୍ତି । ନିର୍ବାଚନ ପୂର୍ବରୁ ଯେଉଁ କଥା ସବୁ କୁହନ୍ତି ନିର୍ବାଚନ ପରେ ସେସବୁ କାମରେ ପ୍ରତିଫଳିତ ହୁଏ ନାହିଁ । ସବୁଠାରୁ ବଡ଼ କଥା ହେଉଛି କ୍ଷମତାରେ ରହିବା ଏବଂ କ୍ଷମତାକୁ ନିରଙ୍କୁଶ ଉପଭୋଗ କରିବା ନିମନ୍ତେ ଯୋଜନା ପ୍ରସ୍ତୁତ କରୁଛନ୍ତି । ଯେନତେନ ପ୍ରକାରେ ଦଳର ଶକ୍ତି ବୃଦ୍ଧି କରିବା ପାଇଁ ବିଭିନ୍ନ ଅସାଧୁ ପନ୍ଥା ଅବଲମ୍ବନ କରୁଛନ୍ତି ।

ଆଲୋଚନାକୁ ଆଣିଲେ ଅନେକ ଘଟଣା ଆସିବ । ତେବେ ଅଳ୍ପ କେତୋଟି ଘଟଣା ସମ୍ପର୍କରେ ଆଲୋଚନା କରିବା । ଏଇ କିଛିବର୍ଷ ହେଲା ଆମେ ଦେଖୁଛୁ ନିର୍ବାଚନ ପରେ ସରକାରୀ ଦଳ କେମିତି ଅନ୍ୟ ଦଳରୁ ନିର୍ବାଚିତ ପ୍ରତିନିଧିମାନଙ୍କୁ ନିଜ ପକ୍ଷକୁ ନେବା ପାଇଁ ଲାଗି ପଡ଼ୁଛନ୍ତି । ବିଶେଷକରି ରାଜ୍ୟସଭା ସାଂସଦଙ୍କ ଉପରେ ଲୋଲୁପ ଦୃଷ୍ଟି ପକାଇଛନ୍ତି । ଆମ ରାଜ୍ୟର ତିନି ଜଣ ବିଜେଡି ଦଳର ସାଂସଦ ପଦବୀରୁ ଇସ୍ତଫା ଦେଇ ସରକାରୀ ଦଳରେ ସାମିଲ ହେବା ଏବଂ ସଙ୍ଗେ ସଙ୍ଗେ ଦଳୀୟ ଟିକଟ ଦେଇ ପୁନର୍ବାର ସେମାନଙ୍କୁ ରାଜ୍ୟସଭାକୁ ନେଇଯିବାରେ ନୈତିକତାକୁ କେମିତି ସମ୍ପୂର୍ଣ୍ଣ ବିସର୍ଜନ ଦିଆଗଲା ତାହା ସଭିଏଁ ଦେଖିଲେ । ଏମିତି ଏକ ଇସ୍ତଫା ନାଟକ ହେଲା କେବଳ ମାତ୍ର ଦଳବଦଳ ଆଇନରୁ ରକ୍ଷା ପାଇବା ପାଇଁ । 'ଆପ୍' ଦଳର ସାତ ଜଣ ରାଜ୍ୟସଭା ସାଂସଦ କେମିତି ପଟ୍ଟ ପରିବର୍ତ୍ତନ କଲେ ତାହା ସଭିଏଁ ଦେଖିଛନ୍ତି । ଏବେ ଦୃଷ୍ଟି ପଡ଼ିଛି ପଶ୍ଚିମବଙ୍ଗର ତୃଣମୂଳ କଂଗ୍ରେସ ଉପରେ । ଏହି ଦଳର ସଂକେତରେ ଭୋଟ୍ ନେଇ ନିର୍ବାଚିତ ହୋଇଥିବା ସାଂସଦମାନଙ୍କ ଉପରେ । ୨୮ ଜଣ ସାଂସଦଙ୍କ ମଧ୍ୟରୁ ୨୦ ଜଣ ସାଂସଦ ଏନ୍‌ଡିଏକୁ ସମର୍ଥନ ଦେବାକୁ ଘୋଷଣା କରିବା ପୂର୍ବରୁ ସେହି ରାଜ୍ୟର ବର୍ତ୍ତମାନର ମୁଖ୍ୟମନ୍ତ୍ରୀ ଯିଏ ସେମାନଙ୍କର ଘୋର ବିରୋଧୀ ଥିଲେ ତାଙ୍କ ସହିତ ଗୋପନ ବୈଠକ କରିବା ଦଳର ଭିତିରି ଉଦ୍ଦେଶ୍ୟକୁ ପଦାରେ ପକାଇ ଦେଇଛି । ନିର୍ବାଚନ ପୂର୍ବରୁ ଦଳ ଏମାନଙ୍କ ବିରୁଦ୍ଧରେ ପ୍ରଚାର କରୁଥିଲା, ଏମାନଙ୍କ ବିରୁଦ୍ଧରେ ଦୁର୍ନୀତି ଅଭିଯୋଗ ଆଣୁଥିଲା । ମାତ୍ର ନିର୍ବାଚନ ପରେ ନିଜ ଦଳକୁ କୋଳେଇ ନେଉଛି ସବୁକୁ ଭୁଲି । ରାଜ୍ୟସଭା ନିର୍ବାଚନ ସମୟରେ ସରକାରୀ ଦଳମାନେ କେଉଁ ଆଭିମୁଖ୍ୟ ନେଉଛନ୍ତି ତାହା ବିଭିନ୍ନ ରାଜ୍ୟର ଦାଣ୍ଡରେ ପଡ଼ି ଗଡ଼ୁଛି । ଓଡ଼ିଶାରେ ବୋଧହୁଏ ଏହା ସବୁ ସୀମା ଟପି ଯାଇଛି ।

ନିର୍ବାଚନ ପରେ ଆଉ ଏକ ଘଟଣା ହେଉଛି ଦଳ ଭାଙ୍ଗିବା । ମହାରାଷ୍ଟ୍ରରେ ଶିବସେନା ଏବଂ ଏନ୍.ସି.ପି. କେମିତି ଏବଂ କେଉଁଥି ପାଇଁ ଭାଙ୍ଗିଲା କାହାକୁ ଅଛପା ନାହିଁ । ଏବେ ପଶ୍ଚିମବଙ୍ଗରେ ସେହି ସମାନ ନାଟକର ପୁନରାବୃତ୍ତି । ପନ୍ଦର ବର୍ଷ ଶାସନ କଲା ପରେ ତୃଣମୂଳ କଂଗ୍ରେସ ନିର୍ବାଚନରେ ପରାଜିତ ହେଲା ଏବଂ ଅଶୀ ବିଧାୟକଙ୍କୁ ନେଇ ବିରୋଧୀ ଦଳ ଆସନରେ ବସିଲା । ମାତ୍ର ମାସେ ଯାଇନି ଅଶୀରୁ ଷାଠିଏ ବିଧାୟକ ମିଶି ନୂତନ ତୃଣମୂଳ କଂଗ୍ରେସ ଗଠନ କଲେ । ନିର୍ବାଚନ ପୂର୍ବରୁ ଯେଉଁମାନେ ଅତ୍ୟନ୍ତ କୁତ୍ସିତ ଭାଷାରେ କଟୁ ସମାଲୋଚନା କରୁଥିଲେ ନିର୍ବାଚନ ପରେ ସେମାନେ ପ୍ରଶଂସାରେ ଶତମୁଖ । ପରମ ଶତ୍ରୁ ପରମ ମିତ୍ର ପାଲଟି ଯାଉଛି । ନିର୍ବାଚନ ପୂର୍ବରୁ ଦଳ ଡେଇଁବା ଆମ ଦେଶରେ ରାଜନୈତିକ ସଂସ୍କୃତି ପାଲଟି ଯାଇଛି । ଦେଶର ଜନଗଣ ମଧ୍ୟ ଏହାକୁ ଗ୍ରହଣ କରିନେଇଛନ୍ତି । ନିର୍ବାଚନ ପରେ ସାଧାରଣ ଲୋକେ କିଛି ସୁବିଧା ସୁଯୋଗ ପାଇବା ଆଶାରେ କ୍ଷମତାସୀନ ଦଳକୁ ଯାଆନ୍ତି । କିନ୍ତୁ ଗୋଟିଏ ଦଳରୁ ଜିଣି ଅନ୍ୟ ଦଳକୁ ଯିବା ଭୟରେ ନା ଭକ୍ତିରେ ତାହା ହିଁ ବିଚାର୍ଯ୍ୟ । ଯାହା ଦେଖାଯାଉଛି ଅଧିକାଂଶ କ୍ଷେତ୍ରରେ ଭୟ ଗ୍ରାସ କରୁଛି ଏହି ନେତାମାନଙ୍କୁ । ସଭିଏଁ ଅନୁଭବ କଲେଣି ଶାସକ ଶ୍ରେଣୀରେ ରହିଲେ ସବୁପ୍ରକାର ଅପକର୍ମକୁ ଲୁଚାଇ ହେବ । ଅଧିକନ୍ତୁ ଉଦ୍‌ବୃତ୍ତ କ୍ଷମତାର ଉପଭୋଗ କରିହେବ ଯଦି ମନ୍ତ୍ରୀ ପଦଟିଏ ମିଳିଗଲା । ମାତ୍ର ଏହି କ୍ଷେତ୍ରରେ ରାଜନୈତିକ ଦଳମାନଙ୍କୁ ଅଧିକ ଦାୟୀ କରାଯାଇ ପାରେ । ଦଳର ଦୁର୍ନୀତି ସହିତ ସାଲିସ ଏବଂ ଆଦର୍ଶଗତ ବିଚ୍ୟୁତି ଯୋଗୁଁ ଏଭଳି ଘଟଣା ଘଟୁଛି ଯାହା ଗଣତନ୍ତ୍ରର ପକ୍ଷ ଛେଦନ କରୁଛି ।

ବ୍ୟକ୍ତି ଓ ଦଳମାନଙ୍କର ଏଭଳି ଅବାଞ୍ଛିତ ପରିବର୍ତ୍ତନ ଗଣ କିମ୍ବା ଗଣତନ୍ତ୍ର କାହା ପାଇଁ ଶୁଭଙ୍କର ନୁହେଁ । ଏହା ଅନ୍ୟାୟ, ଅନୀତି ଓ ଦୁର୍ନୀତିକୁ ପ୍ରୋତ୍ସାହନ ଯୋଗାଏ । ବ୍ୟକ୍ତିବାଦର ଉତ୍ଥାନ ଘଟାଏ । ସୁବିଧାବାଦ ରାଜନୀତିକୁ ଲାଳନ ପାଳନ କରି ବଡ଼ କରାଏ । ଏହାକୁ ରୋକାଯାଇ ପାରିବ ଯଦି ଜନଗଣ ସଚେତନ ହେବେ । ଯେଉଁଦିନ ଜନଗଣ ନିର୍ଭୀକତାର ସହିତ ପ୍ରଶ୍ନ ପଚାରିବେ ଏବଂ ଏ ପ୍ରକାର ଅସାଧୁ, ଅନୈତିକ କାର୍ଯ୍ୟଗୁଡ଼ିକୁ ସାହସର ସହିତ ବିରୋଧ କରିବେ ସେହିଦିନ ପ୍ରକୃତ ଗଣତନ୍ତ୍ରର ପ୍ରତିଷ୍ଠା ସମ୍ଭବ ହେବ । ନହେଲେ ଆମେ କେବଳ ନିଜକୁ ଦୋଷ ଦେଇ ଚାଲିଥିବା ଏବଂ କହି ଚାଲିଥିବା 'ଯିଏ ଲଙ୍କାକୁ ଗଲା ସିଏ ରାବଣ ହେଲା ।'

ମୋ : ୯୯୩୮୭୬୩୨୩୭

## କେବେ ପୂରଣ ହେବ ଭାରତର ବିଶ୍ୱକପ୍ ସ୍ୱପ୍ନ?

**ବରୁଣ କୁମାର ମହାପାତ୍ର**

ବିଶ୍ୱର ସବୁଠାରୁ ଲୋକପ୍ରିୟ ଖେଳ ଫୁଟବଲ୍ । ତେଣୁ 'ଫିଫା ବିଶ୍ୱକପ୍'ରେ ଖେଳିବା ପ୍ରତ୍ୟେକ ଦେଶର ସ୍ୱପ୍ନ ହୋଇଥାଏ । ତେବେ ଫୁଟବଲର ଏହି ମହାକୁମ୍ଭରେ ୧୪୦ କୋଟି ଜନସଂଖ୍ୟା ବିଶିଷ୍ଟ ଭାରତର ଅନୁପସ୍ଥିତି ଦେଶବାସୀଙ୍କ ପାଇଁ ନିରାଶାର କାରଣ ହୋଇଆସିଛି । ବିଶ୍ୱକପ୍ ଯୋଗ୍ୟତା ଅର୍ଜନ କରିବାରେ ଭାରତର ଏପରି ବାରମ୍ବାର ବିଫଳତା ବିଶେଷଜ୍ଞମାନଙ୍କୁ ବିସ୍ମିତ କରିଛି । ଆମ ଦେଶରେ ଫୁଟବଲ୍ ପ୍ରତିଭାଙ୍କ ଅଭାବ ନାହିଁ । ଅଥଚ ଭାରତ ବିଶ୍ୱକପ ପାଇଁ ଯୋଗ୍ୟତା ହାସଲ କରିବାରେ ସଂଘର୍ଷ କରୁଛି । ଦିଲ୍ଲୀ ଠାରୁ ବି ଛୋଟ କ୍ୟୁରାସାଓ ଓ କେପ୍ ଭର୍ଡେ ଭଳି ଦେଶ ଚଳିତ ବିଶ୍ୱକପ୍‌ରେ ଖେଳୁଥିବା ବେଳେ ବିଶ୍ୱର ସର୍ବାଧିକ ଜନବହୁଳ ରାଷ୍ଟ୍ର କାହିଁକି ଯୋଗ୍ୟତା ଅର୍ଜନ କରିପାରୁ ନାହିଁ? କୋଉଠି ରହୁଛି ଅଭାବ? କେବେ ପୂରଣ ହେବ ଭାରତର ବିଶ୍ୱକପ୍ ସ୍ୱପ୍ନ?

ଏକଦା ଏସିଆରେ ଭାରତୀୟ ଫୁଟବଲର ଏକ ସ୍ୱତନ୍ତ୍ର ପରିଚୟ ଥିଲା । ଭାରତ ୧୯୬୨ ଏସିଆନ୍ ଗେମ୍ସରେ ସ୍ୱର୍ଣ୍ଣପଦକ ଜିତିଥିଲା । ଏପରିକି ୧୯୫୦ 'ଫିଫା' ବିଶ୍ୱକପ୍ ପାଇଁ ଭାରତ ଯୋଗ୍ୟତା ଅର୍ଜନ କରିଥିଲା । କିନ୍ତୁ ଆର୍ଥିକ ପ୍ରତିବନ୍ଧକ ଓ ଅନ୍ତର୍ଜାତୀୟ ଯାତ୍ରା ସମ୍ପର୍କରେ ସଚେତନତାର ଅଭାବ ଯୋଗୁଁ ଦଳ ବିଶ୍ୱକପରୁ ଓହରି ଯାଇଥିଲା । ସମୟକ୍ରମେ ଅନ୍ୟ ଦେଶଗୁଡ଼ିକ ଦ୍ରୁତ ଅଗ୍ରଗତି କରିଥିବା ବେଳେ ଭାରତ ପଛରେ ପଡ଼ିଯାଇଥିଲା । ଆଜି ଜାପାନ, ଦକ୍ଷିଣ କୋରିଆ, ଅଷ୍ଟ୍ରେଲିଆ, ସାଉଦି ଆରବ, କତାର ଭଳି ଦେଶ ବିଶ୍ୱକପ୍‌ରେ ନିୟମିତ ଖେଳୁଛନ୍ତି । କିନ୍ତୁ ଭାରତ ଯୋଗ୍ୟତା ପର୍ଯ୍ୟାୟ ପର୍ଯ୍ୟନ୍ତ ପହଞ୍ଚି ପାରୁନାହିଁ ।

ଭାରତୀୟ ଫୁଟବଲର ଏହି ଅନ୍ତହୀନ ଦୁର୍ଦ୍ଦଶାର ପ୍ରମୁଖ କାରଣ ହେଉଛି ତୃଣମୂଳ ସ୍ତରରେ ଫୁଟବଲର ଦୁର୍ବଳ ଭିତ୍ତି । ଫୁଟବଲ୍‌ରେ ସଫଳତା ସାଉଁଟିଥିବା ଦେଶଗୁଡ଼ିକରେ ୫-୬ ବର୍ଷ ବୟସରୁ ହିଁ ପିଲାମାନଙ୍କୁ ବୈଜ୍ଞାନିକ ଢଙ୍ଗରେ ପ୍ରଶିକ୍ଷଣ ଦିଆଯାଏ । ସ୍କୁଲ, କ୍ଲବ ଓ ସ୍ଥାନୀୟ ଲିଗ୍ ମଧ୍ୟରେ ସୁଦୃଢ଼ ସମନ୍ୱୟ ରହିଥାଏ । ଭାରତରେ ଏପରି ସୁବ୍ୟବସ୍ଥିତ ଏକାଡେମୀ ଓ ଦକ୍ଷ ପ୍ରଶିକ୍ଷକଙ୍କ ସଂଖ୍ୟା କେବଳ କିଛି ରାଜ୍ୟ ଓ ସହରରେ ସୀମିତ । ଫଳରେ ପ୍ରତିଭାର ଅଭାବ ନ ଥିଲେ ମଧ୍ୟ ଅନେକ ଖେଳାଳି ସଠିକ୍ ମାର୍ଗଦର୍ଶନ ପାଉ ନାହାନ୍ତି । ଦ୍ୱିତୀୟ ବଡ଼ ସମସ୍ୟା ହେଉଛି ଭିତ୍ତିଭୂମିର ଅଭାବ । ଉନ୍ନତମାନର ଫୁଟବଲ ପଡ଼ିଆ, ପ୍ରଶିକ୍ଷଣ କେନ୍ଦ୍ର, କ୍ରୀଡ଼ା ବିଜ୍ଞାନ, ଫିଟନେସ୍ ବ୍ୟବସ୍ଥା, ଫିଜିଓଥେରାପି ଓ ଆଧୁନିକ କୋଚିଂ ସୁବିଧା ଏପର୍ଯ୍ୟନ୍ତ ସମଗ୍ର ଦେଶରେ ଉପଲବ୍ଧ ନୁହେଁ । ଆଜିର ଫୁଟବଲ କେବଳ ଦକ୍ଷତାର ଖେଳ ନୁହେଁ; ବରଂ ଏହା ବୈଜ୍ଞାନିକ ଢଙ୍ଗରେ ପ୍ରସ୍ତୁତି, ଶାରୀରିକ କ୍ଷମତା ଓ ମାନସିକ ଦୃଢ଼ତାର ଏକ ପରୀକ୍ଷା । ଏହିସବୁ ମାନଦଣ୍ଡରେ ଆମର ଖେଳାଳି ଅନ୍ୟ ଦେଶମାନଙ୍କଠାରୁ ପଛରେ ପଡ଼ିଯାଇଛନ୍ତି ।

ଆମ ଦେଶରେ କ୍ରିକେଟ୍ ଖେଳର ଲୋକପ୍ରିୟତା ମଧ୍ୟ ଫୁଟବଲର ବିକାଶରେ କିଛିମାତ୍ରାରେ ଅନ୍ତରାୟ ସୃଷ୍ଟି କରୁଛି । ଆଇପିଏଲ୍ ଯୁଗରେ ପ୍ରତିଭାଶାଳୀ ଯୁବକମାନେ ଅଧିକ ରୋଜଗାର, ଖ୍ୟାତି ପାଇଁ କ୍ରିକେଟକୁ ପସନ୍ଦ କରୁଛନ୍ତି । ଫୁଟବଲରେ ଏପର୍ଯ୍ୟନ୍ତ ସେହିସ୍ତରର ଆର୍ଥିକ ସୁରକ୍ଷା ଓ ପେଶାଦାର ସୁଯୋଗ ସୃଷ୍ଟି ହୋଇପାରିନାହିଁ । ଆଇପିଏଲ୍ ଢାଞ୍ଚାରେ ୨୦୧୪ରେ ଇଣ୍ଡିଆନ୍ ସୁପର ଲିଗ୍ (ଆଇଏସ୍ଏଲ୍) ଆରମ୍ଭ ହେବା ପରେ ଭାରତୀୟ ଫୁଟବଲ୍ ପାଇଁ ଆଶା ସଞ୍ଚାର ହୋଇଥିଲା । ହେଲେ ଭାରତୀୟ ଫୁଟବଲ୍ ସଂଘ (ଏଆଇଏଫ୍ଏଫ୍)ର ଅଣପେଶାଦାର ମନୋବୃତ୍ତି ଯୋଗୁଁ ଏହି ଲିଗ୍ ପାଇଁ ଏବେ ପ୍ରାୟୋଜକ ଖୋଜିବା କଷ୍ଟକର ହୋଇପଡ଼ିଛି ।

ବିଶ୍ୱର ଏକ ଅଗ୍ରଣୀ ଫୁଟବଲ୍ ଦେଶ ହେବାକୁ ହେଲେ ଭାରତକୁ କେବଳ ଏସିଆର ଶ୍ରେଷ୍ଠ ଦଳଗୁଡ଼ିକ ବିପକ୍ଷରେ ନିୟମିତ ଭାବେ ଖେଳିବାକୁ ପଡ଼ିବନି, ବରଂ ସେମାନଙ୍କର ବୈଷୟିକ ମାନଦଣ୍ଡ ଏବଂ ଗତି ସହିତ ତାଳ ଦେଇ ଆଗକୁ ବଢ଼ିବାକୁ ହେବ । ବିଶ୍ୱର ଶ୍ରେଷ୍ଠ ତଥା ତୀବ୍ର ପ୍ରତିଯୋଗିତାମୂଳକ ଲିଗ୍ ଭାବେ ବିବେଚିତ ୟୁରୋପୀୟ ଓ ଦକ୍ଷିଣ ଆମେରିକୀୟ ଫୁଟବଲ୍ ଲିଗ୍‌ରେ ଆମ ଖେଳାଳିମାନଙ୍କର ଖେଳିବାର ଅଭିଜ୍ଞତା ସୀମିତ । ଏହାଛଡ଼ା ଭାରତୀୟ ଫୁଟବଲ ପ୍ରଶାସନରେ ସ୍ୱଚ୍ଛତା, ସ୍ପଷ୍ଟ ରୋଡମ୍ୟାପ୍‌ର ଅଭାବ ଓ ବାରମ୍ବାର ନୀତି ପରିବର୍ତ୍ତନ ମଧ୍ୟ ଏହି ଖେଳର ବିକାଶରେ ବାଧକ ସାଜିଛି । କୌଣସି ଦେଶ ବର୍ଷେ କିମ୍ବା ଦୁଇ ବର୍ଷରେ ବିଶ୍ୱକପ୍ ଦଳ ପ୍ରସ୍ତୁତ କରି ନ ଥାଏ । ଏଥିପାଇଁ ୧୦ରୁ ୧୫ ବର୍ଷର ନିରନ୍ତର ଯୋଜନା, ଧୈର୍ଯ୍ୟ ଓ ସୁସଂଗଠିତ କାର୍ଯ୍ୟକ୍ରମ ଆବଶ୍ୟକ । ଫୁଟବଲ୍ ପ୍ରଶାସନ ପେଶାଦାର ଏବଂ ଦୂରଦୃଷ୍ଟିସମ୍ପନ୍ନ ନହେବା ଯାଏଁ ବିଶ୍ୱକପ୍ ଖେଳିବା ଲକ୍ଷ୍ୟ ଅଧୁରା ରହିବ ।

ପ୍ରଥମେ ସ୍କୁଲସ୍ତରରୁ ଫୁଟବଲକୁ ଏକ ସଂଗଠିତ ଆନ୍ଦୋଳନରେ ପରିଣତ କରିବାକୁ ପଡ଼ିବ । ପ୍ରତ୍ୟେକ ଜିଲ୍ଲାରେ ଫୁଟବଲ ଏକାଡେମୀ, ନିୟମିତ ଯୁବ ଲିଗ୍ ଓ ପ୍ରତିଭା ଚିହ୍ନଟ ବ୍ୟବସ୍ଥା ଗଢ଼ି ଉଠିବା ଦରକାର । ଅଭିଜ୍ଞ ଦେଶୀ ଓ ବିଦେଶୀ ପ୍ରଶିକ୍ଷକଙ୍କ ସହାୟତାରେ ଯୁବ ଖେଳାଳିଙ୍କୁ ବୈଜ୍ଞାନିକ ପ୍ରଶିକ୍ଷଣ ଦେବା ଆବଶ୍ୟକ । ଜାତୀୟ ଲିଗ୍‌କୁ ଅଧିକ ପ୍ରତିଯୋଗିତାମୂଳକ କରିବା ସହ ଯୁବ ଭାରତୀୟ ଖେଳାଳିଙ୍କୁ ନିୟମିତ ସୁଯୋଗ ଦେବା ଦରକାର । ଏହାଛଡ଼ା ଶକ୍ତିଶାଳୀ ଦଳମାନଙ୍କ ସହ ନିୟମିତ ବନ୍ଧୁତ୍ୱପୂର୍ଣ୍ଣ ମ୍ୟାଚ୍ ଖେଳିବା ଦ୍ୱାରା ଆମ ଖେଳାଳିଙ୍କ ଦକ୍ଷତା ଓ ଆତ୍ମବିଶ୍ୱାସ ବୃଦ୍ଧି ପାଇବ । ସେମାନେ ଅନ୍ତର୍ଜାତୀୟ ସ୍ତରରେ ଅଭିଜ୍ଞତା ହାସଲ କରିବେ । ଭାରତୀୟ ଫୁଟବଲ ସଂଘକୁ ଏପରି ପ୍ରତିଯୋଗିତାମୂଳକ ମ୍ୟାଚ୍ ସଂଖ୍ୟା ବୃଦ୍ଧି କରିବା ଆବଶ୍ୟକ ।

ସରକାର, ଫୁଟବଲ ସଂଘ, କର୍ପୋରେଟ୍ ସଂସ୍ଥା, ଶିକ୍ଷାନୁଷ୍ଠାନ ଏବଂ ସମାଜର ସମସ୍ତ ଅଂଶୀଦାର ଏକାଠି କାମ କଲେ ଭାରତୀୟ ଫୁଟବଲରେ ନୂଆ ଅଧ୍ୟାୟ ଆରମ୍ଭ ହୋଇପାରିବ । କେବଳ ସ୍ୱଳ୍ପକାଳୀନ ସଫଳତା ନୁହେଁ, ବରଂ ଦୀର୍ଘମିଆଦୀ ଲକ୍ଷ୍ୟକୁ ଆଖିଆଗରେ ରଖି ଏଥିରେ ନିବେଶ କରିବାକୁ ହେବ । ବିଶ୍ୱକପ୍‌ରେ ଭାରତ ଖେଳିବା କଷ୍ଟକର ହୋଇଥିଲେ ମଧ୍ୟ ଅସମ୍ଭବ ନୁହେଁ । ଆବଶ୍ୟକ କେବଳ ଦୂରଦୃଷ୍ଟିସମ୍ପନ୍ନ ନେତୃତ୍ୱ, ସ୍ୱଚ୍ଛ ପ୍ରଶାସନ, ନିରନ୍ତର ପରିଶ୍ରମ ଓ ଦୀର୍ଘମିଆଦୀ ଯୋଜନା । ଏହା ହୋଇପାରିଲେ 'ଫିଫା' ବିଶ୍ୱକପ୍ ମଞ୍ଚରେ ତ୍ରିରଙ୍ଗା ଉଡ଼ିବ ଏବଂ ଭାରତୀୟ ଫୁଟବଲପ୍ରେମୀଙ୍କ ସ୍ୱପ୍ନ ସାକାର ହେବ ।

ବ୍ରହ୍ମପୁର, ମୋ:୭୦୦୮୦୭୮୩୯୬

## ଶ୍ରୀମନ୍ଦିରରେ ରାଧାଦାମୋଦର ବେଶ

**ତତ୍ତ୍ୱ ଓ ତଥ୍ୟରେ ଶ୍ରୀଜଗନ୍ନାଥ**

**ବ୍ରଜକିଶୋର ଦାଶ**



ଅଳଙ୍କାର ପ୍ରିୟ ହରି । ଏହି ଆପ୍ତବାକ୍ୟ ଅନୁସାରେ ଶ୍ରୀଜଗନ୍ନାଥ ଅଳଙ୍କାର ପ୍ରିୟ ଦେବତା । ଶ୍ରୀଜଗନ୍ନାଥଙ୍କ ବେଶ ପରିପାଟିରୁ ଜଣାଯାଏ, ମହାପ୍ରଭୁ ଚାରିପ୍ରକାର ଅଳଙ୍କାର ଯଥା ବସ୍ତ୍ର ଅଳଙ୍କାର, ପୁଷ୍ପ ଅଳଙ୍କାର, ସୁବର୍ଣ୍ଣ ଅଳଙ୍କାର ଓ ସୋଲ, ଜରି ଜମ୍ମୁରା ନିର୍ମିତ ଅଳଙ୍କାରରେ ଭୂଷିତ ହୋଇଥା'ନ୍ତି । ଭାରତର କୌଣସି ଦେବମନ୍ଦିରରେ ଠାକୁରମାନଙ୍କୁ ଏଭଳି ଆକର୍ଷଣୀୟ ବହୁବିଧ ସାମଗ୍ରୀ ତଥା ଅଳଙ୍କାରରେ ମଣ୍ଡିତ କରିବାର ଦେଖାଯାଏ ନାହିଁ ।

ପୁରାଣ ବର୍ଣ୍ଣିତ ବିଭିନ୍ନ ଲୀଳାକୁ ଆଧାର କରି ବର୍ଷସାରା ଶ୍ରୀମନ୍ଦିରରେ ଅନେକ ବେଶ ଅନୁଷ୍ଠିତ ହେଉଛି । ବାରମାସରେ ବିଷ୍ଣୁଙ୍କୁ ବାରଟି ନାମରେ ନାମିତ କରାଯାଇଛି । କାର୍ତ୍ତିକ ମାସରେ ବିଷ୍ଣୁଙ୍କର ନାମ ଦାମୋଦର । ଏହିମାସରେ ଶ୍ରୀମନ୍ଦିରରେ ରାଧାଦାମୋଦର ବେଶ ଅନୁଷ୍ଠିତ ହେଉଥିବା କଥା ସମସ୍ତେ ଜାଣନ୍ତି । କିନ୍ତୁ ପ୍ରକୃତପକ୍ଷେ ରାଧାଦାମୋଦର ବେଶ ଶ୍ରୀମନ୍ଦିରରେ ଆଶ୍ୱିନ ଶୁକ୍ଳପକ୍ଷ ଏକାଦଶୀଠାରୁ କାର୍ତ୍ତିକ ଶୁକ୍ଳପକ୍ଷ ଦଶମୀ ପର୍ଯ୍ୟନ୍ତ ଏକମାସ ହୋଇଥାଏ । କେତେକ ଆଲୋଚକଙ୍କ ମତରେ ରାଇଦାମୋଦର ପୂଜାର କଥାବସ୍ତୁକୁ ନେଇ ରାଧାଦାମୋଦର ବେଶ ହେଉଥିବାର କୁହାଯାଏ । ରାଧା ଓ କୃଷ୍ଣଙ୍କୁ ନେଇ ବିଭିନ୍ନ ଗ୍ରନ୍ଥରେ ଏ ପୂଜା ସମ୍ବନ୍ଧରେ ଉଲ୍ଲେଖ ଥିବା ଜଣାଯାଏ । ଏପରିକି କେହିକେହି ରାଧାଦାମୋଦର ବେଶ ଶ୍ରୀଚୈତନ୍ୟଙ୍କ ପ୍ରେରଣାରେ ପ୍ରତାପରୁଦ୍ରଦେବଙ୍କ ସମୟରେ ଆରମ୍ଭ ହୋଇଥିବାର କହୁଥିଲା ବେଳେ ଅନ୍ୟ କେହି ଜୟଦେବ ଓ ନିମ୍ବାର୍କ ରାଧାକୃଷ୍ଣ ଯୁଗଳ ମୂର୍ତ୍ତିର ଉପାସକ ଥିବାରୁ ଏବଂ ସେ ନିମ୍ବାର୍କ ସଂପ୍ରଦାୟର ମଠରେ ରହୁଥିବାରୁ ତାଙ୍କ ସମୟରୁ ଏହାର ପ୍ରାରମ୍ଭ ହୋଇ ଥାଇପାରେ କେହି କହିଥା'ନ୍ତି । ଏହା ଗବେଷଣାସାପେକ୍ଷ ।

ଶ୍ରୀମନ୍ଦିରରେ ଅନୁଷ୍ଠିତ ରାଧାଦାମୋଦର ବେଶ ଏହିପରି । ଅବକାଶ ନୀତି ବଢ଼ିବା ପରେ ସବୁଦିନ ପରି ଶ୍ରୀବିଗ୍ରହଙ୍କୁ ବାରଲାଗି ପାଟ ପରିଧାନ କରାଯାଇଥାଏ । ରବିବାର ନାଲିରଙ୍ଗ, ସୋମବାର ଧଳାଛିଟ ମିଶା ଶୁକ୍ଳରଙ୍ଗ, ମଙ୍ଗଳବାର ପାଞ୍ଚରଙ୍ଗ ମିଶା ବାରପାଟିଆ, ବୁଧବାର ନୀଳରଙ୍ଗ, ଗୁରୁବାର ହଳଦିଆ ରଙ୍ଗ, ଶୁକ୍ରବାର ଶୁକ୍ଳରଙ୍ଗ ଓ ଶନିବାର କଳାରଙ୍ଗର ପାଟ ଠାକୁରମାନେ ପରିଧାନ କରିଥା'ନ୍ତି । ରାଧାଦାମୋଦର ବେଶରେ ମା'ସୁଭଦ୍ରା ବାରଲାଗି ପାଟ ଉପରେ ପ୍ରତିଦିନ ନାଲି ଲେହେଙ୍ଗା ପରିଧାନ କରିଥା'ନ୍ତି । ସେହିପରି ଶ୍ରୀସୁଦର୍ଶନ ଏକାରଙ୍ଗର ନାଲି କୁଞ୍ଚ ପ୍ରତିଦିନ ଲାଗି ହୁଅନ୍ତି । ରାଧାଦାମୋଦର ବେଶରେ ବସ୍ତ୍ରର ଏ ପ୍ରକାର ବ୍ୟତିକ୍ରମ ପରିଲକ୍ଷିତ ହୋଇଥାଏ । ଦୁଇଠାକୁର ଏ ବେଶରେ କାନ୍ଧପଇଟି ଲାଗି ହୁଅନ୍ତି । ଶ୍ରୀଜୀଉଙ୍କର ସ୍କନ୍ଧଦେଶରେ ଲାଗି ହେଉଥିବା ଏହା ଏକ ବାଇଶିହାତିଆ ଚାଦର, ଉତ୍ତରୀୟ ବା କାନ୍ଧବସ୍ତ୍ର ଅଟେ । ଏହି କାନ୍ଧପଇଟି ବାର ଅନୁସାରେ ନିଶ୍ଚିତ ନ ହୋଇ ବାରଲାଗି ପାଟର ରଙ୍ଗର ଦେଖି ନାଲି, ନୀଳ କିମ୍ବା ହଳଦିଆ ରଙ୍ଗର ହୋଇଥାଏ । ରାଧାଦାମୋଦର ବେଶରେ ଲାଗି ହେଉଥିବା ସମସ୍ତ ବସ୍ତ୍ର ଚାଙ୍ଗଡ଼ା ମେକାପ ଯୋଗାଉଥିବା ବେଳେ ମା'ସୁଭଦ୍ରାଙ୍କ ନାଲି ଲେହେଙ୍ଗା, ଶ୍ରୀସୁଦର୍ଶନଙ୍କ କୁଞ୍ଚ ଓ ଦୁଇଠାକୁରଙ୍କ କାନ୍ଧପଇଟି ସୁବର୍ଣ୍ଣ ଅଳଙ୍କାର ସହିତ ଭଣ୍ଡାରମେକାପ ସେବକ ଯୋଗାଇଥା'ନ୍ତି ।

ଏ ବେଶରେ ତିଳକ ବ୍ୟତୀତ ଛଅ ମୂର୍ତ୍ତି ସୁବର୍ଣ୍ଣ ଅଳଙ୍କାର ଯଥା, ଘାଗଡ଼ା ମାଳି, ଚନ୍ଦ୍ରସୂର୍ଯ୍ୟ ଓ ଓଡ଼ିଆଣି, ଚନ୍ଦ୍ରିକା ନଳୀଭୁଜ ଓ କୁଣ୍ଡଳ ଲାଗି ହୁଅନ୍ତି । ତିନିବିଗ୍ରହଙ୍କ ଶ୍ରୀଅଙ୍ଗରେ ସୁବର୍ଣ୍ଣ ଘାଗଡ଼ା ମାଳି, କପାଳରେ ସୂର୍ଯ୍ୟଚନ୍ଦ୍ର (ସୁନାର ଧାରେ ଜହ୍ନ ଉପରେ ସୂର୍ଯ୍ୟଭଳି ଏକ ମସ୍ତକ ଆଭୁଷଣ), ଓଡ଼ିଆଣି (ଠାକୁରଙ୍କ କଟି ଦେଶରେ ଏକ ପ୍ରକାର ଅଳଙ୍କାର ଯାହାକୁ କମରପଟି ବୋଲି କୁହାଯାଏ, ଅଣ୍ଟାଲୁଗାକୁ ଧରି ରଖିବା ପାଇଁ ଏକ ଅଳଙ୍କାର) ଏବଂ ଦୁଇ ଠାକୁରଙ୍କୁ ଚନ୍ଦ୍ରିକା ଲାଗି କରାଯାଏ । ପ୍ରତିଦିନ ଅନୁଷ୍ଠିତ ହେଉଥିବା ବଡ଼ସିଂହାର ବେଶରେ ଶ୍ରୀବିଗ୍ରହଙ୍କୁ ତୁଳସୀ ଘେରା ଗଭା ଉପରେ ଦୟଣାମାଳୀ ସେବକ ପ୍ରସ୍ତୁତ କରି ଦେଇଥିବା ତିନି ପୁଷ୍ପ ଚନ୍ଦ୍ରିକା ଲାଗି ହେଉଥିଲେ ହେଁ ରାଧାଦାମୋଦର ବେଶରେ ମା'ସୁଭଦ୍ରାଙ୍କୁ ସୁବର୍ଣ୍ଣ ଚନ୍ଦ୍ରିକା ଲାଗି ହୋଇ ନ ଥାଏ । ଏପରିକି ଏ ମାସକ ମଧ୍ୟରେ ପଡୁଥିବା ଶନିବାର ଦିନମାନଙ୍କରେ କୌଣସି ବିଗ୍ରହ ସୁବର୍ଣ୍ଣ ଚନ୍ଦ୍ରିକା ଲାଗି ହୋଇ ନ ଥା'ନ୍ତି । ଏତଦ୍‌ବ୍ୟତୀତ ଦୁଇଠାକୁର କର୍ଣ୍ଣରେ କୁଣ୍ଡଳ ପରିଧାନ କରିଥିଲା ବେଳେ ମା'ସୁଭଦ୍ରାଙ୍କ ମସ୍ତକରେ ତଡ଼ଗି ଲାଗିହୁଏ । ପ୍ରତ୍ୟେକ ସୁନାବେଶରେ ଦୁଇଠାକୁରଙ୍କୁ ଶ୍ରୀଭୁଜ ଲାଗି ହେଉଥିବା ବେଳେ ରାଧାଦାମୋଦର ବେଶରେ ଦୁଇଠାକୁରଙ୍କୁ ନଳିଭୁଜ ଲାଗି ହୋଇଯାଏ । ଶ୍ରୀଭୁଜ ମହାପ୍ରଭୁଙ୍କର ସୁବର୍ଣ୍ଣ ନିର୍ମିତ ହସ୍ତଯୁଗଳ, ଯେଉଁଥିରେ ଶ୍ରୀଜଗନ୍ନାଥ ରୌପ୍ୟ ଶଙ୍ଖ ଓ ସୁବର୍ଣ୍ଣ ଚକ୍ର ଧରିଥିଲା ବେଳେ ଶ୍ରୀବଳଭଦ୍ର ହଳ ଓ ମୂଷଳ ଧାରଣ କରିଥା'ନ୍ତି । ନଳିଭୁଜ ଶ୍ରୀଜୀଉଙ୍କର ହସ୍ତର ଅଗ୍ରଭାଗକୁ ଆବୃତ କଲା ଭଳି ଏକ ସୁବର୍ଣ୍ଣ ଆଭୁଷଣ ମାତ୍ର । ଏହି ନଳିଭୁଜର ବହିର୍ଭାଗରେ ଶ୍ରୀଜଗନ୍ନାଥଙ୍କ ନିମନ୍ତେ ଶଙ୍ଖଚକ୍ର ଓ ଶ୍ରୀବଳଭଦ୍ରଙ୍କ ନଳିଭୁଜରେ ହଳମୂଷଳ ଚିହ୍ନ ରହିଥାଏ ।

ରାଧାଦାମୋଦର ବେଶରେ କମ୍ ପରିମାଣରେ ପୁଷ୍ପ ଅଳଙ୍କାର ଲାଗି ହୋଇଥାଏ । କେବଳ ଝୁମ୍ପା (ଶ୍ରୀମୁଖର ତିଳକ ତଳୁ ନାସାଗ୍ର ପର୍ଯ୍ୟନ୍ତ ଲମ୍ବିଥିବା ଏକ ପୁଷ୍ପ ଅଳଙ୍କାର), ଗୁଣା (ନାକଫୁଲ ପରି ଏକ ପୁଷ୍ପ ଭୂଷା, ଅଧରମାଳା (ଗଳାରେ ଶୋଭା ପାଉଥିବା ଏକ ପୁଷ୍ପ ମାଲ୍ୟ ଯାହା ଅଧର ପର୍ଯ୍ୟନ୍ତ ଲମ୍ବିଥାଏ) ଲାଗି ହୋଇଥାଏ । ଜରି, ଜମ୍ମୁରା ବା ସୋଲ ନିର୍ମିତ କୌଣସି ବେଶ ଉପକରଣ ଲାଗି ହୋଇ ନ ଥାଏ । କେବଳ ବାଉଁଶ ପାତିଆରେ ନିର୍ମିତ ଏକ ଟୋପର ବାରଲାଗି ପାଟ ରଙ୍ଗର ଲୁଗାରେ ଆବୃତ କରାଯାଇ ଦୁଇଠାକୁରଙ୍କର ଶ୍ରୀମସ୍ତକରେ ରଖାଯାଇ ତା'ଉପରେ ସୁବର୍ଣ୍ଣ ଚନ୍ଦ୍ରିକା ଲାଗି କରାଯାଇଥାଏ । ଅବକାଶ ନୀତିପରେ ଅନୁଷ୍ଠିତ ହେଉଥିବା ଏହି ବେଶ ସକାଳଧୂପ ପର୍ଯ୍ୟନ୍ତ ରହି ଭୋଗମଣ୍ଡପ ପୂଜା ପୂର୍ବରୁ ଓଲାଗି ହୋଇଥାଏ ।

କାର୍ତ୍ତିକମାସରେ ଭଗବାନ ମତ୍ସ୍ୟ ଅବତାର ଧାରଣ କରି ଶଙ୍ଖାସୁରକୁ ବଧ କରିଥିଲେ । ବିଷ୍ଣୁ କାର୍ତ୍ତିକ ମାସରେ ଜଳରେ ନିବାସ କରୁଥିବାରୁ ପୁଣ୍ୟଲାଭ ନିମନ୍ତେ ତୀର୍ଥ ପୁଷ୍କରିଣୀରେ ପ୍ରାତଃ ସ୍ନାନ ପରେ ଶ୍ରୀକ୍ଷେତ୍ରବାସୀ ତଥା କାର୍ତ୍ତିକ ବ୍ରତଧାରୀ ଓ ହବିଷ୍ୟାଳୀମାନେ ଶ୍ରୀମନ୍ଦିରକୁ ଆସି ରାଧାଦାମୋଦର ବେଶ ଦର୍ଶନ ପୂର୍ବକ ନିଜକୁ କୃତାର୍ଥ ମଣିଥା'ନ୍ତି ।

ମୋ: ୯୪୩୭୬୩୩୯୨୨

ଲେଖା ଓ ଲୋକମତ ପାଇଁ: sakalaeditorial@gmail.com

ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ । ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ ।

# ତାମିଲନାଡୁ ଗ୍ୟାସ୍ ଲିକ୍ ଘଟଣା: ଆଉ ଜଣେ ଯୁବତୀଙ୍କ ମୃତ୍ୟୁ

## ଦଲାଲ ମୁଣ୍ଡରେ ଦୋଷଦେଇ ଖସିଯିବେକି ସରକାରୀ ଅଧିକାରୀ ?

କେନ୍ଦୁଝର,୧।୭(ସମିସ): ତାମିଲନାଡୁର ତିରୁଭଲ୍ଲୁର ଜିଲ୍ଲା ପେରିୟାପାଲ୍ଲିଆମ ନିକଟରେ ଥିବା ସେଣ୍ଟ ପିଟର୍ସ ପର୍ଲ ସି-ଫୁଡ ଏକ୍ସପୋର୍ଟ କମ୍ପାନୀରେ ଏମୋନିଆ ଗ୍ୟାସ ଲିକ ଘଟଣାରେ ଆଉ ଜଣେ ଓଡ଼ିଆ ଯୁବତୀଙ୍କ ମୃତ୍ୟୁ ହୋଇଛି। ମୃତ ଯୁବତୀ କେନ୍ଦୁଝର ଜିଲ୍ଲା ହରିଚନ୍ଦନପୁର ବ୍ଲକ ଖରବା ଗ୍ରାମର ଭୀମ ଜୁଆଙ୍ଗଙ୍କ ଝିଅ ଅଞ୍ଜନା ଜୁଆଙ୍ଗ ବୋଲି ଜଣାପଡିଛି। ବୁଧବାର ବେଳକୁ ମୃତ୍ୟୁସଂଖ୍ୟା ୧୪ରେ ପହଞ୍ଚିଛି। ସମସ୍ତେ ପ୍ରାୟ ଜୁଆଙ୍ଗ ଜନଜାତି ବର୍ଗର ଅଟନ୍ତି। ଜିଲ୍ଲାରେ ଜନଜାତି ଜୁଆଙ୍ଗ ସଂଖ୍ୟା ଖୁବ କମ ହୋଇଥିବାବେଳେ ଅକାଳରେ ଏମାନଙ୍କ ମୃତ୍ୟୁ ହୋଇଛି। ସରକାରୀ କଳର ଅବ୍ୟବସ୍ଥା କାରଣରୁ ହୋଇଥିବାରୁ ଚିନ୍ତାର କାରଣ ସାଜିଛି। ଏଠାରୁ ଦଲାଲ ମାଧ୍ୟମରେ ତାମିଲନାଡୁ ଯାଇ ବିପଦସଂକୁଳ ଅବସ୍ଥାରେ ଜୁଆଙ୍ଗମାନେ କିପରି କାମ କରୁଛନ୍ତି ଏହି ଦୁର୍ଘଟଣା ଏକ ନମୁନା ମାତ୍ର। ଏହା ପ୍ରଶାସନର ଢିଲାପଣିଆ ଏବଂ ଦଲାଲଙ୍କ ସହିତ ଶ୍ରମ ବିଭାଗ କର୍ମଚାରୀଙ୍କ ଭିତିରି ସମ୍ପର୍କକୁ ଦର୍ଶଉଛି। ତେଲକୋଇ, ବାଂଶପାଳ, ହରିଚନ୍ଦନପୁର ସମେତ ବିଭିନ୍ନ ବ୍ଲକରେ ଅତିରିକ୍ତ ଶ୍ରମ ଅଧିକାରୀ ଦାୟିତ୍ୱରେ ରହିଛନ୍ତି. କିନ୍ତୁ ତାଙ୍କର ପରିସୀମା ଭିତରେ ଛୋଟ ଛୋଟ ଝିଅମାନେ ବେଆଇନ ଭାବେ ଦାଦନ ଖଟିବାକୁ ବାହାରକୁ ଯାଉଛନ୍ତି କିପରି ଏବଂ ବ୍ଲକ ଶ୍ରମ ଅଧିକାରୀମାନେ କିଛି ଜାଣି ପାରୁନାହାନ୍ତି କିପରି ତାକୁ ନେଇ ପ୍ରଶ୍ନ ହେଉଛି। ଶ୍ରମ ବିଭାଗର ବ୍ଲକସ୍ତରୀୟ ଅଧିକାରୀମାନେ ଦଲାଲମାନଙ୍କ ନାମରେ ଥାନାରେ ମାମଲା ରୁଜୁ କରି ନିଜ ଦାୟିତ୍ୱରୁ ଖସିଯିବାକୁ ଅଭିଯୋଗ ହେଉଛି।

## ଦଲାଲ ଶ୍ରୀକାନ୍ତ ଜୁଆଙ୍ଗ ନାଁରେ ଏକାଧିକ ଥାନାରେ ମାମଲା ରୁଜୁ

ତେଲକୋଇ: ତାମିଲନାଡୁ ଗ୍ୟାସ ଦୁର୍ଘଟଣାରେ କେନ୍ଦୁଝର ଜିଲ୍ଲାର ୧୪ ଜଣ ଶ୍ରମିକଙ୍କ ମୃତ୍ୟୁ ଘଟଣାରେ ଜିଲ୍ଲା ଶ୍ରମ ବିଭାଗ ସଂପୃକ୍ତ ଥିବା ଦଲାଲ ତଥା ଶିଶୁ ଶ୍ରମିକ ଚାଲାଣକାରୀ ଶ୍ରୀକାନ୍ତ ଜୁଆଙ୍ଗ ନାମରେ ବିଭିନ୍ନ ଥାନାରେ ଲିଖିତ ଅଭିଯୋଗ କରିଛି। ଅଭିଯୋଗ ଆଧାରରେ ଜିଲ୍ଲାର ତେଲକୋଇ, ପଣ୍ଡାପଡ଼ା, ହରିଚନ୍ଦନପୁର, ଦୈତାରି, ସଦର ଥାନା, କାଞ୍ଜିପାଣି, ନୟାକୋଟ ଆଦି ଥାନାରେ ମାମଲା ରୁଜୁ ହୋଇଛି। ତେଲକୋଇ ଥାନା ତାଳପଦା ପଞ୍ଚାୟତ ରଙ୍ଗମାଟିଆ ଗ୍ରାମର ଶ୍ରୀକାନ୍ତ ଜୁଆଙ୍ଗ ଜିଲ୍ଲାର ବିଭିନ୍ନ ସ୍ଥାନରୁ ନାବାଳିକାଙ୍କୁ ପ୍ରଲୋଭନ ଦେଖାଇ ତାମିଲନାଡୁସ୍ଥିତ ଏକ ଚିଙ୍ଗୁଡ଼ି ପ୍ରକ୍ରିୟାକରଣ ଫ୍ୟାକ୍ଟ୍ରିକୁ କାର୍ଯ୍ୟ କରିବାକୁ ଚାଲାଣ କରୁଥିଲା। ଗତ ୨୧ ତାରିଖ ଉକ୍ତ ଫ୍ୟାକ୍ଟ୍ରିରେ ଆମୋନିଆ ଗ୍ୟାସ ଲିକେଜ୍ ହେବାରୁ ଜିଲ୍ଲାର ୧୪ ଜଣ ଜୁଆଙ୍ଗ ଜନଜାତି ଶ୍ରମିକ ଜୀବନ ଯାଇଛି। ଯାହାକୁ ନେଇ ଶ୍ରମ ବିଭାଗ ଆଇନଗତ ପଦକ୍ଷେପ ନେଇଥିବା ଜଣାପଡ଼ିଛି।

## ବାଣପୁର ଭିଡ଼ହିଂସା

## ନିଜ ନିର୍ବାଚନମଣ୍ଡଳୀରେ ଆଇନ ରକ୍ଷାରେ ଫେଲ୍ ଆଇନମନ୍ତ୍ରୀ: ଓଜେସି

ଭୁବନେଶ୍ୱର,୧।୭(ସମିସ): ଆଇନମନ୍ତ୍ରୀଙ୍କ ନିଜ ନିର୍ବାଚନ ମଣ୍ଡଳୀ ଅନ୍ତର୍ଗତ ବାଣପୁର ଠାରେ ଘଟିଥିବା ଭିଡ଼ ହିଂସାର ବର୍ବରତା ଓ ପୁଲିସର ନିଷ୍କ୍ରିୟତା ବିରୋଧରେ ବର୍ଷିଛି ଓଜେସି। ବୁଧବାର ପାର୍ଟି କାର୍ଯ୍ୟାଳୟ ଠାରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ମନ୍ତ୍ରୀଙ୍କ ନିରବତା ଏବଂ ଆଇନଶୃଙ୍ଖଳା ପରିସ୍ଥିତିର ଅଧୋଗତିକୁ ନେଇ ପାର୍ଟିର ମିଡିଆ ସେଲ୍ ଅଧ୍ୟକ୍ଷ ପ୍ରଶାନ୍ତ ଶତପଥୀ ସରକାରଙ୍କୁ କଡ଼ା ସମାଲୋଚନା କରିଛନ୍ତି।

ସେ କହିଛନ୍ତି ଯେ ଗତ ୨୮ ଜୁନ୍ ଅପରାହ୍ନ ୪ଟା ସମୟରେ ତୋଫାନ ନାୟକ ନାମକ ୩୨ ବର୍ଷୀୟ ଦଳିତ ଯୁବକ ନିଜ ଗାଁ ଭୀମପୁର ଠାରୁ ପାଖରେ ଥିବା ଖଣତ ଗାଁକୁ ବୁଲିଯାଇଥିବାବେଳେ ଚୋର ସନ୍ଦେହରେ କିଛି ଅସାମାଜିକ ତତ୍ତ୍ୱ ଖୁଣ୍ଟରେ ବାନ୍ଧି ନିସ୍ଥୁକ ପିଟିଲେ। ଗଛରୁ ନଡ଼ିଆ ତୋଳି ପରିବାର ନିର୍ବାହ କରୁଥିବା ଜଣେ ଗରିବ ଦଳିତ ପିଲାକୁ ପିଟି ପିଟି ମାରି ଦିଆଗଲା। ଘଟଣା ସମ୍ପର୍କରେ ପୁଲିସକୁ ଖବର ଦେବାପରେ ଦୁଇ ଘଣ୍ଟା ବିଳମ୍ବରେ ପୁଲିସ ଆସି ତୋଫାନଙ୍କୁ ଭିଡ଼ ହିଂସାରୁ ଉଦ୍ଧାର କରି ଥାନାକୁ ନେଲେ। ଥାନାରେ ସନ୍ଧ୍ୟା ୬ଟାରୁ ରାତି ୯ଟାଯାଏଁ ତାଙ୍କୁ ରଖାଗଲା। କିନ୍ତୁ ଗୁରୁତର ଭାବେ ଆହତ ହୋଇଥିଲେ ମଧ୍ୟ ତାଙ୍କୁ ଡାକ୍ତରଖାନାକୁ ନିଆଗଲା ନାହିଁ। କେଉଁ ଅଦୃଶ୍ୟ ଚାପରେ ପୁଲିସ ଭିଡ଼ ହିଂସାର ଶିକାର ଗୁରୁତର ଯୁବକଙ୍କୁ ଡାକ୍ତରଖାନାକୁ ନନେଇ ୩ ଘଣ୍ଟା ଥାନାରେ ରଖିବା ପରେ ତାଙ୍କ ବାପା ଭିକାରୀ ନାୟକଙ୍କ ପାଖରୁ ଟିପଚିହ୍ନ ମରା ଅଣ୍ଡରଟେକିଂ ରଖି ତାଙ୍କ ପରିବାରକୁ ହସ୍ତାନ୍ତର କରିଦେଲେ ତାହା ଏକ ବଡ଼ ପ୍ରଶ୍ନବାଚୀ ସୃଷ୍ଟି କରିଛି।

ଅନ୍ୟପଟେ ଏହି ଘଟଣାକୁ ୨ ଦିନ ବିତି ଯାଇଥିଲେ ମଧ୍ୟ ଦୃବୃର୍ତ୍ତଙ୍କ ବିରୋଧରେ ପୁଲିସ କୌଣସି କାର୍ଯ୍ୟାନୁଷ୍ଠାନ ନେଇନଥିଲା। ଅତି ଅମାନବୀୟ ଘଟଣାକ୍ରମେ ପୁଅର ଶବକୁ ଭୁବନେଶ୍ୱରରେ ଛାଡ଼ି ବାପା ଭିକାରି ନାୟକ ୧୦୦ କିମି ଦୂର ବାଣପୁର ଯାଇ ଥାନାରେ ଜଣେଇଲା ପରେ ଏତଲା ପଞ୍ଜୀକରଣ କରାଯାଇଥିଲା। ତୋଫାନଙ୍କୁ ଭିଡ଼ ହିଂସାରୁ ଉଦ୍ଧାର କରିବା ସମୟରେ ଦୃବୃର୍ତ୍ତଙ୍କୁ କାହା ଚାପରେ ପୁଲିସ ଗିରଫ କଲାନାହିଁ ବୋଲି ଶ୍ରୀ ଶତପଥୀ ପ୍ରଶ୍ନ କରିଛନ୍ତି। ଏହା ସହିତ ଏହି ଘଟଣାରେ ଦୋଷୀଙ୍କ ବରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ସାଙ୍ଗକୁ ଥାନାରେ ନିର୍ଯାତନା ଅଭିଯୋଗ ଉପରେ ତଦନ୍ତ ପାଇଁ ପାର୍ଟି ଦାବି କରିଛି। କର୍ତ୍ତବ୍ୟରେ ଅବହେଳା କରିଥିବା ପୁଲିସ ଅଧିକାରୀଙ୍କୁ ନିଲମ୍ବନ ସାଙ୍ଗକୁ ମୃତକଙ୍କ ପରିବାରକୁ ୫୦ ଲକ୍ଷ ଟଙ୍କାର ସହାୟତା ରାଶି ପ୍ରଦାନ କରିବା ସହ ନିଜ ନିର୍ବାଚନମଣ୍ଡଳୀରେ ଆଇନଶୃଙ୍ଖଳା ରକ୍ଷା କରିବାରେ ବ୍ୟର୍ଥ ଆଇନମନ୍ତ୍ରୀ ତାଙ୍କ ବିଭାଗରୁ ଇସ୍ତଫା ଦିଅନ୍ତୁ ବୋଲି ପାର୍ଟି ଦାବି କରିଛି। ଏହି ସାମ୍ବାଦିକ ସମ୍ମିଳନୀରେ ଦଳର ମୁଖପାତ୍ର ଶୁଭେନ୍ଦୁ ମଲ୍ଲିକ ଏବଂ ସୋମନାଥ ରାଉତ ଉପସ୍ଥିତ ଥିଲେ।



## ଓଡ଼ିଆ ଚଳଚ୍ଚିତ୍ର 'ଆଫା' କରମୁକ୍ତ

ଭୁବନେଶ୍ୱର,୧।୭(ସମିସ): ଚଳଚ୍ଚିତ୍ର ନିର୍ଦ୍ଦେଶକ ପ୍ରୀତିରାଜ ଶତପଥୀଙ୍କ ଦ୍ୱାରା ନିର୍ଦ୍ଦେଶିତ ଏବଂ ନୈନା ଦାଶ ତିୱାରୀଙ୍କ ଦ୍ୱାରା ପ୍ରଯୋଜିତ ଓଡିଆ ଚଳଚ୍ଚିତ୍ର 'ଆଫା'କୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କରମୁକ୍ତ ଘୋଷଣା କରିଛନ୍ତି। ଏହି ଚଳଚ୍ଚିତ୍ରଟି ଅଙ୍ଗଦାନର ବିଷୟବସ୍ତୁ ଉପରେ ଆଧାରିତ। ମାନବିକତାକୁ ପ୍ରେରଣା ଦେବା ଏବଂ ଯୁବସମାଜ ମଧ୍ୟରେ ସଚେତନତା ସୃଷ୍ଟି କରିବା ଦିଗରେ ଏହି ଚଳଚ୍ଚିତ୍ରର କାହାଣୀ ଖୁବ୍ ଗୁରୁତ୍ୱପୂର୍ଣ୍ଣ। ଏଥିରେ ଦୀର୍ଘଦିନ ଧରି ଗୁରୁତର ରୋଗରେ ପୀଡ଼ିତ ଏକ ୧୬ ବର୍ଷର ଝିଅ ନିଜ ଅଙ୍ଗ ଦାନ କରିବା ପାଇଁ ଆଗେଇ ଆସିଛି। ଜୀବନର ସମସ୍ତ ପ୍ରତିକୂଳ ପରିସ୍ଥିତି ସତ୍ତ୍ୱେ ଏହି ଅସୀମ ସାହସର ବିଷୟବସ୍ତୁକୁ ନେଇ ପ୍ରସ୍ତୁତ ଚଳଚ୍ଚିତ୍ରଟି ଏକ ସାମାଜିକ ଆଦର୍ଶ ସୃଷ୍ଟି କରିବାରେ ସଫଳ ହେବ ବୋଲି ଆଶା କରାଯାଉଛି।





**ପଶ୍ଚିମ ରେଳବାଇ – ରତଲାମ ମଣ୍ଡଳ**

**ଇ-ଟେଣ୍ଡର ବିଜ୍ଞପ୍ତି**

ଟେଣ୍ଡର ନଂ.: SnT_RTM_PSSA_25_01_R ତାରିଖ: ୨୯.୦୬.୨୦୨୬

1) କାର୍ଯ୍ୟର ନାମ : ପଶ୍ଚିମ ରେଳବାଇର ରତଲାମ ମଣ୍ଡଳର ସିଗ୍ନାଲ ଓ ଟେଲିକମ୍ (S&T) ବିଭାଗର ବିଭିନ୍ନ ପ୍ରକଳ୍ପ ପାଇଁ ପ୍ରୋଜେକ୍ଟ ସୁପରଭିଜନ ସର୍ଭିସେସ୍ ଏଜେନ୍ସି (PSSA) ନିଯୁକ୍ତି। 2) ଟେଣ୍ଡରର ଆନୁମାନିକ ମୂଲ୍ୟ : ଟ.9,06,75,098/- 3) ବିଡ୍ ସୁରକ୍ଷା / ଅମାନତ ଜମା : ଟ.18,13,500/- 4) ଟେଣ୍ଡର ଦସ୍ତାବେଜର ମୂଲ୍ୟ : ନିଃଶୁଳ୍କ (NIL) 5) ପ୍ରି-ବିଡ୍ ସମ୍ମିଳନୀ : 06.07.2026, ସମୟ 12:00 ଘଣ୍ଟା (IST) 6) ବିଡ୍ ଦାଖଲର ଶେଷ ତାରିଖ ଓ ସମୟ : 27.07.2026 ଦିନ 15:00 ଘଣ୍ଟା। 7) ଟେକ୍ନିକାଲ ବିଡ୍ ଖୋଲିବାର ତାରିଖ ଓ ସମୟ : 27.07.2026 ଦିନ 15:30 ଘଟିକା। 8) କମର୍ଶିଆଲ ବିଡ୍ ଖୋଲିବାର ତାରିଖ : ଟେକ୍ନିକାଲ ବିଡ୍ ମୂଲ୍ୟାଙ୍କନ ପରେ ପୃଥକ ଭାବେ ସୂଚନା ଦିଆଯିବ। 9) ପ୍ରସ୍ତାବର ବୈଧତା : ଟେଣ୍ଡର ଖୋଲିବା ତାରିଖ ଠାରୁ 120 ଦିନ। 10) କାର୍ଯ୍ୟ ସମାପ୍ତି ଅବଧି : ୨୪ ମାସ। 11) ଟେଣ୍ଡରିଂ ଶାଖାର କ୍ଷମତାପ୍ରାପ୍ତ ଅଧିକାରୀ ଓ ବିଡ୍ ଖୋଲିବା ସ୍ଥାନ : ଉପ ମୁଖ୍ୟ ସିଗ୍ନାଲ ଓ ଟେଲିକମ୍ ଇଞ୍ଜିନିୟର (ୱର୍କ୍ସ), ରତଲାମ, DRM କାର୍ଯ୍ୟାଳୟ, ରତଲାମ, ମଧ୍ୟପ୍ରଦେଶ। 12) ଇ-ଟେଣ୍ଡର ପୋର୍ଟାଲ : www.ireps.gov.in ଇ-ଟେଣ୍ଡର ପୋର୍ଟାଲରେ ଟେଣ୍ଡର ଦେଖିପାରିବେ ଏବଂ ପ୍ରସ୍ତାବ କେବଳ ସେହି ଇ-ଟେଣ୍ଡର ପୋର୍ଟାଲ ମାଧ୍ୟମରେ ଦାଖଲ କରିବାକୁ ହେବ। CRY/06/120

Like us on: facebook.com/WesternRly

**ଓଡିଶା ଆଦର୍ଶ ବିଦ୍ୟାଳୟ, ଅଇଁଳାବୁଆଁ, କଣ୍ଟାମାଳ, ବୌଦ୍ଧ**

**ବିଜ୍ଞାପନ**

**ଓଡିଶା ଆଦର୍ଶ ବିଦ୍ୟାଳୟ, ଅଇଁଳାବୁଆଁ ଛାତ୍ରାବାସର ଅସ୍ଥାୟୀ ନିଯୁକ୍ତି ନିମନ୍ତେ ବିଜ୍ଞାପନ**

ଓଡିଶା ସରକାରଙ୍କ ଅଧୀନରେ ପରିଚାଳିତ ବୌଦ୍ଧ ଜିଲ୍ଲାର ଓଡିଶା ଆଦର୍ଶ ବିଦ୍ୟାଳୟ, (Non-KGBV) Warden, Head Cook, Assistant-Cook, Chowkidar cum Sweeper ପଦବୀ ପାଇଁ ଅସ୍ଥାୟୀ ନିୟୋଜନ ନିମନ୍ତେ ଯୋଗ୍ୟ ପ୍ରାର୍ଥୀଙ୍କ ଠାରୁ ନିର୍ଦ୍ଧାରିତ ଫର୍ମରେ ଦରଖାସ୍ତ ଆହ୍ୱାନ କରାଯାଉଅଛି । ଉକ୍ତ ପଦବୀ ପାଇଁ ଆବେଦନ କରୁଥିବା ପ୍ରାର୍ଥୀମାନେ ପୁରୁଷ ହେବା ଆବଶ୍ୟକ । ସମସ୍ତ ପଦବୀ ସମ୍ପୂର୍ଣ୍ଣ ଭାବରେ ଅସ୍ଥାୟୀ ଅଟେ । ଆବେଦନ ଫର୍ମରେ ଆବଶ୍ୟକ ପ୍ରମାଣପତ୍ର ସଂଲଗ୍ନ କରି ତା.୦୩.୦୭.୨୦୨୬ ରୁ ତା.୧୭.୦୭.୨୦୨୬ ମଧ୍ୟରେ ଓଡିଶା ଆଦର୍ଶ ବିଦ୍ୟାଳୟ, ଅଇଁଳାବୁଆଁ ଠିକଣାରେ ରେଜିଷ୍ଟ୍ରି ପୋଷ୍ଟ / ସ୍ପିଡ୍ ପୋଷ୍ଟ / ସିଧାସଳଖ ବିଦ୍ୟାଳୟ କାର୍ଯ୍ୟାଳୟରେ, କେବଳ କାର୍ଯ୍ୟଦିବସରେ ସକାଳ ୧୦.୦୦ ରୁ ସଂଧ୍ୟା ୪.୦୦ ମଧ୍ୟରେ ଆବେଦନ କରିବା ଆବଶ୍ୟକ । ବିଜ୍ଞାପନର ସମ୍ପୂର୍ଣ୍ଣ ବିବରଣୀ ଏବଂ ଆବେଦନ https://boudh.odisha.gov.in ଏବଂ https://oav.edu.in/OAVAIN ରେ ଉପଲବ୍ଧ ଅଟେ।

ସ୍ୱା/ ଅଧକ୍ଷ
ଓଡିଶା ଆଦର୍ଶ ବିଦ୍ୟାଳୟ, ଅଇଁଳାବୁଆଁ

**ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟ**

**ନିୟନ୍ତ୍ରିତ ବଜାର କମିଟି, କୋରାପୁଟ , ଜିଲ୍ଲା : କୋରାପୁଟ**

ନିର୍ବାଚନ ନୋଟିସ ସଂଖ୍ୟା : ୧୨୨୧ /୨୦୨୬ ତା: ୦୧/୦୭/୨୦୨୬

୧୯୫୬ ମସିହା ଓଡିଶା କୃଷିଜାତ ଦ୍ରବ୍ୟ ବିପଣନ ଆଇନର ଧାରା ୬ ଓ ୧୯୫୮ ମସିହା ଓଡିଶା କୃଷିଜାତ ଦ୍ରବ୍ୟ ବିପଣନ ନିୟମ ୩ ରୁ ୨୪ ଅନୁସାରେ ଏବଂ କୋରାପୁଟ ଜିଲ୍ଲାପାଳଙ୍କ ଆଦେଶନାମାନୁସାରେ ଆମ୍ଭଠାରେ ନ୍ୟସ୍ତ ହୋଇଥିବା କ୍ଷମତା ଅନୁଯାୟୀ ଆମ୍ଭେ ଶ୍ରୀ ଚନ୍ଦ୍ର ସେଠିଆ, ଓ.ସି.ଏସ (୨), ସହକାରୀ ନିବନ୍ଧକ, ସମବାୟ ସମିତି ସମୂହ, କୋରାପୁଟ ତଥା ନିର୍ବାଚନ ଅଧିକାରୀ, ନିୟନ୍ତ୍ରିତ ବଜାର କମିଟି, କୋରାପୁଟ ଏତଦ୍ୱାରା ଘୋଷଣା କରୁଅଛୁ ଯେ, ଉକ୍ତ କମିଟିର ସଦସ୍ୟ ନିର୍ବାଚନ ନିମ୍ନଲିଖିତ କାର୍ଯ୍ୟସୂଚୀ ଅନୁଯାୟୀ ଆସନ୍ତା ତା ୨୩.୦୮.୨୦୨୬ ରିଖ (ରବିବାର) ଦିନ ଅନୁଷ୍ଠିତ ହେବ । ଅତଏବ କୋରାପୁଟ ରାଜସ୍ୱ ଉପଖଣ୍ଡର କୃଷକ ସଂଗଠନ, ବ୍ୟବସାୟୀ ଗୋଷ୍ଠି ଏବଂ ସ୍ୱାୟତ୍ତ ଶାସନ ସଂସ୍ଥା ସମୂହ ଉକ୍ତ ନିର୍ବାଚନରେ ଅଂଶ ଗ୍ରହଣ କରିବାକୁ ସେମାନଙ୍କର ଅବଗତି ନିମିତ୍ତ ଜଣାଇ ଦିଆଯାଉଅଛି ।

**ନିର୍ବାଚନରେ ପୂରଣ ହେବାକୁ ଥିବା ସ୍ଥାନର ସଂଖ୍ୟା :**

| କ୍ରମିକ ସଂଖ୍ୟା | ନିର୍ବାଚନ ମଣ୍ଡଳୀର ନାମ | ସ୍ଥାନ ସଂଖ୍ୟା |
|---|---|---|
| ୧. | କୃଷକ ନିର୍ବାଚନ ମଣ୍ଡଳୀ | ୮ (ଆଠ) |
| ୨. | ବ୍ୟବସାୟୀ ନିର୍ବାଚନ ମଣ୍ଡଳୀ | ୪ (ଚାରି) |
| ୩. | ସ୍ୱାୟତ୍ତ ଶାସନ ସଂସ୍ଥା | |
| କ. | ପୌରପାଳିକା | ୧ (ଏକ) |
| ଖ. | ଗ୍ରାମ ପଞ୍ଚାୟତ | ୧ (ଏକ) |
| | ସର୍ବମୋଟ | ୧୪ (ଚଉଦ) |

**ନିର୍ବାଚନ କାର୍ଯ୍ୟସୂଚୀ**

| କ୍ରମିକ ସଂଖ୍ୟା | ବିଷୟ / କାର୍ଯ୍ୟ | ତାରିଖ | ସମୟ | ନିର୍ଦ୍ଧାରିତ ସ୍ଥାନ |
|---|---|---|---|---|
| ୧. | ପ୍ରାଥମିକ ଭୋଟର ତାଲିକା ପ୍ରକାଶନ (ନୋଟିସ ବୋର୍ଡରେ) | ୨୦.୦୭.୨୦୨୬ ରୁ ୨୬.୦୭.୨୦୨୬ | ପୂର୍ବାହ୍ନ ୧୧.୦୦ ଘଣ୍ଟା ଠାରୁ ଅପରାହ୍ନ ୫.୦୦ ଘଣ୍ଟା ପର୍ଯ୍ୟନ୍ତ | ନିୟନ୍ତ୍ରିତ ବଜାର କମିଟି କାର୍ଯ୍ୟାଳୟ,କୋରାପୁଟ |
| ୨. | ପ୍ରାଥମିକ ଭୋଟର ତାଲିକା ଅଭିଯୋଗ ଦାଖଲ | ୨୭.୦୭.୨୦୨୬ | ପୂର୍ବାହ୍ନ ୧୧.୦୦ ଘଣ୍ଟା ଠାରୁ ୨.୦୦ ଘଣ୍ଟା ମଧ୍ୟରେ | ନିୟନ୍ତ୍ରିତ ବଜାର କମିଟି କାର୍ଯ୍ୟାଳୟ,କୋରାପୁଟ |
| ୩. | ପ୍ରାଥମିକ ଭୋଟର ତାଲିକା ଅଭିଯୋଗର ବିଚାର | ୨୮.୦୭.୨୦୨୬ | ପୂର୍ବାହ୍ନ ୧୧.୦୦ ଘଣ୍ଟା ଠାରୁ ୨.୦୦ ଘଣ୍ଟା ମଧ୍ୟରେ | ନିୟନ୍ତ୍ରିତ ବଜାର କମିଟି କାର୍ଯ୍ୟାଳୟ,କୋରାପୁଟ |
| ୪. | ଚୂଡାନ୍ତ ଭୋଟର ତାଲିକା ପ୍ରକାଶନ (ନୋଟିସ ବୋର୍ଡରେ) | ୨୯.୦୭.୨୦୨୬ | ଅପରାହ୍ନ ୦୩.୦୦ ଘଣ୍ଟା ସମୟରେ | ନିୟନ୍ତ୍ରିତ ବଜାର କମିଟି କାର୍ଯ୍ୟାଳୟ,କୋରାପୁଟ |
| ୫. | ପ୍ରାର୍ଥୀ ମନୋନୟନ ପତ୍ର ଦାଖଲ | ୩୦.୦୭.୨୦୨୬, ୩୧.୦୭.୨୦୨୬, ୦୧.୦୮.୨୦୨୬ | ପୂର୍ବାହ୍ନ ୧୦.୦୦ ଘଣ୍ଟା ଠାରୁ ୨.୦୦ ଘଣ୍ଟା ମଧ୍ୟରେ | ନିୟନ୍ତ୍ରିତ ବଜାର କମିଟି କାର୍ଯ୍ୟାଳୟ,କୋରାପୁଟ |
| ୬. | ପ୍ରାର୍ଥୀ ମନୋନୟନ ପତ୍ରର ତାଲିକା ପ୍ରକାଶନ (ନୋଟିସ ବୋର୍ଡରେ) | ୦୧.୦୮.୨୦୨୬ | ଅପରାହ୍ନ ୦୫.୦୦ ଘଣ୍ଟା ସମୟରେ | ନିୟନ୍ତ୍ରିତ ବଜାର କମିଟି କାର୍ଯ୍ୟାଳୟ,କୋରାପୁଟ |
| ୭. | ପ୍ରତିଦ୍ୱନ୍ଦି ପ୍ରାର୍ଥୀଙ୍କ ଦ୍ୱାରା ମନୋନୟନ ପତ୍ର ତନଖି | ୦୩.୦୮.୨୦୨୬ | ପୂର୍ବାହ୍ନ ୧୧.୦୦ ଘଣ୍ଟା ଠାରୁ ୨.୦୦ ଘଣ୍ଟା ମଧ୍ୟରେ | ନିୟନ୍ତ୍ରିତ ବଜାର କମିଟି କାର୍ଯ୍ୟାଳୟ,କୋରାପୁଟ |
| ୮. | ମନୋନୟନ ପତ୍ର ବିରୁଦ୍ଧରେ ଅଭିଯୋଗ ପତ୍ର ଦାଖଲ | ୦୪.୦୮.୨୦୨୬ | ପୂର୍ବାହ୍ନ ୧୧.୦୦ ଘଣ୍ଟା ଠାରୁ ୨.୦୦ ଘଣ୍ଟା ମଧ୍ୟରେ | ନିୟନ୍ତ୍ରିତ ବଜାର କମିଟି କାର୍ଯ୍ୟାଳୟ,କୋରାପୁଟ |
| ୯. | ମନୋନୟନ ପତ୍ର ବିରୁଦ୍ଧରେ ଅଭିଯୋଗର ଶୁଣାଣି ଓ ଯାଞ୍ଚ | ୦୫.୦୮.୨୦୨୬ | ପୂର୍ବାହ୍ନ ୧୧.୦୦ ଘଣ୍ଟା ଠାରୁ ୨.୦୦ ଘଣ୍ଟା ମଧ୍ୟରେ | ନିୟନ୍ତ୍ରିତ ବଜାର କମିଟି କାର୍ଯ୍ୟାଳୟ,କୋରାପୁଟ |
| ୧୦. | ବିଧି ସମ୍ମତ ମନୋନୟନ ପତ୍ରର ତାଲିକା ପ୍ରକାଶନ (ନୋଟିସ ବୋର୍ଡରେ) | ୦୬.୦୮.୨୦୨୬ | ଅପରାହ୍ନ ୦୩.୦୦ ଘଣ୍ଟା ସମୟରେ | ନିୟନ୍ତ୍ରିତ ବଜାର କମିଟି କାର୍ଯ୍ୟାଳୟ,କୋରାପୁଟ |
| ୧୧. | ମନୋନୟନ ପତ୍ର ପ୍ରତ୍ୟାହାରର ଶେଷ ତାରିଖ | ୦୭.୦୮.୨୦୨୬ | ପୂର୍ବାହ୍ନ ୧୧.୦୦ ଘଣ୍ଟା ଠାରୁ ୨.୦୦ ଘଣ୍ଟା ମଧ୍ୟରେ | ନିୟନ୍ତ୍ରିତ ବଜାର କମିଟି କାର୍ଯ୍ୟାଳୟ,କୋରାପୁଟ |
| ୧୨. | ଚୂଡାନ୍ତ ମନୋନୟନ ପତ୍ରର ତାଲିକା ସଙ୍କେତ ସହ ପ୍ରକାଶନ (ନୋଟିସ ବୋର୍ଡରେ) | ୦୮.୦୮.୨୦୨୬ | ଅପରାହ୍ନ ୦୪.୦୦ ଘଣ୍ଟା ସମୟରେ | ନିୟନ୍ତ୍ରିତ ବଜାର କମିଟି କାର୍ଯ୍ୟାଳୟ,କୋରାପୁଟ |
| ୧୩. | ଆବଶ୍ୟକ ସ୍ଥଳେ ଭୋଟ ଗ୍ରହଣ | ୨୩.୦୮.୨୦୨୬ | ପୂର୍ବାହ୍ନ ୦୭.୦୦ ଘଣ୍ଟା ଠାରୁ ଅପରାହ୍ନ ୩.୦୦ ଘଣ୍ଟା ପର୍ଯ୍ୟନ୍ତ | ପରେ ଜଣାଇ ଦିଆଯିବ |
| ୧୪. | ଭୋଟ ଗଣତି ଓ ଫଳାଫଳ ପ୍ରକାଶନ | ୨୩.୦୮.୨୦୨୬ | ଭୋଟ ଗ୍ରହଣ ଶେଷ ହେବା ପରେ | ପରେ ଜଣାଇ ଦିଆଯିବ |

• ଇଚ୍ଛୁକ ପ୍ରାର୍ଥୀ ସମ୍ପାଦକ, ନିୟନ୍ତ୍ରିତ ବଜାର କମିଟି, କୋରାପୁଟଙ୍କ ଠାରେ ଟ. ୫.୦୦ (ପାଞ୍ଚ ଟଙ୍କା) ମାତ୍ର ଦାଖଲ କରି ମନୋନୟନ ପତ୍ର ପାଇ ପାରିବେ ।

ନିର୍ବାଚନ ଅଧିକାରୀ
ନିୟନ୍ତ୍ରିତ ବଜାର କମିଟି, କୋରାପୁଟ ତଥା
ସହକାରୀ ନିବନ୍ଧକ,ସମବାୟସମିତି ସମୂହ, କୋରାପୁଟ

**ପଶ୍ଚିମ ରେଳବାଇ - ରତଲାମ ମଣ୍ଡଳ**

**ଇ-ଟେଣ୍ଡର ବିଜ୍ଞପ୍ତି**

1) ଇ-ଟେଣ୍ଡର ନଂ.: RTM-2026-27-63, 2) କାର୍ଯ୍ୟର ନାମ: GDA–NAD ସେକ୍ସନର ମେଘନଗର ଏବଂ ଦାହୋଦ ଷ୍ଟେସନରେ ସାମଗ୍ରୀ ଶେଡ୍‌ର ଆବରଣ (କଭର୍ ଶେଡ୍) ନିର୍ମାଣ ଏବଂ ପୃଷ୍ଠଭାଗର ଉନ୍ନତିକରଣ କାର୍ଯ୍ୟ। 3) ଆନୁମାନିକ ପରିମାଣ : ବିସ୍ତୃତ ଟେଣ୍ଡର ସୂଚନାନୁସାରେ। 4) ଟେଣ୍ଡରର ଆନୁମାନିକ ମୂଲ୍ୟ : ଟ.22,36,87,576.70 5) ଅମାନତ ରାଶି : ଟ.44,73,800.00, 6) କାର୍ଯ୍ୟ ସମାପ୍ତି ଅବଧି : 24 ମାସ। 7) ୱେବସାଇଟ୍‌ରେ ଅପଲୋଡ୍ ତାରିଖ : 26.06.2026, 8) ଟେଣ୍ଡର ଖୋଲିବାର ତାରିଖ : 20.07.2026। ବିସ୍ତୃତ ଟେଣ୍ଡର ବିଜ୍ଞପ୍ତି, ଯୋଗ୍ୟତା ମାନଦଣ୍ଡ ଏବଂ ସର୍ତ୍ତାବଳୀ www.ireps.gov.in ୱେବସାଇଟ୍‌ରେ ଉପଲବ୍ଧ। CRY/06/121

Like us on: facebook.com/WesternRly

**AFFIDAVIT**

I, Hemanta Kumar Mohanty, aged about 52 years, S/o- Durga Charan Mohanty, resident of At- GA Plot No.54, Rev. Plot No.384, Flat No. S-4, Sourya Complex, Surya Nagar, Near OUAT, Khandagiri, Bhubaneswar, Dist- Khordha, PIN-751003, Odisha declared by this affidavit No. 1332, dtd-01/07/2026 that now onwards I shall be known as **HEMANT KUMAR MOHANTY** for all future purposes.

**AFFIDAVIT**

By virtue of an affidavit sworn before the Notary Public, Bhubaneswar, dtd 01.07.2026, I, Rudranarayan Rout, Address At/P.O- Badalo, P.S- Motanga, Dist- Dhenkanal, PIN- 759020 declare that I have changed my name from Rudra Rout to Rudranarayan Rout. Henceforth, I shall be known as **Rudranarayan Rout** for all purposes.

Rudranarayan Rout

**LOST**

I, **Ranjan Mohapatra** do here by declare that, the original ROR/Patta, Khatian No-703/2336, Plot No-297/2147/3603, Mouza- Patrapada has been misplaced somewhere and a complaint has been lodged at Lingaraj Police Station, Bhubaneswar, vide No.019 **Dt.23.06.26**. If found by anybody, Please **Contact- 8260024523**. I also declare that I have not mortgaged this with any bank or Individual/ financial institutions.

**AFFIDAVIT**

By virtue of an affidavit sworn before Executive Magistrate, Soro on dt. 25.6.2026 I, Pradeep Kumar Jena, S/o- Babaji Jena, At-/Po- Kesharipur, Ps- Soro, Dist.- Balasore-756045, declare that I have changed my name from Pradeep Nayak to Pradeep Kumar Jena. Henceforth, I shall be known as **Pradeep Kumar Jena** for all purposes.

**AFFIDAVIT**

By virtue of an affidavit sworn before Executive Magistrate, Bhubaneswar, **I, Dhaneswar Samal**, S/o.: Late Banambar Samal, Resident of Plot No.: 1047, Talasahi, Patia, PO: Patia, PS: Chandrasekharpur, Bhubaneswar-751024, Dist.: Khurdha, Odisha declare by this Affidavit No.: 18184, Dt: 24.06.2026. I have changed my name from Dhanaswar Samal to **Dhaneswar Samal**. Henceforth, I shall be known as **Dhaneswar Samal** for all purposes.

**ପୌରପରିଷଦ କାର୍ଯ୍ୟାଳୟ, ପାରଳାଖେମୁଣ୍ଡି, ଗଜପତି** 13001/1031/2627

**OFFICE OF THE MUNICIPAL COUNCIL, PARALAKHEMUNDI, GAJAPATI**

Phone No.: 06815-222052, e-Mail: parala.mply@gmail.com
Letter No.: 2442, Date: 01.07.2026

**QUOTATION CALL NOTICE**

Sealed quotations are invited from agencies having relevant certificate with valid GST No. and past experience for the work "**Beautification / road painting of Palace Street road**" on the occasion of **Ratha Yatra 2026**. The tender paper will be available on payment of **Rs. 2,000/- (Rupees Two Thousand only)** (which is **non-refundable**) in the shape of Demand Draft in any Nationalized Bank payable at Paralakhemundi in favour of **Executive Officer, Paralakhemundi Municipality** or by payment of cash. The prescribed bid documents & related terms and conditions can be downloaded from **www.gajapati.odisha.gov.in** or purchased from the office from **02.07.2026**. The quotations should reach this office **on or before 08.07.2026 by 5.00 PM** through **Speed Post / Registered Post only** and will be opened on **09.07.2026 at 11.00 AM** in the presence of the agency or their authorized representative, if any.

Quotation incomplete in any respect or received after the due date & time will be summarily rejected. The undersigned reserves the right to accept or reject any or all quotations without assigning any reason thereof.

OIPR-13001/13145/1/26-27/0004

Executive Officer
Paralakhemundi Municipality

**Office of CSO-cum-District Manager Odisha State Civil Supplies Corporation Ltd.** 7001/53/2627

District: Malkangiri
Phone No. 9438200051

TENDER No.: 2233 Dated: 29.06.2026

**Cost of Tender Document is Rs. 1000/- inclusive of GST for Cluster Malkangiri District (through online mode).**

Online tenders are invited from eligible bidders for selection and appointment of **Transport Contractors** for transportation of **Paddy from Paddy Purchase Centers (PPCs) / Mandis to Rice Mill points (within or outside the district)** for the **KMS: 2025-26.**

| | | |
|---|---|---|
| 1 | Availability of tender documents | From Date **01.07.2026** www.tendersodisha.gov.in & www.oscsc.in & www.foododisha.in |
| 2 | Date, time and venue for pre-bid conference | **On dt 04.07.2026, At- Collectorate, Malkangiri** |
| 3 | Last date and time for **online** submission of complete Tender Documents with enclosures | Through e-Procurement Portal: **www.tendersodisha.gov.in** **Upto 5.00 PM on dt. 21.07.2026** |
| 4 | Date, time and venue for opening of Technical Bid by the Tender Committee | **On dt 22.07.2026 At 11.00 AM at Collectorate, Malkangiri** |
| 5 | Date, time and venue of submission of original documents in support of scanned copies uploaded in the portal for verification | **On dt 22.07.2026 At 11.30 AM at Collectorate, Malkangiri** |
| 6 | Date, time and venue of Financial Bid opening by the Tender Committee (Only of Technically Qualified Bidders) | To be announced after technical bid evaluation. |
| 7 | Validity Period | Tender are to remain open for acceptance for **180 days** from the date of issue of tender. |
| 8 | Language of the tender | The tender should be prepared by the bidder in **English language only.** |
| 9 | Helpdesk Telephone Number | **CSO-cum-DM's Contact Number: 9438200051** |

**N.B.**

1. If the Office happens to be closed on the date of opening of tenders, tenders will be opened on the next working day in the same time.
2. District Level Tender Committee (DLTC) reserves the right to cancel any/all of the tenders at any time without assigning any reason thereof.
3. Further details can be obtained in the website **www.tendersodisha.gov.in**.
4. The bidder must deposit Tender Document Fee and EMD at the time of submission of tender through online payment gateway service.
5. Any amendment/cancellation/re-tender/corrigendum please refer to the website **www.tendersodisha.gov.in** & **www.foododisha.in**.

OIPR-7001/7035/1/26-27/0005

CSO-cum-District Manager
OSCSC Ltd., Malkangiri

**OFFICE OF THE SUPERINTENDING ENGINEER, KHORDHA (R&B) DIVISION, KHORDHA** 34001/419/2627

**INVITATION FOR BIDS (IFB)**

**E-mail:** pwdoff_khd@yahoo.com

Tender Call Notice
Bid Identification No. S.E.-KHD-(R&B)-08/2026-27
Letter No. 3362 dtd. 29/06/2026

The Superintending Engineer, Khordha (R&B) Division, Khordha on behalf of the Governor of Odisha invites Percentage Rate bids in **Single Cover System** from valid **MV/HT** or **Empanelled Fire licensed agency of Class D or above** authorized by Odisha Fire & Emergency Service having **MoU with associate electrical contractor (MV/HT or Above)** having valid license from ELBO. The Court Affidavit should have specific mention of the name, address of the two parties, license number, date of validity and issuing authority, and the name of the work for which the agreement is signed, for conformity with DTCN registered with the State Governments and Contractors of equivalent Grade/Class registered with Central Government/MES/Railways for execution of the E.I. Work. The bidder not registered under the State Government has to register under the State PWD & ELBO in the appropriate class of eligibility before signing of the agreement.

1. **Nature of Work:** Electrical Works
2. **No. of Work:** 09 Nos.
3. **Tender Cost:**
   - Sl. No. 01 to 07 & 09 – **Rs. 6,000.00 (Online)**
   - Sl. No. 08 – **Rs. 4,000.00 (Online)**
4. **Class of Contractor:**
   - **Sl. No. 01 to 08:** Empanelled Fire licensed agency of Class D or above authorized by Odisha Fire & Emergency Service having MoU with associate electrical contractor (MV/HT or Above) having valid license from ELBO. The Court Affidavit should have specific mention of the name, address of the two parties, license number, date of validity and issuing authority, and the name of the work for which the agreement is signed.
   - **Sl. No. 09:** MV/HT
5. **Availability of Bid Documents on the Website:** From **04.07.2026 at 10.30 A.M.** to **13.07.2026 at 5.00 P.M.**
6. **Date of Opening of Bids: 14.07.2026 at 11.00 A.M.**
7. **Bidders have to participate in ONLINE bidding only.** Further details can be seen on the website: https://tenderodisha.gov.in. Any information regarding **Addendum / Corrigendum / Cancellation of tender** can be available in the said website.

OIPR-34001/34095/1/26-27/0008

Superintending Engineer
Khordha (R&B) Division, Khordha

**Office of CSO-cum-District Manager Odisha State Civil Supplies Corporation Ltd.** 7001/52/2627

District: Malkangiri
Phone No. 9438200051

TENDER No.: 2232 Dated: 29.06.2026

**Cost of Tender Document is Rs. 11800/- inclusive of GST**

Online Tenders are invited from eligible bidders for selection and appointment of **Level-I Transport Contractors** for transportation of Wheat from Food Storage Depot (FSD), FCI to Rice Receiving Centres (RRC).

| | | |
|---|---|---|
| 1 | Availability of tender documents | From Date **01.07.2026** www.tendersodisha.gov.in & www.oscsc.in & www.foododisha.in |
| 2 | Date, time and venue for pre-bid conference | **On dt 04.07.2026, At- Collectorate, Malkangiri** |
| 3 | Last date and time for **online** submission of complete Tender Documents with enclosures | Through e-Procurement Portal: **www.tendersodisha.gov.in** **Upto 5.00 PM on dt. 21.07.2026** |
| 4 | Date, time and venue for opening of Technical Bid by the Tender Committee | **On dt 22.07.2026 At 11.00 AMat Collectorate, Malkangiri** |
| 5 | Date, time and venue of submission of original documents in support of scanned copies uploaded in the portal for verification | **On dt 22.07.2026 At 11.30 AMat Collectorate, Malkangiri** |
| 6 | Date, time and venue of Financial Bid opening by the Tender Committee (Only of Technically Qualified Bidders) | To be announced after technical bid evaluation. |
| 7 | Validity Period | Tender are to remain open for acceptance for **180 days** from the date of issue of tender. |
| 8 | Language of the tender | The tender should be prepared by the bidder in **English language only.** |
| 9 | Helpdesk Telephone Number | **CSO-cum-DM's Contact Number: 9438200051** |

**N.B.**

1. If the Office happens to be closed on the date of opening of tenders, tenders will be opened on the next working day in the same time.
2. District Level Tender Committee (DLTC) reserves the right to cancel any/all of the tenders at any time without assigning any reason thereof.
3. Further details can be obtained in the website **www.tendersodisha.gov.in**.
4. The bidder must deposit Tender Document Fee and EMD at the time of submission of tender through online payment gateway service.
5. Any amendment/cancellation/re-tender/corrigendum please refer to the website **www.tendersodisha.gov.in** & **www.foododisha.in**.

OIPR-7001/7035/1/26-27/0004

CSO-cum-District Manager
OSCSC Ltd., Malkangiri

**COLLECTORATE: MALKANGIRI** 24001/262/2627

**OBSERVATION HOME AND SPECIAL HOME (BOY'S), MALKANGIRI**

Letter No.: 166/OH&SH/MKG/26, Date: 01.07.2026

**ADVERTISEMENT**

Applications are invited from interested and eligible candidates to fill the vacancies at **Observation Home (OH) & Special Home (SH), Malkangiri**. The process of engagement shall be laid down in **Resolution No. 10102/WCD-CW-MISC-0023/2020 dated 15.09.2020** issued by the **Women & Child Development Department, Government of Odisha, Bhubaneswar**. All the posts are **purely temporary, time-bound and co-terminus with the scheme**. The period of engagement will initially be for **11 months** and may be extended further based on the candidate's performance appraisal report each year.

Eligible candidates may submit their applications along with all required documents and testimonials addressed to the: **Superintendent Observation Home and Special Home Goudaguda, Malkangiri.** The application should reach **latest by 30.07.2026 before 5.00 PM** through **Speed Post / Registered Post only**. Separate applications in sealed cover must be submitted for each post, clearly superscribing the **name of the post applied for** on the top of the envelope. Applications received after the due date and time, or submitted by hand or through any other mode, shall not be entertained and will be rejected. The authority reserves the right to cancel the advertisement for any post or all posts without assigning any reason. The details of vacancies, eligibility criteria, application form and other terms & conditions are available on the District website: www.malkangiri.odisha.gov.in

OIPR-24001/24382/1/26-27/0005

Collector & District Magistrate, Malkangiri

# ଆନ୍ଦୋଳନରେ ଡାକ୍ତର; ସ୍ୱାସ୍ଥ୍ୟସେବା ପ୍ରଭାବିତ



ଦେବଗଡ଼,୧।୭(ସମିସ): ରାଜ୍ୟ ସରକାରଙ୍କ ଉପରେ ଭରଷା କରିପାରୁନାହାନ୍ତି ରାଜ୍ୟରେ କାର୍ଯ୍ୟରତ ହଜାର ହଜାର ଡାକ୍ତର। ଏହାଫଳରେ ଡାକ୍ତର ଦିବସରେ ନିଜ ଦାବି ପାଇଁ ଆନ୍ଦୋଳନମୁହାଁ ହୋଇଛନ୍ତି ଡାକ୍ତର। ଆଜିଠୁଁ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ଦେବଗଡ଼ ଜିଲ୍ଲାରେ ଡାକ୍ତରମାନେ ରୋଗୀ ସେବା ବନ୍ଦ କରିଛନ୍ତି। ପଦୋନ୍ନତି, ଡାକ୍ତର ପଦବୀ ପୂରଣ, ଡାକ୍ତରଙ୍କ ସୁରକ୍ଷା, ସ୍ୱାସ୍ଥ୍ୟ ବୀମା ଭଳି ୧୩ଟି ଦାବିରେ ଓଡିଶା ମେଡିକାଲ ସେବା ସଙ୍ଘର କାର୍ଯ୍ୟବନ୍ଦ ଆନ୍ଦୋଳନ ଡାକରାରେ ଦେବଗଡ଼ ଜିଲ୍ଲାରେ କାର୍ଯ୍ୟରତ ଡାକ୍ତର କାର୍ଯବନ୍ଦ ଆନ୍ଦୋଳନରେ ସାମିଲ ହୋଇଛନ୍ତି। ଦେଢ଼ ବର୍ଷ ହେବ ରାଜ୍ୟ ସରକାର ଡାକ୍ତରଙ୍କ କୌଣସି ଦାବି ପୂରଣ ଦିଗରେ ପଦକ୍ଷେପ ନେଉ ନ ଥିବାରୁ ଓମସା ପକ୍ଷରୁ ଏହି ନିଷ୍ପତ୍ତି ନିଆଯାଇଛି। ଏହାଫଳରେ ଦେବଗଡ଼ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ସମେତ ସମସ୍ତ ସିଏଚସି ଓ ପିଏଚସିରେ ରୋଗୀଙ୍କ ଲମ୍ବା ଧାଡି ଦେଖିବାକୁ ମିଳିଛି। ତେବେ ଜିଲ୍ଲାରେ ଜନସାଧାରଣଙ୍କୁ ସ୍ୱାସ୍ଥ୍ୟ ସେବା ଯୋଗାଇବା ପାଇଁ ମେଡିକାଲ କଲେଜରୁ ଆସିଥିବା ନୂତନ ଡାକ୍ତର ଓ ସିଏଚସି, ପିଏଚସିଗୁଡିକରେ ଆୟୁଷ ଡାକ୍ତରଙ୍କ ଦ୍ୱାରା ସ୍ୱାସ୍ଥ୍ୟ ସେବା ଯୋଗାଇ ଦିଆଯାଉଛି। ଅତି ଜରୁରୀକାଳୀନ ପରିସ୍ଥିତିରେ ଆନ୍ଦୋଳନକାରୀ ଡାକ୍ତର ସହଯୋଗ କରିବାକୁ ପ୍ରତିଶ୍ରୁତି ଦେଇଥିବା ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀ ଡାକ୍ତର ସଂଘମିତ୍ରା ପଣ୍ଡା ପ୍ରକାଶ କରିଛନ୍ତି।



ନୂଆଦିଲ୍ଲୀସ୍ଥିତ ପ୍ରତିଷ୍ଠିତ ଜାତୀୟ ନାଟ୍ୟ ବିଦ୍ୟାଳୟର ୩ ବର୍ଷିଆ ଡିପ୍ଲୋମା ପାଠ୍ୟକ୍ରମରେ ନାମ ଲେଖାଇବାକୁ ମନୋନୀତ ହୋଇଥିବା ଝାରସୁଗୁଡ଼ାର ନାଟ୍ୟଶିଳ୍ପୀ ସୁଶ୍ରୀ ସୋନିଆ ବେହେରାଙ୍କୁ ଜିଲ୍ଲାପାଳ କୁଣାଲ ମୋତିରାମ ଚୱାଣ ସମ୍ବର୍ଦ୍ଧିତ କରୁଛନ୍ତି।

## ହାତୀ ଆକ୍ରମଣରେ ଜଣେ ମୃତ

ଦେବଗଡ଼,୧।୭(ସମିସ): ଦେବଗଡ଼ ଜିଲ୍ଲା ତିଲେଇବଣି ବ୍ଲକ୍ ସଡୋ ପଞ୍ଚାୟତର ବେଲୁଆମ ଗ୍ରାମରେ ଆଜି ହାତୀ ଆକ୍ରମଣରେ ଜଣେ ବ୍ୟକ୍ତିଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ବେଲୁଆମ ଗ୍ରାମର କୁଞ୍ଜବନ ତିର୍କୀ। ସକାଳେ ସେ ନିକଟସ୍ଥ ଜଙ୍ଗଲକୁ ଯାଇଥିବାବେଳେ ହଠାତ ହାତୀ ତାଙ୍କୁ ଅତର୍କିତ ଭାବେ ଆକ୍ରମଣ କରିଥିଲା। ତେବେ ଘଟଣାସ୍ଥଳରେ ହିଁ କୁଞ୍ଜବନଙ୍କ ମୃତ୍ୟୁ ଘଟିଥିଲା। ଗ୍ରାମବାସୀଙ୍କଠାରୁ ସୂଚନା ପାଇ ବନ ବିଭାଗର କର୍ମଚାରୀ ଘଟଣାସ୍ଥଳରେ ପହଞ୍ଚି ମୃତଦେହ ଉଦ୍ଧାର କରିବା ସହ ଘଟଣାର ତଦନ୍ତ ଆରମ୍ଭ କରିଥିଲେ।

## ଝାରସୁଗୁଡ଼ା ଜିଲ୍ଲାପାଳଙ୍କ ବିଭିନ୍ନ ପ୍ରକଳ୍ପ ପରିଦର୍ଶନ

ଝାରସୁଗୁଡ଼ା,୧।୭(ସମିସ): ଝାରସୁଗୁଡ଼ା ଜିଲ୍ଲାପାଳ କୁଣାଲ ମୋତିରାମ ଚୱାଣ ପୌରାଞ୍ଚଳର ବିଭିନ୍ନ ସ୍ଥାନ ପରିଦର୍ଶନ କରି ବିକାଶମୂଳକ କାର୍ଯ୍ୟ ଓ ଭିତ୍ତିଭୂମିର ଉନ୍ନତି ସମ୍ପର୍କରେ ସମୀକ୍ଷା କରିଥିଲେ। ଏହି ପରିଦର୍ଶନରେ ଝାରସୁଗୁଡ଼ା ପୌରପାଳିକାର କାର୍ଯ୍ୟ ନିର୍ବାହୀ ଅଧିକାରୀ ନିଶିକାନ୍ତ ଟେଟେ, ପୌରପରିଷଦ ଯନ୍ତ୍ରୀ ସୀମାଞ୍ଚଳ ଦାସ ଓ ସହକାରୀ ଯନ୍ତ୍ରୀ ସୁଶାନ୍ତ ପଟେଲ ଉପସ୍ଥିତ ଥିଲେ। ଟାଉନ ହଲ୍ ପରିଦର୍ଶନ କରି ଏହାର ସମ୍ପୂର୍ଣ୍ଣ ନବୀକରଣ କରିବା ସହିତ ପାଖରେ ଥିବା ପୁରୁଣା କୋଠାକୁ ଭଙ୍ଗାଯିବା ପାଇଁ ନିର୍ଦ୍ଦେଶ ଦେଇଥିଲେ। ପୁରୁଣା ଯାନବାହନଗୁଡ଼ିକର ତାଲିକା ପ୍ରସ୍ତୁତ କରି ମୋଟର ଯାନ ନିରୀକ୍ଷକଙ୍କ ସହଯୋଗରେ ଅନୁପଯୋଗୀ ଯାନବାହନଗୁଡ଼ିକୁ ଶୀଘ୍ର ସ୍କ୍ରାପ୍ କରିବାକୁ କହିଥିଲେ। ପୌରପାଳିକାର ଅଡିଟୋରିୟମ୍-କମ୍-ସ୍ପୋର୍ଟ୍ସ କମ୍ପ୍ଲେକ୍ସ ପରିଦର୍ଶନ କରିଥିଲେ। ପୌରପାଳିକା ପରିସରରେ ଦୀର୍ଘଦିନ ଧରି ପଡ଼ିରହିଥିବା ସଫେଇ ଯାନ, ଫଗିଂ ମେସିନ୍ ଓ ଅନ୍ୟାନ୍ୟ ଅଚଳ ଯନ୍ତ୍ରପାତିର ସ୍ଥିତି ସମୀକ୍ଷା କରିଥିଲେ। ଯେଉଁ ଯାନବାହନ ଓ ଯନ୍ତ୍ରପାତିକୁ ସ୍ୱଳ୍ପ ବ୍ୟୟରେ ମରାମତି କରି ପୁନଃ ବ୍ୟବହାରଯୋଗ୍ୟ କରାଯାଇପାରିବ ସେଗୁଡ଼ିକର ତୁରନ୍ତ ମରାମତି କରି ବ୍ୟବହାରରେ ଆଣିବାକୁ ସେ ନିର୍ଦ୍ଦେଶ ଦେଇଥିଲେ।

## ଡ୍ରେନ୍ କାମ ତଦାରଖ କଲେ ଝାରସୁଗୁଡ଼ା ଜିଲ୍ଲାପାଳ

ଝାରସୁଗୁଡ଼ା,୧।୭(ସମିସ): ଝାରସୁଗୁଡ଼ା ଜିଲ୍ଲାପାଳ କୁଣାଲ ମୋତିରାମ ଚୱାଣ ଡ୍ରେନ୍ ନିର୍ମାଣ କାର୍ଯ୍ୟସ୍ଥଳ ପରିଦର୍ଶନ କରି କାର୍ଯ୍ୟର ଅଗ୍ରଗତି ବିଷୟରେ ସମୀକ୍ଷା କରିଥିଲେ। ପରିଦର୍ଶନ ସମୟରେ ଜିଲ୍ଲାପାଳ ଡ୍ରେନ୍ ନିର୍ମାଣ କାର୍ଯ୍ୟର ଗୁଣବତ୍ତା ଓ ଅଗ୍ରଗତି ଉପରେ ଗୁରୁତ୍ୱାରୋପ କରିବା ସହ କାର୍ଯ୍ୟରେ ଆସୁଥିବା ବିଭିନ୍ନ ସମସ୍ୟା, ବିଶେଷକରି ଜମି ଅଧିଗ୍ରହଣ ଏବଂ ସରକାରୀ ଜମି ଉପରେ ଥିବା ଜବରଦଖଲ ଉଚ୍ଛେଦ ସମ୍ପର୍କରେ ବିସ୍ତୃତ ଆଲୋଚନା କରିଥିଲେ। ଜନସ୍ୱାର୍ଥକୁ ଦୃଷ୍ଟିରେ ରଖି ସମସ୍ତ ସମସ୍ୟାର ଶୀଘ୍ର ସମାଧାନ କରି ନିର୍ମାଣ କାର୍ଯ୍ୟକୁ ତ୍ୱରାନ୍ୱିତ କରିବା ସହ ନିର୍ଦ୍ଧାରିତ ସମୟ ମଧ୍ୟରେ ଉଚ୍ଚମାନର କାର୍ଯ୍ୟ ସମ୍ପୂର୍ଣ୍ଣ କରିବାକୁ ସମ୍ପୃକ୍ତ ଅଧିକାରୀ ଓ କାର୍ଯ୍ୟ ନିର୍ବାହୀ ସଂସ୍ଥାକୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଥିଲେ। ବର୍ଷାକୁ ଆଖି ଆଗରେ ରଖି ଡ୍ରେନ୍ ନିର୍ମାଣ କାର୍ଯ୍ୟ ଶୀଘ୍ର ସାରିବା ପାଇଁ ନିର୍ଦ୍ଦେଶ ଦେଇଥିଲେ। ରାସ୍ତା ଓ କୋଠାବାଡ଼ି ବିଭାଗର ଅଧୀକ୍ଷଣ ଯନ୍ତ୍ରୀ ଜିତେନ୍ଦ୍ର ମେହେର, ସହକାରୀ ନିର୍ବାହୀ ଯନ୍ତ୍ରୀ ବନମାଳୀ ନାଏକ ଏବଂ କାର୍ଯ୍ୟ ନିର୍ବାହୀ ସଂସ୍ଥାର ପ୍ରତିନିଧି ଶ୍ରୀ ସୁଧୀର କୁମାର ସାହିଲ ଉପସ୍ଥିତ ଥିଲେ।

## ଝାରସୁଗୁଡା ଜିଲ୍ଲା କୃଷି ରଣନୀତି ବୈଠକ

ଝାରସୁଗୁଡା,୧।୭(ସମିସ): ଝାରସୁଗୁଡା ଜିଲ୍ଲାରେ ଆସନ୍ତା ଖରିଫ ଋତୁ ପାଇଁ ଜିଲ୍ଲା କୃଷି ରଣନୀତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାପାଳ କୁଣାଲ ମୋତିରାମ ଚୱାଣ ଏଥିରେ ଅଧ୍ୟକ୍ଷତା କରିଥିଲେ। ବୈଠକରେ ମୁଖ୍ୟ ଜିଲ୍ଲା କୃଷି ଅଧିକାରୀ ପ୍ରଦୀପ ନନ୍ଦ ଜିଲ୍ଲାର କୃଷି ରଣନୀତି ସମ୍ପର୍କରେ ସବିଶେଷ ବିବରଣୀ ଉପସ୍ଥାପନ ପ୍ରଦାନ କରିଥିଲେ। ବୈଠକରେ ସମବାୟ ବିଭାଗର ଉପ-ନିବନ୍ଧକ, କୃଷି ବିଜ୍ଞାନ କେନ୍ଦ୍ରର ବୈଜ୍ଞାନିକ, ଉଦ୍ୟାନ କୃଷି ବିଭାଗର ସହକାରୀ ନିର୍ଦ୍ଦେଶକ, ଜଳସେଚନ ବିଭାଗର କାର୍ଯ୍ୟ ନିର୍ବାହୀ ଯନ୍ତ୍ରୀ ଏବଂ ଅନ୍ୟାନ୍ୟ ସମ୍ପୃକ୍ତ ବିଭାଗ ଅଧିକାରୀ ଉପସ୍ଥିତ ଥିଲେ।

## ବିଭିନ୍ନ କ୍ରୀଡ଼ାର ପଦକ ବିଜେତା ସମ୍ବର୍ଦ୍ଧିତ



ଝାରସୁଗୁଡ଼ା,୧।୭(ସମିସ): ଝାରସୁଗୁଡ଼ା ଜିଲ୍ଲା ପ୍ରଶାସନର ପକ୍ଷରୁ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ବିଭିନ୍ନ କ୍ରୀଡ଼ାରେ ଜାତୀୟ ଓ ରାଜ୍ୟ ସ୍ତରରେ ପଦକ ହାସଲ କରିଥିବା କ୍ରୀଡ଼ାବିତଙ୍କୁ ସମ୍ବର୍ଦ୍ଧିତ କରାଯାଇଛି। ଜିଲ୍ଲାପାଳ କୁଣାଲ ମୋତିରାମ ଚୱାଣ କ୍ରୀଡ଼ାବିତମାନଙ୍କ ସହ ଆଲୋଚନା କରି ସେମାନଙ୍କର ଅଭ୍ୟାସ, ପ୍ରତିଯୋଗିତାର ଅନୁଭୂତି, ସଫଳତା ଓ ସମସ୍ୟା ସମ୍ପର୍କରେ ଅବଗତ ହୋଇଥିଲେ।

## ବୌଦ୍ଧ ଜିଲ୍ଲାପାଳଙ୍କ ସ୍ୱାସ୍ଥ୍ୟ ଭିତ୍ତିଭୂମି ଯାଞ୍ଚ

ବୌଦ୍ଧ,୧।୭(ସମିସ): ବୌଦ୍ଧ ଜିଲ୍ଲାପାଳ ବିଭୁତି ଭୂଷଣ ନାୟକ ଆଜି ଜିଲ୍ଲାର ବିଭିନ୍ନ ସ୍ୱାସ୍ଥ୍ୟକେନ୍ଦ୍ର ପରିଦର୍ଶନ କରିଛନ୍ତି। ନିର୍ମାଣାଧୀନ ସ୍ୱାସ୍ଥ୍ୟ



ପ୍ରକଳ୍ପ ଗୁଡ଼ିକର ଅଗ୍ରଗତି ତଥା ନିର୍ମାଣ ହେଇସାରିଥିବା ଅନୁଷ୍ଠାନ ଗୁଡ଼ିକର କାର୍ଯ୍ୟକାରିତା ସମ୍ପର୍କରେ ସମୀକ୍ଷା କରିଥିଲେ। ପ୍ରଥମେ ପୁରୁଣାକଟକର ୫୦ ଶଯ୍ୟା ବିଶିଷ୍ଟ ନୂତନ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ପରିଦର୍ଶନ କରିଥିଲେ। ନୂତନ କୋଠାକୁ ବିଦ୍ୟୁତ ସଂଯୋଗ କରିବା ସହ ବାକି ରହିଯାଇଥିବା ସମସ୍ତ କାମ ୧୫ ଦିନ ମଧ୍ୟରେ ଶେଷ କରି ସ୍ୱାସ୍ଥ୍ୟ ବିଭାଗକୁ ହସ୍ତାନ୍ତର କରିବାକୁ କୋଠା ନିର୍ମାଣ ଦାୟିତ୍ୱରେ ଥିବା ପୋଲିସ୍ ହାଉସିଂ କର୍ପୋରେସନର ଅତିରିକ୍ତ ଯନ୍ତ୍ରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ। ସେହିପରି ଚାରିଛକସ୍ଥିତ ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ରର ନୂତନ କୋଠାର କାର୍ଯ୍ୟକୁ ଧାର୍ଯ୍ୟ ସମୟ ମଧ୍ୟରେ ସମ୍ପୂର୍ଣ୍ଣ କରି ହସ୍ତାନ୍ତର କରିବାକୁ ଠିକାଦାରଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଏହା ସହ ପୁରୁଣାକଟକ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ଓ ବୌଦ୍ଧ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ପରିଦର୍ଶନ କରି ରୋଗୀମାନଙ୍କ ସହ ଆଲୋଚନା ସହ ଓମ୍ସା ଦ୍ୱାରା ଆହୂତ ଡାକ୍ତରଙ୍କ ସମୂହ ଧର୍ମଘଟ ବେଳେ ଆବଶ୍ୟକୀୟ ସ୍ୱାସ୍ଥ୍ୟ ସେବା କିପରି ପ୍ରଦାନ କରାଯାଉଛି ତାହା ତଦାରଖ କରିଥିଲେ। ଏହି ଅବସରରେ ରୋଗୀଙ୍କୁ ଉଚିତ ସ୍ୱାସ୍ଥ୍ୟସେବା, ଆମ୍ବୁଲାନ୍ସ ସେବା, ଜରୁରୀକାଳୀନ ସେବା ଯୋଗାଇଦେବା ପାଇଁ ନିର୍ଦ୍ଦେଶ ଦେଇଥିଲେ। ଜିଲ୍ଲାପାଳଙ୍କ ଏହି ଗସ୍ତ ସମୟରେ ଜିଲ୍ଲାପାଳଙ୍କ ସହ ଜାତୀୟ ସ୍ୱାସ୍ଥ୍ୟ ମିଶନର ଜିଲ୍ଲା ପ୍ରକଳ୍ପ ପ୍ରବନ୍ଧକ ଗିରିଜା ପ୍ରସାଦ ମିଶ୍ର, ଅତିରିକ୍ତ ଯନ୍ତ୍ରୀ ରାଧାକାନ୍ତ ମଲ୍ଲିକ, ସହକାରୀ ଯନ୍ତ୍ରୀ ଲିଜାରାଣୀ ମହାକୁଡ଼ ପ୍ରମୁଖ ଉପସ୍ଥିତ ଥିଲେ।

## ଜାତୀୟ ବିଦ୍ୟୁତ୍ ସୁରକ୍ଷା ସପ୍ତାହ

କନ୍ଧମାଳ,୧।୭(ସମିସ): କନ୍ଧମାଳ ବ୍ଲକ୍ ନୂଆଁପାଲି ଆଦିବାସୀ ଉଚ୍ଚ ବିଦ୍ୟାଳୟ ପରିସରରେ ଶକ୍ତି କ୍ଲବ ପକ୍ଷରୁ ଜାତୀୟ ବିଦ୍ୟୁତ ସୁରକ୍ଷା ସପ୍ତାହ ପାଳିତ ହୋଇଯାଇଛି। ବିଦ୍ୟାଳୟର



ପ୍ରଧାନଶିକ୍ଷକ ଅନନ୍ତ ଚରଣ କ୍ଷେତୀଙ୍କ ସଭାପତିତ୍ୱରେ ଏକ ସଚେତନତା ସଭା ଅନୁଷ୍ଠିତ ହୋଇଥିଲା। ଏହି ସଭାରେ କନ୍ଧମାଳ ବିଦ୍ୟୁତ ବିଭାଗର ଅଧିକ୍ଷଣ ଯନ୍ତ୍ରୀ ତଥା ନିରୀକ୍ଷକ ହିତେଶ ସେନାପତି, ବୌଦ୍ଧ ଜିଲ୍ଲା ଜର୍ଣ୍ଣାଲିଷ୍ଟ ଫୋରମ ସଭାପତି ଦିବ୍ୟଶଙ୍କର ରାଉତ, ସ୍କୁଲ ପରିଚାଳନା କମିଟି ସଭାପତି କରୁଣାକର ସାହୁ, ସାମ୍ବାଦିକ ପ୍ରଭାତ ସାହୁ ଏବଂ ବଂଶୀଧର ମାଝୀ ପ୍ରମୁଖ ଅତିଥି ଭାବେ ଯୋଗ ଦେଇଥିଲେ। ଶିକ୍ଷକ ଗୋବର୍ଦ୍ଧନ ପ୍ରଧାନ ଅତିଥି ପରିଚୟ ପ୍ରଦାନ କରିଥିବା ବେଳେ ଶଶିଭୂଷଣ ପ୍ରଧାନ ଉପସ୍ଥିତ ସମସ୍ତଙ୍କୁ ବିଦ୍ୟୁତ ସୁରକ୍ଷା ସମ୍ବନ୍ଧୀୟ ଶପଥ ପାଠ କରାଇଥିଲେ। ଶେଷରେ ଶିକ୍ଷକ ଅନନ୍ତ ବେହେରା ଧନ୍ୟବାଦ ଅର୍ପଣ କରିଥିଲେ।

**ଶଗଡା:** ବୌଦ୍ଧ ଜିଲ୍ଲା କଣ୍ଟାମାଳ ବ୍ଲକ୍ ଶୁଣ୍ଠିପଦର ପଞ୍ଚାୟତ ଲକ୍ଷ୍ମୀପ୍ରସାଦ ଉନ୍ନୀତ ଉଚ୍ଚ ବିଦ୍ୟାଳୟରେ ମଧ୍ୟ ଜାତୀୟ ବିଦ୍ୟୁତ୍ ସୁରକ୍ଷା ସପ୍ତାହ ପାଳିତ ହୋଇଛି। ଫୁଲବାଣୀ ଓ ବୌଦ୍ଧ ବିଦ୍ୟୁତ୍ ଡିଭିଜନ ସହକାରୀ ବୈଦ୍ୟୁତିକ ଯନ୍ତ୍ରୀ ତଥା ସହକାରୀ ବୈଦ୍ୟୁତିକ



ନିରୀକ୍ଷକ ହିତେଶ ସେନାପତି, ଶୁଣ୍ଠିପଦର ଆଞ୍ଚଳିକ ସାଧନ ସଂଯୋଜକ ନୈରାଶ ଚନ୍ଦ୍ର ସୁନା, ଲକ୍ଷ୍ମୀ ପ୍ରସାଦ ପଞ୍ଚସଖା ଶିକ୍ଷା ସେତୁ କମିଟି ସଭାପତି ପବିତ୍ରମୋହନ ଗିରି, ବିଦ୍ୟାଳୟ ପରିଚାଳନା କମିଟି ସଭାପତି ସୁଶାନ୍ତ ପାତ୍ର, ପ୍ରଧାନ ଶିକ୍ଷକ ରମେଶ ସାମଲ, ଶକ୍ତି କ୍ଲବ୍ ଇନଚାର୍ଜ ରମାକାନ୍ତ ବେହେରା ପ୍ରମୁଖ ଉପସ୍ଥିତ ଥିଲେ। ଶିକ୍ଷକ ଶ୍ରବଣ ମହାକୁଡ଼, ମନୋଜ ସାହୁ,ସହକାରୀ ଶିକ୍ଷକ ଭାଗ୍ୟଧର ସାହୁ, ଗୌତମ ସିଂହ, ହାଡ଼ିବନ୍ଧୁ କହଁର, ମକରନ୍ଦ କର୍ଣ୍ଣ, ଯୋଗେଶ ଚନ୍ଦ୍ର ମହାନନ୍ଦ, ଶିକ୍ଷୟିତ୍ରୀ ଲିପିପୁଷ୍ପା, ନିବେଦିତା ପ୍ରମୁଖ ସହଯୋଗ କରିଥିଲେ। ଏହି ଉପଲକ୍ଷେ ଏକ ଶୋଭାଯାତ୍ରା ଗାଁ ପରିକ୍ରମା କରିଥିଲା। କୁଇଜ ଓ ଚିତ୍ରାଙ୍କନ ପ୍ରତିଯୋଗିତା ମାଧ୍ୟମରେ ଛାତ୍ରଛାତ୍ରୀଙ୍କୁ ସଚେତନ କରାଯାଇ ବିଦ୍ୟୁତ୍ ସୁରକ୍ଷା ଶପଥ ପାଠ କରାଯାଇଥିଲା।

## ଟ୍ରଲର ଗୁପ୍ତ ଚାମ୍ବରରୁ ୨୯୫ କେଜି ଗଞ୍ଜେଇ ଜବତ



ଶଗଡା/କଣ୍ଟାମାଳ,୧।୭(ସମିସ): ବୌଦ୍ଧ ଜିଲ୍ଲା କଣ୍ଟାମାଳ ଅବକାରୀ ବିଭାଗ ଏକ ବଡ଼ ଧରଣର ଗଞ୍ଜେଇ ଚୋରାଚାଲାଣ ଉଦ୍ୟମ ପଣ୍ଡ କରିଛି। କଣ୍ଟାମାଳ ଥାନା ଶୁଲିଆ ଅଞ୍ଚଳରେ ଯାଞ୍ଚ ବେଳେ ଏକ ୧୮ ଚକିଆ ଟ୍ରଲରର ଗୁପ୍ତ ଚାମ୍ବରରୁ ୨୯୫ କେଜି ଗଞ୍ଜେଇ ଜବତ ହୋଇଛି। କାର୍ଯ୍ୟନିର୍ବାହୀ ମାଜିଷ୍ଟ୍ରେଟ ତଥା କଣ୍ଟାମାଳ ଅତିରିକ୍ତ ତହସିଲଦାର ଧନଞ୍ଜୟ କର୍ଣ୍ଣଙ୍କ ଉପସ୍ଥିତିରେ ଗଞ୍ଜେଇ ବାହାର କରାଯାଇ ଓଜନ କରାଯାଇଥିଲା। ତେବେ ଚଢ଼ଉ ସମୟରେ ଟ୍ରକ୍ ଚାଳକ ଫେରାର ହୋଇ ଯାଇଥିଲେ। ଏହି ଚଢ଼ଉ ବୌଦ୍ଧ ରେଞ୍ଜର ଅବକାରୀ ନିରୀକ୍ଷକ ଦିଲ୍ଲୀପ ଶତପଥୀଙ୍କ ତତ୍ତ୍ୱାବଧାନରେ ପରିଚାଳିତ ହୋଇଥିଲା। ଏଥିରେ କଣ୍ଟାମାଳ ଓଆଇସି ରାହୁଲ ବେହେରା, ମନମୁଣ୍ଡା ଓଆଇସି ପ୍ରସନ୍ନ ଜାଲି, ଇସି ସୁଜିତ ସାହୁ, ନିରଞ୍ଜନ ମଲ୍ଲିକ, ବିଜୟ ବାଘ ଏବଂ ରାଜକିଶୋର କହଁର ଚଢଉରେ ସାମିଲ ହୋଇଥିଲେ।

## ରୁଗୁଡ଼ିପାଲିରେ ବନ.ମହୋତ୍ସବ



ଶଗଡ଼ା,୧।୭(ସମିସ): ବୌଦ୍ଧ ଜିଲ୍ଲା କଣ୍ଟାମାଳ ରେଞ୍ଜ ବରପଦର ସେକ୍ସନ ଅଧୀନ ରୁଗୁଡ଼ିପାଲି ଗ୍ରାମ୍ୟ ଜଙ୍ଗଲ ଅଞ୍ଚଳରେ ୭୭ତମ ବନ ମହୋତ୍ସବ ପାଳିତ ହୋଇଛି। କଣ୍ଟାମାଳ ବନାଞ୍ଚଳ ପକ୍ଷରୁ ଆୟୋଜିତ ଏହି ବନମହୋତ୍ସବରେ ଆମ୍ବ, ପଣସ, ଜାମୁ, ତେନ୍ତୁଳି, ଡିମିରି, ପିଜୁଳି ଆଦି ୫ଶହ ପ୍ରଜାତିର ଚାରା ରୋପଣ କରାଯାଇଥିଲା। କଣ୍ଟାମାଳ ରେଞ୍ଜର ଜୟକୃଷ୍ଣ ପଟ୍ଟନାୟକଙ୍କ ନେତୃତ୍ୱରେ ବରପଦର ଫରେଷ୍ଟର ଅଶୋକ ପ୍ରଧାନ, ସୁନୀଲ ଖେତି, ଫରେଷ୍ଟ ଗାର୍ଡ ସୁନୀଲ ପ୍ରଧାନ, ଜିତୁରାଣୀ ସାହୁଙ୍କ ସମେତ ବନ କର୍ମଚାରୀଙ୍କ ସହଯୋଗରେ କାର୍ଯ୍ୟ ସମ୍ପନ୍ନ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ବ୍ରାହ୍ମଣୀ ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କ ସହ ପ୍ରଧାନଶିକ୍ଷକ ଯୋଗ ଦେଇଥିଲେ।

## କଣ୍ଟାବାଞ୍ଜିରେ ଯାଦବ ସମାଜ ପକ୍ଷରୁ ଚାରାରୋପଣ



କଣ୍ଟାବାଞ୍ଜି,୧।୭(ସମିସ): ବଲାଙ୍ଗୀର ଜିଲ୍ଲା କଣ୍ଟାବାଞ୍ଜି ଯାଦବ ସମାଜ ଆନୁକୂଲ୍ୟରେ ଆଜି ସ୍ଥାନୀୟ କଣ୍ଟାବାଞ୍ଜି ଚିଲଡ୍ରେନ ପାର୍କ ଏନଏସି ବର୍ଯ୍ୟବସ୍ତୁ ପରିତ୍ୟକ୍ତ ଅଞ୍ଚଳରେ ଚାରା ରୋପଣ କରାଯାଇଛି। ଯାଦବ ସମାଜ ସଭାପତି ବେଦବ୍ୟାସ ନାଗ, ପୂର୍ବତନ ସଭାପତି ଘନଶ୍ୟାମ ଗହୀର, ଗୁରୁଦୟାଲ ହଂସ, ଦୀପକ ସେଲମା, ସଞ୍ଜୟ ପୁଞ୍ଜି, ପ୍ରଦୀପ ବାଗ, ନାକଡୁ ନାଗ, ଚୈତନ୍ୟ ହଂସ, ଶଶି ଛିରାଗୁନ, ହରି ସେଲମା, ଲକ୍ଷ୍ମଣ କଟା, ଆଲୋକ ବନଛୋର ପ୍ରମୁଖ ଉପସ୍ଥିତ ଥିଲେ।

## ମୃତକଙ୍କ ପରିବାରକୁ ସମବେଦନା ଜଣାଇଲେ ମହିଧର



ଶଗଡା,୧।୭(ସମିସ): ବୌଦ୍ଧ ଜିଲ୍ଲା ମନମୁଣ୍ଡା ଥାନା ଡିଗି ମୁହାଣ ରାସ୍ତାରେ ଘଟିଥିବା କପିଳ ନାୟକ ହତ୍ୟାକାଣ୍ଡ ଘଟଣାରେ ପୂର୍ବତନ ବିଧାୟକ ମହିଧର ରଣା ଶୋକ ସନ୍ତପ୍ତ ପରିବାରବର୍ଗଙ୍କୁ ଭେଟି ସମବେଦନା ଜଣାଇଛନ୍ତି। କୈଳାଶ ମୁଖୀ, ରାଧାବଲ୍ଲଭ ପ୍ରଧାନ, ବାଲମୁକୁନ୍ଦ ମେହେର ଓ ପ୍ରେମରାଜ ରଣା ପ୍ରମୁଖ ଏହି ସମୟରେ ଉପସ୍ଥିତ ଥିଲେ।

## ନିଶାମୁକ୍ତ ଓଡ଼ିଶା ଅଭିଯାନ କାର୍ଯ୍ୟକ୍ରମ

ଦେବଗଡ଼, ୧।୭(ସମିସ): ଦେବଗଡ ଥାନା ପୁଲିସ ପକ୍ଷରୁ ରାଜା ବାସୁଦେବ ହାଇସ୍କୁଲରେ ଆଜି ନିଶାମୁକ୍ତ ଓଡ଼ିଶା ଅଭିଯାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଦେବଗଡ ଥାନା ଆଇଆଇସି ସବ୍ୟସାଚୀ ଶତପଥୀଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଏସ୍‌ଡିପିଓ ରମେଶ ମାହାନା ଯୋଗ ଦେଇ ଛାତ୍ରମାନଙ୍କୁ ସଚେତନ କରିବା ସହ ଶପଥପାଠ କରାଇଥିଲେ। କାର୍ଯ୍ୟକ୍ରମରେ ବିଦ୍ୟାଳୟର ଶିକ୍ଷକ, ଶିକ୍ଷୟିତ୍ରୀ, ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ। ସେହିପରି ବାରକୋଟ ଥାନା ପୁଲିସ ପକ୍ଷରୁ ନିଶାମୁକ୍ତ ଓଡ଼ିଶା ଅଭିଯାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏଥିରେ ବାରକୋଟ ଥାନା ଏସ୍‌ଆଇ ସନ୍ତୋଷ ଶତପଥୀ, ବିରଞ୍ଚି ନାରାୟଣ ନାଏକ, ସନାତନ ନାୟକ ଉପସ୍ଥିତ ରହି ସଚେତନ କରିବା ସହ ଶପଥପାଠ କରିଥିଲେ। ଏଥିରେ ଆମ ପୁଲିସ ସମିତିର ସଦସ୍ୟ ଓ ଜନସାଧାରଣ ଉପସ୍ଥିତ ଥିଲେ।



# ବିପୁଳ ମଦ ସହ ବେଆଇନ ଗ୍ୟାସ୍ ସିଲିଣ୍ଡର ଜବତ



ଶଗଡା/ମନମୁଣ୍ଡା/କଣ୍ଟାମାଳ,୧।୭(ସମିସ): ମନମୁଣ୍ଡା ପୁଲିସ ୩ଟି ପୃଥକ ସ୍ଥାନରେ ଚଢ଼ଉ କରି ବିପୁଳ ପରିମାଣର ମଦ ସହ ଗ୍ୟାସ ସିଲିଣ୍ଡର ଜବତ



କରିଛି। ବ୍ରିଜ ଛକ ନିକଟରେ ଯାଞ୍ଚ ବେଳେ ଏକ ପିକ୍‌ଅପ୍ ମନମୁଣ୍ଡାରୁ ସୋନପୁର ଆଡକୁ ସନ୍ଦେହଜନକ ଭାବରେ ଆସୁଥିଲା। ଯାଞ୍ଚ କରିବାରୁ ୮୦ ପ୍ୟାକେଟ କେନ ବିୟର (୯୨୦ ଲିଟର) ବାହାରିଲା। କାଗଜପତ୍ର ମାଗିବାରୁ ଚାଳକ ଦେଖାଇ ପାରି ନ ଥିଲା। ଚାଳକ ମନମୁଣ୍ଡା ଥାନା ଗୋପାଳମାଲ ଗ୍ରାମର ଦିଗାଲ ପ୍ରଧାନକୁ ଗିରଫ ହୋଇଛି। ସେହିପରି ବେଆଇନ ଭାବେ ମଦ ବିକ୍ରି ହେଉଥିବା ଖବର ପାଇ ପଥରଲା ଗ୍ରାମର ଆଶିଷ ଷାଣ୍ଡର ଦୋକାନରେ ଚଢଉ ହୋଇଥିଲା। ତା' ପାଖରୁ ୩୨.୨ ଲିଟର ବିଦେଶୀ ମଦ ସହ ୬୭୨୦ ଟଙ୍କା ଜବତ ହୋଇଛି। ଆବଶ୍ୟକକ କାଗଜପତ୍ର ଦେଖାଇ ନ ପାରିବାକରୁ ସେ ଗିରଫ ହୋଇଛି। ସେହିଭଳି ଗବଯୋର ଗ୍ରାମର ରାଧେଶ୍ୟାମ ସାହୁ ନିଜ ଘରେ ବେଆଇନ ଭାବରେ ମଦ ରଖି ବିକ୍ରି କରୁଥିବା ବେଳେ ଧରା ପଡିଛି। ୧୦୧.୪ ଲିଟର ବିଦେଶୀ ମଦ ଓ ୨୩ଶହ ଟଙ୍କା ଜବତ ହୋଇଛି। ଘର ଭିତରୁ ୨୬ଟି ଗ୍ୟାସ୍ ଟାଙ୍କି ଜବତ ହୋଇଛି।



### ପଶ୍ଚିମ ଓ ଦକ୍ଷିଣ ଓଡ଼ିଶା ଘରୋଇ ବସ୍ ମାଲିକ ସଂଘର ନିଷ୍ପତ୍ତି

# ସମସ୍ୟା ସମାଧାନ ନ ହେଲେ ଗୃହମନ୍ତ୍ରୀଙ୍କ କାର୍ଯ୍ୟକ୍ରମରେ ଅସହଯୋଗ

ବରଗଡ଼,୧।୭ (ସମିସ):

ଆସନ୍ତା ୪ ଓ ୫ ତାରିଖରେ ପଶ୍ଚିମ ଓଡ଼ିଶାର ବରଗଡ଼ ଏବଂ ସମ୍ବଲପୁର ଜିଲ୍ଲାରେ କେନ୍ଦ୍ର ଗୃହମନ୍ତ୍ରୀ ଅମିତ୍ ଶାହାଙ୍କ କାର୍ଯ୍ୟକ୍ରମ ରହିଛି। ଏହାକୁ ଘରୋଇ ବସ୍ ମାଲିକ ସଂଘ ସମ୍ପୂର୍ଣ୍ଣ ଅସହଯୋଗ କରିବ। କାର୍ଯ୍ୟକ୍ରମକୁ ସଂଘ ଘରୋଇ ବସ୍ ସେବା ଯୋଗାଇ ଦେବ ନାହିଁ ବୋଲି ବୈଠକରେ ନିଷ୍ପତ୍ତି ନିଆଯାଇଛି। କାର୍ଯ୍ୟକ୍ରମ ପାଇଁ ୯ ଶହ ବସ୍ ଯୋଗାଇ ଦେବାକୁ ଜିଲ୍ଲା ପ୍ରଶାସନ ପକ୍ଷରୁ ଅନୁରୋଧ କରିଥିଲା। ବରଗଡ଼ ବସ ମାଲିକ ସଂଘ ସଭାପତି ବିନୋଦ ମାହାପାତ୍ରଙ୍କ ଅଧ୍ୟକ୍ଷତାରେ ବିଜୁ ପଟ୍ଟନାୟକ ଟାଉନ୍ ହଲ୍‌ରେ ବୁଧବାର ପଶ୍ଚିମ ଓ ଦକ୍ଷିଣ ଓଡ଼ିଶା ବସ୍ ମାଲିକ ସଂଘର ଗୁରୁତ୍ୱପୂର୍ଣ୍ଣ ସାଧାରଣ ବୈଠକରେ ଏହି ନିଷ୍ପତ୍ତି ନିଆଯାଇଛି।



ଏଥିରେ ପଶ୍ଚିମ ଓ ଦକ୍ଷିଣ ଓଡ଼ିଶାର ବିଭିନ୍ନ ଜିଲ୍ଲାରୁ ବସ୍ ମାଲିକ ଏବଂ ସଂଘର ବରିଷ୍ଠ ପଦାଧିକାରୀ ଯୋଗ ଦେଇଥିଲେ। ବୈଠକରେ ପରିବହନ କ୍ଷେତ୍ରର ବିଭିନ୍ନ ସମସ୍ୟା, ବେସରକାରୀ ବସ୍ ଚାଳକ ଓ ମାଲିକଙ୍କ ସମସ୍ୟା, ବିଭିନ୍ନ ଅଞ୍ଚଳରେ ଚାଲୁଥିବା ଇଭି ବସ୍ ଚଳାଚଳ ସାଙ୍ଗକୁ ରେଶନାଲାଇଜେସନ୍ ସମସ୍ୟାର ସମାଧାନ ନ ହେଲେ ଆଗାମୀ ୪ ଓ ୫ ତାରିଖରେ ହେବାକୁ ଥିବା କେନ୍ଦ୍ରମନ୍ତ୍ରୀ ଅମିତ ଶାହାଙ୍କ କାର୍ଯ୍ୟକ୍ରମରେ ସହଯୋଗ କରାଯିବ ନାହିଁ ବୋଲି ପଶ୍ଚିମାଞ୍ଚଳ ଓ ଦକ୍ଷିଣାଞ୍ଚଳ ବସ୍ ମାଲିକ ଏକତା ମଞ୍ଚ କହିଛି। ସମ୍ବଲପୁର ଓ ବରଗଡ଼ ପାଇଁ ପ୍ରାୟ ୯ ଶହଟି ବସ୍ ମଗାଯାଇଥିବା ବେଳେ ସମସ୍ୟାର ସମାଧାନ ନ ହେଲେ କାର୍ଯ୍ୟକ୍ରମ ପାଇଁ ବସ୍ ଯୋଗାଇ ଦିଆଯିବ ନାହିଁ ତଥା ଅସହଯୋଗ କରାଯିବ ବୋଲି ନିଷ୍ପତ୍ତି ନିଆଯାଇଥିବା ଗଣମାଧ୍ୟମ ଆଗରେ ସ୍ପଷ୍ଟ କରିଛନ୍ତି ବସ୍ ମାଲିକ।

ବଲାଙ୍ଗୀରରୁ ଚଗଲା ପରିଛା, ସମ୍ବଲପୁରରୁ ଚିନ୍ଟୁ କର, ନୂଆପଡ଼ାରୁ ପପୁ ସ୍ୱାଇଁ, ପଦମପୁରରୁ ଶରତ ବଡ଼ପଣ୍ଡା, ଅବିନାଶ ମିଶ୍ର, କୁନୁ ହୋତା, ଜୋନାଲ ଭାଇସ୍ ପ୍ରେସିଡେଣ୍ଟ ବିକାଶ ମହାପାତ୍ରଙ୍କ ସମେତ ବହୁ ବସ୍ ମାଲିକ ଯୋଗ ଦେଇଥିଲେ। ଶେଷରେ ବରଗଡ଼ ବସ ମାଲିକ ସଂଘର ସେକ୍ରେଟାରୀ ଏସ୍‌କେ ନସିମୁଦ୍ଦିନ (ନଜ୍ଜୁ) ସମସ୍ତଙ୍କୁ ଧନ୍ୟବାଦ୍ ଅର୍ପଣ କରିଥିଲେ।

## ନୃସିଂହନାଥ ଆୟୁର୍ବେଦ ମହାବିଦ୍ୟାଳୟରେ ରାଷ୍ଟ୍ରୀୟ ଚିକିତ୍ସା ଦିବସ

ପାଇକମାଲ,୧।୭ (ସମିସ): ନୃସିଂହନାଥ ଆୟୁର୍ବେଦ ମହାବିଦ୍ୟାଳୟ ଏବଂ ଗବେଷଣା ପ୍ରତିଷ୍ଠାନ, ପାଇକମାଲରେ ରାଷ୍ଟ୍ରୀୟ ଚିକିତ୍ସକ ଦିବସ ପାଳିତ ହୋଇଯାଇଅଛି। ମହାବିଦ୍ୟାଳୟର ପ୍ରଶାସକ ଏବଂ ସଚିବ ମନୋଜ କୁମାର ତ୍ରିବେଦୀ ମୁଖ୍ୟ ଅତିଥି ଭାବେ ଉପସ୍ଥିତ ରହି ସମସ୍ତ ଡାକ୍ତର ମାନଙ୍କୁ ସମ୍ବର୍ଦ୍ଧିତ କରିଥିଲେ। ତ୍ରିବେଦୀ ଏହି ଅବସରରେ ଭାରତରତ୍ନ ଡ. ବିଧାନ ଚନ୍ଦ୍ର ରାୟଙ୍କ ମହନୀୟ କର୍ମକୁ ସ୍ମୃତିଚାରଣ କରି ଡାକ୍ତରମାନଙ୍କ ଦେଶ ନିର୍ମାଣରେ ସମର୍ପଣକୁ ପ୍ରଶଂସା କରିଥିଲେ। ମହାବିଦ୍ୟାଳୟର ଉପ-ଅଧ୍ୟକ୍ଷ ପ୍ରଫେସର ଡାକ୍ତର ଅଭିରାମ ଠାକୁର କାର୍ଯ୍ୟକ୍ରମରେ ସମସ୍ତଙ୍କୁ ସ୍ୱାଗତ ଜଣାଇଥିଲେ। ଏହି ଅବସରରେ ଏକ ନୂତନ ଆୟୁର୍ବେଦ ପ୍ରଚାର ଧର୍ମୀ କାର୍ଯ୍ୟକ୍ରମ ଆୟୁର୍ ଗ୍ରାମ ୩.୦ର ମଧ୍ୟ ଶୁଭାରମ୍ଭ ହୋଇଥିଲା। କାର୍ଯ୍ୟକ୍ରମ ଶେଷରେ ବରିଷ୍ଠ ଚିକିତ୍ସକ ଡାକ୍ତର ନାଏଡୁ ଜଗନ୍ନାଥ ଧନ୍ୟବାଦ ପ୍ରସ୍ତାବ ଉପସ୍ଥାପନା କରିଥିଲେ।

## ଏମ୍‌ଏସ୍‌ଏମ୍‌ଇ କାର୍ଯ୍ୟକ୍ରମ ଉଦ୍‌ଯାପିତ



ବରଗଡ଼,୧।୭ (ସମିସ): ଜିଲ୍ଲାସ୍ତରୀୟ ଉଦ୍ୟମୀ ଓଡ଼ିଶା ଏମ୍‌ଏସଏମ୍‌ଇ କାର୍ଯ୍ୟକ୍ରମ-୨୦୨୬ର ଉଦଯାପନୀ ଦିବସ ନିୟନ୍ତ୍ରିତ ବଜାର କମିଟି ପ୍ରାଙ୍ଗଣ (ଗୋରୁ ମାର୍କେଟ) ପରିସରରେ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ପୌରପରିଷଦ ଅଧ୍ୟକ୍ଷା କଳ୍ପନା ମାଝୀଙ୍କ ସମେତ ଏଲଡିଏମ୍ ବିଦ୍ୟା ନନ୍ଦ ତୀର୍କି, ସରକାରୀ ଆଇଟିଆଇ ବରଗଡର ଅଧ୍ୟକ୍ଷ ରଣଜିତ କୁମାର ମହାରଣା, ଜିଲ୍ଲା ଶିଳ୍ପ କେନ୍ଦ୍ରର ସାଧାରଣ ପରିଚାଳିକା କୁମାରୀ ସୁଷମା କରାଳି, ଜ୍ଞାନେନ୍ଦ୍ର କୁମାର ବେହେରା ତଥା ମୁଖ୍ୟ ଅତିଥିମାନେ ମଞ୍ଚାସୀନ ଥିଲେ। ବିଭିନ୍ନ ଶିକ୍ଷାନୁଷ୍ଠାନ ର ଛାତ୍ରଛାତ୍ରୀ ମାନଙ୍କୁ ନେଇ ବିଭିନ୍ନ ପ୍ରତିଯୋଗୀତା ମାନ ଅନୁଷ୍ଠିତ ହୋଇଥିଲା ଓ ପ୍ରତିଯୋଗୀ ମାନଙ୍କୁ ପୁରସ୍କୃତ ମୁଖ୍ୟ ଅତିଥିଙ୍କ ଦ୍ୱାରା କରା ଯାଇଥିଲା। ଜିଲ୍ଲା ଶିଳ୍ପ କେନ୍ଦ୍ରର ସହକାରୀ ଶିଳ୍ପ ବିକାଶ ଅଧିକାରୀ ପ୍ରଭାସ ରଞ୍ଜନ ପ୍ରଧାନ ମଞ୍ଚ ପରିଚାଳନା କରିଥିଲେ ଓ ଅନ୍ୟାନ୍ୟ ଅଧିକାରୀ ମାନେ ସହଯୋଗ କରିଥିଲେ। ଜିଲ୍ଲା ଶିଳ୍ପକେନ୍ଦ୍ରର ସାଧାରଣ ପରିଚାଳିକା କୁମାରୀ ସୁଷମା କରାଳି ଧନ୍ୟବାଦ ଦେଇଥିଲେ।

## ଝାଞ୍ଜି ପାହାଡ଼ ଅଞ୍ଚଳରେ ଅବାଧ ଦେଶୀ ମଦ କାରବାର

ପଦ୍ମପୁର,୧।୭ (ସମିସ): ଝାଞ୍ଜି ପାହାଡ଼ ଓ ଏହାର ଆଖପାଖ ଅଞ୍ଚଳରେ ବେଆଇନ ଦେଶୀ ମଦ କାରବାର ଏବେ ଚରମ ସୀମାରେ ପହଞ୍ଚିଛି। ଏଥିପାଇଁ ଅଞ୍ଚଳରେ ଅପରାଧ, ଗଣ୍ଡଗୋଳ ଓ ଘରୋଇ ହିଂସା ବଢ଼ିବାରେ ଲାଗିଛି। ଯାହାଦ୍ୱାରା ମହିଳା ଓ ସାଧାରଣ ଲୋକେ ଅସୁରକ୍ଷିତ ମଣୁଛନ୍ତି। ଅବକାରୀ ବିଭାଗ ଓ ପୁଲିସର ନିଷ୍କ୍ରିୟତାକୁ ନେଇ ସାଧାରଣରେ ଅସନ୍ତୋଷ ପ୍ରକାଶ ପାଇଛି। ପ୍ରଶାସନ ତୁରନ୍ତ ଧରପଗଡ଼ କରିବାକୁ ଅଞ୍ଚଳବାସୀ ଓ ମହିଳା ସଂଗଠନ ଗୁଡିକ ଦାବି କରିଛନ୍ତି। ନଚେତ୍ ଆଗାମୀ ଦିନରେ ଆନ୍ଦୋଳନ ଚେତାବନୀ ଦେଇଛନ୍ତି।

## ସଂସ୍କାର ଇଣ୍ଟରନ୍ୟାସନାଲ ସ୍କୁଲରେ ବନ ମହୋତ୍ସବ

ବରଗଡ଼,୧।୭ (ସମିସ): ବରଗଡ଼ ସ୍ଥିତ ସଂସ୍କାର ଇଣ୍ଟରନ୍ୟାସନାଲ ସ୍କୁଲରେ ବୁଧବାର ବନ ମହୋତ୍ସବ ପାଳିତ ହୋଇଯାଇଛି। ତୃତୀୟ ଶ୍ରେଣୀର ଛାତ୍ରଛାତ୍ରୀମାନେ ବିଦ୍ୟାଳୟ ପରିସରରେ ବିଭିନ୍ନ ପ୍ରକାରର ଚାରା ରୋପଣ କରି ଯତ୍ନ ନେବାକୁ ସଂକଳ୍ପ ନେଇଥିଲେ। ବିଦ୍ୟାଳୟର ପ୍ରାର୍ଥନା ସଭାରେ ଛାତ୍ରଛାତ୍ରୀମାନଙ୍କ ଦ୍ୱାରା ଉପସ୍ଥାପିତ ଏକ ପ୍ରଭାବଶାଳୀ କ୍ଷୁଦ୍ର ନାଟକ ମାଧ୍ୟମରେ ପରିବେଶ ସୁରକ୍ଷା, ବୃକ୍ଷର ମହତ୍ତ୍ୱ ଏବଂ ସବୁଜ ଭବିଷ୍ୟତ ଗଠନର ପ୍ରେରଣାଦାୟକ ବାର୍ତ୍ତା ପ୍ରଦାନ କରାଯାଇଥିଲା। କାର୍ଯ୍ୟକ୍ରମରେ ବିଦ୍ୟାଳୟର ପ୍ରିନ୍ସିପାଲ କରନ ସାହୁ, ଭାଇସ ପ୍ରିନ୍ସିପାଲ ସୀମା ସାହୁ, ହେଡ୍ ମିଷ୍ଟ୍ରେସ ସୁଶ୍ରୀ ରୀତା ନାୟକ, ସମସ୍ତ ଶିକ୍ଷକ-ଶିକ୍ଷୟିତ୍ରୀ ଏବଂ ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ। ପ୍ରିନ୍ସିପାଲ କରନ ସାହୁ ଓ ଭାଇସ ପ୍ରିନ୍ସିପାଲ ସୀମା ସାହୁ ଛାତ୍ରଛାତ୍ରୀଙ୍କୁ ଛୋଟ ଚାରା ପ୍ରଦାନ କରିଥିଲେ।

# ଭାବବିହ୍ୱଳ କଲା ବିଦାୟକାଳୀନ ସମ୍ବର୍ଦ୍ଧନା

ପଦ୍ମପୁର,୧।୭ (ସମିସ): ରାଜବୋଡ଼ାସମ୍ବର ବ୍ଲକ କାର୍ଯ୍ୟାଳୟ ପରିସରରେ ପଞ୍ଚାୟତ ନିର୍ବାହୀ ଅଧିକାରୀ ଡୋଲାମଣି ପ୍ରଧାନଙ୍କୁ ବିଦାୟକାଳୀନ ସମ୍ବର୍ଦ୍ଧନା ପ୍ରଦାନ



କରାଯାଇଛି। ବ୍ଲକ ପ୍ରଶାସନ ଓ ସମସ୍ତ କର୍ମଚାରୀଙ୍କ ମିଳିତ ଆନୁକୂଲ୍ୟରେ ଆୟୋଜିତ ଏହି ସଭାରେ ଅତିଥି ଭାବେ ଅତିରିକ୍ତ ଗୋଷ୍ଠୀ ଉନ୍ନୟନ ଅଧିକାରୀ ମେନକା ମେହେର, ଜିପିଡିଓ ପୀତବାସ ଜାନି ପ୍ରମୁଖ ଯୋଗ ଦେଇ ବ୍ଲକର ବିକାଶ ଦିଗରେ ତାଙ୍କର ଅବଦାନ ସମ୍ପର୍କରେ ଆଲୋକପାତ କରିଥିଲେ। ବ୍ଲକ ତରଫରୁ ତାଙ୍କୁ ଉପଢୌକନ ଓ ପୁଷ୍ପଗୁଚ୍ଛ ଦେଇ ଆନୁଷ୍ଠାନିକ ଭାବେ ସମ୍ବର୍ଦ୍ଧିତ କରାଯାଇଥିଲା। କାର୍ଯ୍ୟକ୍ରମରେ ପଞ୍ଚାୟତ ନିର୍ବାହୀ ଅଧିକାରୀ କୁନୁ ସେଠ, ଦୁର୍ଗାପ୍ରସାଦ ସେଠ, ଘନଶ୍ୟାମ ଟଟାଙ୍ଗଙ୍କୁ ବିଦାୟକାଳୀନ ସମ୍ବର୍ଦ୍ଧନା ଜଣାଇଥିଲେ।

**ପଦ୍ମପୁର:** ପଦ୍ମପୁର ସହକାରୀ ଉଦ୍ୟାନ କୃଷି ନିର୍ଦ୍ଦେଶକଙ୍କ କାର୍ଯ୍ୟାଳୟ ପରିସରରେ ସହକାରୀ ଉଦ୍ୟାନ



କୃଷି ଅଧିଦର୍ଶକ ମିନା କୁମାରୀ ନାଥଙ୍କ ଅବସରକାଳୀନ ସମ୍ବର୍ଦ୍ଧନା ସଭା ଅନୁଷ୍ଠିତ ହୋଇଯାଇଛି। ଉଦ୍ୟାନ କୃଷି ନିର୍ଦ୍ଦେଶକ ଗୋବିନ୍ଦ ପ୍ରଧାନଙ୍କ ସଭାପତିତ୍ୱରେ ଆୟୋଜିତ ଏହି ସଭାରେ ଉଦ୍ୟାନ କୃଷି ଅଧିକାରୀ କିଶୋର ବେହେରା ପ୍ରମୁଖ ମଞ୍ଚାସୀନ ରହି ବିଦାୟୀ ଅଧିକାରୀ ଶ୍ରୀମତୀ ନାଥଙ୍କ ଗୁଣ ଗାନ ସହ ସମ୍ବର୍ଦ୍ଧିତ କରିଥିଲେ। ପଦ୍ମପୁର ଉପଖଣ୍ଡ ଅନ୍ତର୍ଗତ ବିଭିନ୍ନ ବ୍ଲକର କୃଷି ଅଧିକାରୀ ଓ କର୍ମଚାରୀମାନେ ଯୋଗ ଦେଇଥିଲେ।

**ପାଇକମାଳ:** ଶିକ୍ଷକ ନେତା ମହାଦେବ ବେହେରାଙ୍କ ସେବା ନିବୃତ୍ତ ଦିନରେ ବ୍ରାହ୍ମଣଡିହି ଗ୍ରାମବାସୀ, ବିଦ୍ୟାଳୟ ପରିଚାଳନା କମିଟି, ଶିକ୍ଷକ, ଶିକ୍ଷୟିତ୍ରୀ ତଥା ଛାତ୍ରଛାତ୍ରୀ ମାନଙ୍କ ତରଫରୁ ବିଦ୍ୟାଳୟର ବରିଷ୍ଠ ଶିକ୍ଷୟିତ୍ରୀ ଅମିତା ଦାସଙ୍କ ସଭାପତିତ୍ୱରେ ଏକ ସମ୍ବର୍ଦ୍ଧନା ସଭା ଆୟୋଜିତ କରାଯାଇଥିଲା।

ଶ୍ରୀ ବେହେରାଙ୍କ ସେବା ନିବୃତ୍ତ ଦିନରେ ବ୍ରାହ୍ମଣ ଡିହି ଗ୍ରାମବାସୀ, ବିଦ୍ୟାଳୟ ପରିଚାଳନା କମିଟି, ଶିକ୍ଷକ,



ଶିକ୍ଷୟିତ୍ରୀ ତଥା ଛାତ୍ର ଛାତ୍ରୀ ମାନଙ୍କ ତରଫରୁ ବିଦ୍ୟାଳୟର ବରିଷ୍ଠ ଶିକ୍ଷୟିତ୍ରୀ ଅମିତା ଦାସଙ୍କ ସଭାପତିତ୍ୱରେ ଏକ ସମ୍ବର୍ଦ୍ଧନା ସଭା ଆୟୋଜିତ କରାଯାଇଥିଲା। ପାଇକମାଳ ଗୋଷ୍ଠୀ ସହ ଶିକ୍ଷା ଅଧିକାରୀ ବିଶିକେଶନ ଶତପଥୀ, ବିଦ୍ୟାଳୟର ପୂର୍ବତନ ପ୍ରଧାନ ଶିକ୍ଷକ ତଥା ବର୍ତ୍ତମାନ ଝାରବନ୍ଧ ବ୍ଲକ ଗୋଷ୍ଠୀ ସହ ଶିକ୍ଷା ଅଧିକାରୀ ଦୟାନିଧି କୈବର୍ତ୍ତ, ସାଧନ କର୍ମୀ ଚିତ୍ର ବିଶ୍ୱାଳ, ଶିକ୍ଷକ ବଳିରାମ ପଟେଲ, ବିଦ୍ୟାଳୟ ପରିଚାଳନା କମିଟି ଚେୟାରମେନ୍ ଭୋଜରାଜ୍ ଭୋଇ, ଶିକ୍ଷାପ୍ରେମୀ ଯଦୁମଣି ଭୋଇ ମଞ୍ଚାସୀନ ରହି ସମ୍ବର୍ଦ୍ଧନା ଜଣାଇଥିଲେ।

**ଅତାବିରା:** ଅତାବିରା ବ୍ଲକ ରେଙ୍ଗାଲି ଉନ୍ନୀତ ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷୟତ୍ରୀ ପଦ୍ମିନୀ ପ୍ରଭା ତ୍ରିପାଠୀଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା ଦିଆଯାଇଛି। ବିଦ୍ୟାଳୟ ପରିଚାଳନା କମିଟିର ସଭାପତି ସନ୍ତୋଷ ମାଝୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସଭାରେ ପାହାଡ଼ଶ୍ରୀଗିଡା ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ସତ୍ୟବାନ ସାହୁ ଓ ପୂର୍ବତନ ଶିକ୍ଷକ ଭୋଳାନାଥ ବାରିକ ଅତିଥି ଭାବେ ଯୋଗ ଦେଇଥିଲେ। ପାହାଡ଼ଶ୍ରୀଗିଡା କ୍ଲଷ୍ଟର ସିଆର୍‌ସିସି ସମେତ



ସମସ୍ତ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ମାନେ ମଧ୍ୟ ସଭାରେ ଯୋଗ ଦେଇଥିଲେ। ବିଦ୍ୟାଳୟର ବରିଷ୍ଠ ଶିକ୍ଷକ ଭବାନୀ ଶଙ୍କର ପ୍ରଧାନ ମଞ୍ଚ ପରିଚାଳନା ଓ ନୂତନ ଭାରପ୍ରାପ୍ତ ପ୍ରଧାନଶିକ୍ଷକ ଆନନ୍ଦ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

**ବରଗଡ଼:** ବରଗଡ଼ ପୌରପରିଷଦ ଅନ୍ତର୍ଗତ ସମଲେଶ୍ୱରୀ ସରକାରୀ ଉଚ୍ଚ ବିଦ୍ୟାଳୟ ଅମ୍ବାପାଲିର ପ୍ରଧାନ ଶିକ୍ଷକ ସର୍ବେଶ୍ୱର ରଥଙ୍କ ବିଦାୟକାଳୀନ ସମ୍ବର୍ଦ୍ଧନା ଉତ୍ସବରେ ପଞ୍ଚସଖା ଶିକ୍ଷା ସେତୁ ସଭାପତି ସୁରେଶ ମହାପାତ୍ର ମୁଖ୍ୟ ଅତିଥିଭାବେ ଯୋଗ ଦେଇଥିଲେ।

ବିଭିନ୍ନ ବିଦ୍ୟାଳୟ ରୁ ଆସିଥିବା ଶିକ୍ଷକ ତଥା ଶିକ୍ଷାପ୍ରେମୀ ଅଭିଭାବକ ମାନେ ତଥା ଛାତ୍ର ଛାତ୍ରୀ ମାନେ



ନିଜସ୍ୱ ଅନୁଭୂତି ବଖାଣି ଥିଲେ। ଛାତ୍ର ଓମ ପଧାନ ମାଟ୍ରିକରେ 'ଏ-୧'ରେ ଉତ୍ତୀର୍ଣ୍ଣ ହୋଇଥିବାରୁ ପ୍ରଧାନଶିକ୍ଷକ ନିଜ ପକେଟରୁ ପାଞ୍ଚ ହଜାର ଟଙ୍କା ପୁରସ୍କୃତ କରିବା ସହିତ ପ୍ରତିବର୍ଷ ଏହି ସ୍କୁଲର ସର୍ବୋଚ୍ଚ ନମ୍ବର ରଖିଥିବା ଛାତ୍ର ହେଉ କିମ୍ବା ଛାତ୍ରୀଙ୍କୁ ପାଞ୍ଚ ହଜାର ଟଙ୍କା ସ୍କୁଲର ପ୍ରତିଷ୍ଠାତା ସଦସ୍ୟ ସ୍ୱର୍ଗତ ରାମହରି ରଥଙ୍କ ସ୍ମୃତି ଉଦ୍ଦେଶ୍ୟରେ ପ୍ରଦାନ କରିବେ ବୋଲି ଘୋଷଣା କରିଥିଲେ।

## ଜାତୀୟ ବିଦ୍ୟୁତ୍ ସୁରକ୍ଷା ଦିବସ ପାଳିତ

ବରଗଡ଼,୧।୭ (ସମିସ): ନବଜ୍ୟୋତି ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ଅଧ୍ୟକ୍ଷ ହୃଷୀକେଶ ସାହୁଙ୍କ ନେତୃତ୍ୱରେ ଜାତୀୟ ବିଦ୍ୟୁତ ସୁରକ୍ଷା ସପ୍ତାହ ପାଳିତ ହୋଇଯାଇଛି। ସହକାରୀ ନିର୍ବାହୀ ଯନ୍ତ୍ରୀ ବିଶାଳ ତିର୍କୀ ମୁଖ୍ୟ ଅତିଥି ଭାବରେ ଉପସ୍ଥିତ ରହି ବିଦ୍ୟୁତର ଉପଯୁକ୍ତ ବ୍ୟବହାର, ସତର୍କତା ଓ ବିଦ୍ୟୁତ ଅପଚୟକୁ ରୋକିବା ନେଇ ପିଲାମାନଙ୍କୁ ଅବଗତ କରେଇଥିଲେ। ଇଲେକ୍ଟ୍ରିସିଆନ ଅନୁରାଧା ଭୋଇ ବିଦ୍ୟୁତ ସମ୍ପର୍କିତ କିଛି ଉପକରଣ ବ୍ୟବହାର ତଥା ଯନ୍ତ୍ର ପାତି ମରାମତି କଲା ସମୟରେ ଆବଶ୍ୟକ ସାବଧାନତା ଅବଲମ୍ବନ କରିବା ବିଷୟରେ ପିଲାଙ୍କୁ ବୁଝାଇଥିଲେ। କାର୍ଯ୍ୟକ୍ରମରେ ଅନୁଷ୍ଠାନର ସମସ୍ତ ଅଧ୍ୟାପକ, ଅଧ୍ୟାପିକା, ଅଣଶିକ୍ଷକ କର୍ମଚାରୀ ଓ ଶତାଧିକ ଛାତ୍ରଛାତ୍ରୀ ବିଦ୍ୟୁତ ସୁରକ୍ଷା ନେଇ ଶପଥ ଗ୍ରହଣ କରିଥିଲେ। ଅଧ୍ୟାପିକା ବର୍ଷାରାଣୀ ନନ୍ଦ ମଞ୍ଚ ପରିଚାଳନା କରିଥିବା ବେଳେ ଅଧ୍ୟାପକ ଦରିଦ୍ର ପଧାନ, ଦିଲ୍ଲୀପ ସାହୁ, ବନମାଳୀ ସାହୁ, ସୁବଳ ପଧାନ, ଲଳିତ ପାତ୍ର, ଅଧ୍ୟାପିକା ଲିପିକା ସାହୁ, ଶର୍ମିଷ୍ଠାରାଣୀ ସାହୁଙ୍କ ସହ ସମସ୍ତ ଅଣଶିକ୍ଷକ କର୍ମଚାରୀ ଉପସ୍ଥିତ ଥିଲେ।

## ଶିକ୍ଷକ କୀର୍ତ୍ତନ ଭୋଇଙ୍କୁ ଶ୍ରଦ୍ଧାଞ୍ଜଳି



ପାଇକମାଳ,୧।୭ (ସମିସ): ଆଦର୍ଶ ଶିକ୍ଷକ ତଥା ଐତିହାସିକ "ଗନ୍ଧମାର୍ଦ୍ଦନ ବଞ୍ଚାଓ-ବାଲକୋ ହଟାଓ' ଆନ୍ଦୋଳନର ସକ୍ରିୟ କର୍ମୀ କୀର୍ତ୍ତନ ଭୋଇଙ୍କ ସ୍ମୃତିରେ ମଙ୍ଗଳବାର ପାଇକମାଳ ବ୍ଲକ ଅନ୍ତର୍ଗତ ଚେରେଙ୍ଗାଝାଞ୍ଜି ଗ୍ରାମରେ ଏକ ଶ୍ରଦ୍ଧାଞ୍ଜଳି ସଭା ଅନୁଷ୍ଠିତ ହୋଇଯାଇଛି। ଗ୍ରାମବାସୀଙ୍କ ଦ୍ୱାରା ଅନୁଷ୍ଠିତ ଏହି ସଭାରେ ଅଞ୍ଚଳର ବହୁ ବିଶିଷ୍ଟ ବ୍ୟକ୍ତି ଯୋଗ ଦେଇଥିଲେ। ଜାମସେଠ ସମବାୟ ସମିତି ସଭାପତି ଗଣେଶ ପ୍ରଧାନ ସଭା ପରିଚାଳନା କରିଥିବା ବେଳେ ମୁଖ୍ୟ ଅତିଥି ଭାବେ ସାଂସଦ ପ୍ରଦୀପ ପୁରୋହିତ ଯୋଗଦେଇ ସ୍ୱର୍ଗତ କୀର୍ତ୍ତନ ଭୋଇଙ୍କ ଗନ୍ଧମାର୍ଦ୍ଦନ ଆନ୍ଦୋଳନରେ ଥିବା ଉଲ୍ଲେଖନୀୟ ଭୂମିକା ସମ୍ପର୍କରେ ସ୍ମୃତିଚାରଣ କରିଥିଲେ। ସଭାରେ ଗ୍ରାମବାସୀଙ୍କ ଅନୁରୋଧ କ୍ରମେ ସାଂସଦ ପୁରୋହିତ ସ୍ୱର୍ଗତ କୀର୍ତ୍ତନ ଭୋଇଙ୍କ ସ୍ମୃତିରେ ଗ୍ରାମରେ ଏକ କଲ୍ୟାଣ ମଣ୍ଡପ ନିର୍ମାଣ ପାଇଁ ସହଯୋଗ କରିବା ସହ ଏହାର ନିର୍ମାଣ ନେଇ ପ୍ରତିଶ୍ରୁତି ଦେଇଥିଲେ। ପଦ୍ମପୁର ବିଧାୟିକା ବର୍ଷା ସିଂ ବରିହା ମଧ୍ୟ ସଭାରେ ଯୋଗଦେଇ ଶ୍ରଦ୍ଧାଞ୍ଜଳି ଜଣାଇଥିଲେ। ଶେଷରେ ଗନ୍ଧମାର୍ଦ୍ଦନ ସୁରକ୍ଷା ଯୁବ ପରିଷଦ ପକ୍ଷରୁ ସ୍ୱର୍ଗତ ଭୋଇଙ୍କ ସ୍ମୃତିରେ ତାଙ୍କ ପରିବାରବର୍ଗଙ୍କୁ ଏକ ବଟବୃକ୍ଷ ଚାରା ପ୍ରଦାନ କରାଯାଇଥିଲା।

## ପାଇକମାଳ ଥାନାରେ ନିଶାମୁକ୍ତ ଭାରତ ଅଭିଯାନ

ପାଇକମାଳ,୧।୭ (ସମିସ): ପାଇକମାଳ ଥାନା ପରିସରରେ ମଙ୍ଗଳବାର ନିଶାମୁକ୍ତ ଭାରତ ଅଭିଯାନ ଅବସରରେ ଏକ ସଚେତନତା କାର୍ଯ୍ୟକ୍ରମ ଓ ଶପଥ ପାଠ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଓଆଇସି କୈଳାସ ଚନ୍ଦ୍ର ପ୍ରଧାନଙ୍କ ସଭାପତିତ୍ୱରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ପୁଲିସ କର୍ମଚାରୀ, ବିଭିନ୍ନ ବିଭାଗର ପ୍ରତିନିଧି ଏବଂ ସ୍ଥାନୀୟ ଅଞ୍ଚଳର ଗଣ୍ୟମାନ୍ୟ ବ୍ୟକ୍ତିମାନେ ଯୋଗଦେଇଥିଲେ। ଏହି ଅବସରରେ ଉପସ୍ଥିତ ସମସ୍ତେ ନିଶାଦ୍ରବ୍ୟ ସେବନ ନ କରିବା ଏବଂ ଅନ୍ୟମାନଙ୍କୁ ଏଥିରୁ ଦୂରେଇ ରଖିବାକୁ ଶପଥ ନେଇଥିଲେ।

## ଆମ ପୁଲିସ ସମିତି ପକ୍ଷରୁ ନିଶା ମୁକ୍ତ ଭାରତ ଅଭିଯାନ

ସୋହେଲା,୧।୭ (ସମିସ): ସୋହେଲା ଥାନାରେ ଆମ ପୁଲିସ ସମିତି ପକ୍ଷରୁ ନିଶା ନିବାରଣ ଅଭିଯାନ ପାଇଁ ଏକ ଜନ ସଚେତନତା କାର୍ଯ୍ୟକ୍ରମ ଆଇଆଇସି ହରିଶଙ୍କର ଭୋଇଙ୍କ



ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ପୂର୍ବତନ ପ୍ରଧାନ ଶିକ୍ଷକ ଗିରିଜା ଶଙ୍କର ଆଚାର୍ଯ୍ୟ ସାମ୍ମାନୀତ ଅତିଥି ଭାବେ ଯୋଗ ଦେଇ ସଚେତନ କରିଥିଲେ। ଏହି ଅବସରରେ ବ୍ୟଙ୍ଗ କବି ନୀତିଶ କୁମାର ଆଚାର୍ଯ୍ୟ ପୁଲିସ ଉପରେ ଏକ କବିତା ପାଠ କରିଥିଲେ।

## କ୍ରିଷ୍ଣା ବିକାଶ ମଲ୍ଟି ସ୍ପେଶାଲିଟି ହସ୍ପିଟାଲ ପକ୍ଷରୁ ଜାତୀୟ ଡାକ୍ତର ଦିବସ



ବରଗଡ଼,୧।୭ (ସମିସ): ଜାତୀୟ ଡାକ୍ତର ଦିବସ ଅବସରରେ କ୍ରିଷ୍ଣା ବିକାଶ ମଲ୍ଟି-ସ୍ପେଶାଲିଟି ହସ୍ପିଟାଲ, ବରଗଡ଼ ପକ୍ଷରୁ ବରଗଡ଼ ପୁଲିସ ସହଯୋଗରେ ଏକ ୱାକାଥନ୍ ଓ ସଡ଼କ ଦୁର୍ଘଟଣା ସଚେତନତା ଉପରେ ଏକ ପଥପ୍ରାନ୍ତ ନାଟକ ଆୟୋଜନ କରାଯାଇଥିଲା। କାର୍ଯ୍ୟକ୍ରମରେ କ୍ରିଷ୍ଣାବିକାଶ ଗ୍ରୁପର ଚେୟାରମେନ ଡି. ମୁରଲୀ କ୍ରିଷ୍ଣା, ଅତିରିକ୍ତ ଏସ୍‌ପି ଶିବ ପ୍ରସାଦ ବିଶ୍ୱାଳ ଏବଂ କ୍ରିଷ୍ଣା ବିକାଶ ଗ୍ରୁପ୍ ଅଫ୍ ହସ୍ପିଟାଲ୍ସର ମୁଖ୍ୟ କାର୍ଯ୍ୟନିର୍ବାହୀ (ସିଇଓ) ଡାକ୍ତର ସିଏଚ୍. ରବି କୁମାର ଯୋଗଦେଇ ୱାକାଥନରେ ଅଂଶଗ୍ରହଣ କରିଥିଲେ। ଥାନା ଛକରୁ ଆରମ୍ଭ ହୋଇଥିବା ୱାକାଥନ ଗାନ୍ଧୀ ଛକରେ ଶେଷ

### ୱାକାଥନ ଓ ସଡ଼କ ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ

ହୋଇଥିଲା। ଏଥିରେ ଅତିରିକ୍ତ ଏସ୍‌ପି, ବହୁ ପୁଲିସ ଅଧିକାରୀ, କ୍ରିଷ୍ଣାବିକାଶ ମଲ୍ଟି-ସ୍ପେଶାଲିଟି ହସ୍ପିଟାଲର ଡାକ୍ତର, ସ୍ୱାସ୍ଥ୍ୟକର୍ମୀ, ହସ୍ପିଟାଲ କର୍ମଚାରୀ ଓ ବହୁ ସଂଖ୍ୟକ ସାଧାରଣ ଲୋକ ଅଂଶଗ୍ରହଣ କରିଥିଲେ। କାର୍ଯ୍ୟକ୍ରମରେ ହସ୍ପିଟାଲର ବିଶେଷଜ୍ଞ ଡାକ୍ତରମାନଙ୍କ ମଧ୍ୟରେ ଡା. ଆଶିଷ ଶତପଥୀ (ପରାମର୍ଶଦାତା - ନିଓନେଟୋଲୋଜି), ଡା. ଚନ୍ଦ୍ରକାନ୍ତ ନାୟକ (ପରାମର୍ଶଦାତା - ଅସ୍ଥିଶଲ୍ୟ ଚିକିତ୍ସା), ଡା. ପ୍ରଣୟ ପାଣିଗ୍ରାହୀ (ପରାମର୍ଶଦାତା ଶିଶୁ ଶଲ୍ୟ ଚିକିତ୍ସା ଓ ୟୁରୋଲୋଜି), ଡା. ସୌଭିକ ଦାସୁକିଲ (ପରାମର୍ଶଦାତା ମୁଖ ଓ ମୁଖମଣ୍ଡଳ ଶଲ୍ୟ ଚିକିତ୍ସା) ଏବଂ ଡା. ସନ୍ତୋଷ ଟେଟେ (ପରାମର୍ଶଦାତା ମେଡ଼ିସିନ) ଉପସ୍ଥିତ ଥିଲେ।

## ପାଣି ଘେରରେ ମାନପୁର ହରିଜନପଡ଼ାବାସୀ

ଭେଡ଼େନ,୧।୭ (ସମିସ): ଭେଡ଼େନ ବ୍ଲକ ମାନପୁର ପଞ୍ଚାୟତ ମହଲାକଟା ହରିଜନ ପଦାରେ ସବୁବେଳେ ପାଣି ଭରି ରହିବାରୁ ପଡ଼ାବାସୀ ନାହିଁ ନ ଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତ। ସାମାନ୍ୟ ବର୍ଷା ହେଲେ ପୁରା ପଡ଼ାରେ ପାଣି ଭରି ଯିବାରୁ ଛୋଟ ଛୁଆ, ବୟସ୍କ ଲୋକେ ଘରୁ ବାହାରିବା ମୁସ୍କିଲ ହୋଇପଡୁଛି। ମଶା, ମାଛି, ସାପଙ୍କ ପ୍ରାଦୁର୍ଭାବ ମଧ୍ୟ ବଢୁଛି। ପାଣି ନିଷ୍କାସନ ପାଇଁ ଥିବା ଛୋଟ ନାଳଟିରେ ବର୍ଜ୍ୟବସ୍ତୁ



ଜମି ଜାମ ହେବାରୁ ଆଦୌ ନିଷ୍କାସନ ହୋଇପାରୁନାହିଁ। ଆଜି ସକାଳୁ ବର୍ଷାପରେ ଏହି ସମସ୍ୟା ଦେଖାଦେଇଥିଲା। ସାମାଜିକ କର୍ମୀ ଜେମ୍ସ ରନବିଡା ଏବିଡ଼ିଓ ସୌଭାଗ୍ୟ ରଞ୍ଜନ ପଧାନଙ୍କୁ ଜଣାଇବା ପରେ ସେ କାର୍ଯ୍ୟନିର୍ବାହୀ ଅଧିକାରୀ ସୁନିତା ଦାଶଙ୍କୁ ଘଟଣା ସ୍ଥଳକୁ ପଠାଇ ତଦାରଖ କରି ତାଙ୍କ ଉପସ୍ଥିତିରେ ଗାଁ ଲୋକଙ୍କ ସହାୟତାରେ ଡ୍ରେନ ସଫା କରାଯାଇଥିଲା।

### ଘୁଷୁରାମୁଣ୍ଡା ପରେ ଦେୱାନପାଲିରେ ଜାତିଗତ ଭେଦଭାବ ଅଭିଯୋଗ

# ପାଚିକାଙ୍କ ହାତରୁ ରନ୍ଧାଖାଦ୍ୟ, ଅଣ୍ଡା, ଛତୁଆ ବର୍ଜନ

ଝାରବନ୍ଧ,୧।୭ (ସମିସ):

ବଲାଙ୍ଗୀର ଜିଲ୍ଲା ମୁରିବାହାଲ ବ୍ଲକ ଘୁଷୁରାମୁଣ୍ଡା ଅଙ୍ଗନବାଡ଼ି କେନ୍ଦ୍ରରେ ପାଚିକାଙ୍କୁ ଜାତିଆଣ ଭେଦଭାବ ଘଟଣା ନେଇ ସାରା ରାଜ୍ୟରେ ଚର୍ଚ୍ଚା ଥମି ନ ଥିବା ବେଳେ ଝାରବନ୍ଧ ବ୍ଲକ ଦେୱାନପାଲି ଅଙ୍ଗନବାଡ଼ି କେନ୍ଦ୍ରରେ ସମାନ ଘଟଣା ସାମ୍ନାକୁ ଆସିଛି। ପାଚିକା ନିଯୁକ୍ତି ପାଇଁ ବିଜ୍ଞପ୍ତି ପ୍ରକାଶ ପରେ ଗ୍ରାମରେ ଏକ ବୈଠକ ହୋଇ ଜଣେ ପ୍ରାର୍ଥୀଙ୍କୁ ଆବେଦନ ପାଇଁ ନିଷ୍ପତ୍ତି ହୋଇଥିଲା। ତେବେ ଗ୍ରାମର ଅନୁସୂଚିତ ଜାତି ସମ୍ପ୍ରଦାୟର ପଦ୍ମିନୀ ଜଗତ ଆବେଦନ କରି ନିଯୁକ୍ତି ପାଇଥିଲେ। ସେ ଗତ ଦୁଇ ମାସ ଧରି କାର୍ଯ୍ୟ କରୁଛନ୍ତି।



ପଦ୍ମିନୀଙ୍କ ଅଭିଯୋଗ ଅନୁଯାୟୀ, ତାଙ୍କ ଜାତିକୁ ଆଧାର କରି କେତେକ ବ୍ୟକ୍ତି ତାଙ୍କ ରନ୍ଧାଖାଦ୍ୟ, ଅଣ୍ଡା ଓ ଛତୁଆ ଗ୍ରହଣ ନ କରିବାକୁ ପ୍ରଚାର କରୁଛନ୍ତି। ଏହାସହ ଅଭିଭାବକମାନଙ୍କୁ ନିଜ ଶିଶୁଙ୍କୁ ଅଙ୍ଗନବାଡ଼ି କେନ୍ଦ୍ରକୁ ନ ପଠାଇବାକୁ ପ୍ରବର୍ତ୍ତାଉଥିବା ଏବଂ ତାଙ୍କ ଉପରେ ପାଚିକା ପଦରୁ ଇସ୍ତଫା ଦେବାକୁ ଚାପ ପ୍ରୟୋଗ କରାଯାଉଥିବା ବେଳେ ତାଙ୍କ ବାପାଙ୍କୁ ମଧ୍ୟ ବୈଠକ କରି ଇସ୍ତଫା

### କେନ୍ଦ୍ରରେ ତାଲା, ସିଡିପିଓଙ୍କୁ ଅଭିଯୋଗ କଲେ କର୍ମୀ

ଦେବାକୁ ଚାପ ପ୍ରୟୋଗ କରୁଥିବା ବାପ-ଝିଅ ଅଭିଯୋଗ କରିଛନ୍ତି। ଅଭିଯୋଗ ଅନୁସାରେ, ବୁଧବାର କେତେକ ଗ୍ରାମବାସୀ ଅଙ୍ଗନବାଡ଼ି କେନ୍ଦ୍ରରେ ତାଲା ପକାଇ ଦେଇଥିଲେ। ଫଳରେ କେନ୍ଦ୍ରର କାର୍ଯ୍ୟ ବନ୍ଦ ରହିଥିଲା ଏବଂ ଶିଶୁ, ଗର୍ଭବତୀ ଓ ପ୍ରସୂତି ମହିଳାମାନେ ପୁଷ୍ଟିକର ଖାଦ୍ୟ ସମେତ ଅନ୍ୟାନ୍ୟ ସେବାରୁ ବଞ୍ଚିତ ରହିଥିଲେ। ଘଟଣାକୁ ନେଇ ସ୍ଥାନୀୟ ଅଞ୍ଚଳରେ ଅସନ୍ତୋଷ ପ୍ରକାଶ ପାଇଛି। ଅଭିଯୋଗର ନିରପେକ୍ଷ ତଦନ୍ତ କରି ପ୍ରକୃତ ସତ୍ୟ ପଦାକୁ ଆଣିବା ସହ ସେଥିରେ ଜଡ଼ିତ ବ୍ୟକ୍ତିଙ୍କ ବିରୋଧରେ ଆଇନ ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ଦାବି କରାଯାଇଛି।

ଏ ସମ୍ପର୍କରେ ଝାରବନ୍ଧ ସିଡିପିଓଙ୍କୁ ପଚାରିବାରୁ ସେ କହିଛନ୍ତି ଯେ, ଘଟଣା ସମ୍ପର୍କରେ ଅଙ୍ଗନବାଡି କର୍ମୀ ଲିଖିତ ଭାବେ ଜଣାଇଛନ୍ତି। ତଦନ୍ତ ପରେ ପ୍ରକୃତ ଘଟଣା ସ୍ପଷ୍ଟ ହେବ। ତଦନ୍ତ ଆଧାରରେ ଆବଶ୍ୟକ ପଦକ୍ଷେପ ଗ୍ରହଣ କରାଯିବ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ୧୨ ପ୍ରସ୍ତାବକୁ...

ସମ୍ପୂର୍ଣ୍ଣ ନାମଲେଖା ଫି' ଛାଡ଼ କରାଯିବାକୁ ବ୍ୟବସ୍ଥା କରାଯାଇଛି। କ୍ୟାବିନେଟ୍ ବୈଠକ ପରେ ସାମ୍ବାଦିକ ସମ୍ମିଳନୀରେ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ କହିଛନ୍ତି, ଚଳିତ ଶିକ୍ଷାବର୍ଷ ୨୦୨୬-୨୭ରୁ ରାଜ୍ୟରେ ଏହି ଯୋଜନା କାର୍ଯ୍ୟକାରୀ ହେବ। ଏହି ଯୋଜନାରେ ସରକାରୀ ଏବଂ ସରକାରୀ ଅନୁଦାନପ୍ରାପ୍ତ ବିଦ୍ୟାଳୟଗୁଡ଼ିକରେ ନବମରୁ ଦ୍ୱାଦଶ ଶ୍ରେଣୀରେ ପଢୁଥିବା ଛାତ୍ରଛାତ୍ରୀଙ୍କ ସମେତ ରାଜ୍ୟ ସରକାରୀ ବିଶ୍ୱବିଦ୍ୟାଳୟ, ସରକାରୀ କଲେଜ ଏବଂ ସରକାରୀ ଅନୁଦାନପ୍ରାପ୍ତ କଲେଜଗୁଡ଼ିକରେ ନିୟମିତ ଭାବେ ସ୍ନାତକ ଏବଂ ସ୍ନାତକୋତ୍ତର ପାଠ୍ୟକ୍ରମ କରୁଥିବା ଛାତ୍ରଛାତ୍ରୀମାନଙ୍କୁ ଅନ୍ତର୍ଭୁକ୍ତ କରାଯିବ। ଏହି ଯୋଜନାର ଲାଭ କେବଳ ଯୋଗ୍ୟ ସରକାରୀ ଏବଂ ସରକାରୀ ଅନୁଦାନପ୍ରାପ୍ତ ଅନୁଷ୍ଠାନଗୁଡ଼ିକ ଦ୍ୱାରା ପରିଚାଳିତ ନିୟମିତ ପାଠ୍ୟକ୍ରମର ଛାତ୍ରଛାତ୍ରୀମାନଙ୍କୁ ହିଁ ମିଳିବ। ସେଲ୍ଫ-ଫାଇନାନ୍ସିଂ ପାଠ୍ୟକ୍ରମ କିମ୍ବା ଅନୁଷ୍ଠାନ, ବେସରକାରୀ ଅଣ-ଅନୁଦାନପ୍ରାପ୍ତ ଅନୁଷ୍ଠାନ, ପିପିପି ମୋଡ୍‌ର ଅନୁଷ୍ଠାନ ଓ ପାଠ୍ୟକ୍ରମ, ଏବଂ ବୃତ୍ତିଗତ ଓ ବୈଷୟିକ କାର୍ଯ୍ୟକ୍ରମଗୁଡ଼ିକୁ ଏହି ଯୋଜନାର ପରିସରଭୁକ୍ତ କରାଯାଇ ନାହିଁ। ଶିକ୍ଷାକୁ ସାର୍ବଜନୀନ କରିବା ପାଇଁ ବହୁ ବର୍ଷ ଧରି ଆମର ଯେଉଁ ଉଦ୍ୟମ ଜାରି ରହିଛି, ତାକୁ ସାକାର କରିବା ଦିଗରେ ଏହି ଯୋଜନା ଏକ ଫଳପ୍ରଦ ଭୂମିକା ଗ୍ରହଣ କରିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।

ସେ କହିଛନ୍ତି ଯେ ଶିକ୍ଷାକୁ ସାମଗ୍ରିକ ଏବଂ ସ୍ଥାୟୀ ବିକାଶର ଭିତ୍ତି ଭାବେ ଗ୍ରହଣ କରି, ଓଡ଼ିଶା କ୍ୟାବିନେଟ୍ ଏହି ଯୋଜନାର କାର୍ଯ୍ୟକାରିତା ପାଇଁ ପ୍ରଥମ ଆର୍ଥିକ ବର୍ଷରେ ୮୯୫.୫୭ କୋଟି ଟଙ୍କା ଏବଂ ପାଞ୍ଚ ବର୍ଷ ଅବଧି ମଧ୍ୟରେ ୫,୪୬୭.୫୫ କୋଟି ଟଙ୍କାର ଆନୁମାନିକ ବ୍ୟୟ ଅଟକଳକୁ ମଞ୍ଜୁରୀ ଦେଇଛନ୍ତି। ଶିକ୍ଷା କ୍ଷେତ୍ରରେ ରାଜ୍ୟ ସରକାରଙ୍କ ଦ୍ୱାରା ବୃହତ୍ତମ ପୁଞ୍ଜିନିବେଶ ମଧ୍ୟରୁ ଏହା ଅନ୍ୟତମ ଏବଂ ଏହାଦ୍ୱାରା ପ୍ରତିବର୍ଷ ୩୨ ଲକ୍ଷରୁ ଅଧିକ ଛାତ୍ରଛାତ୍ରୀ ଉପକୃତ ହେବେ ଏବଂ ସେମାନଙ୍କ ପରିବାରର ଆର୍ଥିକ ବୋଝ ଯଥେଷ୍ଟ ମାତ୍ରାରେ ହ୍ରାସ ପାଇବ। ଏହି ପ୍ରୟାସ ଜାତୀୟ ଶିକ୍ଷା ନୀତି ୨୦୨୦, ଓଡ଼ିଶା ଭିଜନ ୨୦୩୬ ଏବଂ ଓଡ଼ିଶା ଭିଜନ ୨୦୪୭ ର ଉଦ୍ଦେଶ୍ୟକୁ ପୂରଣ କରିବାରେ ସହାୟକ ହେବ। 'ଜ୍ଞାନୋଦୟ-ଶିକ୍ଷାରୁ ସମୃଦ୍ଧି' କେବଳ ଏକ ଫି' ଛାଡ଼ କାର୍ଯ୍ୟକ୍ରମ ନୁହେଁ। ଆର୍ଥିକ ପୃଷ୍ଠଭୂମି ନିର୍ବିଶେଷରେ ଓଡ଼ିଶାର ପ୍ରତ୍ୟେକ ଶିଶୁ ଏବଂ ଯୁବକଯୁବତୀଙ୍କୁ ଶିକ୍ଷା ଗ୍ରହଣର ସମାନ ସୁଯୋଗ ମିଳିବା ନିଶ୍ଚିତ କରିବା ଦିଗରେ ଏହା ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ। ଏହି ପ୍ରୟାସ ଶିକ୍ଷା ମାଧ୍ୟମରେ ପ୍ରତ୍ୟେକ ପରିବାରକୁ ସଶକ୍ତ କରିବ ଏବଂ ଜ୍ଞାନ, ସୁଯୋଗ ଓ ସାମଗ୍ରିକ ବିକାଶ ଉପରେ ଆଧାରିତ ଏକ "ବିକଶିତ ଓଡ଼ିଶା"ର ସଂକଳ୍ପକୁ ସାକାର କରିବା ପାଇଁ ରାଜ୍ୟ ସରକାରଙ୍କ ଦୃଢ଼ ପ୍ରତିବଦ୍ଧତାର ପ୍ରମାଣ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।

### ୮ ଲେନ ହେବ...

ପଦକ୍ଷେପ ଭାବେ ସୁନ୍ଦରଗଡ଼ ଜିଲ୍ଲାର ଡୁଡୁକା-ଗୋପାଳପୁର-ଟପରିଆ ଏମଡିଆର ରାସ୍ତା ସିଆରମାଲ ଓପନ୍ କାଷ୍ଟ ପ୍ରୋଜେକ୍ଟର ଖଣି ଅଂଚଳ ଦେଇ ଯାଉଥିବାରୁ ଏହି ରାସ୍ତାରେ ଯାତାୟାତକୁ ସ୍ୱାଭାବିକ ରଖିବା ନିମନ୍ତେ ଏହାର ୬.୮ କିମି ଅଂଶକୁ ଡାଇଭର୍ଟ କରାଯିବା ପ୍ରସ୍ତାବକୁ କ୍ୟାବିନେଟ ଅନୁମୋଦନ ଦେଇଛନ୍ତି। ଏହି ୬.୮ କିମି ରାସ୍ତାକୁ ୬ ଲେନ୍ ବିଶିଷ୍ଟ ସିମେଣ୍ଟ କଂକ୍ରିଟ ସର୍ଭିସ ରୋଡ୍ ଭାବେ ପରିଣତ କରାଯିବ। ଏଥିପାଇଁ ଦିଲ୍ଲୀପ ବିଲଡକନ୍ ଲିମିଟେଡ ଦେଇଥିବା ୧୬୦.୨୦କୋଟି ଟଙ୍କାର ବିଡକୁ କ୍ୟାବିନେଟ୍ ଅନୁମୋଦନ କରିଛନ୍ତି। ଓଡ଼ିଶା ଡିପ୍ ସି ଫିସିଂ ମିଶନ୍ (୨୦୨୬-୨୦୩୬)କୁ କ୍ୟାବିନେଟ ଅନୁମୋଦନ ମିଳିଛି। ଏହି ଫ୍ଲାଗସିପ୍ ପ୍ରକଳ୍ପ ପାଇଁ ୨,୨୯୫.୪୫ କୋଟି ଟଙ୍କା ବ୍ୟୟ ହେବ। ଏହା ଦ୍ୱାରା ପ୍ରତି ବର୍ଷ ଅତିରିକ୍ତ ୨ ଲକ୍ଷ ମେଟ୍ରିକ୍ ଟନ୍ ସାମୁଦ୍ରିକ ମାଛ ଉତ୍ପାଦନ ଲକ୍ଷ୍ୟ ରହିଥିବା ବେଳେ ଏହାଦ୍ୱାରା ୫୦ ହଜାରରୁ ଅଧିକ ରୋଜଗାର ସୃଷ୍ଟି ଏବଂ ସାମୁଦ୍ରିକ ରପ୍ତାନୀ ପ୍ରାୟ ୫,୦୦୦ କୋଟି ଟଙ୍କା ପର୍ଯ୍ୟନ୍ତ ବଢ଼ିବ ବୋଲି ଆଶା କରାଯାଉଛି। ଏହା ବ୍ଲୁ ଇକନୋମୀକୁ ପ୍ରୋତ୍ସାହିତ କରିବ ଏବଂ ଉପକୂଳବର୍ତ୍ତୀ ମତ୍ସ୍ୟଜୀବୀଙ୍କ ଜୀବିକା ଉନ୍ନତ କରିବ ବୋଲି ରାଜ୍ୟ ସରକାର ଆଶା ରଖିଛନ୍ତି। ଅନ୍ୟ ଏକ ନିଷ୍ପତ୍ତି ଭାବେ ଓଡିଶା ରାଜ୍ୟ ଡାଟା ସେଣ୍ଟର ୨.୦କୁ ଅନୁମୋଦନ ମିଳିଛି। ଇଲେକ୍ଟ୍ରୋନିକ୍ସ ଓ ଆଇଟି ବିଭାଗର ପ୍ରସ୍ତାବ ଅନୁସାରେ ଟିୟର-୩ କମ୍ପ୍ଲାଏଣ୍ଟ ଡାଟା ସେଣ୍ଟର ସ୍ଥାପନ ପାଇଁ ୨୬୮.୪୪ କୋଟି ଟଙ୍କା ଅନୁମୋଦିତ ହୋଇଛି। ରାଜ୍ୟର ବଢ଼ୁଥିବା ଡିଜିଟାଲ୍ ଭିତ୍ତିଭୂମିର ଆବଶ୍ୟକତାକୁ ପୂରଣ କରିବା ପାଇଁ ଏହି ପଦକ୍ଷେପ ନିଆଯାଇଥିବା ରାଜ୍ୟ ସରକାରଙ୍କ ପକ୍ଷରୁ କୁହାଯାଇଛି। ଏହି ପଦକ୍ଷେପଗୁଡ଼ିକୁ ମିଶାଇ ଉଚ୍ଚଶିକ୍ଷା ବିଭାଗର ଗୋଟିଏ ମତ୍ସ୍ୟ ଓ ପ୍ରାଣୀସମ୍ପଦ ବିଭାଗର ୨ ଟି, ଇଲେକ୍ଟ୍ରୋନିକ୍ସ ଓ ସୂଚନା ପ୍ରଯୁକ୍ତି ବିଦ୍ୟା ବିଭାଗର ଗୋଟିଏ, ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ବିଭାଗର ଗୋଟିଏ, ନିର୍ମାଣ ବିଭାଗର ଦୁଇଟି, ଜଳସମ୍ପଦ ବିଭାଗର ତିନିଟି, ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର ଗୋଟିଏ, ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ବିଭାଗରଗୋଟିଏ ପ୍ରସ୍ତାବ ଉପରେ କ୍ୟାବିନେଟ ମୋହର ମାରିଛି।

### ପଶିବ ଇଡି...

ମନ୍ଦିରରୁ ସବୁଠାରୁ ଅଧିକ ପରିମାଣର ଦାନ ଅର୍ଥ ଚୋରି ହୋଇଥିଲା। ଏହି ସମଗ୍ର ଘଟଣାର ମୁଖ୍ୟ ସୂତ୍ରଧର ସାଜିଥିବା ଦୁଇ ସମ୍ପର୍କୀୟ ଭାଇ (ଶଳା-ଭିଣୋଇ) ଲବକୁଶ ମିଶ୍ର ଓ ଅନୁକଳ୍ପ ମିଶ୍ରଙ୍କ ଉପରେ ଏବେ ପୋଲିସର ତୀକ୍ଷ୍ଣ ନଜର ରହିଛି।

ପୋଲିସର ସୂଚନା ଅନୁଯାୟୀ, ଏହି ଚୋରି ପଛରେ ଏକ ବଡ଼ ଷଡ଼ଯନ୍ତ୍ର ଥିଲା। ସବୁଠାରୁ ଆଶ୍ଚର୍ଯ୍ୟର କଥା ହେଉଛି, ଲବକୁଶ ଏବଂ ଅନୁକଳ୍ପ ନାମକ ଦୁଇ ଅଭିଯୁକ୍ତ ସବୁଠାରୁ ଅଧିକ ଅର୍ଥ ଆତ୍ମସାତ କରିଛନ୍ତି। କେବଳ ସେତିକି ନୁହେଁ, ସେମାନେ ଏହି ଚୋରି ଟଙ୍କାରେ ଅଧା ଡଜନରୁ ଅଧିକ ସମ୍ପତ୍ତି ମଧ୍ୟ କିଣିଥିବା ଜଣାପଡ଼ିଛି। ବର୍ତ୍ତମାନ ଆୟକର ବିଭାଗ ଏବଂ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ର ସହାୟତାରେ ଏହି ଆର୍ଥିକ କାରବାରର ଗଭୀର ତଦନ୍ତ କରାଯାଉଛି। ଅଭିଯୁକ୍ତ ଅବିନାଶ ଶୁକ୍ଲାଙ୍କ କୌଶଲପୁରୀସ୍ଥିତ ଏକ ଯୋଗ କେନ୍ଦ୍ରରେ ଥିବା ଆସ୍ଥାନରୁ ପୋଲିସ ବିପୁଳ ପରିମାଣର ନଗଦ ଟଙ୍କା ଜବତ କରିଛି। ସେଠାରେ ୪ଟି ବାକ୍ସ ଭିତରେ କମ୍ବଳରେ ଗୁଡ଼ାଯାଇ ଏହି ଟଙ୍କା ଲୁଚାଯାଇଥିଲା। ଗୋଟିଏ ବାକ୍ସ ଉପରେ 'ରାମ ରାଜ୍ୟ କୋଷ' ବୋଲି ମଧ୍ୟ ଲେଖାଯାଇଥିଲା।

ଅଭିଯୁକ୍ତ ଅବିନାଶଙ୍କ ସୂଚନା ଆଧାରରେ ପ୍ରାୟ ୮୯ ଲକ୍ଷ ଟଙ୍କା ଉଦ୍ଧାର କରାଯାଇଛି। ମନ୍ଦିରର ଦାନ ବାକ୍ସ ଗଣତି ପାଇଁ ଷ୍ଟେଟ୍ ବ୍ୟାଙ୍କ୍ ଅଫ୍ ଇଣ୍ଡିଆ (ଏସବିଆଇ) ର କିଛି କର୍ମଚାରୀ ନିୟୋଜିତ ଥିଲେ। ମନ୍ଦିର ଟ୍ରଷ୍ଟର ପୂର୍ବତନ ମହାସଚିବ ଚମ୍ପତ ରାୟଙ୍କ ଗାଡ଼ି ଚାଳକ ଟିନ୍ନୁ ଯାଦବଙ୍କ ଘରୁ ମଧ୍ୟ ନଗଦ ଟଙ୍କା ଉଦ୍ଧାର ହୋଇଛି। ଅନୁସନ୍ଧାନରୁ ଜଣାପଡ଼ିଛି ଯେ, ଟଙ୍କା ଗଣତି ଗୃହର ଗୋଟିଏ ଚାବି ଟିନ୍ନୁ ଯାଦବଙ୍କ ପାଖରେ ଏବଂ ଅନ୍ୟ ଚାବିଟି ବ୍ୟାଙ୍କ କର୍ମଚାରୀଙ୍କ ପାଖରେ ରହୁଥିଲା। ବ୍ୟାଙ୍କ କର୍ମଚାରୀ ଓ ଗାଡ଼ି ଚାଳକ ପରସ୍ପର ମଧ୍ୟରେ ବୁଝାମଣା କରି ପ୍ରତିଦିନ ମୋଟା ଅଙ୍କର ଟଙ୍କା ଗାଏବ କରୁଥିଲେ। କୁମ୍ଭମେଳା ସମୟରେ ଶ୍ରଦ୍ଧାଳୁଙ୍କ ପ୍ରବଳ ଭିଡ଼ର ସୁଯୋଗ ନେଇ ଏହି ବଡ଼ ଧରଣର ଚୋରି କରାଯାଇଥିଲା।

ଅଭିଯୁକ୍ତ ଅବିନାଶ ଶୁକ୍ଲା ପୁଲିସ ଜେରା ବେଳେ ଅନେକ ଚାଞ୍ଚଲ୍ୟକର ତଥ୍ୟ ପ୍ରକାଶ କରିଛି। ସେ କୋଟି କୋଟି ଟଙ୍କା ଚୋରି କରିଥିବା ସ୍ୱୀକାର କରିବା ସହ ଚୋରିର ସମ୍ପୂର୍ଣ୍ଣ ତରିକା ବିଷୟରେ ପୁଲିସକୁ ଜଣାଇଛି। ଅବିନାଶର ବୟାନ ଅନୁଯାୟୀ, ମନ୍ଦିର ପରିସରରେ ଲାଗିଥିବା ସିସିଟିଭି କ୍ୟାମେରାଗୁଡ଼ିକର ଅବସ୍ଥିତି ବିଷୟରେ ସମସ୍ତ ଅଭିଯୁକ୍ତଙ୍କୁ ବେଶ୍ ଭଲଭାବେ ଜଣାଥିଲା। ସେମାନେ କ୍ୟାମେରା ନଜରରୁ ବଞ୍ଚିବା ପାଇଁ ଏକ ଦଳଗତ ଯୋଜନା କରିଥିଲେ, ଯେଉଁଥିରେ ଜଣେ ଟଙ୍କା ଚୋରି କରୁଥିବା ବେଳେ ଅନ୍ୟମାନେ ତାଙ୍କୁ ଚାରିପଟୁ ଘୋଡ଼ାଇ ରଖୁଥିଲେ। ଏହି ଚୋରି ଟଙ୍କାକୁ ପ୍ରଥମେ ମନ୍ଦିରର ବାଥ୍‌ରୁମ୍ (ଶୌଚାଳୟ) ଭିତରେ ଲୁଚାଇ ରଖାଯାଉଥିଲା ଏବଂ ପରେ ସୁଯୋଗ ଦେଖି ସେଠାରୁ ବାହାରକୁ ଚାଲାଣ କରାଯାଉଥିଲା। ଟ୍ରଷ୍ଟର ବଡ଼ ଅଧିକାରୀମାନଙ୍କ ସହ ସମ୍ପର୍କ ଥିବାରୁ କେହି ସେମାନଙ୍କୁ ସନ୍ଦେହ କରୁନଥିଲେ।

### ପିଲାଙ୍କୁ ମିଳିବ...

ନୂଆ ବହି ଯୋଗାଇ ଦିଆଯିବ। ନୂଆ ବହି ଆସିବା ପର୍ଯ୍ୟନ୍ତ ଏସ୍‌ସିଇଆର୍‌ଟି ପକ୍ଷରୁ ଓସେପା ଜରିଆରେ ଜାରି କରାଯାଇଥିବା ସଂଶୋଧିତ ତଥ୍ୟକୁ ନେଇ ପାଠପଢ଼ା ହେବ। ସଂଶୋଧିତ ପୁସ୍ତକର ସଫ୍ଟ କପିକୁ ଓସେପା ୱେବସାଇଟ୍‌ରେ ଉପଲବ୍ଧ କରାଯିବ। ସମ୍ପୂର୍ଣ୍ଣ ତ୍ରୁଟି ସଂଶୋଧନ ପରେ ସମସ୍ତଙ୍କ ଅବଗତି ପାଇଁ ବହି ଉପଲବ୍ଧ ହେବ। ମାତ୍ର କେବେ ସୁଦ୍ଧା ପିଲାଙ୍କୁ ନିର୍ଭୁଲ ପୁସ୍ତକ ଯୋଗାଇ ଦିଆଯିବ, ସେ ସମ୍ପର୍କରେ ସଚିବ କୌଣସି ସ୍ପଷ୍ଟ ଉତ୍ତର ରଖିନାହାନ୍ତି। ଖୁବଶୀଘ୍ର ପିଲାଙ୍କୁ ବହି ଯୋଗାଇ ଦିଆଯିବ ବୋଲି କହିଥିବାବେଳେ ସେହି ସମୟ କେବେ ଆସିବ ତାହା ସବୁଠାରୁ ବଡ଼ ପ୍ରଶ୍ନବାଚୀ ସୃଷ୍ଟି କରିଛି। ଗତବର୍ଷ ଅଗଷ୍ଟ ମାସରୁ ନୂତନ ପୁସ୍ତକ ପ୍ରସ୍ତୁତି କାର୍ଯ୍ୟ ଆରମ୍ଭ ହୋଇଥିଲେ ମଧ୍ୟ ଏଯାଏଁ ଶତପ୍ରତିଶତ ବହି ଯୋଗାଇ ପାରି ନାହାନ୍ତି। ଏପରିସ୍ଥଳେ ଚଳିତବର୍ଷ ପିଲାମାନଙ୍କୁ କିପରି ତ୍ରୁଟିଶୂନ୍ୟ ପୁସ୍ତକ ଯୋଗାଇ ଦିଆଯିବ ବୋଲି ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

### ଯେତିକି କୁହାଯାଉଛି...

ସହ ସେସବୁର ସଂଶୋଧିତ ତାଲିକା ଜାରି କରାଯାଇଛି। ଏହାସତ୍ତ୍ୱେ ସଚିବ କାହିଁକି ଭୁଲ୍ ଘୋଡ଼ାଇବାକୁ ପ୍ରୟାସ କରୁଛନ୍ତି ତାହା ସ୍ପଷ୍ଟ ହୋଇନାହିଁ। ସାମ୍ବାଦିକ ସମ୍ମିଳନୀ ଡାକି ପୁସ୍ତକକୁ ନେଇ ଦ୍ୱନ୍ଦ୍ୱ ଦୂର କରିବା ପରିବର୍ତ୍ତେ ବିଭାଗୀୟ ସଚିବ ଘଟଣାକୁ ବେଶୀ ଗୋଳମାଳିଆ କରିଛନ୍ତି। ଯଦି ସମସ୍ତ ପିଲାଙ୍କୁ ନୂତନ ସଂଶୋଧିତ ପୁସ୍ତକ ଦିଆଯିବ, ତାହାଲେ କେବେ ସୁଦ୍ଧା ମିଳିବ? କିପରି ଭାବେ ସ୍ୱଳ୍ପ ସମୟରେ ପ୍ରାୟ ୩କୋଟି ବହି ଛପା ହେବ? ମନ୍ତ୍ରୀ ଓ ସଚିବଙ୍କ ସମେତ ଗଣଶିକ୍ଷା ବିଭାଗର ଅଧିକାରୀମାନେ ବହି ପ୍ରସଙ୍ଗରୁ ମୁକୁଳିବା ପାଇଁ ଆପ୍ରାଣ ଉଦ୍ୟମ କରୁଥିଲେ ହେଁ ବିବାଦ ତାଙ୍କ ପଛରେ ଛାଇ ଭଳି ଲାଗି ରହିଥିବା ଚର୍ଚ୍ଚା ଜୋର ଧରିଛି।

### ବିଜୟ ସରକାର...

ଏକାଠି ହୋଇ ସରକାର ବିରୋଧରେ ଭୋଟ୍ ଦେଇ ଏହାର ପତନ କରାଇଥାଆନ୍ତେ। ତେବେ ଗୋଇନ୍ଦା ବିଭାଗ ଏହି ଷଡ଼ଯନ୍ତ୍ରକୁ ପଣ୍ଡ କରିଥିଲା। ଟିଭିକେ ବିଧାୟକ ଏନ୍. ଏଲାଇୟାରାଜା ଚେନ୍ନାଇ ପୋଲିସ ନିକଟରେ ଅଭିଯୋଗ କରିବା ପରେ ସମଗ୍ର ଘଟଣା ଲୋକଲୋଚନକୁ ଆସିଥିଲା। ସେ କହିଛନ୍ତି ।।ଯେ ଏକ କନସଲଟାନ୍ସି ସଂସ୍ଥାର ଜଣେ କର୍ମଚାରୀ ବିଧାନସଭା ବାଚସ୍ପତିଙ୍କ ବିରୋଧରେ ଅନାସ୍ଥା ପ୍ରସ୍ତାବକୁ ସମର୍ଥନ କରିବା ପାଇଁ ତାଙ୍କୁ ୩୫ କୋଟି ଟଙ୍କାର ପ୍ରଲୋଭନ ଦେଇଥିଲେ ଏବଂ ପରେ ଏ ବିଷୟରେ କାହାରିକୁ ନ କହିବା ପାଇଁ ଧମକ ମଧ୍ୟ ଦେଇଥିଲେ। ଏହି ମାମଲାରେ ପୋଲିସ ବର୍ତ୍ତମାନ ସୁଦ୍ଧା ୩ ଜଣଙ୍କୁ ଗିରଫ କରିଛି, ଯାହାଙ୍କର ସମ୍ପୃକ୍ତି ବିରୋଧୀ 'ଡିଏମକେ' ବିଧାୟକ ସେନ୍ଥିଲ ବାଲାଜୀଙ୍କ ସହ ଥିବା କୁହାଯାଉଛି।

ଏହି ଘଟଣାକୁ ନେଇ ଟିଭିକେର ଜଣେ ମନ୍ତ୍ରୀ ଡିଏମକେ ଏବଂ ଏଆଇଏଡିଏମକେ ଉପରେ କଡ଼ା ପ୍ରହାର କରିଛନ୍ତି। ସେ ଅଭିଯୋଗ କରିଛନ୍ତି ଯେ, ଏମକେ ଷ୍ଟାଲିନ ଏବଂ ଉଦୟନିଧିଙ୍କ ନିର୍ଦ୍ଦେଶରେ ସେନ୍ଥିଲ ବାଲାଜୀ ଏବଂ ତାଙ୍କ ସହଯୋଗୀମାନେ ଟିଭିକେ ବିଧାୟକମାନଙ୍କୁ ୧୦ରୁ ୫୦ କୋଟି ଟଙ୍କା ପର୍ଯ୍ୟନ୍ତ ଯାଚି ଦଳ ବଦଳାଇବାକୁ ଚେଷ୍ଟା କରୁଛନ୍ତି। ଅନ୍ୟପଟେ ଡିଏମକେ ଏହି ସମସ୍ତ ଅଭିଯୋଗକୁ ପ୍ରତ୍ୟାଖ୍ୟାନ କରିଛି। ଦଳର ମୁଖପାତ୍ର କହିଛନ୍ତି ଯେ, ସରକାରୀ ଦଳ କେବଳ ମିଛ କାହାଣୀ ପ୍ରସ୍ତୁତ କରି ଜନସାଧାରଣଙ୍କ ମନରେ ଭ୍ରମ ସୃଷ୍ଟି କରୁଛି ଏବଂ ଯଦି ସରକାରଙ୍କ ପାଖରେ ପ୍ରକୃତ ପ୍ରମାଣ ଅଛି, ତେବେ ସେମାନେ ସେନ୍ଥିଲ ବାଲାଜୀଙ୍କୁ ଗିରଫ କରି ଦେଖାନ୍ତୁ।

### ଅକ୍ଟୋବରରେ ଶିମିଳିପାଳକୁ...

ଯେପରି ପୁନରାବୃତ୍ତି ନ ହୁଏ ସେଥିପ୍ରତି ସତର୍କତା ଅବଲମ୍ବନ କରାଯାଇଛି। କ୍ଷେତ୍ରୀୟ ଅଧିକାରୀଙ୍କ ସହ ମଧ୍ୟ ଏନେଇ ବାରମ୍ବାର ଆଲୋଚନା ଚାଲିଛି। ପର୍ଯ୍ୟାୟକ୍ରମେ ମହାବଳ ଆସିବା ପରେ ଏନ୍‌କ୍ଲୋଜରରେ ୩ ମାସ ରଖାଯାଇ ଗତିବିଧି ଉପରେ ନଜର ରଖାଯିବ। ଶିମିଳିପାଳ ଅଭୟାରଣ୍ୟରେ ଖାପଖୁଆଇବା ପରେ ଯାଇ ବାହାରକୁ ଛଡ଼ାଯିବ। କେବଳ ଶିମିଳିପାଳ ନୁହେଁ, ଡେବ୍ରିଗଡ଼ ଅଭୟାରଣ୍ୟକୁ ମଧ୍ୟ ମହାବଳ ସ୍ଥାନାନ୍ତର କରିବାକୁ ମଧ୍ୟ ନିଷ୍ପତ୍ତି ହୋଇଛି। ତେବେ ବର୍ଷା ସରିବା ପରେ ପ୍ରକ୍ରିୟା ଆଗେଇବ ବୋଲି ଅଧିକାରୀ ଜଣକ ସୂଚନା ଦେଇଛନ୍ତି।

### ଅଭିଯୁକ୍ତ ଏଚ୍‌ଆଇଭି...

ଅତ୍ୟାଚାର ଅସହ୍ୟ ହେବାରୁ ନାବାଳିକା ଜଣକ ମହିଳା ଥାନାରେ ଲିଖିତ ଏତଲା ଦେଇଥିଲେ। କିଛିଦିନ ପୂର୍ବେ ପୁଲିସ ମାମଲା ରୁଜୁ କରି ଅଭିଯୁକ୍ତକୁ ଗିରଫ କରିଥିଲା ଓ ଜାମିନ ନାମଞ୍ଜୁର ହେବାରୁ ତାକୁ ଜେଲ ପଠାଇ ଦିଆଯାଇଥିଲା। ତେବେ ପୋକ୍ସୋ ମାମଲାର ଅଭିଯୁକ୍ତ ହୋଇଥିବାରୁ ଜେଲ୍ ପକ୍ଷରୁ ଅଭିଯୁକ୍ତର ଏଚ୍‌ଆଇଭି ପରୀକ୍ଷା କରାଯାଇଥିଲା। ରିପୋର୍ଟ ଆସିବା ପରେ ଅଭିଯୁକ୍ତ ଜଣକ ଏଚ୍‌ଆଇଭି ପଜିଟିଭ୍ ସଂକ୍ରମିତ ବୋଲି ଜଣା ପଡ଼ି ଥିଲା। ଏଚ୍‌ଆଇଭି ପଜିଟିଭ୍ ଅଭିଯୁକ୍ତ ଜଣଙ୍କ କୋଚିଂ ସେଣ୍ଟରରେ ଚାକିରି କରୁଥିବାରୁ ଅନେକ କଥା ଆଶଙ୍କା କରାଯାଉଛି।




## ନିରଞ୍ଜନ ପଟ୍ଟନାୟକଙ୍କ ଆତ୍ମଜୀବନୀ 'ସମୟ ସାକ୍ଷୀ' ଲୋକାର୍ପିତ

# ଆତ୍ମଜୀବନୀରୁ ଜଣେ ବି ଯୁବକ ପ୍ରେରଣା ପାଇଲେ ରଚନା ସାର୍ଥକ ହେବ: ନିରଞ୍ଜନ




ଭୁବନେଶ୍ୱର,୧।୭(ସମିସ): ବରିଷ୍ଠ ରାଜନେତା ନିରଞ୍ଜନ ପଟ୍ଟନାୟକଙ୍କ ଆତ୍ମଜୀବନୀ "ସମୟ ସାକ୍ଷୀ' ବୁଧବାର ସନ୍ଧ୍ୟାରେ ୟୁଏଟିର କୃଷି ଶିକ୍ଷା ସଦନ ପ୍ରେକ୍ଷାଳୟରେ ଲୋକାର୍ପିତ ହୋଇଛି। ଏହି ପୁସ୍ତକଟି ଲୋକଲୋଚନକୁ ଆସିବା ପରେ ଏହାକୁ ନେଇ ଭିନ୍ନ ଭିନ୍ନ ଆଲୋଚନା ଆରମ୍ଭ ହୋଇଥିବା ବେଳେ ଅନେକ ପୁରୁଣା କଥା ମଧ୍ୟ ସାମନାକୁ ଆସିଛି। ଜଣେ ଶିଳ୍ପପତି ତଥା ରାଜନେତା ଭାବରେ ପରିଚିତ ନିରଞ୍ଜନଙ୍କ ଏହି ଆତ୍ମଜୀବନୀରେ ବିଗତ ଅର୍ଦ୍ଧଶତାବ୍ଦୀ ଓଡ଼ିଶାର ଅନେକ କାହାଣୀ ଉଲ୍ଲେଖ ରହିଛି ।

ବିଶିଷ୍ଟ ଗାନ୍ଧୀବାଦୀ ନେତ୍ରୀ କୃଷ୍ଣା ମହାନ୍ତି, କେନାଲ ମଣିଷ ରୂପେ ପରିଚିତ କେନ୍ଦୁଝରର ଦୈତାରୀ ନାୟକ, ନିଜ ସ୍ତ୍ରୀଙ୍କ ଶବକୁ କାନ୍ଧରେ ବୋହିଥିବା କଳାହାଣ୍ଡିର ଦାନ ମାଝୀ, ଆନୁଷ୍ଠାନିକ ଶିକ୍ଷାରୁ ବଞ୍ଚିତ ହୋଇ ମଧ୍ୟ ଗଳ୍ପ କବିତା ରଚନା କରିଥିବା ତଥା ତୁମୁଡିବନ୍ଧର ବ୍ଲକ ଅଧକ୍ଷା ବାସନ୍ତୀ ମାଝୀ, ଦୃଷ୍ଟିଶକ୍ତି ନ ଥାଇ ମଧ୍ୟ ଦିଲ୍ଲୀ ବିଶ୍ୱବିଦ୍ୟାଳୟ ଅଧିନରେ ଶିକ୍ଷାଦାନ କରୁଥିବା ଘସିପୁରାର ପ୍ରଫେସର ଦୁର୍ଯ୍ୟୋଧନ ନାହାକ, ନିଜର ବାଲ୍ୟକାଳରେ ଆର୍ଥିକ ଅସ୍ୱଚ୍ଛଳତାରେ ହାରି ନ ଯାଇ ସମ୍ପ୍ରତି ଭାରତର ପ୍ରସିଦ୍ଧ କେଶ ପ୍ରତିରୋପଣକାରୀ ଡାକ୍ତର ଭାବେ ପରିଚିତ କେନ୍ଦୁଝରର ଡା. ପ୍ରଦୀପ ସେଠୀ, କରୋନା ସମୟରେ ପୁରୀରେ ରଥଯାତ୍ରା କରାଇବାକୁ ସୁପ୍ରିମକୋର୍ଟରେ ପିଟିସନ୍ ଦାଖଲ କରିଥିବା ନୟାଗଡର ତରୁଣ ଅଫତାବ୍ ହୋସେନ୍, ନିଜର ସ୍ୱଳ୍ପ ଆୟରୁ ସଞ୍ଚୟକରି ଗ୍ରାମବାସୀଙ୍କ ପାଇଁ ସାତଟି ପାଣି ଟାଙ୍କି ବସାଇଥିବା ମନ୍ମଥ ମହାରଣା ପ୍ରମୁଖ ପୁସ୍ତକକୁ ଲୋକାର୍ପିତ କରିଥିଲେ। ଓ ଦାଶ ବେନହୁର ପୁସ୍ତକର ସମୀକ୍ଷା କରିଥିଲେ। ବରିଷ୍ଠ ସାମ୍ବାଦିକ ରାଜେଶ ମହାପାତ୍ର ପୁସ୍ତକର ଏକ ମାର୍ମିକ ଆଲୋଚନା କରିଥିଲେ।

ଏହି ପୁସ୍ତକ ଲୋକାର୍ପଣ ସଭାରେ ସଭାପତିତ୍ୱ କରିଥିଲେ ଆମ ଓଡିଶାର ଅଧ୍ୟକ୍ଷ ସୌମ୍ୟ ରଞ୍ଜନ ପଟ୍ଟନାୟକ। ତାଙ୍କର ଏହି ସାଧାରଣ ଜୀବନ କଥାରୁ ଯଦି ଜଣେ ବି ଯୁବକ ପ୍ରେରଣା ପାଇବ ତାଙ୍କ ରଚନା ସାର୍ଥକ ହେବ ବୋଲି ସଭାରେ ନିରଞ୍ଜନ ପଟ୍ଟନାୟକ ନିଜର ଲେଖନୀୟ ଅଭିବ୍ୟକ୍ତିରେ ପ୍ରକାଶ କରିଥିଲେ। ଓଡିଶାର ପରିବର୍ତ୍ତନ ପାଇଁ ତାଙ୍କ ମନରେ ରହିଥିବା ଅସୁମାରୀ ଆଶାକୁ ଯୁବପିଢି ସାକାର କରିବେ ବୋଲି ତାଙ୍କର ଭରସା ରହିଛି। ଜୀବନର କିଛି ଅନୁଭୂତି ଓ ଘଟଣା ଚରିତ୍ରକୁ ନେଇ ସେ ଏହି ଆତ୍ମଜୀବନୀ ରଚନା କରିଛନ୍ତି। ଆତ୍ମଜୀବନଟି ଓଡିଶା ରାଜନୀତିରେ ଅର୍ଦ୍ଧଶତାବ୍ଦୀର ଗୁମର କଥାକୁ ଉନ୍ମୋଚିତ କରିଛି। ଏହି ପୁସ୍ତକକୁ ଜଣେ ସାଧାରଣ ଓଡିଆର କଥା ଭାବେ ଶ୍ରୀ ପଟ୍ଟନାୟକ କହିଥିଲେ। ଲୋକାର୍ପଣ ଉତ୍ସବରେ ରାଜ୍ୟର ବହୁ ଲେଖକ, କଳାକାର, ବୁଦ୍ଧିଜୀବୀ, ରାଜନେତା ଉପସ୍ଥିତ ଥିଲେ ।

## ପ୍ରକାଶ ପାଇଲା +୨ ଇନଷ୍ଟାଣ୍ଟ ଓ ଇମ୍ପ୍ରୁଭମେଣ୍ଟ ପରୀକ୍ଷା ଆଡମିଟ୍ କାର୍ଡ

ଭୁବନେଶ୍ୱର, ୧।୭(ସମିସ): ଆସନ୍ତା ୩ ଓ ୪ ତାରିଖରେ ହେବାକୁ ଥିବା ଯୁକ୍ତ ୨ ଇନଷ୍ଟାଣ୍ଟ ଓ ଇମ୍ପ୍ରୁଭମେଣ୍ଟ ପରୀକ୍ଷା ପାଇଁ ଆଡମିଟ୍ କାର୍ଡ ଉପଲବ୍ଧ ହୋଇଛି। ଏନେଇ ଉଚ୍ଚ ମାଧ୍ୟମିକ ଶିକ୍ଷା ପରିଷଦ (ସିଏଚ୍‌ଏସ୍‌ଇ) ର ପରୀକ୍ଷା ନିୟନ୍ତ୍ରକ ଡ. ପ୍ରଶାନ୍ତ କୁମାର ପରିଡ଼ା ସୂଚନା ଦେଇଛନ୍ତି। ସମସ୍ତ କଳା, ବାଣିଜ୍ୟ, ବିଜ୍ଞାନ, ଧନ୍ଦାମୂଳକ ଛାତ୍ରଛାତ୍ରୀଙ୍କ ପାଇଁ ଆଡ୍‌ମିଟ୍ କାର୍ଡ ଉପଲବ୍ଧ ହୋଇଛି। ସେହିପରି ଇନଷ୍ଟାଣ୍ଟ ପରୀକ୍ଷାର୍ଥୀଙ୍କ ପାଇଁ ସିଏନ୍‌ଆର୍ ମଧ୍ୟ ସାମସ୍ ଇ-ସ୍ପେସ୍‌ରେ ଉପଲବ୍ଧ ହୋଇଛି। ଇ-ସ୍ପେସ୍‌ରୁ ଆଡମିଟ୍ କାର୍ଡ ଡାଉନଲୋଡ୍ କରି ଯାଞ୍ଚ ଓ ସ୍ୱାକ୍ଷର ପରେ ପରୀକ୍ଷାର୍ଥୀଙ୍କୁ ବଣ୍ଟନ କରିବାକୁ ସମସ୍ତ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ଓ ମହାବିଦ୍ୟାଳୟର ଅଧ୍ୟକ୍ଷଙ୍କୁ ପରିଷଦ ପକ୍ଷରୁ ନିର୍ଦ୍ଦେଶ ଦିଆଯାଇଛି। ସୂଚନାଯୋଗ୍ୟ, ଚଳିତବର୍ଷ ପ୍ରଥମଥର ପାଇଁ ଇମ୍ପ୍ରୁଭମେଣ୍ଟ ପରୀକ୍ଷା ହେଉଛି। ଯେଉଁ ଛାତ୍ରଛାତ୍ରୀମାନେ ସମସ୍ତ ପରୀକ୍ଷାରେ ପାସ୍ କରିଥିବେ, ସେମାନେ କେବଳ ଗୋଟିଏ ବିଷୟରେ ଅଧିକ ମାର୍କ ରଖିବା ପାଇଁ ଏହି ଇମ୍ପ୍ରୁଭମେଣ୍ଟ (ଉନ୍ନତି) ପରୀକ୍ଷା ଦେଇପାରିବେ। ନିଜ ଇଚ୍ଛା ମୁତାବକ କେବଳ ଗୋଟିଏ ବିଷୟରେ ହିଁ ଏହି ପରୀକ୍ଷା ଦେବାକୁ ଅନୁମତି ମିଳିବ। ସେହିପରି ଗୋଟିଏ ପରୀକ୍ଷାରେ ଫେଲ୍ ହୋଇ ଅତି କମ୍‌ରେ ୨୧୦ ମାର୍କ ରଖିଥିବା ପିଲାମାନେ ଇନଷ୍ଟାଣ୍ଟ ପରୀକ୍ଷା ଦେଇପାରିବେ।

## ଦାନବାକ୍ସ, ୭୭ ଲକ୍ଷ ଟଙ୍କା, ସୁନା, ରୁପା, ଡଲାର ଜବତ



ଅଯୋଧ୍ୟା ରାମ ମନ୍ଦିର ଚାନ୍ଦା ଚୋରି ମାମଲା

ଅଯୋଧ୍ୟା, ୧।୭: ରାମ ମନ୍ଦିର ଚାନ୍ଦା ଚୋରି ମାମଲାରେ ଅଯୋଧ୍ୟା ପୁଲିସ ବିଭିନ୍ନ ସ୍ଥାନରେ ଚଢ଼ଉ କରି ମନ୍ଦିର ଦାନ ବାକ୍ସ ସମେତ ଟଙ୍କା ଓ ସୁନା ଜବତ କରିଛି। ପୁଲିସ ପକ୍ଷରୁ ଆଜି ଏଡି ସୂଚନା ଦିଆଯାଇଛି। କୁହାଯାଇଛି ଯେ ଗିରଫ ହୋଇଥିବା ୮ ଅଭିଯୁକ୍ତଙ୍କ ଘରେ ଚଢ଼ଉ ବେଳେ ରାମ ମନ୍ଦିର ଦାନବାକ୍ସ, ନଗଦ ୭୭ ଲକ୍ଷ ଟଙ୍କା, ୧୧ ଗ୍ରାମ ସୁନା, ୩୭୫ ଗ୍ରାମ ରୁପା ଏବଂ ୧୧୨୧ ହଲାର ଜବତ କରାଯାଇଛି। ପ୍ରମୁଖ ଅଭିଯୁକ୍ତ କୁହାଯାଉଥିବା ଅଭିନାଶ ଘରୁ ୨୦.୩୯ ଲକ୍ଷ ଟଙ୍କା ଜବତ ହୋଇଥିବା ବେଳେ କାରୁନେଶ ଘରୁ ୧୮ ଲକ୍ଷ, ଅନୁକଳ୍ପ ଘରୁ ୧୭ ଲକ୍ଷ, ଲବକୁଶ ଘରୁ ୧୪.୨୫ ଲକ୍ଷ, ରମାଶଙ୍କର ଠାରୁ ୭.୩ ଲକ୍ଷ ଏବଂ ଯାଦବ ଠାରୁ ଏକ ଲକ୍ଷ ଟଙ୍କା ନଗଦ ଜବତ କରାଯାଇଛି। ଏହାଛଡ଼ା ଅଭିନାଶ ଶୁକ୍ଳାର ଯୋଗା କେନ୍ଦ୍ରରୁ ଏକ ମନ୍ଦିରର ଏକ ଦାନ ବାକ୍ସ ଜବତ କରାଯାଇଛି। ଏଥିରେ ରାମରାଜ୍ୟ କୋଷ ଲେବଲ ଲାଗିବା ସହିତ ପେଟିଏମ୍‌ର କ୍ୟୁଆର୍ କୋଡ୍ ରହିଛି। ଏହାପୂର୍ବରୁ ଅଭିନାଶ ଘରୁ ୮୯ ଲକ୍ଷ ଟଙ୍କା ଜବତ ହୋଇଥିଲା।

## ମହାନଦୀ ଟ୍ରିବ୍ୟୁନାଲଙ୍କ ଓଡ଼ିଶା ଗସ୍ତ ବେଳେ ୨.୪୧ କୋଟି ଖର୍ଚ୍ଚ

# ସ୍ୱତନ୍ତ୍ର ଅଡିଟ୍ ଦାବି କଲା ମହାନଦୀ ବଞ୍ଚାଅ ଆନ୍ଦୋଳନ


ଭୁବନେଶ୍ୱର,୧।୭(ସମିସ): ଗତ ୨୬ ଫେବୃଆରୀରୁ ୨ ମାର୍ଚ୍ଚ ପର୍ଯ୍ୟନ୍ତ ମହାନଦୀ ଜଳ ବିବାଦ ଟ୍ରିବ୍ୟୁନାଲଙ୍କ ଓଡ଼ିଶା ଗସ୍ତ ଅବସରରେ ରାଜ୍ୟ ସରକାର କରିଥିବା ୨,୪୧,୧୩,୯୫୦ ଟଙ୍କା ବ୍ୟୟର ସ୍ୱତନ୍ତ୍ର ବା ସ୍ପେଶାଲ ଅଡିଟ୍ ଓ କମ୍ପ୍ଲାଏନ୍ସ ଅଡିଟ୍ କରିବାକୁ ଦାବି କରିଛି ମହାନଦୀ ବଞ୍ଚାଅ ଆନ୍ଦୋଳନ। ଏହି ପ୍ରସଙ୍ଗରେ ସଂଗଠନ ପକ୍ଷରୁ ଭାରତର ନିୟନ୍ତ୍ରକ ଓ ମହାଲେଖା ପରୀକ୍ଷକ (ସିଏଜି)ଙ୍କ ନିକଟରେ ଏକ ବିସ୍ତୃତ ଜନସ୍ୱାର୍ଥ ସମ୍ବଳିତ ଦାବିପତ୍ର ଦାଖଲ କରାଯାଇଛି। ଏହି ଦାବିପତ୍ର ସମ୍ପୂର୍ଣ୍ଣ ଭାବରେ ସୂଚନା ଅଧିକାର ଆଇନ ଅନୁଯାୟୀ ଜଳ ସମ୍ପଦ ବିଭାଗରୁ ପ୍ରାପ୍ତ ସରକାରୀ ଦସ୍ତାବିଜ ଉପରେ ଆଧାରିତ ବୋଲି ସଂଗଠନ ପକ୍ଷରୁ କୁହାଯାଇଛି।

ଆରଟିଆଇ ଦସ୍ତାବିଜ ଅନୁସାରେ ଟ୍ରିବ୍ୟୁନାଲଙ୍କ ଗସ୍ତ ପାଇଁ ରାଜ୍ୟ ସରକାର ମୋଟ ୨,୪୧,୧୩,୯୫୦ ଟଙ୍କା ମଞ୍ଜୁର କରିଥିଲେ। ସେଥିରୁ ୧,୪୫,୫୫,୪୮୦ ଉପର ମହାନଦୀ ଅଞ୍ଚଳ ଗସ୍ତ ପାଇଁ ଏବଂ ୯୫,୫୮,୪୭୦ ତଳ ମହାନଦୀ ଅଞ୍ଚଳ ଗସ୍ତ ପାଇଁ ବ୍ୟୟ କରାଯାଇଥିବା ଉଲ୍ଲେଖ ରହିଛି। ଆରଟିଆଇ ମାଧ୍ୟମରେ ଉପର ମହାନଦୀ ଗସ୍ତର ବ୍ୟୟ ସମ୍ବନ୍ଧୀୟ ବିସ୍ତୃତ ତଥ୍ୟ ମିଳିଥିବା ବେଳେ, ସେଥିରେ ଏମ.ଏମ. ଇଭେଣ୍ଟ ମ୍ୟାନେଜମେଣ୍ଟକୁ ପ୍ରାୟ ୮୪.୧୧ ଲକ୍ଷ, ମେ ଫେୟାର ହୋଟେଲ୍ସ ଆଣ୍ଡ ରିସର୍ଟସ୍‌କୁ ୫୩.୯୫ ଲକ୍ଷ ସମେତ ଅନ୍ୟାନ୍ୟ ବ୍ୟୟର ବିବରଣୀ ରହିଛି। କିନ୍ତୁ ତଳ ମହାନଦୀ ଅଞ୍ଚଳ ପାଇଁ ଦର୍ଶାଯାଇଥିବା ୯୫.୫୮ ଲକ୍ଷ ବ୍ୟୟର ସବିଶେଷ ହିସାବ ଆରଟିଆଇରେ ପ୍ରଦାନ କରାଯାଇନାହିଁ। ଏହି ପରିପ୍ରେକ୍ଷୀରେ ମହାନଦୀ ବଞ୍ଚାଅ ଆନ୍ଦୋଳନ ସିଏଜିଙ୍କୁ ଅନୁରୋଧ କରିଛି ଯେ ସମଗ୍ର ବ୍ୟୟ ସାଧାରଣ ଆର୍ଥିକ ନିୟମ, ଓଡ଼ିଶା ଆର୍ଥିକ ନିୟମ ଏବଂ ପ୍ରଚଳିତ କ୍ରୟ ପ୍ରକ୍ରିୟା ଅନୁଯାୟୀ ହୋଇଛି କି ନାହିଁ, ସରକାରୀ ଅର୍ଥ ବ୍ୟବହାରରେ ସଞ୍ଚୟ, ସ୍ୱଚ୍ଛତା ଓ ଆର୍ଥିକ ଶୃଙ୍ଖଳାର ନୀତି ପାଳନ କରାଯାଇଛି କି ନାହିଁ, ବେସରକାରୀ ସଂସ୍ଥାମାନଙ୍କୁ ନିୟୋଜନରେ ନିୟମାନୁସାରେ ପ୍ରକ୍ରିୟା ଅନୁସରଣ କରାଯାଇଛି କି ନାହିଁ ସେ ସମ୍ବନ୍ଧରେ ଯାଞ୍ଚ କରାଯାଉ ଏବଂ ତଳ ମହାନଦୀ ଗସ୍ତର ବ୍ୟୟର ସମ୍ପୂର୍ଣ୍ଣ ବିବରଣୀ ପ୍ରଦାନ କରାଯାଉ। ଏହି ଅବସରରେ ମହାନଦୀ ବଞ୍ଚାଅ ଆନ୍ଦୋଳନର ଆବାହକ ସୁଦର୍ଶନ ଦାସ କହିଛନ୍ତି ଯେ ଏହି ଦାବିପତ୍ର କୌଣସି ବ୍ୟକ୍ତି କିମ୍ବା ଅନୁଷ୍ଠାନ ବିରୋଧରେ ଅଭିଯୋଗ ନୁହେଁ। ଏହାର ଏକମାତ୍ର ଉଦ୍ଦେଶ୍ୟ ହେଉଛି ଜନସାଧାରଣଙ୍କ ଅର୍ଥର ସ୍ୱଚ୍ଛ ଓ ଜବାବଦେହିତାପୂର୍ଣ୍ଣ ଉପଯୋଗକୁ ସୁନିଶ୍ଚିତ କରିବା। ସେ କହିଛନ୍ତି ଯେ ମହାନଦୀ ବିବାଦ କୋଟି କୋଟି ଲୋକଙ୍କ ଜଳ ନିରାପତ୍ତା, କୃଷି, ଜୀବିକା ଓ ପରିବେଶ ସହ ଜଡ଼ିତ ଥିବାରୁ ଏହି ସମ୍ବନ୍ଧୀୟ ପ୍ରତ୍ୟେକ ସରକାରୀ ବ୍ୟୟ ସମ୍ବିଧାନିକ ଅଡିଟ୍ ବ୍ୟବସ୍ଥାର ନିରୀକ୍ଷଣ ଅଧୀନକୁ ଆସିବା ଉଚିତ। ଏହି ଦାବିପତ୍ରର ନକଲ ପ୍ରିନ୍ସିପାଲ ଆକାଉଣ୍ଟାଣ୍ଟ ଜେନେରାଲ (ଅଡିଟ୍-୧), ଓଡ଼ିଶା, ମୁଖ୍ୟ ଶାସନ ସଚିବ, ଜଳ ସମ୍ପଦ ବିଭାଗର ପ୍ରଧାନ ସଚିବ, ଇଞ୍ଜିନିୟର-ଇନ୍-ଚିଫ୍, ଆକାଉଣ୍ଟାଣ୍ଟ ଜେନେରାଲ ଓ ମହାନଦୀ ଜଳ ବିବାଦ ଟ୍ରିବ୍ୟୁନାଲର ଅଧ୍ୟକ୍ଷଙ୍କୁ ମଧ୍ୟ ପ୍ରେରଣ କରାଯାଇଛି।

## ବହୁ ପ୍ରତୀକ୍ଷିତ ସାନ୍ତାଳୀ ୱେବ୍‌ସାଇଟ୍ 'ସାନ୍ତାଲ୍ ଭଏସେସ୍'ର ଶୁଭାରମ୍ଭ

ବାରିପଦା,୧।୭(ସମିସ): ବହୁ ପ୍ରତୀକ୍ଷିତ ସାନ୍ତାଳୀ ଡିଜିଟାଲ ପୋର୍ଟାଲ "ସାନ୍ତାଲ୍ ଭଏସେସ୍' ହୁଲ୍ ଦିବସ ଅବସରରେ ଆୟୋଜିତ ଏକ ସ୍ୱତନ୍ତ୍ର ଅନ୍‌ଲାଇନ୍ କାର୍ଯ୍ୟକ୍ରମ ମାଧ୍ୟମରେ ଶୁଭାରମ୍ଭ ହୋଇଛି। ସାନ୍ତାଳୀ ଭାଷା, ସାହିତ୍ୟ, ଇତିହାସ ଓ ସଂସ୍କୃତିର ଡିଜିଟାଲ ସଂରକ୍ଷଣ ଏବଂ ବିଶ୍ୱସ୍ତରରେ ପ୍ରଚାରପ୍ରସାର ଦିଗରେ ଏହାକୁ ଏକ ଐତିହାସିକ ପଦକ୍ଷେପ ବୋଲି କୁହାଯାଉଛି। ଏହି ଉଦ୍‌ଘାଟନୀ କାର୍ଯ୍ୟକ୍ରମରେ ଭାରତ, ନେପାଳ ଓ ବାଂଲାଦେଶର ବିଭିନ୍ନ ସମ୍ପାଦକ, ଅବଦାନକାରୀ ଏବଂ ସାନ୍ତାଳୀ ଭାଷାର ଡିଜିଟାଲ କର୍ମୀମାନେ ଯୋଗଦେଇଥିଲେ। ଏହି ତିନୋଟି ଦେଶର ସାନ୍ତାଳୀ ସମ୍ପ୍ରଦାୟର ସମ୍ମିଳିତ ପ୍ରୟାସରେ ଏହି ପୋର୍ଟାଲ କାର୍ଯ୍ୟକ୍ଷମ କରାଯାଇଛି।

"ସାନ୍ତାଲ୍ ଭଏସେସ୍' ସମ୍ପୂର୍ଣ୍ଣ ଇଂରାଜୀ ଭାଷାରେ ପରିଚାଳିତ ଏକ ୱେବ୍‌ସାଇଟ୍, ଯାହାର ମୁଖ୍ୟ ଉଦ୍ଦେଶ୍ୟ ସାନ୍ତାଳୀ ଭାଷା, ସଂସ୍କୃତି, ଇତିହାସ, ସାହିତ୍ୟ, ବିଶିଷ୍ଟ ବ୍ୟକ୍ତିତ୍ୱ ଓ ସମକାଳୀନ ଘଟଣାବଳୀ ସମ୍ବନ୍ଧୀୟ ପ୍ରାମାଣିକ ତଥ୍ୟକୁ ବିଶ୍ୱ ସମୁଦାୟଙ୍କ ସମ୍ମୁଖରେ ପହଞ୍ଚାଇବା। ଏହି ଅବସରରେ ସାନ୍ତାଳୀ ଭାଷାର ଡିଜିଟାଲ କର୍ମୀ ରାମଜିତ ଟୁଡୁ କହିଥିଲେ ଯେ, ସମ୍ପ୍ରତି ଡିଜିଟାଲ ଯୁଗରେ ସାନ୍ତାଳ ସମାଜ ସମ୍ବନ୍ଧୀୟ ବହୁ ଗୁରୁତ୍ୱପୂର୍ଣ୍ଣ ତଥ୍ୟ ଇଣ୍ଟରନେଟ୍‌ରେ ଅନୁପସ୍ଥିତ ଥିବାରୁ, ସେହି ଅଭାବକୁ ପୂରଣ କରିବା ଏହି




ପୋର୍ଟାଲର ମୂଳ ଲକ୍ଷ୍ୟ। ସାନ୍ତାଳ ସମାଜ ସମ୍ବନ୍ଧୀୟ ବହୁ ମୂଲ୍ୟବାନ ତଥ୍ୟ ଏପର୍ଯ୍ୟନ୍ତ ଡିଜିଟାଲ ମାଧ୍ୟମରେ ଉପଲବ୍ଧ ନାହିଁ। ଏହି ତଥ୍ୟଗୁଡ଼ିକୁ ସଂଗ୍ରହ, ସଂରକ୍ଷଣ ଓ ବିଶ୍ୱସମ୍ମୁଖରେ ଉପସ୍ଥାପନ କରିବା ସାନ୍ତାଲ୍ ଭଏସେସ୍‌ର ପ୍ରମୁଖ ଉଦ୍ଦେଶ୍ୟ ବୋଲି ସେ କହିଛନ୍ତି। ଏହି ପୋର୍ଟାଲର ପରାମର୍ଶଦାତା ମଣ୍ଡଳୀରେ ଭାରତର ଆର୍. ଅଶ୍ୱିନୀ ବନ ମୁର୍ମୁ, ରାମଜିତ ଟୁଡୁ ଓ ଫାଗୁ ବାସ୍କେ ଥିବାବେଳେ, ବାଂଲାଦେଶରୁ ମାନିକ ସୋରେନ ପରାମର୍ଶଦାତା ଭାବେ ଦାୟିତ୍ୱ ନିର୍ବାହ କରୁଛନ୍ତି। ଏହାସହ ନେପାଳର ଶିବୁ ମୁର୍ମୁ ଏବଂ ବାଂଲାଦେଶର ଆଲ୍‌ବର୍ଟସ ଟୁଡୁ ସ୍ୱତନ୍ତ୍ର ପ୍ରତିନିଧି ଭାବେ ଆଞ୍ଚଳିକ ସମନ୍ୱୟ ଓ ବିଷୟବସ୍ତୁ ବିକାଶରେ ସହଯୋଗ କରିବେ। ୱେବ୍‌ସାଇଟ୍‌ର ମୁଖ୍ୟ ସମ୍ପାଦକ କାରିଆ ବାସ୍କେ ଥିବାବେଳେ, ବୋଦି ବାସ୍କି, ପ୍ରଶାନ୍ତ ହେମ୍ବ୍ରମ, ସୁଭାଷ କିସ୍କୁ, ବିଜେନ୍ଦ୍ର ହାଁସଦା ଏବଂ ଶେଖର ମୁର୍ମୁ, ପଶ୍ଚିମବଙ୍ଗ, ଓଡ଼ିଶା ଏବଂ ଝାଡ଼ଖଣ୍ଡରୁ ସହଯୋଗୀ ସମ୍ପାଦକ ଭାବେ କାର୍ଯ୍ୟ କରୁଛନ୍ତି। ଦକ୍ଷିଣ ଏସିଆର ବିଭିନ୍ନ ଅଞ୍ଚଳର ସ୍ୱେଚ୍ଛାସେବୀମାନଙ୍କ ସହଯୋଗରେ "ସାନ୍ତାଲ୍ ଭଏସେସ୍' ସାନ୍ତାଳ ସମାଜର ଇତିହାସ, ଐତିହ୍ୟ, ସଫଳତା ଓ ସମକାଳୀନ ଘଟଣାବଳୀକୁ ବିଶ୍ୱ ଦରବାରରେ ପହଞ୍ଚାଇବା ପାଇଁ ସର୍ବାଧିକ ବିଶ୍ୱସନୀୟ ଇଂରାଜୀ ଡିଜିଟାଲ ପୋର୍ଟାଲ ହେବାର ଲକ୍ଷ୍ୟ ରଖିଛି।

## ଆଜିର ରାଶିଫଳ

**ମେଷ:** ଦୀର୍ଘ ଦିନର ଆଶା ପୂରଣ ହେବ। ଆୟ ଓ ବ୍ୟୟ ସମାନ ରହିବ। ମାନ ସମ୍ମାନ ବୃଦ୍ଧି ପାଇବ। ଅଫିସ୍ କାର୍ଯ୍ୟ ପ୍ରଭାବିତ ହୋଇପାରେ। ମହିଳାଙ୍କଠାରେ ଆଣ୍ଠୁଗଣ୍ଠି ସମସ୍ୟା ଦେଖାଦେବ।

**ବୃଷ:** ଅଫିସ୍‌ରେ ସହକର୍ମୀଙ୍କ ସହଯୋଗ ମିଳିପାରେ। ପରିବାର ଲୋକଙ୍କ ସହ ହସଖୁସିର ସମୟ ବିତାଇବେ। ବ୍ୟବସାୟରେ ଲାଭ ମିଳିବ। ମନ ପ୍ରସନ୍ନ ରହିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ମିଥୁନ:** ଯୋଜନା ଅନୁଯାୟୀ କାମ କରିବେ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ପୁରୁଣା ବନ୍ଧୁଙ୍କ ସହ ସାକ୍ଷାତ ହୋଇପାରେ। ନୂଆ କାର୍ଯ୍ୟ ଆରମ୍ଭ କରିବେ। ବିଦେଶ ଯାତ୍ରା ଯୋଗ ରହିଛି।

**କର୍କଟ:** ବ୍ୟବହାରରେ ସଂଯମତା ରକ୍ଷା କରିବେ। ଜୀବନସାଥୀଙ୍କ ସହ ବୁଲିବାକୁ ଯିବେ। ସାମାଜିକ କାର୍ଯ୍ୟରେ ସାମିଲ ରହିବେ। ମହିଳାମାନେ ପୂଜାର୍ଚ୍ଚନାରେ ବ୍ୟସ୍ତ ରହିବେ।

**ସିଂହ:** ଅଚାନକ ଖୁସି ଖବର ମିଳିପାରେ। ନିଜ ଲୋକ ଶତ୍ରୁ ସାଜି ପାରନ୍ତି। ପୁରୁଣା ବନ୍ଧୁଙ୍କ ସହ ସାକ୍ଷାତ ହୋଇପାରେ। ପରିବାର ସଦସ୍ୟଙ୍କ ସହଯୋଗ ମିଳିବ। ବିବାହ ପ୍ରସ୍ତାବ ସ୍ଥିର ହେବ।

**କନ୍ୟା:** ବ୍ୟବସାୟରୁ ଲାଭ ମିଳିବ। ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି। ଲୋକ ସମ୍ପର୍କ ବୃଦ୍ଧି ପାଇବ। ଅବିବାହିତଙ୍କ ପାଇଁ ବିବାହ ପ୍ରସ୍ତାବ ଆସିପାରେ। ପିଲାଙ୍କ ସ୍ୱାସ୍ଥ୍ୟକୁ ନେଇ ଚିନ୍ତାରେ ରହିବେ।

**ତୁଳା:** କୋର୍ଟକଚେରୀ ମାମଲାରେ ବିଜୟ ଲାଭ କରିବେ। ପାରିବାରିକ ବିବାଦ ଦେଖା ଦେବ। ସନ୍ତାନଙ୍କ ଭବିଷ୍ୟତକୁ ନେଇ ଚିନ୍ତାରେ ରହିବେ। ଦୂର ସ୍ଥାନକୁ ଯାତ୍ରା ଯୋଗ ଅଛି।

**ବିଛା:** କାର୍ଯ୍ୟରେ ବାଧା ଆସିବ। ଅନଲାଇନ୍ ବ୍ୟବସାୟୀଙ୍କୁ ଲାଭ ମିଳିବ। ପୈତୃକ ସମ୍ପତ୍ତିକୁ ନେଇ ବିବାଦ ଦେଖା ଦେବ। ଭାଇ-ଭଉଣୀଙ୍କ ସମ୍ପର୍କ ମଜଭୁତ ହେବ। ଚକ୍ଷୁ ସମସ୍ୟା ହୋଇପାରେ।

**ଧନୁ:** କର୍ମ ଚଞ୍ଚଳ ରହିବେ। ଧାର୍ମିକ କାର୍ଯ୍ୟ ପ୍ରତି ରୁଚି ବଢ଼ିବ। ଅଫିସ୍ କାର୍ଯ୍ୟରେ ସମସ୍ୟା ଆସିପାରେ। ଆୟର ନୂତନ ମାର୍ଗ ଉନ୍ମୋଚନ ହେବ। ଉଧାର ଦେଇଥିବା ଟଙ୍କା ଫେରି ପାଇବେ।

**ମକର:** ଆୟଠୁ ଅଧିକ ବ୍ୟୟ ହେବ। ପରିବାର ସଦସ୍ୟଙ୍କ ସହ ଦୂର ସ୍ଥାନକୁ ଯାତ୍ରା କରିବେ। ସ୍ୱାସ୍ଥ୍ୟ ପ୍ରତି ସଚେତନ ହେବେ। ଅଯଥା ଖର୍ଚ୍ଚରେ ନିୟନ୍ତ୍ରଣ ରକ୍ଷା କରିବେ। ଆଣ୍ଠୁଗଣ୍ଠି ସମସ୍ୟା ହୋଇପାରେ।

**କୁମ୍ଭ:** ଧାର କରଜରୁ ଦୂରେଇ ରହିବେ। ଆଇଟି ଓ ବ୍ୟାଙ୍କ କ୍ଷେତ୍ରରେ ସଫଳ ହେବେ। ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ। ଛାତ୍ରଛାତ୍ରୀ ଖେଳକୁଦରେ ସମୟ ଅତିବାହିତ କରିବେ।

**ମୀନ:** ଦିନଟି ବ୍ୟସ୍ତତା ଭିତରେ କଟିବ। ଆଶା ପୂରଣ ହେବ। କଳାକାରଙ୍କ ପାଇଁ ଅନୁକୂଳ ସମୟ। ଧନଲାଭ ଯୋଗ ଅଛି। ଆର୍ଥିକ ସ୍ଥିତି ମଜଭୁତ୍ ହେବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

## ଆଜିର ଐତିହ୍ୟ

- ୧୩୦୬-ଆଲ୍ଲାଉଦ୍ଦିନ୍ ଖିଲ୍‌ଜି ସିୱାନା ଉପରେ ଆକ୍ରମଣ କଲେ।।
- ୧୮୯୭- ମାର୍କୋନି ରେଡିଓକୁ ପେଟେଣ୍ଟ କରାଇଲେ।
- ୧୯୪୦- ବ୍ରିଟିଶ୍ ସରକାର ନେତାଜୀ ସୁଭାଷ ଚନ୍ଦ୍ର ବୋଷଙ୍କୁ ଗିରଫ କଲେ।
- ୨୦୦୪- ମୁମ୍ବାଇର ଛତ୍ରପତି ଶିବାଜୀ ଟର୍ମିନସ୍‌କୁ ୟୁନେସ୍କୋ ଦ୍ୱାରା ବିଶ୍ୱ ଐତିହ୍ୟସ୍ଥଳର ମାନ୍ୟତା ମିଳିଲା।
- ୨୦୧୫- ଫିଲିପାଇନ୍ସରେ ୨୨୦ ଯାତ୍ରୀଙ୍କୁ ନେଇ ଯାଉଥିବା ଏକ ନୌକା ବୁଡ଼ିଯିବାରୁ ୬୨ ଲୋକଙ୍କ ପ୍ରାଣହାନି।

## ଆଜି ଆସିଥିଲେ: ସାରସ୍ୱତ ସାଧକ କାଳିନ୍ଦୀ ଚରଣ ପାଣିଗ୍ରାହୀ



କାଳିନ୍ଦୀ ଚରଣ ପାଣିଗ୍ରାହୀ ଓଡ଼ିଆ ସାହିତ୍ୟର ଜଣେ ଅଗ୍ରଗଣ୍ୟ କବି, ଔପନ୍ୟାସିକ, ଗାଳ୍ପିକ, ପ୍ରାବନ୍ଧିକ ଏବଂ ନାଟ୍ୟକାର ଥିଲେ। ସେ ଓଡ଼ିଆ ସାହିତ୍ୟର 'ସବୁଜ ଯୁଗ'ର ଅନ୍ୟତମ ପ୍ରବର୍ତ୍ତକ ଭାବେ ମଧ୍ୟ ବେଶ୍ ଜଣାଶୁଣା। ସେ ଅନ୍ନଦା ଶଙ୍କର ରାୟ, ବୈକୁଣ୍ଠନାଥ ପଟ୍ଟନାୟକ, ଶରତ ଚନ୍ଦ୍ର ମୁଖାର୍ଜୀ ଓ ହରିହର ମହାପାତ୍ରଙ୍କ ସହ ମିଶି ଓଡ଼ିଆ ସାହିତ୍ୟରେ 'ସବୁଜ ସାହିତ୍ୟ ସମିତି' ଗଠନ କରିଥିଲେ। ଏହି ସମୟର କବିତାଗୁଡ଼ିକରେ ରୋମାଣ୍ଟିକ୍ ଭାବଧାରା ଏବଂ ପ୍ରକୃତି ପ୍ରୀତି ଦେଖିବାକୁ ମିଳୁଥିଲା। କାଳିନ୍ଦୀ ଚରଣଙ୍କର କାଳଜୟୀ ସୃଷ୍ଟି ହେଉଛି 'ମାଟିର ମଣିଷ'। ଫକୀରମୋହନଙ୍କ 'ଛ ମାଣ ଆଠ ଗୁଣ୍ଠ' ପରେ 'ମାଟିର ମଣିଷ' ଦ୍ୱିତୀୟ ଶ୍ରେଷ୍ଠ ଉପନ୍ୟାସର ମାନ୍ୟତା ପାଇଛି। ଏହା ଓଡ଼ିଶାର ଗ୍ରାମୀଣ ସମାଜ, ପାରିବାରିକ ସଂହତି ଏବଂ ମାନବୀୟ ମୂଲ୍ୟବୋଧ ଉପରେ ଆଧାରିତ ଥିଲା। ଏହା ଉପରେ ପରବର୍ତ୍ତୀ ସମୟରେ ଏକ ସଫଳ ଓଡ଼ିଆ ଚଳଚ୍ଚିତ୍ର ମଧ୍ୟ ନିର୍ମିତ ହୋଇଥିଲା। ତାଙ୍କର ଅନ୍ୟାନ୍ୟ ଉପନ୍ୟାସଗୁଡ଼ିକ ହେଲା 'ଲୁହାର ମଣିଷ', 'ଆଜିର ମଣିଷ' ଏବଂ 'ମୁକ୍ତାଗଡ଼ର କ୍ଷୁଧା'। ନାଟ୍ୟକାର ଭାବେ ପରିଚିତ ହେଲେ ସେ 'ପଦ୍ମିନୀ', 'ପ୍ରିୟଦର୍ଶୀ', 'ସୌମ୍ୟା' ଆଦି ନାଟକ ରଚନାରେ। କାଳିନ୍ଦୀ ଚରଣ ପୁରୀ ଜିଲ୍ଲାର ବିଶ୍ୱନାଥପୁର ଗ୍ରାମରେ ୧୯୦୧ ମସିହା ଆଜିର ଦିନରେ ଜନ୍ମଗ୍ରହଣ କରିଥିଲେ। ତାଙ୍କ ପିତା ସ୍ୱପ୍ନେଶ୍ୱର ପାଣିଗ୍ରାହୀ ଜଣେ ଆଇନଜୀବୀ ଥିଲେ। ପୁରୀରେ ହିଁ କାଳିନ୍ଦୀଚରଣ ବାଲ୍ୟଜୀବନ ଓ ଶିକ୍ଷା ସମାପ୍ତ କରିଥିଲେ। ହାଇସ୍କୁଲ ସମାପ୍ତ କରି ସେ ରେଭେନ୍ସାରେ ନାମ ଲେଖାଇଥିଲେ। ରେଭେନ୍ସା ମହାବିଦ୍ୟାଳୟରେ ପଢ଼ିବା କାଳରେ କାଳିନ୍ଦୀ ଚରଣଙ୍କ ସାହିତ୍ୟ ପ୍ରତିଭାର ପରିଚୟ ମିଳିଲା। କଲେଜରେ ପଢ଼ିବା ସମୟରେ, ସେ 'ନନସେନ୍ସ କ୍ଲବ୍' ଗଠନ କରିଥିଲେ। ଏହି ସମୟରେ 'ସବୁଜ ଗୋଷ୍ଠୀ'ର ମୁଖପତ୍ର 'ଯୁଗବୀଣା'ରେ କାଳିନ୍ଦୀ ଚରଣଙ୍କ ଲେଖାମାନ ମଧ୍ୟ ପ୍ରକାଶ ପାଉଥିଲା। ପରବର୍ତ୍ତୀ ସମୟରେ, ବାଲେଶ୍ୱରରୁ ପ୍ରକାଶ ପାଉଥିବା ଏକ ଇଂରାଜୀ ଓ ତାଙ୍କ ନିଜ ଓଡ଼ିଆ ପତ୍ରିକାର ସେ ସମ୍ପାଦନା କରିବାକୁ ଲାଗିଲେ। କବିତାରୁ ହିଁ କାଳିନ୍ଦୀ ଚରଣଙ୍କ ସାହିତ୍ୟ ସର୍ଜନା ଆରମ୍ଭ ହୋଇଥିଲା। ଶବ୍ଦ ସଂଯୋଜନା ସହ ବିରହ ମିଳନ, ଆନନ୍ଦାଶ୍ରୁ, ପାଇବା ଓ ହଜାଇବାର ଭାରସାମ୍ୟ ପ୍ରତିଫଳିତ ହୋଇଥାଏ ତାଙ୍କ କବିତାରେ। ତାଙ୍କ ଲେଖାରେ ଓଡ଼ିଶାର ଗ୍ରାମ୍ୟ ପରିବେଶ, ଲୋକଙ୍କର ଆଚାରବିଚାର ପ୍ରମୁଖ ସ୍ଥାନ ପାଉଥିଲା। ଅନ୍ୟାୟ, ଅନୀତି ବିରୁଦ୍ଧରେ ତାଙ୍କ ସାହିତ୍ୟ ସ୍ୱର ଉତ୍ତୋଳନ କରୁଥିଲା। ସେ ଜଣେ ଦରଦୀ କବି ଓ ଜୀବନବାଦୀ ସାହିତ୍ୟିକ ଭାବରେ ପରିଚିତ। ଓଡ଼ିଆ ସାହିତ୍ୟ ଜଗତକୁ ତାଙ୍କର ଅବଦାନ ପାଇଁ ୧୯୭୧ ମସିହାରେ କେନ୍ଦ୍ର ସାହିତ୍ୟ ଏକାଡେମୀର ଫେଲୋ ସମ୍ମାନ ସହିତ ବହୁ ପୁରସ୍କାର ଓ ସମ୍ମାନର ମଧ୍ୟ ସେ ଅଧିକାରୀ ହୋଇଛନ୍ତି। ସେହିବର୍ଷ ଭାରତ ସରକାରଙ୍କ ପକ୍ଷରୁ ତାଙ୍କୁ ପଦ୍ମଭୂଷଣ ସମ୍ମାନ ପ୍ରଦାନ କରାଯାଇଥିଲା। ୧୯୭୬ ମସିହାରେ ସମ୍ବଲପୁର ବିଶ୍ୱବିଦ୍ୟାଳୟରୁ ସମ୍ମାନସୂଚକ ଡି.ଲିଟ୍ ଉପାଧି ଲାଭ କରିଛନ୍ତି। ୧୯୯୧ ମସିହା ମେ' ୧୫ ତାରିଖରେ ଏହି ମହାନ୍ ଲେଖକ ଦେହତ୍ୟାଗ କରିଥିଲେ।

## ମହିଳା ନୁହେଁ; ପୁରୁଷ ଢାଙ୍କନ୍ତି ମୁହଁ

ଏମିତି ଅନେକ ପରମ୍ପରା ରହିଛି, ଯାହା ଲୋକଙ୍କୁ ଆଶ୍ଚର୍ଯ୍ୟ କରିଥାଏ। ଏଭଳି ଏକ ଅନନ୍ୟ ଏବଂ ରହସ୍ୟମୟ ସଂସ୍କୃତି ହେଉଛି ସାହାରା ମରୁଭୂମିରେ ବାସ କରୁଥିବା 'ତୁଆରେଗ' ଜନଜାତିର। ଏହି ଜନଜାତିରେ ମହିଳାମାନଙ୍କ ବଦଳରେ ପୁରୁଷମାନେ ମୁହଁ ଘୋଡ଼ାଇ ରଖନ୍ତି ଏବଂ ବିବାହ ପରେ ସ୍ୱାମୀ ଯାଇ ସ୍ତ୍ରୀର ଘରେ ରହିଥାଏ। ଏହି ଜନଜାତି ନିଜର ଅନନ୍ୟ ପରମ୍ପରା ଏବଂ ମାତୃକୈନ୍ଦ୍ରିକ ସାମାଜିକ ବ୍ୟବସ୍ଥା ପାଇଁ ସାରା ବିଶ୍ୱରେ ଜଣାଶୁଣା। ଭାରତ ଏବଂ ଅନ୍ୟ କେତେକ ଦେଶରେ ସାଧାରଣତଃ ମହିଳାମାନେ ଓଢ଼ଣାରେ ମୁହଁ ଢାଙ୍କିଥାନ୍ତି। ହେଲେ ତୁଆରେଗ ସମାଜରେ ଏହାର ବିପରୀତ ଦୃଶ୍ୟ ଦେଖିବାକୁ ମିଳେ। ଏହି ସମାଜରେ ପୁରୁଷମାନେ ନିଜ ମୁହଁକୁ କପଡ଼ାରେ ଘୋଡ଼ାଇ ରଖିଥାଆନ୍ତି ଏବଂ ମହିଳାମାନେ ଖୋଲା ମୁହଁରେ ରୁହନ୍ତି। ଏଠାରେ ପୁରୁଷମାନେ ନିଜ ମୁହଁ ଏବଂ ମୁଣ୍ଡକୁ ଏକ ସ୍ୱତନ୍ତ୍ର ନୀଳ ରଙ୍ଗର କପଡ଼ାରେ ଘୋଡ଼ାଇ ରଖନ୍ତି, ଯାହାକୁ ସେମାନଙ୍କ ଭାଷାରେ 'ଟାଗେଲମଷ୍ଟ' କୁହାଯାଏ। ଏହି କପଡ଼ା କେବଳ ସେମାନଙ୍କର ସାଂସ୍କୃତିକ ପରିଚୟ ନୁହେଁ, ବରଂ ମରୁଭୂମିର ପ୍ରଖର ସୂର୍ଯ୍ୟକିରଣ, ଧୂଳି ଏବଂ ବାଲିରୁ ମଧ୍ୟ ସେମାନଙ୍କୁ ସୁରକ୍ଷା ଦେଇଥାଏ। ଏଠାରେ ଯୁବକଙ୍କୁ ୨୫ ବର୍ଷ ବୟସ ହୋଇଯିବା ପରେ ହିଁ ମୁହଁ ଢାଙ୍କିବାକୁ ପଡ଼ିଥାଏ। ଏହାପରେ ହିଁ ସେମାନେ ଯେକୌଣସି ସର୍ବସାଧାରଣ ସ୍ଥାନରେ ନିଜ ମୁହଁ ଲୁଚାଇ ରଖିପାରନ୍ତି। ଏହି କାରଣ ଯୋଗୁଁ ସେମାନଙ୍କୁ ସାହାରାର ନୀଳ ପୁରୁଷ ବୋଲି କୁହାଯାଏ। କାରଣ ସମୟ ସହିତ ଏହି ପୋଷାକର ନୀଳ ରଙ୍ଗ ସେମାନଙ୍କ ମୁହଁରେ ଲାଗିଯାଏ। ଏହିପରି ଭାବେ ସେମାନଙ୍କ ପରିଚୟ ଆହୁରି ସ୍ୱତନ୍ତ୍ର ହୋଇଯାଏ। ଏହାବାଦ୍ ଏଠାରେ ପୁରୁଷ ବାହାଘର ପରେ ନିଜ ଘରେ ନୁହେଁ, ବରଂ ପତ୍ନୀଙ୍କ ଘରେ ରହନ୍ତି। ଏହି ସମାଜ ପୂରା ମାତୃକୈନ୍ଦ୍ରିକ ବ୍ୟବସ୍ଥା ଉପରେ ଆଧାରିତ। ପଶୁ ସମ୍ପଦ ଏବଂ ଘରୋଇ ଜିନିଷ ବି ମହିଳାଙ୍କ ପାଖରେ ରହେ। ଯଦି କୌଣସି କାରଣବଶତଃ ଛାଡ଼ପତ୍ର ହୋଇଯାଏ, ତେବେ ପୁରୁଷଙ୍କୁ ଘର ଛାଡ଼ି ଯିବାକୁ ପଡ଼ିଥାଏ। ହେଲେ ପିଲା ନିଜ ମା'ଙ୍କ ପାଖରେ ରହନ୍ତି। ଏହି ସମାଜରେ ନିଜ ଇଚ୍ଛାରେ ବିବାହ କରିବାର ଅଧିକାର ମହିଳାଙ୍କର ଅଛି ଏବଂ ଦରକାର ପଡ଼ିଲେ ଛାଡ଼ପତ୍ର ନେଇପାରିବେ। ଏଠାରେ ମହିଳାମାନେ କେବଳ ପରିବାର ସମ୍ଭାଳି ନ ଥାନ୍ତି, ସାମାଜିକ ଏବଂ ଆର୍ଥିକ କାମରେ ବି ବେଶ୍ ସକ୍ରିୟ ରୁହନ୍ତି। ମହିଳାମାନେ ପାରମ୍ପରିକ ଗୀତ, ନୃତ୍ୟ ଏବଂ ସାଂସ୍କୃତିକ କାର୍ଯ୍ୟକ୍ରମରେ ମନ ଖୋଲି ସାମିଲ ହୁଅନ୍ତି। ଏହି ଜନଜାତି ମୁଖ୍ୟତଃ ମାଲି, ନାଇଜର, ଆଲଜେରିଆ, ଲିବିଆ ଏବଂ ବୁର୍କିନାଫାସୋ ଭଳି ଦେଶର ମରୁଭୂମି ଅଞ୍ଚଳରେ ବାସ କରନ୍ତି। ଆଜିର ସମୟରେ ଶିକ୍ଷା ଏବଂ ସହରୀ ଜୀବନର ପ୍ରଭାବ ଯୋଗୁଁ କିଛି ଯୁବକ ଏହି ପରମ୍ପରାଠାରୁ ଦୂରେଇ ଯାଉଛନ୍ତି, କିନ୍ତୁ ଗାଁଗୁଡ଼ିକରେ ଏହି ସଂସ୍କୃତି ଆଜି ବି ସେମିତି ରହିଛି।

## ଅଗଷ୍ଟ ୧୫ରେ ମହାଲଢ଼େଇ
## 'ଆୱାରାପନ୍ ୨' ବନାମ 'ବଟୱାରା ୧୯୪୭'





ବକ୍ସ ଅଫିସ୍‌ରେ ଫିଲ୍ମଗୁଡ଼ିକ ମଧ୍ୟରେ ଟକ୍କର ହେବା ଏକ ସାଧାରଣ କଥା ହୋଇଗଲାଣି। ଏବେ ଏକାସାଙ୍ଗେ ତିନି ଚାରୋଟି ଫିଲ୍ମ ରିଲିଜ୍ ହେଉଛି। ଅନେକ ସମୟରେ ଏଥିପାଇଁ ପ୍ରଯୋଜକମାନଙ୍କୁ ବଡ଼ ଧରଣର କ୍ଷତି ସହିବାକୁ ପଡୁଥିବା ବେଳେ କେତେକ ସମୟରେ ଲାଭ ମଧ୍ୟ ହୋଇଥାଏ। ଏଭଳି ପରିସ୍ଥିତିରେ, ସ୍ୱାଧୀନତା ଦିବସ ଅବସରରେ ବକ୍ସ ଅଫିସ୍‌ରେ ଏକ ବଡ଼ ଧମାକା ହେବାକୁ ଯାଉଛି, ଯେଉଁଥିରେ ଦୁଇଟି ବଡ଼ ଫିଲ୍ମ ମଧ୍ୟରେ ଜବରଦସ୍ତ ଟକ୍କର ଦେଖିବାକୁ ମିଳିବ। ଏଥିରେ ସନ୍ନି ଦେଓଲ ଏବଂ ଇମ୍ରାନ୍ ହାସମୀଙ୍କ ମଧ୍ୟରେ ଏକ କଡ଼ା ମୁକାବିଲା ଦେଖିବାକୁ ମିଳିବ। ଇମ୍ରାନ୍‌ଙ୍କ ବହୁ ପ୍ରତୀକ୍ଷିତ ଫିଲ୍ମ 'ଆୱାରାପନ୍ ୨' ଏବେ ବେଶ୍ ଚର୍ଚ୍ଚାରେ ରହିଛି। ଏହି ଫିଲ୍ମଟି ୨୦୦୭ରେ ରିଲିଜ୍ ହୋଇଥିବା 'ଆୱାରାପନ୍' ଫିଲ୍ମର ସିକ୍ୱେଲ୍। ନିକଟରେ ଏହାର ଦମ୍‌ଦାର୍ ଟିଜର୍ ରିଲିଜ୍ ହେବା ପରେ ଦର୍ଶକଙ୍କର ଫିଲ୍ମକୁ ନେଇ ଉତ୍ସାହ ବଢ଼ି ଯାଇଛି। ୧୪ ଅଗଷ୍ଟ, ୨୦୨୬ରେ ଏହା ସିନେମାହଲ୍‌ରେ ରିଲିଜ୍ ହେବ। ଏଥିରେ ଇମ୍ରାନ୍‌ଙ୍କ ବିପକ୍ଷରେ ଦିଶା ପଟାନୀ ନଜର ଆସିବେ। ଏହା ସହିତ ଜେନେଲିଆ ଦେଶମୁଖ ଏବଂ ଶବାନା ଆଜମୀ ମଧ୍ୟ ଗୁରୁତ୍ୱପୂର୍ଣ୍ଣ ଭୂମିକାରେ ଦେଖାଯିବେ। ଅପରପକ୍ଷରେ 'ଗଦର ୨', 'ବର୍ଡର ୨' ଏବଂ 'ଜାଟ୍' ପରେ ଏବେ ସନ୍ନି 'ବଟୱାରା ୧୯୪୭'କୁ ନେଇ ଚର୍ଚ୍ଚାରେ ଅଛନ୍ତି। ୧୩ ଅଗଷ୍ଟ, ୨୦୨୬ରେ ଏହା ସିନେମାହଲ୍‌ରେ ରିଲିଜ୍ ହେବ। ଆସନ୍ତା ୧୫ ଅଗଷ୍ଟ ସପ୍ତାହନ୍ତରେ 'ବଟୱାରା ୧୯୪୭' ଏବଂ 'ଆୱାରାପନ୍ ୨' ବକ୍ସ ଅଫିସ୍‌ରେ ସାମ୍ନାସାମ୍ନି ହେବେ। ଇମ୍ରାନ୍‌ଙ୍କ ଫିଲ୍ମ ପାଇଁ ଏକ ପ୍ଲସ୍ ପଏଣ୍ଟ ହେଲା, ଏହାର ମୂଳ ଫିଲ୍ମ ବେଶ୍ ଲୋକପ୍ରିୟ ଥିଲା। ସବୁଠୁ ବଡ଼ କଥା ହେଉଛି ଏହା ଏକ ମ୍ୟୁଜିକାଲ୍ ରୋମାଣ୍ଟିକ ଡ୍ରାମା ଫିଲ୍ମ। ଏଭଳି ଫିଲ୍ମକୁ ସାଧାରଣତଃ ଦର୍ଶକେ ଅଧିକ ପସନ୍ଦ କରନ୍ତି। 'ଆୱାରାପନ୍ ୨'କୁ ନେଇ ଅନୁମାନ କରାଯାଉଛି ଯେ ଏହା 'ସୈୟାରା'ର (୨୨ କୋଟି ପ୍ରଥମ ଦିନର ଆୟ) ରେକର୍ଡକୁ ମଧ୍ୟ ପଛରେ ପକାଇ ଦେଇପାରେ। ଅନ୍ୟପଟେ, ସନ୍ନିଙ୍କ ଫିଲ୍ମ 'ବଟୱାରା ୧୯୪୭' ମଧ୍ୟ ବେଶ୍ ଚର୍ଚ୍ଚାରେ ରହିଛି। ଏହି ଫିଲ୍ମରେ ଦେଶ ବିଭାଜନ ସମୟର କାହାଣୀ ଦେଖିବାକୁ ମିଳିବ। ଅନ୍ୟପଟେ ଲଗାତାର ସନ୍ନିଙ୍କର ଫିଲ୍ମଗୁଡ଼ିକ ହିଟ୍ ହୋଇଥିବାରୁ ଏହା ମଧ୍ୟ ବକ୍ସ ଅଫିସ୍‌ରେ ଭଲ ବିଜିନେସ୍ କରିବ ବୋଲି ଆଶା କରାଯାଉଛି। ତେବେ ଇମ୍ରାନ୍ କି ସନ୍ନି କିଏ ଦର୍ଶକଙ୍କ ହୃଦୟ ଜିଣି ପାରୁଛନ୍ତି ତାହା ଦେଖିବାକୁ ବାକି ରହିଲା।

## ପ୍ରଥମ ମହିଳା ବାଉନ୍ସର



ବାଉନ୍ସର କହିଲେ, ଲମ୍ବା, ଚଉଡ଼ା ଏବଂ କଳାପୋଷାକ ପିନ୍ଧା ପୁରୁଷଙ୍କ ଦୃଶ୍ୟ ସାମ୍ନାକୁ ଆସିଥାଏ। ଯେଉଁମାନେ ସିନେ ତାରକା, ରାଜନେତା ସମେତ ପ୍ରତିଷ୍ଠିତ ବ୍ୟକ୍ତିଙ୍କ ସୁରକ୍ଷାରେ ମୁତୟନ ହୋଇଥାନ୍ତି। ଏହାକୁ ପୁରୁଷଙ୍କ କାର୍ଯ୍ୟ ବୋଲି କୁହାଯାଏ। ହେଲେ ଏବେ ଏ ଦିଗରେ ମହିଳାଙ୍କ ପ୍ରବେଶ ହୋଇଛି। ଭାରତର ପ୍ରଥମ ମହିଳା ବାଉନ୍ସର ଭାବେ ମେହେରୁନ୍ନିସା ଶୌକତ୍ ଅଲ୍ଲୀ ବେଶ୍ ପ୍ରସିଦ୍ଧି ଲାଭ କରିଛନ୍ତି। ସମାଜର ରଢ଼ିବାଦୀ ଚିନ୍ତାଧାରାକୁ ଆଡ଼େଇ ମର୍ଦ୍ଦାନୀ ବାଉନ୍ସର ଭାବେ ସେ ଦୁଇଦଶନ୍ଧି ଧରି ପୁରୁଷ ପ୍ରାଧାନ୍ୟ ସମାଜରେ ସୁରକ୍ଷା କାର୍ଯ୍ୟ କରିଆସୁଛନ୍ତି।

ଉତ୍ତରପ୍ରଦେଶ ସହାରନପୁରର ଏକ ଛୋଟ ସହରରେ ମେହେରୁନ୍ନିସା ଜନ୍ମ ହୋଇଥିଲେ। ପିଲାବେଳୁ ପୁଲିସ ଏବଂ ସେନାରେ କାର୍ଯ୍ୟ କରିବା ପାଇଁ ତାଙ୍କର ଖୁବ୍ ଆଗ୍ରହ ଥିଲା। ହେଲେ ପରିବାର ବିରୋଧ ଯୋଗୁ ସେ ଏହା କରିପାରି ନଥିଲେ। ତାଙ୍କ ପରିବାରରେ ଝିଅ ବାହାରକୁ ଯିବା, ପାଠପଢ଼ିବାକୁ ଅପରାଧ ମନାଯାଏ। ଏହା ସତ୍ତ୍ୱେ ସେ ଘରେ ଲୁଚିଛପି, ପାଠପଢ଼ିଲେ। ଏହା ତାଙ୍କ ପିତା ଜାଣିବା ପରେ ବହି ଜାଳି ଦେଇଥିଲେ। ଫଳରେ ସେ ଭାଙ୍ଗି ପଡ଼ିଥିଲେ। ପରେ ମାଆଙ୍କ ସମର୍ଥନ କ୍ରମେ ମେହେରୁନ୍ନିସା ପାଠପଢ଼ା ଜାରି ରଖିଥିଲେ। ସେୟାର ମାର୍କେଟରେ କ୍ଷତି ହେବା ପରେ ତାଙ୍କ ପିତାଙ୍କର ହୃଦ୍‌ଘାତ ହୋଇଥିଲା। ପିତାଙ୍କୁ ଦେଖିବା ପାଇଁ ହସ୍‌ପିଟାଲ୍ ଯିବାବେଳେ ସେଠାରେ ସେ ଛିଡ଼ା ହୋଇଥିବା ହଟାକଟା ବାଉନ୍ସରଙ୍କୁ ଦେଖିଥିଲେ। ଏହା ଦେଖି ମହିଳାମାନେ ମଧ୍ୟ ବାଉନ୍ସର ହୋଇପାରିବେ ବୋଲି ସେ ଅନୁଭବ କରିଥିଲେ। ଏହାପରେ ସେ ୨୦୦୩ ମସିହାରେ ସେ ନିଜର ବୃତ୍ତିଗତ ଜୀବନ ଆରମ୍ଭ କରିଥିଲେ।

ପାଞ୍ଚ ଫୁଟ୍ ପାଞ୍ଚ ଇଞ୍ଚ, ଉଚ୍ଚତା ଦେଖି ଲୋକେ ତାଙ୍କୁ ପ୍ରଥମେ ସିକ୍ୟୁରିଟି ଗାର୍ଡ ଭାବୁଥିଲେ। ଏଥିପାଇଁ ସେ କଠିନ ପରିଶ୍ରମ ଏବଂ ତାଲିମ୍ ନେଇ ନିଜକୁ ଦକ୍ଷ କରିଥିଲେ। ପରବର୍ତ୍ତୀ ସମୟରେ ବାଉନ୍ସର ଭାବେ ପରିଚିତ ହେଲେ। ପ୍ରିୟଙ୍କା ଚୋପ୍ରା, ସୋନୁ ନିଗମ୍, ଶାହରୁଖ ଏବଂ ସଲ୍‌ମାନ୍ ଖାନଙ୍କ ସମେତ ଅନେକ ବଲିଉଡ୍ ତାରକାଙ୍କ ବାଉନ୍ସର ଭାବେ କାର୍ଯ୍ୟ କରିଛନ୍ତି। ତାଙ୍କର ଦୃଢ଼ ମନୋବଳ ଏବଂ ପରିଶ୍ରମ ଅନ୍ୟ ମହିଳାଙ୍କୁ ଏ ଦିଗରେ କାର୍ଯ୍ୟ କରିବାକୁ ପ୍ରେରଣା ଦେଇଛି। ଲୋକେ ତାଙ୍କୁ ଦେଖିଲେ ଆଗ୍ରହର ସହ ସେଲ୍‌ଫି ନେବା ପାଇଁ ଆଗେଇ ଆସନ୍ତି ବୋଲି ସେ କୁହନ୍ତି। ଦିଲ୍ଲୀରେ ସେ ନିଜର ଏକ ସୁରକ୍ଷା ସଂସ୍ଥା ପ୍ରତିଷ୍ଠା କରିଛନ୍ତି। ଏଥିରେ ସେ ଅନ୍ୟ ମହିଳାଙ୍କୁ ତାଲିମ୍ ଦେଇ ରୋଜଗାରକ୍ଷମ କରିଛନ୍ତି। ସେହିପରି ସେ ଦିଲ୍ଲୀର ପ୍ରତିଷ୍ଠିତ ନାଇଟ୍ କ୍ଲବ୍, ପବ୍ ଆଦିରେ ଲୋକଙ୍କୁ ସୁରକ୍ଷା ଦେବାରେ ବାଉନ୍ସର ଭାବେ କାର୍ଯ୍ୟ କରୁଛନ୍ତି।

## ସୁଶ୍ରୀ

### ହଜିଯାଉଥିବା ସ୍ୱାଦ: ତାୱା ସିଙ୍ଗଡ଼ା



**ଆବଶ୍ୟକ ସାମଗ୍ରୀ**

ମଇଦା – ୨୦୦ ଗ୍ରାମ୍, ଦହି – ଅଧା କପ୍, ବେକିଙ୍ଗ୍ ସୋଡ଼ା – ଏକ ଚାମଚ, ଘିଅ – ଏକ ଚାମଚ, ସିଝା ଆଳୁ – ଦୁଇଟି, ଗ୍ରୀନ୍‌ମଟର – ଏକ କପ୍, ଜୀରା – ଏକଚାମଚ, ଧନିଆ – ଏକ ଚାମଚ, ପାନମହୁରୀ – ଅଧା ଚାମଚ, ସୋରିଷ – ଅଧା ଚାମଚ, ହଳଦୀଗୁଣ୍ଡ – ଅଧା ଚାମଚ, ଲଙ୍କା ଗୁଣ୍ଡ – ଅଧା ଚାମଚ, କସୁରୀ ମେଥି – ଅଧା ଚାମଚ, ଧନିଆ ପାଉଡର୍ – ଅଧା ଚାମଚ, ଲୁଣ ସ୍ୱାଦ ଅନୁସାରେ, ତେଲ – ଆବଶ୍ୟକତା ଅନୁସାରେ।

**ପ୍ରସ୍ତୁତି ପ୍ରଣାଳି**

ଗୋଟିଏ ପାତ୍ରରେ ଅଧା କପ୍ ଦହି, ଅଧା ଚାମଚ ଚିନି, ଲୁଣ, ବେକିଂସୋଡ଼ା, ମଇଦା ସହ ଅଳ୍ପ ପାଣି ଦେଇ ଅଟା ଭଳି ଚକଟି ଘୋଡ଼ାଇ ରଖନ୍ତୁ। ଏହାପରେ ଏକ ପାତ୍ରରେ ସିଝାଆଳୁ ଛଡ଼ାଇ ଚକଟନ୍ତୁ। ଗ୍ୟାସ୍ ଲଗାଇ ପ୍ୟାନ୍ ବସାନ୍ତୁ। ସେଥିରେ ଅଳ୍ପ ତେଲ ଜିରା, ପାନମହୁରୀ, ଗୋଟାଧନିଆ, ସୋରିଷ, କଟାଅଦା, ଗ୍ରୀନ୍‌ମଟର ଦେଇ ଗୋଳାଇ ଦିଅନ୍ତୁ। ଏହାପରେ ସେଥିରେ ହଳଦୀଗୁଣ୍ଡ, ଲଙ୍କାଗୁଣ୍ଡ, ଧନିଆଗୁଣ୍ଡ, ଆମଚୁର ପାଉଡର୍ ଦେଇ ଭାଜନ୍ତୁ। ପରେ ଏହାକୁ କାଢ଼ି ଚକଟି ରଖିଥିବା ଆଳୁରେ ପକାଇ ଗୋଳାନ୍ତୁ। ଏହାପରେ ଚକଟି ରଖିଥିବା ମଇଦାକୁ ଛୋଟ ଗୁଳା କରି ବେଲନ୍ତୁ। ସେଥିରେ ଆଳୁ ଷ୍ଟଫି ଦେଇ ମଇଦାକୁ ତ୍ରିଭୂଜାକାର ଦିଅନ୍ତୁ। କଡ଼େଇରେ ତାୱା ବସାଇ ଅଳ୍ପ ତେଲ ଦେଇ ସିଙ୍ଗଡ଼ାକୁ ସେକନ୍ତୁ। ଦୁଇପାଖ ନାଲି ହୋଇଗଲେ ପ୍ଲେଟ୍‌କୁ କାଢ଼ି ଦିଅନ୍ତୁ। ପ୍ରସ୍ତୁତ ହୋଇଗଲା 'ତାୱା ସିଙ୍ଗଡ଼ା'।

## ଡେଲିଭରି ପରେ ପିନ୍ଧନ୍ତୁ ଏପରି ପୋଷାକ



**ସାଧାରଣତଃ ମାଆ ହେବା ପରେ ଜୀବନଶୈଳୀରେ ନାନା ପରିବର୍ତ୍ତନ ହୋଇଥାଏ। ମହିଳାମାନେ ସୁନ୍ଦରଠୁ ଅଧିକ ସୁବିଧାଜନକ ଏବଂ ଆରାମଦାୟକ ଆଉଟ୍‌ଫିଟ୍ ପିନ୍ଧିବାକୁ ପସନ୍ଦ କରନ୍ତି। ତେବେ ନୂଆ କରି ମାଆ ହୋଇଥିଲେ କିପରି ପୋଷାକ ପିନ୍ଧିବେ ଜାଣି ରଖନ୍ତୁ।**

### କୋ–ଅର୍ଡ ସେଟ୍

କୋ-ଅର୍ଡ ସେଟ୍‌କୁ ମହିଳାମାନେ ଅଧିକ ପସନ୍ଦ କରୁଛନ୍ତି। ଏହା ପିନ୍ଧିବାକୁ ଆରାମଦାୟକ ହୋଇଥିବାବେଳେ, ଏଥିରୁ ଏକ କ୍ଲାସି ଲୁକ୍ ମିଳିଥାଏ। ଏହାକୁ ଉଭୟ ଘର ଏବଂ ବାହାର ପିନ୍ଧା କରିପାରିବେ।

### ମ୍ୟାକ୍ସି ଏବଂ ରାପ୍ ଡ୍ରେସ୍

ସିମ୍ପଲ ଲୁକ୍ ଚାହୁଁଥିଲେ, ମ୍ୟାକ୍ସି ଏବଂ ରାପ୍ ଡ୍ରେସ ପିନ୍ଧିପାରିବେ। ଏହା ପୋଷ୍ଟ ପ୍ରେଗ୍‌ନେସି ମହିଳାଙ୍କୁ ଭଲ ମାନିଥାଏ। ଫ୍ଲୋରାଲ୍ ପ୍ରିଣ୍ଟ ଏବଂ ପେଷ୍ଟାଲ୍ ରଙ୍ଗ ପୋଷାକରୁ ଷ୍ଟାଇଲିଶ୍ ଲୁକ୍ ମିଳିଥାଏ।

### ନରମ ଫାବ୍ରିକ୍ ଚୟନ କରନ୍ତୁ

ସର୍ବଦା ସାଧା, ସିଧା ଏବଂ ଆରାମଦାୟକ କପଡ଼ା ଚୟନ କରନ୍ତୁ। କଟନ ଲେଲିନ୍ ଏବଂ ଷ୍ଟ୍ରେଚ୍‌ବୁଲ୍ କପଡ଼ା ନୂଆ ମାଆଙ୍କ ପାଇଁ ଭଲ ହୋଇଥାଏ। ତେଣୁ ଚାହିଁଲେ ଫ୍ଲୋରାଲ କଟନ ଫ୍ରକ୍ ମଧ୍ୟ ପିନ୍ଧିପାରିବେ।

## ଆଖି ଅନୁଯାୟୀ କଜଳ ଲଗାନ୍ତୁ

କଜଳ ଆଖିକୁ ଆକର୍ଷଣୀୟ କରିଥାଏ। ଏଥିପାଇଁ ଅଧିକାଂଶ ମହିଳା କଜଳ ଲଗାଇବାକୁ ପସନ୍ଦ କରନ୍ତି। ହେଲେ ଅନେକେ ମହିଳା କଜଳକୁ ମୋଟା, ପତଳା କିଭଳି ଲଗାଇବେ ତାକୁ ନେଇ ଦ୍ୱନ୍ଦରେ ଥାଆନ୍ତି। ତେବେ ଆଖି ଆକାର ଅନୁଯାୟୀ ଲଗାନ୍ତୁ କଜଳ।

### ଆଖି ଛୋଟ ଥିଲେ

ଛୋଟ ଆଖିକୁ ସୁନ୍ଦର ଏବଂ ଆକର୍ଷଣୀୟ କରିବାକୁ ଚାହୁଁଥିଲେ, ଆଖିର ତଳ ପାଖରେ ମୋଟା ପରିବର୍ତ୍ତେ ପତଳା ଆକାରରେ କଳା ଲଗାନ୍ତୁ। ଛୋଟ ଆଖି ପାଇଁ ଏହା ଖୁବ୍ ଭଲ ହୋଇଥାଏ। ସେହିପରି ଆଖି କୋଣରେ ମଧ୍ୟ ପତଳା କଳା ଲଗାଇବା ଆବଶ୍ୟକ।

### ଆଖିର ଆକାର ବଡ଼ ଥିଲେ

ସାଧାରଣତଃ ଆଖି ଆକାର ବଡ଼ ଥିଲେ, ଆଖିରେ ବୋଲ୍‌ଡ ଏବଂ ଗାଢ଼ରଙ୍ଗର କଳା ଲଗେଇ ଆଖିକୁ ସୁନ୍ଦର କରିପାରିବେ। କାରଣ ବଡ଼ ଆଖିରେ ପତଳା କଳା ଲଗାଇଲେ ଏହା ସେତେ ସୁନ୍ଦର ଦେଖାଯାଏନି। ତେଣୁ ବଡ଼ ଆଖି ଥିବା ମହିଳାମାନେ ମୋଟା କଳା ଲଗାଇଲେ ଏହା ଆଖି ସୌନ୍ଦର୍ଯ୍ୟକୁ ଦ୍ୱିଗୁଣା କରିଥାଏ।

## ମୋତି ନିର୍ମିତ ହୁପ୍ ଇୟରିଂ

**ମୁଖମଣ୍ଡଳର ସୌନ୍ଦର୍ଯ୍ୟକୁ ବଢ଼ାଇବାରେ କାନଫୁଲ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିଭାଇଥାଏ। ବଜାରରେ ଭଳିକିଭଳି ଇମିଟେସନ୍‌ର କାନଫୁଲ ମିଳୁଛି। ହେଲେ ହାତ ତିଆରି କାନଫୁଲ ପିନ୍ଧିବାକୁ ପସନ୍ଦ କରୁଥିଲେ ମୋତି ବ୍ୟବହାର କରି ଘରେ ଆକର୍ଷଣୀୟ କାନଫୁଲ ତିଆରି ପାରିବେ।**



### ଗୋଲାକାର ପର୍ଲ ଇୟରିଙ୍ଗ୍

ଗୋଲାକାର ରିଙ୍ଗ୍ କାନଫୁଲ ପିନ୍ଧିବାକୁ ଚାହୁଁଥିଲେ ସୁନେଲି ତାରରେ ମୋତିମାଳି ଗୁନ୍ଥି ଏହି କାନଫୁଲ ତିଆରି ପାରିବେ। ଏହା ବିଶେଷ କରି ଧଳା ରଙ୍ଗର ପୋଷାକରେ ଭଲ ମାନିଥାଏ।

### ସିଙ୍ଗଲ୍ ପର୍ଲ

ଲୁକ୍‌କୁ ପରଫେକ୍ଟ ଏବଂ ଷ୍ଟାଇଲିସ୍ କରିବାକୁ ଚାହୁଁଥିଲେ, ସିଙ୍ଗଲ୍ ପର୍ଲ ଡିଜାଇନ୍ କାନଫୁଲ ପିନ୍ଧିପାରିବେ। ଏ ପ୍ରକାର ଇୟରିଙ୍ଗ୍ ଟ୍ରେଣ୍ଡରେ ରହିଛି। ଅଧିକାଂଶ ମହିଳାଙ୍କର ଏହା ପ୍ରିୟ ହୋଇଥାଏ।

### ହୁପ୍ ଇୟରିଙ୍ଗ୍

ପାର୍ଟି, ଫଙ୍କ୍‌ସନ୍‌ରେ ନିଜକୁ ଷ୍ଟାଇଲିଶ୍ ଏବଂ ଆକର୍ଷଣୀୟ ଲୁକ୍ ଦେବାକୁ ଚାହୁଁଥିଲେ, ଘରେ ଗୋଲଡେନ୍ ୱେୟାର୍ ପର୍ଲ ହୁପ୍ ଡିଜାଇନ କାନଫୁଲ ତିଆରିପାରିବେ। ଏହା ସୁନ୍ଦର ଦିଶିଥାଏ। ମହିଳାଙ୍କ ମଧ୍ୟରେ ଏହି କାନଫୁଲ ଟ୍ରେଣ୍ଡରେ ରହିଛି।




# ଏମ୍‌ବାପ୍ପେ ମ୍ୟାଜିକ୍; ପ୍ରି-କ୍ୱାର୍ଟରରେ ଫ୍ରାନ୍ସ

ନ୍ୟୁୟର୍କ, ୧।୭ (ଏଜେନ୍ସି):

ଷ୍ଟାର୍ ଷ୍ଟ୍ରାଇକର କିଲିଆନ ଏମ୍‌ବାପ୍ପେଙ୍କ ଡବଲ୍ ଗୋଲ୍ ବଳରେ ଏଠାରେ ବୁଧବାର ସକାଳେ ଅନୁଷ୍ଠିତ ଫିଫା ବିଶ୍ୱକପ୍‌ର ଏକ ମ୍ୟାଚରେ ଶକ୍ତିଶାଳୀ ଫ୍ରାନ୍ସ ୩-୦ ଗୋଲ୍‌ରେ ସ୍ୱିଡେନକୁ ପରାସ୍ତ କରିଛି। ଦୁଇଥରର ବିଶ୍ୱବିଜେତା ଫ୍ରାନ୍ସ ଏହି ବିଜୟ ସହ ବିଶ୍ୱକପ୍‌ର ରାଉଣ୍ଡ-୧୬ ତଥା ପ୍ରି-କ୍ୱାର୍ଟର ଫାଇନାଲରେ ସ୍ଥାନ ପକ୍କା କରିଛି। ପ୍ରି-କ୍ୱାର୍ଟରରେ ଫ୍ରାନ୍ସର ମୁକାବିଲା ଶନିବାର ରାତିରେ ପାରାଗୁଏ ସହ ହେବ। ଅପରପକ୍ଷରେ ପରାଜୟ ସହ ସ୍ୱିଡେନର ବିଶ୍ୱକପ୍ ଅଭିଯାନ ଶେଷ ହୋଇଛି।

ସ୍ଥାନୀୟ ନ୍ୟୁଜର୍ସି ଷ୍ଟାଡିୟମରେ ଅନୁଷ୍ଠିତ ଏହି ରାଉଣ୍ଡ ଅଫ୍ ୩୨ ମୁକାବିଲାରେ ବିଶ୍ୱର ଏକ ନମ୍ବର ଦଳ ଫ୍ରାନ୍ସକୁ ଆରମ୍ଭରୁ ସ୍ୱିଡେନ କଡ଼ା ଟକ୍କର ଦେଇଥିଲା। ବିଶ୍ୱ ମାନ୍ୟତାର ୩୭ତମ ସ୍ଥାନରେ ରହିଥିବା ସ୍ୱିଡେନର ଶକ୍ତିଶାଳୀ ରକ୍ଷଣାଭାଗକୁ ଫ୍ରାନ୍ସ ଷ୍ଟ୍ରାଇକରମାନେ ଭେଦ କରିବାରେ ବିଫଳ ହୋଇଥିଲେ। ତେବେ ପ୍ରଥମାର୍ଦ୍ଧର ଅନ୍ତିମ ମିନିଟ୍ (୪୫ତମ)ରେ ଫ୍ରାନ୍ସ ଖାତା ଖୋଲିବାରେ ସଫଳ ହୋଇଥିଲେ। ଓଉସମାନ ଡେମ୍ବେଲଙ୍କ ପାସକୁ ଉଦୀୟମାନ ଷ୍ଟ୍ରାଇକର ଏମ୍‌ବାପ୍ପେ କୌଣସି ତ୍ରୁଟି ନ କରି ବଲ୍‌କୁ ସ୍ୱିଡେନ ଗୋଲ୍ ପୋଷ୍ଟ ମଧ୍ୟକୁ ପଠାଇ ଦେଇଥିଲେ। ଫଳରେ ପ୍ରଥମାର୍ଦ୍ଧରେ ଫ୍ରାନ୍ସ ୧-୦ ଅଗ୍ରଣୀ ରହିଥିଲା। ଏହାପରେ ଦ୍ୱିତୀୟାର୍ଦ୍ଧରେ କିନ୍ତୁ ଫ୍ରାନ୍ସ ଖେଳାଳି ଅଧିକ ଆକ୍ରମଣାତ୍ମକ ମନୋଭାବ ନେଇ ପଡ଼ିଆକୁ ଆସିଥିଲେ। ୫୩ତମ ମିନିଟ୍‌ରେ ବ୍ରାଡଲୀ ବାର୍କୋଲାଙ୍କ ଗୋଲ୍ ଫ୍ରାନ୍ସର ଅଗ୍ରଣୀକୁ ୨-୦କୁ ବୃଦ୍ଧି କରିଥିଲା।






## କ୍ଲୋଜଙ୍କୁ ଟପିଲେ ଏମ୍‌ବାପ୍ପେ

ଫ୍ରାନ୍ସର ଷ୍ଟାର ଖେଳାଳି କିଲିଆନ ଏମ୍‌ବାପ୍ପେ ସ୍ୱିଡେନ ବିପକ୍ଷରେ ଡବଲ୍ ଗୋଲ୍ ଦେଇ ଦଳକୁ ବିଶ୍ୱକପ୍‌ର ପ୍ରି-କ୍ୱାର୍ଟରରେ ପହଞ୍ଚାଇଛନ୍ତି। ଏଥିସହ ଫିଫା ବିଶ୍ୱକପ୍ ଇତିହାସରେ ଏମ୍‌ବାପ୍ପେ ଦ୍ୱିତୀୟ ସର୍ବାଧିକ ଗୋଲ୍‌ସ୍କୋରର ହୋଇଛନ୍ତି। ୨୭ ବର୍ଷୀୟ ଏମ୍‌ବାପ୍ପେ ବର୍ତ୍ତମାନ ବିଶ୍ୱକପରେ ମୋଟ୍ ୧୮ ମ୍ୟାଚ୍ ଖେଳି ୧୮ଟି ଗୋଲ୍ ଦେଇଛନ୍ତି। ଆର୍ଜେଣ୍ଟିନା ଅଧିନାୟକ ତଥା ମହାନ ଖେଳାଳି ଲିଓନେଲ ମେସି ୧୯ ଗୋଲ୍ ସହ ଏହି ତାଲିକାର ଶୀର୍ଷରେ ରହିଛନ୍ତି। ସେହିଭଳି ତୃତୀୟ ସ୍ଥାନରେ ରହିଥିବା ଜର୍ମାନୀର ପୂର୍ବତନ ଖେଳାଳି ମିରୋସ୍ଲାଭ କ୍ଲୋଜ ୧୬ଟି ଗୋଲ୍ ଦେଇଛନ୍ତି। ଫଳରେ ବିଶ୍ୱକପ୍‌ର ଟପ୍ ସ୍କୋରର ହେବା ଲାଗି ଚଳିତ ଟୁର୍ଣ୍ଣାମେଣ୍ଟରେ ମେସି ଓ ଏମ୍‌ବାପ୍ପେଙ୍କ ମଧ୍ୟରେ କଡ଼ା ଟକ୍କର ଦେଖିବାକୁ ମିଳିବ। ସେହିଭଳି ଚଳିତ ବିଶ୍ୱକପ୍‌ରେ ମେସି ଓ ଏମ୍‌ବାପ୍ପେ ଉଭୟ ୬ଟି ଲେଖାଏ ଗୋଲ୍ ଦେଇ ଗୋଲ୍ଡେନ ବୁଟ୍ ଦୌଡ଼ରେ ସର୍ବାଗ୍ରେ ରହିଛନ୍ତି।

ଏହାପରେ ଦ୍ୱିତୀୟାର୍ଦ୍ଧର ଟାଇମ ଆଉଟ୍ ପରେ ଏମ୍‌ବାପ୍ପେଙ୍କ କମାଲ ପୁଣିଥରେ ଦେଖିବାକୁ ମିଳିଥିଲା। ୭୪ତମ ମିନିଟରେ ଏମ୍‌ବାପ୍ପେ ବ୍ୟକ୍ତିଗତ ଦ୍ୱିତୀୟ ଓ ଦଳପାଇଁ ତୃତୀୟ ଗୋଲ୍ ଦେଇଥିଲେ। ୩-୦ ଗୋଲ୍‌ରେ ପଛୁଆ ରହିବା ପରେ ସ୍ୱିଡେନ ଖେଳାଳିମାନେ ମ୍ୟାଚକୁ ଫେରିବା ଲାଗି ଜୋରଦାର ପ୍ରୟାସ କରିଥିଲେ ମଧ୍ୟ ବିଫଳ ହୋଇଥିଲେ। ବିଜୟ ସହ ଫ୍ରାନ୍ସ ଏକାଧିକ ରେକର୍ଡ କରିଛି। ବିଶ୍ୱକପ୍ ଇତିହାସର ପ୍ରଥମ ଦଳ ଭାବେ ଫ୍ରାନ୍ସ କ୍ରମାଗତ ୫ଟି ମ୍ୟାଚରେ ୩ କିମ୍ବା ଏହାଠାରୁ ଊର୍ଦ୍ଧ୍ୱ ଗୋଲ ଦେବାରେ ସମର୍ଥ ହୋଇଛି। ସେହିଭଳି ଫ୍ରାନ୍ସ କୋଚ୍ ଡିଡିଅର ଡେଶ୍ଚାମ୍ପ ଫିଫା ବିଶ୍ୱକପ୍ ନକ୍‌ଆଉଟ୍‌ରେ ତାଙ୍କର ୯ମ ବିଜୟ ହାସଲ କରିଛନ୍ତି। ଯାହାକି ଫିଫା ବିଶ୍ୱକପ୍ ଇତିହାସରେ କୌଣସି କୋଚ୍ ପାଇଁ ସର୍ବାଧିକ ନକ୍‌ଆଉଟ୍ ବିଜୟର ରେକର୍ଡ ହୋଇଛି।

## ନରୱେକୁ ଜିତାଇଲେ ହାଲାଣ୍ଡ

ଡଲାସ, ୧।୭ (ଏଜେନ୍ସି): ଷ୍ଟ୍ରାଇକର ଖେଳାଳି ଏର୍ଲିଙ୍ଗ ହାଲାଣ୍ଡଙ୍କ ଗୋଲ୍ ବଳରେ ଏଠାରେ ମଙ୍ଗଳବାର ରାତିରେ ଅନୁଷ୍ଠିତ ଫିଫା ବିଶ୍ୱକପ୍‌ର ରାଉଣ୍ଡ-୩୨ ମୁକାବିଲାରେ ନରୱେ ୨-୧ ଗୋଲରେ ଆଇଭରୀ କୋଷ୍ଟକୁ ପରାସ୍ତ କରିଛି। ମ୍ୟାଚର ୩୯ତମ ମିନିଟରେ ଆଣ୍ଟୋନିଓ ନୁସାଙ୍କ ଗୋଲ୍ ବଳରେ ନରୱେ ପ୍ରଥମାର୍ଦ୍ଧରେ ୧-୦ରେ ଅଗ୍ରଣୀ ଲାଭ କରିଥିଲା। ଏହାପରେ ଖେଳର ଦ୍ୱିତୀୟାର୍ଦ୍ଧ ବେଶ୍ ରୋମାଞ୍ଚକ ରହିଥିଲା। ୭୪ତମ ମିନିଟରେ ଆମାଦ ଡିଆଲୋଙ୍କ ଗୋଲ୍ ସହାୟତାରେ ଆଇଭରୀ କୋଷ୍ଟ ମ୍ୟାଚକୁ ୧-୧'ର ବରାବରସ୍ତରକୁ ଆଣିଥିଲା। ତେବେ ଆଇଭରୀ କୋଷ୍ଟର ଏହି ଖୁସି ବେଶୀ ସମୟ ରହି ନ ଥିଲା। ୮୭ତମ ମିନିଟରେ ଷ୍ଟ୍ରାଇକର ଏର୍ଲିଙ୍ଗ ହଲାଣ୍ଡ ନରୱେ ପାଇଁ ଦ୍ୱିତୀୟ ତଥା ବିଜୟସୂଚକ ଗୋଲଟି ଦେଇଥିଲେ। ଫଳରେ ଫିଫା ବିଶ୍ୱକପ ଇତିହାସରେ ପ୍ରଥମଥର ନକ୍‌ଆଉଟ୍ ଖେଳିଥିବା ଆଇଭରୀ କୋଷ୍ଟ ରାଉଣ୍ଡ-୩୨ରେ ଅଭିଯାନ ଶେଷ କରିଛି। ନରୱେ ପ୍ରି-କ୍ୱାର୍ଟରେ ବ୍ରାଜିଲକୁ ରବିବାର ରାତିରେ ଭେଟିବ।

## ବିଜୟ ଉତ୍ସବ ପାଳନବେଳେ ମେକ୍ସିକୋ ସିଟିରେ ୩ଜଣଙ୍କ ମୃତ୍ୟୁ

ମେକ୍ସିକୋ ସିଟି, ୧।୭ (ଏଜେନ୍ସି): ସହ-ଆୟୋଜକ ମେକ୍ସିକୋ ଚଳିତ ଫିଫା ବିଶ୍ୱକପ୍‌ର ପ୍ରି-କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛି। ଇକ୍ୱେଡରକୁ ୨-୦ ଗୋଲରେ ହରାଇ ମେକ୍ସିକୋ ଏହି ସଫଳତା ପାଇଛି। ସେହିଭଳି ଦୀର୍ଘ ୪୦ ବର୍ଷ ପରେ ମେକ୍ସିକୋ ଫିଫା ବିଶ୍ୱକପର ନକଆଉଟରେ ବିଜୟସ୍ୱାଦ ଚାଖିଛି। ଏହି ପ୍ରତୀକ୍ଷିତ ବିଜୟ ପରେ ମେକ୍ସିକୋ ସିଟିରେ ଲକ୍ଷ ଲକ୍ଷ ଘରୋଇ ପ୍ରଶଂସକ ଏକାଠି ହୋଇ ବିଶାଳ ଉତ୍ସବ ପାଳନ କରିଥିଲେ। ମୁଖ୍ୟତଃ ଏଞ୍ଜେଲ ଅଫ୍ ଇଣ୍ଡିପେଣ୍ଡେନ୍ସ ସ୍ମାରକୀ ଚାରିପାଖରେ ୧୦ ଲକ୍ଷରୁ ଅଧିକ ଲୋକ ରାସ୍ତାକୁ ଓହ୍ଲାଇ ଉତ୍ସବ ମନାଇଥିଲେ। ଫଳରେ ଶ୍ୱାସରୁଦ୍ଧ ହୋଇ ୩ଜଣ ପ୍ରଶଂସକଙ୍କ ମୃତ୍ୟୁ ଘଟିଥିବା ଜଣାପଡ଼ିଛି। ପ୍ରାଣ ହରାଇଥିବା ପ୍ରଶଂସକଙ୍କ ମଧ୍ୟରେ ଜଣେ ୧୯ ବର୍ଷୀୟା ଓ ୪୮ ବର୍ଷୀୟା ମହିଳା ରହିଛନ୍ତି। ସେହିଭଳି ଜଣେ ୪୪ ବର୍ଷୀୟ ପୁରୁଷ ପ୍ରଶଂସକ ମଧ୍ୟ ପ୍ରାଣ ହରାଇଛନ୍ତି।

## ଶ୍ରୀସନ୍ଥଙ୍କ ଉପରୁ ବାସନ୍ଦ ଉଠାଇଲା କେରଳ ସଂଘ

ତିରୁଅନନ୍ତପୁରମ, ୧।୭ (ଏଜେନ୍ସି): କେରଳ କ୍ରିକେଟ ଆସୋସିଏସନ (କେସିଏ) ବୁଧବାର ପୂର୍ବତନ ଅନ୍ତର୍ଜାତୀୟ କ୍ରିକେଟର ଏସ. ଶ୍ରୀସନ୍ଥଙ୍କ ଉପରେ ଲଗାଇଥିବା ୩ ବର୍ଷର ବାସନ୍ଦ ଦଣ୍ଡାଦେଶକୁ ହଟାଇ ଦେଇଛି। କେସିଏ ବିରୁଦ୍ଧରେ ମାନହାନିଜନକ ମନ୍ତବ୍ୟ ଦେବା ଅଭିଯୋଗରେ ସଂଘ ଗତବର୍ଷ ୪୩ ବର୍ଷୀୟ ଶ୍ରୀସନ୍ଥଙ୍କ ଉପରେ ତିନି ବର୍ଷର ବାସନ୍ଦ ଲଗାଇଥିଲା। ସଂଘ ପକ୍ଷରୁ ଏକ ବିବୃତ୍ତିରେ କୁହାଯାଇଛି ଯେ, ସ୍ୱତନ୍ତ୍ର ସାଧାରଣ ପରିଷଦ ବୈଠକରେ କେସିଏ ଏହି ବାସନ୍ଦ ହଟାଇବା ପାଇଁ ନିଷ୍ପତ୍ତି ନେଇଛି। ଶ୍ରୀସନ୍ଥ କେସିଏ ବିରୁଦ୍ଧରେ ତାଙ୍କ ମନ୍ତବ୍ୟ ପାଇଁ ଦୁଃଖ ପ୍ରକାଶ କରି ନିଃସର୍ତ୍ତ କ୍ଷମା ପ୍ରାର୍ଥନା କରିଥିଲେ। ଏହି ଆଧାରରେ କେସିଏ ତାଙ୍କ ଉପରୁ ବାସନ୍ଦ ଉଠାଇ ଦେଇଛି। ଉଲ୍ଲେଖଯୋଗ୍ୟ, ଗତ କେରଳ କ୍ରିକେଟ ଲିଗ୍ (କେସିଏଲ) ମ୍ୟାଚ୍ ପୂର୍ବରୁ ଶ୍ରୀସନ୍ଥଙ୍କ ଉପରେ ଏହି ବାସନ୍ଦ ଲାଗୁ କରାଯାଇଥିଲା।




**ଇକ୍ୱେଡରର ବିଦା; ରାଉଣ୍ଡ-୧୬ରେ ମେକ୍ସିକୋ**

## ୪୦ ବର୍ଷ ପରେ ମେକ୍ସିକୋର ପ୍ରତୀକ୍ଷିତ ବିଜୟ




ମେକ୍ସିକୋ ସିଟି, ୧।୭ (ଏଜେନ୍ସି): ସହ-ଆୟୋଜକ ମେକ୍ସିକୋ ଚଳିତ ଫିଫା ବିଶ୍ୱକପ୍‌ର ୭ମ ଦଳ ଭାବେ ପ୍ରି-କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛି। ବୁଧବାର ସକାଳେ ମେକ୍ସିକୋ ସିଟି ଷ୍ଟାଡିୟମରେ ଅନୁଷ୍ଠିତ ଏକପାଖିଆ ମ୍ୟାଚରେ ଘରୋଇ ମେକ୍ସିକୋ ୨-୦ ଗୋଲ୍‌ରେ ଇକ୍ୱେଡରକୁ ହରାଇଦେଇଛି। ମ୍ୟାଚର ପ୍ରଥମାର୍ଦ୍ଧରେ ମେକ୍ସିକୋ ଦୁଇଟିଯାକ ଗୋଲ୍ ଦେଇଥିଲା। ୨୨ତମ ମିନିଟରେ ଜୁଲିଆନ କ୍ୱିନୋନ୍ସଙ୍କ ଗୋଲ୍ ସହାୟତାରେ ମେକ୍ସିକୋ ଖାତା ଖୋଲିଥିଲା। ଏହାର ୯ ମିନିଟ ପରେ ମେକ୍ସିକୋ ଏହି ଅଗ୍ରଣୀକୁ ଦ୍ୱିଗୁଣିତ କରିଥିଲା। ୩୧ତମ ମିନିଟରେ ରାଉଲ ଜିମେଞ୍ଜ ମେକ୍ସିକୋ ପାଇଁ ଏହି ଦ୍ୱିତୀୟ ଗୋଲ୍‌ଟି ଦେଇଥିଲେ। ଫଳରେ ପ୍ରଥମାର୍ଦ୍ଧ ଶେଷବେଳକୁ ମେକ୍ସିକୋ ୨-୦ରେ ଆଗୁଆ ରହିଥିଲା। ଏହାପରେ ଦ୍ୱିତୀୟାର୍ଦ୍ଧରେ ଦକ୍ଷିଣ ଆମେରିକୀୟ ରାଷ୍ଟ୍ର ଇକ୍ୱେଡର ମ୍ୟାଚକୁ ଫେରିବା ଲାଗି ଆପ୍ରାଣ ଉଦ୍ୟମ କରିଥିଲା। କିନ୍ତୁ ମେକ୍ସିକୋ ଡିଫେନ୍ସ କୌଣସି ସୁଯୋଗ ଦେଇ ନ ଥିଲେ। ଶେଷରେ ମେକ୍ସିକୋ ବିଜୟ ଲାଭ କରି ପ୍ରି-କ୍ୱାର୍ଟରରେ ସ୍ଥାନ ପକ୍କା କରିଥିଲା। ସମ୍ପୂର୍ଣ୍ଣ ମ୍ୟାଚରେ ପାସ୍, ପାସ୍ ଆକ୍ୟୁରେସି, ପୋଜେସନ ଆଦିରେ ମେକ୍ସିକୋଠାରୁ ଇକ୍ୱେଡର ଉନ୍ନତ ପ୍ରଦର୍ଶନ କରିଥିଲେ ମଧ୍ୟ ଭାଗ୍ୟ ସାଥ୍ ଦେଇ ନ ଥିଲା।

ଅପରପକ୍ଷରେ ଘରୋଇ ମେକ୍ସିକୋ ଦୀର୍ଘ ୪୦ ବର୍ଷର ପ୍ରତୀକ୍ଷାର ଅନ୍ତ ଘଟାଇ ବିଶ୍ୱକପ୍‌ରେ ନକ୍‌ଆଉଟ୍ ବିଜୟ ସ୍ୱାଦ ଚାଖିଛି। ଶେଷଥର ଲାଗି ମେକ୍ସିକୋ ୧୯୮୬ ସଂସ୍କରଣରେ ଏକ ନକ୍‌ଆଉଟ୍ ମ୍ୟାଚ୍ ଜିତିଥିଲା। ଏହାପରେ ୧୯୯୪ରୁ ୨୦୧୮ ପର୍ଯ୍ୟନ୍ତ ମେକ୍ସିକୋ ରାଉଣ୍ଡ-୧୬ରେ ହିଁ ଅଟକିଯାଉଥିଲା। ସେହିଭଳି ୨୦୨୨ରେ ଦଳ ଗ୍ରୁପ୍ ପର୍ଯ୍ୟାୟରୁ ବିଦାୟ ନେଇଥିଲା। ଏଥର ଘରୋଇ ପରିବେଶରେ ଖେଳୁଥିବାରୁ ମେକ୍ସିକୋ ଆଗକୁ ଆହୁରି ବିପର୍ଯ୍ୟୟ ଘଟାଇବାକୁ ଲକ୍ଷ୍ୟ ରଖିଛି।



| ଫିଫା ବିଶ୍ୱକପ୍ |
|---|
| ରାଉଣ୍ଡ ଅଫ୍ ୩୨ ମୁକାବିଲା |
| ଗୁରୁବାର ରାତି |
| ସ୍ପେନ-ଅଷ୍ଟ୍ରିଆ |
| ଲସ୍ ଆଞ୍ଜେଲ୍ସ, ରାତି ୧୨ଟା ୩୦ |
| ଶୁକ୍ରବାର ସକାଳ |
| ପର୍ତ୍ତୁଗାଲ-କ୍ରୋଏସିଆ |
| ଟରୋଣ୍ଟୋ, ଭୋର ୪ଟା ୩୦ |
| ସୁଇଜରଲାଣ୍ଡ-ଆଲଜେରିଆ |
| ଭାଙ୍କୋଭର, ସକାଳ ୮ଟା ୩୦ |
| ପ୍ରସାରଣ: ଜୀ ଟିଭି ନେଟ୍‌ୱର୍କ, ଜୀ-୫ |

# ଟି-୨୦ରେ ଅଭିଷେକଙ୍କ ୧୦୦ ଛକା



ଚେଷ୍ଟର-ଲି-ଷ୍ଟ୍ରିଟ, ୩୦।୬ (ଏଜେନ୍ସି): ଘରୋଇ ଇଂଲଣ୍ଡ ଓ ଭାରତ ମଧ୍ୟରେ ପାଞ୍ଚ ମ୍ୟାଚ୍‌ବିଶିଷ୍ଟ ଟି-୨୦ ସିରିଜ ବୁଧବାରଠାରୁ ଏଠାରେ ଆରମ୍ଭ ହୋଇଛି। ପ୍ରଥମ ଟି-୨୦ରେ ଟସ୍ ଜିତି ବ୍ୟାଟିଂ କରିଥିବା ଭ୍ରମଣକାରୀ ଭାରତୀୟ ଦଳ ଶେଷ ଖବର ସୁଦ୍ଧା ୧୫ ଓଭରରେ ୪ ୱିକେଟ୍ ହରାଇ ୧୩୫ ରନ ସଂଗ୍ରହ କରିଛି। ଓପନର୍ ଅଭିଷେକ ଶର୍ମା ୫୯ ରନ କରି ଆଉଟ୍ ହୋଇଛନ୍ତି। ସେହିଭଳି ଅଧିନାୟକ ଶ୍ରେୟସ ଆୟର ଅର୍ଦ୍ଧଶତକୀୟ ପାଳି ଖେଳି ଅପରାଜିତ ରହିଛନ୍ତି। ଅନ୍ୟମାନଙ୍କ ମଧ୍ୟରେ ସଞ୍ଜୁ ସାମସନ ୧, ଇଶାନ କିଶାନ ୦ ଓ ତିଲକ ବର୍ମା ୧୩ ରନ କରି ଆଉଟ୍ ହେବା ଦଳ ପାଇଁ ମହଙ୍ଗା ପଡ଼ିଛି। ଇଂଲଣ୍ଡ ପକ୍ଷରୁ ସଫଳ ବୋଲର ଭାବେ ସାକିବ ମହମ୍ମଦ ସର୍ବାଧିକ ୨ଟି ୱିକେଟ୍ ନେଇଛନ୍ତି।

ଅଭିଷେକ ଶର୍ମା ୨୪ ବଲର ଏହି ଅର୍ଦ୍ଧଶତକୀୟ ପାଳିରେ ୬ଟି ଚୌକା ଓ ୪ଟି ଛକା ମାରିଥିଲେ। ଏଥିସହ ଟି-୨୦ ଫର୍ମାଟରେ ତାଙ୍କ ଛକା ସଂଖ୍ୟା ୧୦୨ରେ ପହଞ୍ଚିଛି। ଫଳରେ ୫ମ ଭାରତୀୟ ବ୍ୟାଟର ଭାବେ ତିଳକ ଅନ୍ତର୍ଜାତୀୟ ଟି-୨୦ରେ ୧୦୦ ଛକା ପୂରଣ କରିଛନ୍ତି। ତାଙ୍କ ପୂର୍ବରୁ ରୋହିତ ଶର୍ମା (୨୦୫ଟି), ସୂର୍ଯ୍ୟକୁମାର ଯାଦବ (୧୭୯), ହାର୍ଦ୍ଦିକ ପାଣ୍ଡ୍ୟା (୧୨୬) ଓ ବିରାଟ କୋହଲି (୧୨୪) ଏହି କ୍ଲବରେ ସାମିଲ ହୋଇଥିଲେ। ଅପରପକ୍ଷରେ ଯୁବ ଭାରତୀୟ ଓପନର୍ ବୈଭବ ସୂର୍ଯ୍ୟବଂଶୀଙ୍କୁ ମଧ୍ୟ ପ୍ରଥମ ଟି-୨୦ରେ ସୁଯୋଗ ମିଳିନି। ଫଳରେ ସୂର୍ଯ୍ୟବଂଶୀଙ୍କ ଅନ୍ତର୍ଜାତୀୟ ପଦାର୍ପଣ ବିଳମ୍ବ ହୋଇଛି।


**ଆଇସିସି ଟି-୨୦ ର୍‍ୟାଙ୍କିଙ୍ଗ୍**

## ଅଭିଷେକଙ୍କୁ ହଟାଇ ପ୍ରଥମଥର ଶୀର୍ଷରେ ଇଶାନ

ଦୁବାଇ, ୧।୭ (ଏଜେନ୍ସି): ୱିକେଟ୍‌କିପର ଇଶାନ କିଶାନ ବିଶ୍ୱର ଏକ ନମ୍ବର ଟି-୨୦ ବ୍ୟାଟର ହୋଇଛନ୍ତି। ବିଶ୍ୱ କ୍ରିକେଟ୍‌ର ସର୍ବୋଚ୍ଚ ପ୍ରଶାସନିକ ସଂସ୍ଥା ଆଇସିସି ପକ୍ଷରୁ ବୁଧବାର ସଦ୍ୟ ପ୍ରକାଶିତ ଟି-୨୦ ବ୍ୟାଟିଂ ର୍‍ୟାଙ୍କିଙ୍ଗ୍‌ରେ ଇଶାନ ଗୋଟିଏ ପାହାଚ ଉପରକୁ ଉଠି ଏକ ନମ୍ବର ସ୍ଥାନ ହାସଲ କରିଛନ୍ତି। ସେ ସାଥୀ ଭାରତୀୟ ଖେଳାଳି ଅଭିଷେକ ଶର୍ମାଙ୍କୁ ହଟାଇ କ୍ୟାରିୟରରେ ପ୍ରଥମଥର ଲାଗି ବ୍ୟାଟିଂ ତାଲିକାର ଶୀର୍ଷ ମାନ୍ୟତା ଲାଭ କରିଛନ୍ତି। ଇଶାନଙ୍କ ରେଟିଂ ପଏଣ୍ଟ ୮୭୬ ରହିଛି। ଦୀର୍ଘ ୧୧ ମାସ ଧରି ଏକ ନମ୍ବର ସ୍ଥାନରେ ରହିଥିବା ଅଭିଷେକ ୮୬୯ ରେଟିଂ ପଏଣ୍ଟ ସହ ଦ୍ୱିତୀୟ ସ୍ଥାନକୁ ଖସିଯାଇଛନ୍ତି। ସଦ୍ୟ ସମାପ୍ତ ଆୟର୍ଲାଣ୍ଡ ବିପକ୍ଷ ଦୁଇ ମ୍ୟାଚ୍‌ବିଶିଷ୍ଟ ଟି-୨୦ ସିରିଜର ପ୍ରଦର୍ଶନକୁ ଆଧାରିତ କରି ଏହି ର୍‍ୟାଙ୍କିଙ୍ଗ ଅପଡେଟ୍ ହୋଇଛି। ବ୍ୟାଟିଂ ତାଲିକାର ଟପ୍-୧୦ରେ ରହିଥିବା ଅନ୍ୟ ଦୁଇ ଭାରତୀୟ ବ୍ୟାଟର ହେଲେ ତିଲକ ବର୍ମା ଓ ସୂର୍ଯ୍ୟକୁମାର ଯାଦବ। ତିଲକ ପୂର୍ବଭଳି ଷଷ୍ଠ ସ୍ଥାନରେ ସ୍ଥିର ରହିଛନ୍ତି। ତେବେ ସୂର୍ଯ୍ୟକୁମାର ଗୋଟିଏ ପାହାଚ ତଳକୁ ଖସି ୮ମ ସ୍ଥାନ ଲାଭ କରିଛନ୍ତି। ପାକିସ୍ତାନର ଶାହିବଜାଦ ଫରହାନ, ଇଂଲଣ୍ଡର ଫିଲ୍ ସଲ୍ଟ ଓ ଶ୍ରୀଲଙ୍କାର ପାଥୁମ ନିଶାଙ୍କ ଯଥାକ୍ରମେ ୩ୟରୁ ପଞ୍ଚମ ସ୍ଥାନ ମଧ୍ୟରେ ରହିଛନ୍ତି।

ଅପରପକ୍ଷରେ ବୋଲିଂ ତାଲିକାରେ ବରୁଣ ଚକ୍ରବର୍ତ୍ତୀ ଓ ଯଶପ୍ରୀତ ବୁମରା ଗୋଟିଏ ଲେଖାଏ ସ୍ଥାନ ହରାଇଛନ୍ତି। ବରୁଣ ଓ ବୁମରା ଯଥାକ୍ରମେ ୩ୟ ଓ ଷଷ୍ଠ ସ୍ଥାନ ହାସଲ କରିଛନ୍ତି। ଆଫଗାନିସ୍ତାନର ରଶିଦ ଖାନ ଓ ପାକିସ୍ତାନର ଆବରାର ଅହମ୍ମଦ ଯଥାକ୍ରମେ ପ୍ରଥମ ଦୁଇଟି ସ୍ଥାନରେ ରହିଛନ୍ତି।

## ୱିମ୍ବଲଡନ: ପ୍ରତ୍ୟାବର୍ତ୍ତନର ୪ ବର୍ଷ ପରେ ହାରିଲେ ସେରେନା



ଲଣ୍ଡନ, ୧।୭ (ଏଜେନ୍ସି): ଅବସରର ଦୀର୍ଘ ୪ ବର୍ଷ ପରେ ପୁଣିଥରେ କୋର୍ଟକୁ ପ୍ରତ୍ୟାବର୍ତ୍ତନ କରିଥିବା କିମ୍ବଦନ୍ତୀ ଟେନିସ ଖେଳାଳି ସେରେନା ୱିଲିୟମ୍ସଙ୍କୁ ୱିମ୍ବଲଡନର ପ୍ରଥମ ରାଉଣ୍ଡରେ ପରାଜୟର ସମ୍ମୁଖୀନ ହେବାକୁ ପଡ଼ିଛି। ପ୍ରତ୍ୟାବର୍ତ୍ତନ ପରେ ନିଜର ପ୍ରଥମ ସିଙ୍ଗଲ୍ସ ମ୍ୟାଚ୍ ଏଠାରେ ଖେଳିଥିବା ୪୪ ବର୍ଷୀୟା ସେରେନା ୩-୬, ୭-୬, ୩-୬ ସେଟରେ ଅଷ୍ଟ୍ରେଲିଆର ମାୟା ଜଏଣ୍ଟଙ୍କ ନିକଟରୁ ହାରିଯାଇଛନ୍ତି। ୱିମ୍ବଲଡନରେ ସିଙ୍ଗଲ୍ସ ଓ ଡବଲ୍ସରେ ମୋଟ ୧୩ଟି ଟାଇଟଲ ଜିତିଥିବା ସେରେନା ଏବେ ମହିଳା ଡବଲ୍ସରେ ଭଉଣୀ ଭେନସଙ୍କ ସହ ମିଶି ଖେଳିବେ। ଉଲ୍ଲେଖଯୋଗ୍ୟ ୨୩ଥରର ଗ୍ରାଣ୍ଡସ୍ଲାମ ବିଜୟିନୀ ସେରେନା ୨୦୨୨ରେ ପ୍ରଫେସନାଲ ଟେନିସରୁ ଅବସର ନେଇଥିଲେ। ତେବେ ୪ ବର୍ଷ ପରେ ଗତ ମାସରେ ସେ ପୁଣିଥରେ କୋର୍ଟକୁ ଫେରି କେବଳ ମହିଳା ଡବଲ୍ସ ଖେଳିଥିଲେ। ଏବେ ସେ ୱିମ୍ବଲଡନରେ ପ୍ରଥମ ସିଙ୍ଗଲ୍ସ ଖେଳିଛନ୍ତି। ସେରେନାଙ୍କର 'ଅଲିମ୍ପିଆ' ଓ 'ଆଦ୍ରିରା' ନାମକ ଦୁଇଟି କନ୍ୟା ରହିଛନ୍ତି।

## ଜେଏମ୍ ଏକାଡେମୀରେ କ୍ରୀଡ଼ା ସାମ୍ବାଦିକ ସମ୍ବର୍ଦ୍ଧିତ




ଭୁବନେଶ୍ୱର,୧।୭ (ସମିସ): ସ୍ଥାନୀୟ ଜେଏମ୍ କ୍ରୀଡ଼ା ଏକାଡେମୀଠାରେ ବୁଧବାର ବିଶ୍ୱ କ୍ରୀଡ଼ା ସାମ୍ବାଦିକ ଦିବସ ପାଳିତ ହୋଇଛି। କ୍ରୀଡ଼ାର ବିକାଶରେ ପ୍ରମୁଖ ଭୂମିକା ଗ୍ରହଣ କରୁଥିବା ରାଜ୍ୟର କିଛି ଆଗଧାଡ଼ିର ସାମ୍ବାଦିକ ଓ ସମାଜସେବୀଙ୍କୁ ଏହି ଅବସରରେ ସମ୍ବର୍ଦ୍ଧିତ କରାଯାଇଛି। ଏହି ସମାରୋହରେ କ୍ରୀଡ଼ା ସମ୍ବାଦିକ ସନ୍ତୋଷ ମହାନ୍ତି, ରଜନୀକାନ୍ତ ଶତ୍ରୁଶଲ୍ୟ, ସୁଭଜିତ ଜେନା, ବିଜୟ ଖୁଣ୍ଟିଆ, ତପନ ମହାରଣା, ମନୋଜ ସ୍ୱାଇଁ ଏବଂ ବିଶିଷ୍ଟ ସମାଜସେବୀ ବିକାଶ ଜେନାଙ୍କୁ ସମ୍ବର୍ଦ୍ଧିତ କରାଯାଇଛି। ମୁଖ୍ୟ ଅତିଥି ଭାବେ ଭାରତୀୟ ମହିଳା ଫୁଟବଲ ଦଳର ପୂର୍ବତନ ଅଧିନାୟିକା ଶ୍ରଦ୍ଧାଞ୍ଜଳି ସାମନ୍ତରାୟ ଯୋଗଦେଇଥିଲେ। ସେହିଭଳି ମୁଖ୍ୟବକ୍ତା ଭାବେ ବରିଷ୍ଠ କ୍ରୀଡ଼ା ସାମ୍ବାଦିକ ସନାତନ ପାଣି, ସମ୍ମାନିତ ଅତିଥି ପାରା କ୍ରୀଡ଼ାବିତ୍ ରଖାଲ ସେଠୀ ଏବଂ 'ଦୂରଦର୍ଶୀ' ପତ୍ରିକାର ସମ୍ପାଦକ ଦୁର୍ଗା ସାମନ୍ତରାୟ ଉପସ୍ଥିତ ରହିଥିଲେ। ଜେଏମ୍ କ୍ରୀଡ଼ା ଏକାଡେମୀର ଅଧ୍ୟକ୍ଷା ମୀରାରାଣୀ ଦାସ, ସମ୍ପାଦକ ଯଶୋବନ୍ତ ଦାସ, ଆଇନ ପରାମର୍ଶଦାତା ସୁବ୍ରତ ମହାପାତ୍ର ଏବଂ ପ୍ରଯୋଜକ ଅତିଶ ରାଉତଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନ ଏହି କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା।

## ଉତ୍ତର-ପୂର୍ବାଞ୍ଚଳ ଦୃଷ୍ଟିହୀନ ଫୁଟବଲ ଉଦଘାଟିତ

ଭୁବନେଶ୍ୱର, ୧।୭ (ସମିସ):

ଉତ୍ତର-ପୂର୍ବାଞ୍ଚଳ ଦୃଷ୍ଟିବାଧିତ ଫୁଟ୍‌ବଲ ଟୁର୍ଣ୍ଣାମେଣ୍ଟ ବୁଧବାର ସ୍ଥାନୀୟ ୟୁନିଟ-୧ ଏକାଡେମୀ ଫୁଟବଲ ପଡ଼ିଆରେ ଉଦ୍‌ଘାଟିତ ହୋଇଯାଇଛି। ଓଡ଼ିଶା ସରକାରଙ୍କ କ୍ରୀଡ଼ା ବିଭାଗ ଓ ବୁଲ୍ସଆଇ ଅର୍ଗାନାଇଜେସନର ମିଳିତ ଆନୁକୂଲ୍ୟରେ ଆୟୋଜିତ ଏହି ପ୍ରତିଯୋଗିତା ୩ ଦିନ ଧରି ଖେଳାଯିବ। ପ୍ରଥମ ଦିବସରେ ଅନୁଷ୍ଠିତ ପୁରୁଷ ବିଭାଗ ମ୍ୟାଚରେ ମେଘାଳୟ ୧୦-୦ ଗୋଲରେ ଆସାମକୁ ଓ ନାଗାଲାଣ୍ଡ ୧-୦ ଗୋଲରେ ମିଜୋରାମକୁ ପରାସ୍ତ କରିଛି। ସେହିଭଳି ଆୟୋଜକ ଓଡ଼ିଶା ଓ ନାଗାଲାଣ୍ଡ ମଧ୍ୟରେ ଅନୁଷ୍ଠିତ ଅନ୍ୟ ଏକ ମ୍ୟାଚ ୧-୧ ଗୋଲରେ ଡ୍ର ରହିଛି। ଅପରପକ୍ଷରେ ପଦ୍ମିନୀ ଟୁଡୁଙ୍କ ଡବଲ ଗୋଲ୍ ବଳରେ ଓଡ଼ିଶା ମହିଳା ଦଳ ୩-୦ ଗୋଲ୍‌ରେ ମେଘାଳୟକୁ ହରାଇଛି। ସରସ୍ୱତୀ ମୁର୍ମୁ ଓଡ଼ିଶା ପାଇଁ ଅନ୍ୟତମ ଗୋଲଟି ଦେଇଥିଲେ। ଓଡ଼ିଶାରେ ପ୍ରଥମଥର ଆୟୋଜିତ ଏହି ଜାତୀୟ ଦୃଷ୍ଟିହୀନ ଫୁଟ୍‌ବଲ ଟୁର୍ଣ୍ଣାମେଣ୍ଟକୁ କ୍ରୀଡ଼ା ଓ ଯୁବସେବା ବିଭାଗର ଅତିରିକ୍ତ ସଚିବ ସୁଧାକର ନାୟକ ଅତିଥିଭାବେ ଯୋଗ ଦେଇ ଉଦଘାଟନ କରିଥିଲେ। ସମ୍ମାନୀତ ଅତିଥିଭାବେ ଓଏସଡି ଧୀରଜ ପଟ୍ଟନାୟକ, କ୍ଷଣପ୍ରଭା ମହାନ୍ତି, ସନ୍ତୋଷିନୀ ଜୈନ ଓ ବୁଲ୍ସଆଇର ଅଧ୍ୟକ୍ଷ ତ୍ରିଲୋଚନ ବେହେରା ଉପସ୍ଥିତ ରହିଥିଲେ।



## ଫାଓ ଲିଗ୍ ଆରମ୍ଭ

ଭୁବନେଶ୍ୱର, ୧।୭ (ସମିସ): କଟକ ବାରବାଟୀ ଷ୍ଟାଡିୟମରେ ବୁଧବାର ଏମଜିଏମ୍ ଫାଓ ଲିଗ୍‌ର ୨୦୨୬ତମ ସଂସ୍କରଣ ଉଦଘାଟିତ ହୋଇଯାଇଛି। ଫୁଟବଲ ଆସୋସିଏସନ ଅଫ୍ ଓଡ଼ିଶା (ଫାଓ) ଓ ରାଜ୍ୟ କ୍ରୀଡ଼ା ବିଭାଗର ମିଳିତ ଆନୁକୂଲ୍ୟରେ ଆୟୋଜିତ ଏହି ଲିଗରେ ୨୧ଟି ଦଳ ଅଂଶଗ୍ରହଣ କରିଛନ୍ତି। ପ୍ରଥମ ଦିବସରେ ସନରାଇଜ କ୍ଲବ ୩-୦ ଗୋଲରେ ରୋଭର୍ସ କ୍ଲବକୁ ପରାସ୍ତ କରିଛି। ସିଏମସି କମିଶନର କୀରନଦୀପ୍ କୌର ସାହୋତ ମୁଖ୍ୟଅତିଥି ଭାବେ ଯୋଗଦେଇ ଟୁର୍ଣ୍ଣାମେଣ୍ଟକୁ ଉଦଘାଟନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଫାଓ ଉପସଭାପତି ବିଜୟ ଦାସ, ସହଦେବ ରାଉତ, ବୀରେନ୍ଦ୍ର ବେହେରା, ଯୁଗ୍ମ ସମ୍ପାଦକ ଅଭିଜିତ ପାଲ୍ ଓ ବିଶ୍ୱ ରଞ୍ଜନ ଘଡ଼େଇ ପ୍ରମୁଖ ଉପସ୍ଥିତ ରହିଥିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, DENGSARGI, BAREIPALI-768006, DIST: SAMBALPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS